


ମହିଳା ବିଶ୍ୱକପ୍ ସେମିରେ ଭାରତ

▶ପୃଷ୍ଠା ୧୨ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-117 ♦FRIDAY ♦24 OCTOBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୧୭ ♦ଶୁକ୍ରବାର ♦୨୪ ଅକ୍ଟୋବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


## ପୁଲିସ ଚାକିରି ବେପାର

# ମାମଲା ରୁଜୁ କଲା ସିବିଆଇ

## ମାମଲା ସମ୍ପର୍କିତ ଦସ୍ତାବିଜ୍ ହସ୍ତାନ୍ତର କଲା କ୍ରାଇମ୍‌ବ୍ରାଞ୍ଚ

■ **ଭୁବନେଶ୍ୱର, ୨୩।୧୦ (ସମିସ):** ପୁଲିସ ଏସ୍ଆଇ ଚାକିରି ବିକ୍ରି ମାମଲାରେ ମୁଖ୍ୟମନ୍ତ୍ରୀଙ୍କ ସୁପାରିସ କ୍ରମେ ଆଜି କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ ବା ସିବିଆଇ ମାମଲା ରୁଜୁ କରିଥିବା ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି। ସିବିଆଇର ଏକ ଦୁଇ ଜଣିଆ ଟିମ୍ କ୍ରାଇମବ୍ରାଞ୍ଚ ଅଫିସ୍ ଯାଇ ମାମଲା ସମ୍ପର୍କିତ ଏକାଧିକ ଦସ୍ତାବିଜ୍ ସଂଗ୍ରହ କରିଛି। ଦସ୍ତାବିଜ୍‌କୁ ପରଖିବା ପରେ ସିବିଆଇ ଆଇନଗତ ପ୍ରସ୍ତୁତି ଆରମ୍ଭ କରିବା ସହ ୧୨ଟି ସ୍ଥାନରେ ଚଢ଼ଉ ପାଇଁ ତାଲିକା ପ୍ରସ୍ତୁତ କରିଥିବା ଜଣାପଡ଼ିଛି। ଖୁବ୍‌ଶୀଘ୍ର କୋର୍ଟରୁ ଅନୁମତି ନେଇ ସିବିଆଇ ମୁନା ଏବଂ ଅନ୍ୟ ଦଲାଲଙ୍କୁ ଜେଲ୍ ଭିତରେ ପଚରାଉଚରା କରିବ ବୋଲି ସୂଚନା ମିଳିଛି।

**୧୨ଟି ସ୍ଥାନରେ ଚଢ଼ଉ ପାଇଁ ତାଲିକା ପ୍ରସ୍ତୁତ**

ଏହି ମାମଲାରେ ଅଦ୍ୟାବଧି ହୋଇଥିବା କ୍ରାଇମବ୍ରାଞ୍ଚ ତଦନ୍ତରୁ ଦୁର୍ନୀତିର ଚେର ଆନ୍ଧ୍ରପ୍ରଦେଶ ଓ ପଶ୍ଚିମବଙ୍ଗକୁ ଲମ୍ବିଥିବା ଜଣାପଡ଼ିଛି। ଏଥିରେ ସଂଗଠିତ ଆନ୍ତଃରାଜ୍ୟ ଅପରାଧୀ ଗ୍ୟାଙ୍ଗର ସଂପୃକ୍ତି ଥିବା ମଧ୍ୟ ସନ୍ଦେହ କରାଯାଉଛି। ଏସ୍ଆଇ ପରୀକ୍ଷା କେଳେଙ୍କାରୀ ମାମଲାରେ ଆଜି ସୁଦ୍ଧା ୧୨୩ ଜଣଙ୍କୁ କ୍ରାଇମବ୍ରାଞ୍ଚ ଗିରଫ କରିଥିବା ବେଳେ ସେମାନଙ୍କ ମଧ୍ୟରେ ୯ ଜଣ ଦଲାଲ୍ ଅଛନ୍ତି।

## ସନ୍ଦେହ ଘେରରେ ତ୍ରିନାଥ, ସୁନିଲ୍ ଓ ଗୋବିନ୍ଦର ଭୂମିକା

■ **ଭୁବନେଶ୍ୱର, ୨୩।୧୦(ସମିସ):** ପୁଲିସ୍ ଏସ୍ଆଇ ଚାକିରି ବିକ୍ରି ମାମଲାର ତଦନ୍ତ ଦାୟିତ୍ୱ ସିବିଆଇ ହାତକୁ ଯିବା ପରେ ରାଜ୍ୟ ବାହାରେ ବସିଥିବା ଦଲାଲ୍‌ଙ୍କ ନିଦ ହଜିଛି। ଅନୁସନ୍ଧାନରୁ ଜଣାପଡ଼ିଛି ଯେ ଦଲାଲ୍ ମୁନ୍ନା ମହାନ୍ତିର ପ୍ରତ୍ୟକ୍ଷ ତତ୍ୱାବଧାନରେ ଆନ୍ଧ୍ର ପ୍ରଦେଶର ଗୋବିନ୍ଦ ରେଡ୍ଡି ନାମକ ଜଣେ ବ୍ୟକ୍ତି ପରୀକ୍ଷାର୍ଥୀଙ୍କ ପାଇଁ ସମସ୍ତ ବ୍ୟବସ୍ଥା କରିବା ସହ ତାଙ୍କର ଜଣେ ଖାସ୍ ସହଯୋଗୀ ଭାବେ ସେ ସବୁ ବୁଝାବୁଝି କରୁଥିଲା। ଏପରିକି ଗୋବିନ୍ଦ ହିଁ ପ୍ରଶ୍ନପତ୍ର ପ୍ରିଣ୍ଟିଂ ସ୍ଥାନରୁ ଆଣିବା ଦାୟିତ୍ୱ ନେଇଥିବା ଜଣାପଡ଼ିଛି। ଘଟଣା ପରେ ଗୋବିନ୍ଦ ଦିଲ୍ଲୀରେ ଡେରା ପକାଇ ସୁପ୍ରିମ୍‌କୋର୍ଟରେ ଆଗୁଆ ଜାମିନ୍ ପାଇଁ ଆବେଦନ କରିବାକୁ ବିଚାରବିମର୍ଶ କରିଥିଲା। ହେଲେ କ୍ରାଇମ୍‌ବ୍ରାଞ୍ଚ ତଦନ୍ତ ପରିସରରେ ସେ ଆସୁ ନ ଥିବା ପ୍ରାୟ ନିଶ୍ଚିତ ହେବା ପରେ ସେ ଆଗୁଆ ଜାମିନ୍ ଆବେଦନ କରି ନ ଥିଲା। ଏବେ ସିବିଆଇକୁ ମାମଲା ହସ୍ତାନ୍ତର ହେଉଥିବା ଆଗୁଆ ଖବର ପାଇବା ପରେ ଗୋବିନ୍ଦ ଓ ତା'ର ଘନିଷ୍ଠ ସହଯୋଗୀ ତ୍ରିନାଥ ଦେଶ ବାହାରକୁ ପଳାଇଯିବାକୁ ଯୋଜନା କରୁଥିବା ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି।

ଅନ୍ୟପକ୍ଷରେ ୨୦୨୩ ସିଭିଲ୍ ଜେଇଇ ପ୍ରଶ୍ନପତ୍ର ପ୍ରଘଟ ମାମଲାରେ ଗିରଫ ହୋଇଥିବା ପଟ୍ଟା ସୁନିଲ୍ ଓ ଗୋବିନ୍ଦ ତ୍ରିପାଠୀ ମଧ୍ୟ ପୁଲିସ ଏସ୍ଆଇ ଚାକିରି ବିକ୍ରିରେ ସମ୍ପୃକ୍ତ ଥିବା ଅନୁସନ୍ଧାନରୁ ଜଣାପଡ଼ିଛି। ୧୧୦ ଜଣ ପରୀକ୍ଷାର୍ଥୀଙ୍କୁ ନେଇ ପ୍ରସ୍ତୁତ ହୋଇଥିବା ଦୀଘା ମଡେଲ୍ ଘଟଣାରେ ଗିରଫ ଅରବିନ୍ଦକୁ ଏମାନେ ସହଯୋଗ କରୁଥିଲେ। ଖାସ୍ କରି ପରୀକ୍ଷାର୍ଥୀଙ୍କୁ ଯୋଗାଡ଼ କରିବାରେ ଏମାନେ ପ୍ରମୁଖ ଭୂମିକା ନେଇଥିଲେ। ଭଦ୍ରକ ଜିଲ୍ଲାର ଜଣେ ପରୀକ୍ଷାର୍ଥୀ ୨ଲକ୍ଷ ଟଙ୍କା ଅଗ୍ରୀମ ଦେଇଥିଲେ। ଅବଶିଷ୍ଟ ଟଙ୍କା ଦୀଘାରେ ଦେବାକୁ କହିଥିଲେ। ଯୋଜନା ଭଣ୍ଡୁର ହେବାରୁ ସମ୍ପୃକ୍ତ ପରୀକ୍ଷାର୍ଥୀଙ୍କୁ ସମସ୍ତ ଟଙ୍କା ତୁରନ୍ତ ଫେରାଇ ଦେଇଥିବା ମଧ୍ୟ ସୂଚନା ମିଳିଛି। ଏପରିକି ତାଙ୍କ ନାମ କହିଲେ ପରୀକ୍ଷାର୍ଥୀଙ୍କୁ ମଧ୍ୟ ପୁଲିସ୍ ବାନ୍ଧିବ ବୋଲି ଚେତାବନୀ ଦେଇଥିଲେ। ହେଲେ କ୍ରାଇମ୍‌ବ୍ରାଞ୍ଚ ଡିଜି ପରୀକ୍ଷାର୍ଥୀଙ୍କୁ ତଥ୍ୟ ଦେବାକୁ ଆହ୍ୱାନ କରିବା ପରେ ପରୀକ୍ଷାର୍ଥୀ ଜଣକ ନିଜଆଡ଼ୁ ତଥ୍ୟ ଦେବାକୁ ଆଗ୍ରହୀ ଅଛନ୍ତି। ପଞ୍ଚସପ୍ଟର ମାଲିକ ଶଙ୍କର ପୃଷ୍ଟିକୁ ହିଁ ମାଷ୍ଟରମାଇଣ୍ଡ ବୋଲି କ୍ରାଇମ୍‌ବ୍ରାଞ୍ଚ ଅଭିହିତ କରି ତଦନ୍ତକୁ ସୀମିତ ରଖିଥିବାରୁ ବିଭିନ୍ନ ଅନାଲୋଚିତ ଦିଗ ଉନ୍ମୋଚନ ହୋଇ ପାରି ନ ଥିବା ଆଇନଜ୍ଞମାନେ ମତବ୍ୟକ୍ତ କରୁଛନ୍ତି।

## କାରବାଇଡ୍ ବନ୍ଧୁକ ବାଣ ହେଲା କାଳ

# ଦୃଷ୍ଟିଶକ୍ତି ହରାଇଲେ ୧୪ ଶିଶୁ




■ **ଭୋପାଳ, ୨୩।୧୦ (ଏଜେନ୍ସି):** ମଧ୍ୟପ୍ରଦେଶରେ ଦୀପାବଳି ଉତ୍ସବ ପାଳନ ବେଳେ ଅଭାବନୀୟ ପରିସ୍ଥିତି ସୃଷ୍ଟି ହୋଇଛି। ବାଣ ଫୁଟାଇବାର ମଜା ନେବାଲାଗି ପିଲାମାନେ କାରବାଇଡ୍ ବନ୍ଧୁକ ବ୍ୟବହାର କରିବାରୁ ଏହା ସେମାନଙ୍କ ଲାଗି ଘାତକ ସାବ୍ୟସ୍ତ ହୋଇଛି। ଏହି ବନ୍ଧୁକରେ ବାଣ ଫୁଟାଇବାରୁ ବିସ୍ଫୋରଣ ହୋଇ ୧୨୨ ଶିଶୁ ଗୁରୁତର ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୧୪ ଶିଶୁଙ୍କର ଆଖି ନଷ୍ଟ ହୋଇଯାଇଛି। ମଧ୍ୟପ୍ରଦେଶର ବିଭିନ୍ନ ସ୍ଥାନରୁ ଏଭଳି କଷ୍ଟଦାୟକ ଖବର ମିଳିବାରେ ଲାଗିଛି।

**୧୨୨ ଶିଶୁ ମେଡିକାଲରେ ଭର୍ତ୍ତି**

ପ୍ରତିବର୍ଷ ଦୀପାବଳିରେ ବାଣ ଫୁଟାଇବା ଲାଗି ବିଭିନ୍ନ ପ୍ରକାର ସରଞ୍ଜାମ ବଜାରକୁ ଆସେ। ସେହିଭଳି ଏଥର ମଧ୍ୟପ୍ରଦେଶର ବିଭିନ୍ନ ବଜାରରେ କାରବାଇଡ୍ ଗନ୍ ବା ଦେଶୀ ବନ୍ଧୁକ ବାଣ ଆସିଥିଲା। ପ୍ଲାଷ୍ଟିକ୍ ଓ ଟିଣ ପାଇପ୍‌ରେ ନିର୍ମିତ ଏହି ବାଣରେ ଗନପାଉଡର, କାଲସିୟମ କାରବାଇଡ୍ ଓ ମାଚିସ୍ ଭର୍ତ୍ତି ହୋଇ ରହିଥାଏ। ଏଥିରେ ନିଆଁ ଲଗାଇବା ମାତ୍ରେ ଭୀଷଣ ବିସ୍ଫୋରଣ କରେ। ଏହି କାରବାଇଡ୍ ଗନଗୁଡ଼ିକ ମାରାତ୍ମକ ହୋଇଥିବାରୁ ଏହାର ତିଆରି ଓ ବିକ୍ରି ଉପରେ ମଧ୍ୟପ୍ରଦେଶ ସରକାର ଗତ ୧୮ ତାରିଖରେ କଟକଣା ଜାରି କରିଥିଲେ। ଏହାସତ୍ତ୍ୱେ ବିଭିନ୍ନ ଦୋକାନ ବଜାରରେ ଖେଳନା ଭଳି ଏହାର ବିକ୍ରି ହୋଇଥିଲା। ୧୫୦ରୁ ୨୦୦ ଟଙ୍କା ଭିତରେ ବିକ୍ରି ହୋଇଥିବା ▶ପୃଷ୍ଠା-୭

## ଚାକିରି ଦେବା ଆଳରେ ଠକେଇ

# ୨ ହଜାର ଲୋକଙ୍କଠାରୁ ଠକିଛନ୍ତି ୨ କୋଟି




**ମହିଳାଙ୍କ ସମେତ ୨ ଗିରଫ**

**୬୨ ଲକ୍ଷ ଟଙ୍କା, ମୋବାଇଲ, କାଗଜପତ୍ର ଜବତ**

**ସମ୍ବଲପୁର, ସୋନପୁର, ବରଗଡ଼ ଓ ବୌଦ୍ଧରେ ଚାଲିଥିଲା ରାକେଟ୍**

■ **ସମ୍ବଲପୁର, ୨୩।୧୦ (ସମିସ):** ଗ୍ରାମରେ ଛୋଟଛୋଟ ବୈଠକ କରୁଥିଲେ। ସ୍ଥାନୀୟ ଲୋକଙ୍କୁ ନିଯୁକ୍ତି ଦେବା ପାଇଁ ପରାମର୍ଶ ଦେଉଥିଲେ। ଦିନକୁ ମାତ୍ର ୧ଘଣ୍ଟା କାମ କଲେ ପାରିଶ୍ରମିକ ୪୦୦ ଟଙ୍କା ମିଳିବ ବୋଲି ଲୋଭ ଦେଖାଉଥିଲେ। ଖାଲି ସେତିକି ନୁହେଁ, ୧୨ହଜାର ଟଙ୍କା ଦେଲେ ସମ୍ବଲପୁର ମହାନଗର ନିଗମରେ ଚାକିରି କରାଇଦେବେ ବୋଲି କହୁଥିଲେ। ଏମିତି ଉପାୟରେ ପାଖାପାଖି ୨ ହଜାର ଲୋକଙ୍କଠାରୁ ୨ କୋଟି ଟଙ୍କା ଠକି ନେଇଥିବା ଏକ ରାକେଟ୍‌ର ପର୍ଦ୍ଦାଫାସ କରିଛି ବୁର୍ଲା ପୁଲିସ। ଜଣେ ମହିଳା ସମେତ ମୋଟ ଦୁଇଜଣଙ୍କୁ ଗିରଫ କରିଛି। ସେମାନେ ହେଲେ, କ୍ଷେତରାଜପୁର ଥାନା ବଡ଼ବଜାରର ରାହୁଲ ଓରଫ ସମ୍ରାଟ ରାୟ(୩୨) ଓ ବୁର୍ଲା ଥାନା ସତୁପାଲିର ପଦ୍ମାବତୀ ଓରଫ ପଦ୍ମାଳୟା ତାଣ୍ଡି(୩୪)। ଅନ୍ୟ ଜଣେ ଅଭିଯୁକ୍ତ ଭୁବନେଶ୍ୱରର ସୌମ୍ୟ ସାହୁ ଫେରାର ରହିଛି। ସେମାନଙ୍କ ନିକଟରୁ ପୁଲିସ ୬୨ଲକ୍ଷ ଟଙ୍କା, ୨ଟି ମୋବାଇଲ ସହ ବିଭିନ୍ନ କାଗଜପତ୍ର ଜବତ କରିଛି। ପଦ୍ମାଳୟା ନାମରେ ଥିବା ଗୋଟାଏ ଟାଟା ମ୍ୟାଜିକ୍ ଭ୍ୟାନ ଓ ରାହୁଲ ନାମରେ ଥିବା କାର୍‌କୁ ମଧ୍ୟ ଜବତ କରିଛି।

ସୂଚନାନୁସାରେ, କିଛି ଦିନ ପୂର୍ବରୁ ସମ୍ବଲପୁର ମହାନଗର ନିଗମ (ଏସଏମସି)ରେ ସଫେଇ କର୍ମଚାରୀ ଭାବେ ନିଯୁକ୍ତି ଦେବା ପାଇଁ ଜଣକ ପିଛା ୧୨ହଜାର ଟଙ୍କା ନିଆଯାଉଥିଲା। ଏସଏମସି ଓ ଆରମାକ୍ସ ପ୍ରା. ଲିଃ ନାମକ ଏକ ସଂସ୍ଥା ▶ପୃଷ୍ଠା-୭

## ବିଶ୍ୱର ୧୧ ପ୍ରତିଶତ ସୁନା ଭାରତୀୟ ଗୃହିଣୀଙ୍କ ପାଖରେ

### ଭାରତରେ ରହିଛି ୫୦ ହଜାର ଟନ୍



**ଗୃହିଣୀଙ୍କ ପାଖରେ ୨୮ ହଜାର ଟନ୍**

**ମନ୍ଦିରଗୁଡ଼ିକରେ ୨୨ ହଜାର ଟନ୍**

**ରିଜର୍ଭ ବ୍ୟାଙ୍କରେ ମାତ୍ର ୮୮୦ ଟନ୍**

■ **ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି):** ଭାରତରେ ସୁନା ଭଣ୍ଡାର ନିରନ୍ତର ଭାବେ ବୃଦ୍ଧି ପାଇବାରେ ଲାଗିଛି। ବିଭିନ୍ନ ସୂତ୍ରରୁ ମିଳିଥିବା ତଥ୍ୟ ଅନୁଯାୟୀ ଭାରତରେ ଏବେ ୫୦ ହଜାର ଟନ୍ ସୁନା ରହିଛି। ଭାରତୀୟ ଗୃହିଣୀମାନଙ୍କ ପାଖରେ ସର୍ବାଧିକ ୨୮ ହଜାର ଟନ୍ ସୁନା ରହିଥିବା ବେଳେ ବିଭିନ୍ନ ମନ୍ଦିରରେ ୨୨ ହଜାର ଟନ୍ ସୁନା ରହିଛି। ଭାରତୀୟ ଗୃହିଣୀଙ୍କ ପାଖରେ ଯେତେ ସୁନା ରହିଛି, ତାହା ସାରା ବିଶ୍ୱରେ ଗଚ୍ଛିତ ରହିଥିବା ସୁନାର ୧୧ ଭାଗ ବୋଲି କୁହାଯାଉଛି। କେବଳ ଏତିକି ନୁହେଁ, ଆମେରିକା ରିଜର୍ଭ ବ୍ୟାଙ୍କରେ ଯେତେ ସୁନା ରହିଛି, ତାହାର ତିନି ଗୁଣା ସୁନା ଭାରତୀୟ ଗୃହିଣୀଙ୍କ ପାଖରେ ରହିଛି। ତେବେ ଏହା ତୁଳନାରେ ଭାରତୀୟ ରିଜର୍ଭ ▶ପୃଷ୍ଠା-୭

## 'କ୍ରିପ୍ଟୋ କରେନ୍ସି' ମହାଠକେଇ

# କଟକରୁ ୩୨ ସନ୍ଦିଗ୍ଧ ଗିରଫ

### ୪ଟି ପଶ୍ଚିମବଙ୍ଗ କାର୍, ଗୋଟିଏ କ୍ରିପ୍ଟୋ-ୱାଲେଟ୍ ମେସିନ୍, ୩୫ଟି ମୋବାଇଲ୍, ମାଲମାଲ ଆଧାର ଓ ପାନ୍‌କାର୍ଡ ଜବତ



■ **କଟକ, ୨୩।୧୦ (ସମିସ):** କ୍ରିପ୍ଟୋରେ ନିବେଶ ଆଳରେ ପଶ୍ଚିମବଙ୍ଗରୁ ପାଖାପାଖି ୧୦୦ କୋଟି ଟଙ୍କା ଚୂନ ମାରିବା ପରେ ଓଡ଼ିଶାମୁହାଁ ହୋଇଥିଲେ। ଏଠି ବି ଲୋକଙ୍କୁ ସେଇ ସ୍ୱପ୍ନ ଦେଖାଇଥିଲେ। ବୁଢ଼ିଆଣୀ ଜାଲ ଭଳି ରାତାରାତି କୋଟିପତି ହେବାର ସ୍ୱପ୍ନ ଦେଖାଇ ଠକିବା ପାଇଁ ଜାଲ ବିଛାଇଥିଲେ। ଏଥର କିନ୍ତୁ ଲକ୍ଷ୍ୟ ଆହୁରି ବଡ଼ ଥିଲା। ସେଥିପାଇଁ ନେଟ୍‌ୱାର୍କ ତିଆରି କରିଥିଲେ। କିଛି ଲୋକଙ୍କୁ ପାଲରେ ପକାଇଥିଲେ। ପୁରୀ ନେଇ ବୁଲାବୁଲି କରାଇବା ସହ ହୋଟେଲରେ ରଖିଥିଲେ। କିନ୍ତୁ ସବୁ ଫସର ଫାଟିଗଲା; ଠିକ୍ ବେଳେ ପୁଲିସ ମାଡ଼ି ବସିଲା। ଚାଉଳିଆଗଞ୍ଜ ପୁଲିସ ଆଜି ଶିଖରପୁର ଛକରେ ଥିବା ଜସ୍ମିନ୍ ହୋଟେଲ୍‌ରେ ଚଢ଼ଉ କରି ୩୨ଜଣଙ୍କୁ ଗିରଫ କରିଛି। ସମସ୍ତଙ୍କ ଘର କୋଲକାତାରେ ହୋଇଥିବା ବେଳେ ସେମାନଙ୍କ ମଧ୍ୟରୁ ଜଣେ ଓଡ଼ିଆ ଯୁବକ। ଏମାନଙ୍କ ମଧ୍ୟରେ ୨ଜଣ ମାଷ୍ଟରମାଇଣ୍ଡ ଥିବା ଜଣାଯାଇଛି। ସେମାନଙ୍କଠାରୁ ୩୫ଟି ମୋବାଇଲ୍, ୪ଟି କାର୍, ଗୋଟିଏ କ୍ରିପ୍ଟୋ ୱାଲେଟ୍ ମେସିନ୍ ଏବଂ ମାଲମାଲ ଆଧାର ଓ ପ୍ୟାନ୍‌କାର୍ଡ ଜବତ କରାଯାଇଛି। ଖୁବ୍‌ଶୀଘ୍ର ମାମଲା ରୁଜୁ କରାଯାଇ ସମସ୍ତ ଅଭିଯୁକ୍ତଙ୍କୁ ଜେଲ୍ ପଠାଯିବ ବୋଲି ଡିସିପି ଖିଲାରୀ ଋଷିକେଶ ଦ୍ୟାନଦେଓ ସୂଚନା ଦେଇଛନ୍ତି। ▶ପୃଷ୍ଠା-୭


# କେନ୍ଦ୍ରାପଡ଼ାରେ ଶିଶୁ ବିକ୍ରି

### ୨ ହଜାର ଟଙ୍କା ଦେଇ ଡାକ୍ତରଖାନାରୁ ମାନସିକ ଭିନ୍ନକ୍ଷମ ଯୁବତୀଙ୍କ ଶିଶୁପୁତ୍ରକୁ ନେଇଗଲେ

■ **ପଟ୍ଟାମୁଣ୍ଡାଇ/ମାଳିପୁର, ୨୩।୧୦ (ସମିସ):** କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଜଣେ ମାନସିକ ଭିନ୍ନକ୍ଷମ ଅବିବାହିତ ଯୁବତୀଙ୍କ ନବଜାତ ଶିଶୁପୁତ୍ର ବିକ୍ରି ଘଟଣା ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। ସୂଚନା ମୁତାବକ, ପଟ୍ଟାମୁଣ୍ଡାଇ ବ୍ଲକ୍ ଅନ୍ତର୍ଗତ ଉତ୍ତିକଣ ଅଞ୍ଚଳର ଯୁବତୀଜଣଙ୍କ କିଛି ଦିନ ତଳେ ଗର୍ଭବତୀ ହୋଇଥିଲେ। ପ୍ରସବ ଯନ୍ତ୍ରଣା ହେବାରୁ ଗତ ୧୭ ତାରିଖ ଦିନ ଯୁବତୀଙ୍କ ମାଆ ତାଙ୍କୁ ପଟ୍ଟାମୁଣ୍ଡାଇ ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। ସେଠାରୁ ତାଙ୍କୁ କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇ ଦିଆଯାଇଥିଲା। ସେଠାରେ ଭର୍ତ୍ତି ହେବାର କିଛି ସମୟ ପରେ ଯୁବତୀଜଣଙ୍କ ଏକ ପୁତ୍ର ସନ୍ତାନ ଜନ୍ମ ଦେଇଥିଲେ। ତେବେ ସେଠାରେ ଜଣେ ଲୋକ ନିଜକୁ ସରକାରୀ ଅଧିକାରୀ ପରିଚୟ ଦେଇ ଶିଶୁଟିକୁ ନେଇଯାଇଥିଲେ। 'ତୁମେ ପିଲାକୁ ସମ୍ଭାଳି ପାରିବ ନାହିଁ, ତାକୁ ଆମକୁ ଦେଇଦିଅ' କହି ତାଙ୍କଠାରୁ ପୁତ୍ର ସନ୍ତାନକୁ ନେଇଯାଇଥିଲେ ବୋଲି ଯୁବତୀଙ୍କ ମାଆ କହିଛନ୍ତି। ପ୍ରତି ବଦଳରେ ସଂପୃକ୍ତ ବ୍ୟକ୍ତି ତାଙ୍କୁ ୨ହଜାର ଟଙ୍କା ଧରାଇ ଦେଇଥିଲେ। ପରେ ତାଙ୍କୁ ତରବରିଆ ଭାବେ ହସ୍ପିଟାଲରୁ ଡିସଚାର୍ଜ କରିଦିଆଯାଇଥିଲା। ଏ ସଂପର୍କରେ ଯୁବତୀଙ୍କ ଗାଁ ଲୋକେ ଜାଣିବା ପରେ ଘଟଣା ପଦାକୁ ଆସିଛି। ଏହି ଘଟଣା ପଚରେ ମେଡିକାଲ କର୍ମଚାରୀଙ୍କ ସଂପୃକ୍ତି ଥିବା ସେମାନେ ଅଭିଯୋଗ କରିଛନ୍ତି। ଏହାସହ ଏହି ଘଟଣାର ତଦନ୍ତ ପାଇଁ କେନ୍ଦ୍ରାପଡ଼ା ଜିଲ୍ଲାପାଳ ଓ ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ନିକଟରେ ଦାବି କରିଛନ୍ତି।

**ତଦନ୍ତ ଦାବିକଲେ ଗ୍ରାମବାସୀ**

ଗ୍ରାମବାସୀଙ୍କ କହିବା କଥା, ଯୁବତୀଜଣଙ୍କ ଅବିବାହିତା ହୋଇଥିବା ବେଳେ ଓପିଡି ଏମର୍ଜେନ୍ସି କାର୍ଡ ଟୋକେନ ନଂ୧୯ରେ ତାଙ୍କ ସ୍ୱାମୀଙ୍କ ନାମ ସୁବ୍ରତ ବାରିକ ବୋଲି ଉଲ୍ଲେଖ ରହିଛି। ସେହିପରି, ସନ୍ତାନ ଜନ୍ମ ଦେବା ପରେ ମାଆ ଓ ଶିଶୁ ୪୮ ଘଣ୍ଟା ମେଡିକାଲରେ ଡାକ୍ତରଙ୍କ ତତ୍ତ୍ୱାବଧାନରେ ରହିବାର ନିୟମ ଥିଲେ ହେଁ ତାଙ୍କୁ କିପରି ଘରକୁ ପଠାଇ ଦିଆଗଲା, ତାହା ମଧ୍ୟ ତଦନ୍ତ ସାପେକ୍ଷ। ସୁବ୍ରତ ବାରିକ ▶ପୃଷ୍ଠା-୭




ସକାଳ
THE SAKALA
www.sakalaepaper.com

# ବିହାରରେ ତୁଟିଲା ମହାମେଣ୍ଟ ବିବାଦ

## ତେଜସ୍ୱୀ ହେବେ ମୁଖ୍ୟମନ୍ତ୍ରୀ ଚେହେରା: ଏନ୍‌ଡିଏ ସ୍ଥିତି ଅସ୍ପଷ୍ଟ

ପାଟନା, ୨୩।୧୦ (ଏଜେନ୍ସି): ବିହାର ନିର୍ବାଚନକୁ ନେଇ ବିରୋଧୀଙ୍କ ମହାମେଣ୍ଟ 'ଇଣ୍ଡିଆ'ରେ ଦୀର୍ଘ ଦିନ ହେଲା ଜାରି ଟଣା ଓଟରା ଶେଷ ହୋଇଛି। ଆଜି ପାଟନାରେ ମହାମେଣ୍ଟ ଶକ୍ତି ପ୍ରଦର୍ଶନ କରିଛି। ବିରୋଧୀ ଦଳ ତଥା ଆରଜେଡି ନେତା ତେଜସ୍ୱୀ ଯାଦବଙ୍କୁ ମହାମେଣ୍ଟ ଗୁରୁବାର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣା କରିଛି। ନିର୍ବାଚନ ବୈତରଣୀ ପାର୍ କରି ବିଜୟୀ ହେଲେ କିଏ ଉପ-ମୁଖ୍ୟମନ୍ତ୍ରୀ ହେବ ତାହା ମଧ୍ୟ ମହାମେଣ୍ଟ ପୂର୍ବରୁ ସ୍ଥିର କରିଦେଇଛି। ଆସନକୁ ନେଇ ମୂଳଚାଲ କରୁଥିବା ଭିକାଶଶୀଳ ଇନସାନ ପାର୍ଟି (ଭିଆଇପି)ର ମୁଖ୍ୟ ମୁକେଶ ସାହାନୀଙ୍କୁ ଉପ-ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣା କରାଯାଇଛି। ପାଟନାରେ ମହାମେଣ୍ଟରେ ସାମିଲ ସବୁ ଦଳର ନେତା ସାମ୍ବାଦିକ ସମ୍ମିଳନୀ କରି ଏହି ସୂଚନା ଦେଇଛନ୍ତି। ମହାମେଣ୍ଟରେ ଲାଗି ରହିଥିବା ସମସ୍ୟାର ସମାଧାନ ପାଇଁ ସଙ୍କଟମୋଚକ ଭାବେ ପାଟନାରେ ପହଞ୍ଚିଥିବା କଂଗ୍ରେସର ବରିଷ୍ଠ ନେତା ଅଶୋକ ଗେହଲଟ କହିଥିଲେ ଯେ ସବୁ ବରିଷ୍ଠ ନେତାଙ୍କ ସହ ଆଲୋଚନା ପରେ ତେଜସ୍ୱୀଙ୍କୁ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ କରିବାକୁ ନିଷ୍ପତ୍ତି ନିଆଯାଇଛି। ସେହିପରି ଅନ୍ୟ ସମାଜରୁ ଆଉ ଜଣେ ଉପ-ମୁଖ୍ୟମନ୍ତ୍ରୀ ହେବେ। ପ୍ରଥମ ପର୍ଯ୍ୟାୟ ମତଦାନକୁ ଆଉ ମାତ୍ର ଦୁଇ ସପ୍ତାହ ବାକି ଥିବାବେଳେ ମହାମେଣ୍ଟ ଏକତା ପ୍ରଦର୍ଶନ କରିଛି। ସବୁ ନେତା ଏକାଠି ଜୋରସୋରରେ ପ୍ରଚାର କରିବେ ବୋଲି କୁହାଯାଇଛି। ଏହା ସହିତ କ୍ଷମତାସୀନ ଏନ୍‌ଡିଏ ମେଣ୍ଟକୁ ପ୍ରଶ୍ନବାଣ ମରାଯାଇଛି। ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ କିଏ ହେବ ବୋଲି ପଚରା ଯାଇଛି। ଏଠାରେ ଗେହଲଟ ଅଭିଯୋଗ କରିଥିଲେ ଯେ ବିଜେପି ଧନବଳରେ ନିର୍ବାଚନ ଜିତୁଛି। ନିର୍ବାଚନ କମିଶନ ସରକାରଙ୍କ କାଠ କଣ୍ଢେଇ ପାଲଟି ଯାଇଛନ୍ତି।

### ବ୍ୟାପକ ଆଲୋଚନା ପରେ ନରମିଲା କଂଗ୍ରେସ

### ମେଣ୍ଟ ଜିତିଲେ ମୁକେଶ ହେବେ ଉପମୁଖ୍ୟମନ୍ତ୍ରୀ

ପାଟନାର ମୌର୍ଯ୍ୟା ହୋଟେଲରେ ଆୟୋଜିତ ଏହି ସାମ୍ବାଦିକ ସମ୍ମିଳନୀ ୫୦ ମିନିଟ ପର୍ଯ୍ୟନ୍ତ ଚାଲିଥିଲା। ଏଥିରେ ଆରଜେଡି, କଂଗ୍ରେସ, ଭିଆଇପି ସମେତ ୭ ଦଳର ୧୪ ନେତା ସାମିଲ ଥିଲେ। ଆରଜେଡିର ତେଜସ୍ୱୀ, ଅବଦୁଲ ବାରି ସିଦ୍ଦିକି, ମନୋଜ ଝା, ସଞ୍ଜୟ ଯାଦବ, କଂଗ୍ରେସର ଗେହଲଟ, ରାଜେଶ ରାମ, କୃଷ୍ଣା ଅଲ୍ଲାବରୁ, ପବନ ଖେଡ଼ା, ଅଭୟ ଦୁବେ, ସିପିଆଇଏମଏଲର ଦୀପଙ୍କର ଭଟ୍ଟାଚାର୍ଯ୍ୟ, ଭିଆଇପିର ମୁକେଶ ସାହାନୀ, ସିପିଆଇଏମର ରାମନେରଶ ପଣ୍ଡା, ଅଲ୍ ଇଣ୍ଡିଆ ପାନ ମହାସଭା ନ୍ୟାସନାଲର ଆଇପି ଗୁପ୍ତା ମଞ୍ଚରେ ରହିଥିଲେ। ତେବେ ଏହାକୁ ନେଇ ବିବାଦ ସୃଷ୍ଟି ହୋଇଛି। ସାମ୍ବାଦିକ ସମ୍ମିଳନୀରେ ମରା ଯାଇଥିବା ପୋଷ୍ଟରେ କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କ ଫଟୋ ଦେଖିବାକୁ ମିଳି ନ ଥିଲା। ଏହା ସହିତ ସର୍ବଦା ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ପ୍ରସଙ୍ଗକୁ ଏଡ଼ାଇ ଚାଲିଥିବା କଂଗ୍ରେସ ବ୍ୟାକ୍‌ଫୁଟକୁ ଚାଲି ଯାଇଛି। ଭୋଟର ଅଧିକାର ଯାତ୍ରା ଶେଷ ହେବା ପରେ କଂଗ୍ରେସ ନେତା ଦିଗବିଜୟ ସିଂହ କହିଥିଲ ଯେ ବହୁମତ ଯେଉଁ ଦଳକୁ ମିଳିବ, ସେହି ଦଳରୁ ମୁଖ୍ୟମନ୍ତ୍ରୀ ହେବେ। ଏ ବିଷୟରେ ଆଗୁଆ କହି ହେବ ନାହିଁ। କିନ୍ତୁ ଶେଷରେ କଂଗ୍ରେସକୁ ହଁ ନଇଁବାକୁ ପଡ଼ିଲା।



ଅନ୍ୟପଟେ ମହାମେଣ୍ଟରେ ଥିବା ଆସନ ବଣ୍ଟନ ଅଡୁଆକୁ ନେଇ ଏହି ସାମ୍ବାଦିକ ସମ୍ମିଳନୀରେ କିଛି କୁହାଯାଇ ନ ଥିଲା। ୧୨ ଆସନରେ ମହାମେଣ୍ଟରେ ସାମିଲ ଦଳ ପରସ୍ପର ବିରୋଧରେ ପ୍ରାର୍ଥୀ ଦେଇଛନ୍ତି। ଆରଜେଡି ୧୪୩, କଂଗ୍ରେସ ୬୧ ଆସନରେ ପ୍ରାର୍ଥୀ ଦେଇଛି। ଅନ୍ୟ ଆସନଗୁଡିକୁ ସିପିଆଇ (ଏମଏଲ), ଭିଆଇପି ଏବଂ ଅନ୍ୟ ଦଳ ପାଇଁ ଛଡ଼ା ଯାଇଛି। ଆଜି ପ୍ରାର୍ଥିପତ୍ର ପ୍ରତ୍ୟାହାରର ଶେଷ ଦିନ ଥିଲା। ସାମ୍ବାଦିକ ସମ୍ମିଳନୀ ପରେ ଏ ଦିଗରେ ପଦକ୍ଷେପ ନିଆଯାଉଛି। କଂଗ୍ରେସ ପ୍ରାର୍ଥୀ ପ୍ରାଣପୁର ଏବଂ ବାରସିଲଗଞ୍ଜରୁ ପ୍ରାର୍ଥିପତ୍ର ପ୍ରତ୍ୟାହାର କରିଛନ୍ତି। ସେହିପରି ମଧୁବନୀ ଜିଲ୍ଲାର ବାବୁବରହିରୁ ଭିଆଇପି ପ୍ରାର୍ଥି ହଟିଛନ୍ତି। ଏହି ତିନି ସ୍ଥାନରେ ଆରଜେଡି ପ୍ରାର୍ଥିଙ୍କ ସହ ମୁକାବିଲା ହେବାର ଥିଲା।

ସାମ୍ବାଦିକ ସମ୍ମିଳନୀରେ ତେଜସ୍ୱୀ ଜଙ୍ଗଲରାଜର ଛବିରୁ ବାହାରିବାକୁ ପ୍ରୟାସ କରିଥିଲେ। ନିଜ ଛାଇ ଭୁଲ କଲେ ବି ଦଣ୍ଡ ଦେବି ବୋଲି ସେ କହିଥିଲେ। ସେ ଅଭିଯୋଗ ଲଗାଇ ଥିଲେ ଯେ ନୀତୀଶଙ୍କ ୨୦ ବର୍ଷର ସରକାରରେ ୭୦ ହଜାର ହତ୍ୟା ହୋଇଛି। ବିକାଶ ଜମାରୁ ହୋଇନି। ବିହାର ଲୋକ ଆମକୁ ୨୦ ମାସ ସମୟ ଦେଲେ ସବୁ କାମ କରିଦେବୁ। ଚଳିତ ଥର ଏନ୍‌ଡିଏ ଆଉ ନୀତୀଶଙ୍କୁ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ କରିବ ନାହିଁ। ଏହା ତାଙ୍କର ଶେଷ ନିର୍ବାଚନ। ଏ ପର୍ଯ୍ୟନ୍ତ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀଙ୍କୁ ନେଇ କାହିଁକି ଘୋଷଣା ହୋଇନି ତାହା ଅମିତ ଶାହା ସ୍ପଷ୍ଟ କରନ୍ତୁ। ଜେଡିୟୁର କିଛି ନେତା ଦଳକୁ ନିପାତ କରିବା ପାଇଁ ବିଜେପି ସହ କାମ କରୁଛନ୍ତି ବୋଲି ତେଜସ୍ୱୀ ଅଭିଯୋଗ କରିଥିଲେ।

## ତେଜସ୍ୱୀ ମୁଖ୍ୟମନ୍ତ୍ରୀ ହେଲେ ଜଙ୍ଗଲ ରାଜ ଫେରିବ: ପ୍ରଶାନ୍ତ କିଶୋର



ପାଟନା, ୨୩।୧୦ (ଏଜେନ୍ସି): ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣାକୁ ନେଇ ଜନ ସୁରାଜ ଦଳର ମୁଖିଆ ତଥା ନିର୍ବାଚନ ରଣନୀତିକାର ପ୍ରଶାନ୍ତ କିଶୋର ଇଣ୍ଡିଆ ମହାମେଣ୍ଟକୁ ତୀବ୍ର ସମାଲୋଚନା କରିଛନ୍ତି। ତେଜସ୍ୱୀ ମୁଖ୍ୟମନ୍ତ୍ରୀ ହେଲେ ଜଙ୍ଗଲ ରାଜ ଫେରିବ ବୋଲି ସେ କହିଛନ୍ତି। ସାମ୍ବାଦିକଙ୍କ ପ୍ରଶ୍ନର ଉତ୍ତର ଦେଇ ପ୍ରଶାନ୍ତ କହିଥିଲେ ଯେ ଯଦି ଲାଲୁ ଯାଦବଙ୍କ ଜଙ୍ଗଲ ରାଜ ପୁଣି ଫେରେ ତେବେ ତେଜସ୍ୱୀ ମୁଖ୍ୟମନ୍ତ୍ରୀ ହେବେ ବୋଲି ଆଶା କରାଯାଉଥିଲା। ତେଣୁ ଏଥିରେ କିଛି ନୂଆ ନାହିଁ। ଆଉ କିଛି ଦିନ ପରେ ବିହାରକୁ ସୁନାର ଲଙ୍କା କରିଦେବେ ବୋଲି ତେଜସ୍ୱୀ ଘୋଷଣା କରିବେ। ଲାଲୁଙ୍କ ଭୟରୁ ବାହାରିବା ପାଇଁ ଲୋକେ ବିଜେପିକୁ ଭୋଟ ଦେଉଛନ୍ତି। ଆଉ କୌଣସି କାରଣ ପାଇଁ ଲୋକେ ବିଜେପିକୁ ଭୋଟ ଦେଉନାହାନ୍ତି। କିନ୍ତୁ ଏବେ ଲୋକଙ୍କ ପାଖରେ ଜନସୁରାଜ ଦୃଢ଼ ବିକଳ୍ପ ଭାବେ ଛିଡ଼ା ହୋଇଛି। ତେଣୁ ଚଳିତ ଥର ଲୋକେ କୌଣସି ଭୁଲ୍ କରିବେ ନାହିଁ ବୋଲି ପ୍ରଶାନ୍ତ କିଶୋର କହିଛନ୍ତି।

## ଦିଲ୍ଲୀରେ ବିହାରର ୩ ଅପରାଧୀଙ୍କୁ ଏନ୍‌କାଉଣ୍ଟର

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ଦିଲ୍ଲୀରେ ୪ ଅପରାଧୀଙ୍କୁ ଏନ୍‌କାଉଣ୍ଟର କରାଯାଇଛି। ଏମାନଙ୍କ ମଧ୍ୟରୁ ୩ ଜଣ ବିହାର ସୀତାମଢ଼ୀର ବାସିନ୍ଦା। ଦିଲ୍ଲୀ କ୍ରାଇମ ବ୍ରାଞ୍ଚ ଏବଂ ବିହାର ପୁଲିସର ମିଳିତ ଟିମ୍ ଏହି ଏନ୍‌କାଉଣ୍ଟର କରିଛି। ପ୍ରାଣ ହରାଇଥିବା ଏହି ଦୁର୍ଦ୍ଧାନ୍ତ ଆତଙ୍କବାଦୀ ବିହାର ନିର୍ବାଚନରେ ଆତଙ୍କ ମଚାଇବାକୁ ଯୋଜନା କରିଥିଲେ ବୋଲି ବିହାର ଡିଜିପି ବିନୟ କୁମାର କହିଛନ୍ତି। ବୁଧବାର ବିଳମ୍ବିତ ରାତି ପ୍ରାୟ ୨ଟା ୨୦ରେ ବାହାଦୁର ଶାହା ମାର୍ଗର ଡ. ଆମ୍ବେଦକର ଛକରୁ ପନ୍‌ସାଲି ଛକ ମଧ୍ୟରେ ଏହି ଏନ୍‌କାଉଣ୍ଟର ହୋଇଥିଲା। ଅପରାଧୀ ଏବଂ ପୁଲିସ ମଧ୍ୟରେ ଗୁଳି ବିନିମୟ ହୋଇଥିଲା। ଏଥିରେ ରଞ୍ଜନ ପାଠକ (୨୫), ବିମଲେଶ ମହତୋ (୨୫), ମନୀଷ ପାଠକ (୩୩) ଏବଂ ଅମନ ଠାକୁର (୨୧) ଦେହରେ ଗୁଳି ବାଜିଥିଲା। ସମସ୍ତଙ୍କୁ ରୋହିଣୀ ସ୍ଥିତ ଡ. ବିଏସଏ ହସ୍ପିଟାଲକୁ ନିଆଯାଇଥିଲା। ମାତ୍ର ଡାକ୍ତର ସେଠାରେ ସମସ୍ତଙ୍କୁ ମୃତ ଘୋଷଣା କରିଥିଲେ। ରଞ୍ଜନ, ବିମଲେଶ ଏବଂ ମନୀଷ ବିହାରର ବାସିନ୍ଦା ଥିଲେ। ଏମାନଙ୍କ ନିକଟରୁ ମାରଣାସ୍ତ୍ର ଜବତ କରାଯାଇଛି ବୋଲି ଡିଜିପି କହିଛନ୍ତି। ଏହି ଅପରାଧୀ 'ସିଗ୍‌ମା ଆଣ୍ଡ କମ୍ପାନୀ' ଗ୍ୟାଙ୍ଗ ଚଳାଇ ଥିଲେ। ରଞ୍ଜନ ପାଠକ ଏହାର ମୁଖ୍ୟ ଥିଲା।

## ଅଭିଭାବକଙ୍କ ବେଆଇନ ସମ୍ପତ୍ତି କାରବାରକୁ ଖାରଜ କରିପାରିବେ ନାବାଳକ: ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ନାବାଳକଙ୍କ ସମ୍ବନ୍ଧିତ ସମ୍ପତ୍ତି କାରବାରକୁ ନେଇ ସୁପ୍ରିମକୋର୍ଟ ବଡ଼ ରାୟ ଦେଇଛନ୍ତି। ଯଦି କୌଣସି ନାବାଳକଙ୍କ ସମ୍ପତ୍ତିଙ୍କୁ ଅଭିଭାବକ କୋର୍ଟଙ୍କ ଅନୁମତି ବିନା ବିକ୍ରି କରିଦେଇଛନ୍ତି ତେବେ ସେ ସାବାଳକ ହେବା ପରେ ନିଜେ ଏହାକୁ ଖାରଜ କରିପାରିବେ। ଏଥିପାଇଁ ତାଙ୍କୁ କୋର୍ଟରେ ଅଲଗା ଭାବେ ମାମଲା ରୁଜୁ କରିବାର ଆବଶ୍ୟକତା ନାହିଁ। ଏହାକୁ ଅସ୍ୱୀକାର କରିବାକୁ ଆଇନଗତ ଭାବେ ବୈଧ ବୋଲି ଧରାଯିବ। ଜଷ୍ଟିସ ପଙ୍କଜ ମିତ୍ତଲ ଏବଂ ଜଷ୍ଟିସ ପିଭି ବରାଲେଙ୍କ ଖଣ୍ଡପୀଠ କହିଥିଲେ ଯେ ହିନ୍ଦୁ ସଂଖ୍ୟାଲଘୁ ଏବଂ ଅଭିଭାବକ ନିୟମ-୧୯୫୬ର ଧାରା ୭ ଏବଂ ୮ ଅଧିନରେ ପ୍ରକୃତ ଅଭିଭାବକଙ୍କ ଦ୍ୱାରା ନାବାଳକଙ୍କ ଅସ୍ଥାବର ସମ୍ପତ୍ତିକୁ କୋର୍ଟଙ୍କ ବିନା ଅନୁମତିରେ ବିକ୍ରିକୁ ରଦ୍ଦ ଧରାଯିବ। ନାବାଳକ ସାବାଳକ ହେବା ପରେ ମକଦ୍ଦମା ଦାଏର କରି କିମ୍ବା ନିଜ ଆଚରଣରେ ଏଭଳି ମାମଲା ରଦ୍ଦ କରିପାରିବେ। ସେ ଏହାକୁ ନିଜେ ବି ବିକ୍ରି କରିପାରିବେ। କୋର୍ଟଙ୍କ ଏହି ନିଷ୍ପତ୍ତି ଗତ କିଛି ବର୍ଷ ହେଲା ଚାଲି ଆସୁଥିବା ଆଇନଗତ ଅସ୍ପଷ୍ଟତାକୁ ଦୂର କରୁଛି। ପୂର୍ବରୁ ଏଭଳି ମାମଲାରେ ନାବାଳକ ମକଦ୍ଦମା ଦାଏର କରିବା ଜରୁରୀ କି ନୁହେଁ ତାହା ସ୍ପଷ୍ଟ ହୋଇ ନ ଥିଲା।

### ଘରେ ଲାଗିଲା ନିଆଁ; ଖୋଲିଲାନି ଲକ୍

## କଂଗ୍ରେସ ନେତାଙ୍କ ମୃତ୍ୟୁ

ଇନ୍ଦୋର, ୨୩।୧୦ (ଏଜେନ୍ସି): ନିର୍ମଦା ସେନାର ଅଧ୍ୟକ୍ଷ ତଥା କଂଗ୍ରେସର ବରିଷ୍ଠ ନେତା ପ୍ରବେଶ ଅଗ୍ରୱାଲଙ୍କ ଇନ୍ଦୋର ସ୍ଥିତ ପେଣ୍ଟ ହାଉସରେ ଶୁକ୍ରବାର ସକାଳେ ନିଆଁ ଲାଗି ଯାଇଛି। ଏଥିରେ ଶ୍ୱାସରୁଦ୍ଧ ହୋଇ ତାଙ୍କର ମୃତ୍ୟୁ ହୋଇଛି। ତାଙ୍କ ବଡ଼ ଝିଅ ସୌମ୍ୟା ମଧ୍ୟ ଆହତ ହୋଇଛନ୍ତି। ତାଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ରହିଛି। ସୂଚନା ଅନୁଯାୟୀ, କଂଗ୍ରେସ ନେତା ପ୍ରବେଶ ଲାସୁଡିଆ ଅଞ୍ଚଳରେ ଥିବା ସୌମ୍ୟା ମହିନ୍ଦ୍ରା କାର ଶୋ'ରୁମ୍ ମାଲିକ। ପ୍ରବେଶଙ୍କ ପରିବାର ଶୋ'ରୁମ୍ ଉପରେ ଥିବା ପେଣ୍ଟହାଉସ୍‌ରେ ରୁହନ୍ତି। ଅଗ୍ନିକାଣ୍ଡ ସମୟରେ ପ୍ରବେଶ, ତାଙ୍କ ସ୍ତ୍ରୀ ଶ୍ୱେତା ଏବଂ ସେମାନଙ୍କର ଦୁଇ ଝିଅ ସୌମ୍ୟା (୧୫) ଏବଂ ମାଇରା (୧୦) ସେଠାରେ ଉପସ୍ଥିତ ଥିଲେ। ଶ୍ୱାସରୁଦ୍ଧ ହେବାରୁ ପ୍ରବେଶ ଅଗ୍ରୱାଲଙ୍କ ଘଟଣାସ୍ଥଳରେ ମୃତ୍ୟୁ ହୋଇଥିବାବେଳେ ସୌମ୍ୟାଙ୍କୁ ଗୁରୁତର ଅବସ୍ଥାରେ ବମ୍ବେ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ନିଆଁ ଲାଗିବା ପରେ କଂଗ୍ରେସ ନେତାଙ୍କ ପତ୍ନୀ ଶ୍ୱେତା ଏବଂ ସାନ ଝିଅ ମାଇରାଙ୍କୁ ଗାର୍ଡମାନେ ସୁରକ୍ଷିତ ଭାବରେ ବାହାରକୁ ଆଣିଥିଲେ। ଏହି ଦୁର୍ଘଟଣା ପାଇଁ ଉଚ୍ଚ ସୁରକ୍ଷା ବ୍ୟବସ୍ଥାକୁ ଦାୟୀ କରାଯାଉଛି। ଘର ଭିତରେ ଏୟାର କଣ୍ଡିସନିଂ ଏବଂ ଡିଜିଟାଲ୍ ଲକ୍ ଥିଲା। ଏହାକୁ କେବଳ ରିମୋଟ୍ କିମ୍ବା ଆଙ୍ଗୁଠି ଛାପରେ ଖୋଲାଯାଇପାରିବ। ସକାଳେ ଧୂଆଁ ଯୋଗୁଁ ଏହି ତାଲା ଖୋଲିପାରି ନ ଥିଲା।

## କ୍ୱାଲାଲମ୍ପୁର ଯିବେନି ପ୍ରଧାନମନ୍ତ୍ରୀ

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ଆସନ୍ତା ୨୬ରୁ ୨୮ ତାରିଖ ପର୍ଯ୍ୟନ୍ତ କ୍ୱାଲାଲମ୍ପୁରରେ ଆସିଆନ ସମ୍ମିଳନୀ ଅନୁଷ୍ଠିତ ହେବାକୁ ଯାଉଛି। ଏଠାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମଧ୍ୟରେ ସାକ୍ଷାତ ଆଲୋଚନା ହେବ ବୋଲି ଚର୍ଚ୍ଚା ହେଉଛି। କିନ୍ତୁ ମାଲେସିଆ ପ୍ରଧାନମନ୍ତ୍ରୀ ଅନୱର ଇବ୍ରାହିମ ଏହି ଚର୍ଚ୍ଚାରେ ବିରାମ ଲଗାଇଛନ୍ତି। ଏଠାରେ ଟ୍ରମ୍ପ ଏବଂ ମୋଦୀଙ୍କ ମଧ୍ୟରେ ସାକ୍ଷାତ ଆଲୋଚନା ହେବ ନାହିଁ। କାରଣ ଏହି ସମ୍ମିଳନୀରେ ଯୋଗଦେବା ପାଇଁ ପ୍ରଧାନମନ୍ତ୍ରୀ ମୋଦୀ ମାଲେସିଆ ଯିବେ ନାହିଁ। ୧୨ ଥର ସାମିଲ ହେବା ପରେ ପ୍ରଥମ ଥର ପାଇଁ ମୋଦୀ ଏହି ବୈଠକରୁ ବିରତ ରହିବେ। ପ୍ରଧାନମନ୍ତ୍ରୀଙ୍କ ବଦଳରେ ବୈଦେଶିକ ମନ୍ତ୍ରୀ ଏସ ଜୟଶଙ୍କର ଏହି ସମ୍ମିଳନୀରେ ସାମିଲ ହେବା ପାଇଁ କ୍ୱାଲାଲମ୍ପୁର ଯିବେ।



### ଆସିଆନ ସମ୍ମିଳନୀରେ ହେବନି ମୋଦୀ-ଟ୍ରମ୍ପ ଭେଟ

କିନ୍ତୁ ମାଲେସିଆ ପ୍ରଧାନମନ୍ତ୍ରୀ ଆଜି କହିଥିଲେ ଯେ ସେ ପ୍ରଧାନମନ୍ତ୍ରୀ ମୋଦୀଙ୍କ ସହ ଫୋନ୍‌ରେ କଥା ହୋଇଛନ୍ତି। ଉଭୟେ ଭାରତ-ମାଲେସିଆ ସମ୍ବନ୍ଧକୁ ମଜବୁତ କରିବା ପାଇଁ ଚର୍ଚ୍ଚା କରିଥିଲେ। ଏହି ସମ୍ମିଳନୀରେ ଅନ୍‌ଲାଇନରେ ସାମିଲ ହେବେ ବୋଲି ମୋଦୀ କହିଥିଲେ। ଏହାକୁ ନେଇ ଭାରତରେ ରାଜନୀତି ଆରମ୍ଭ ହୋଇଯାଇଛି। କଂଗ୍ରେସ ନେତା ଜୟରାମ ରମେଶ ଦାବି କରିଛନ୍ତି ଯେ ଟ୍ରମ୍ପଙ୍କ ପାଇଁ ମୋଦୀ ଏପରି ନିଷ୍ପତ୍ତି ନେଇଛନ୍ତି। ଟ୍ରମ୍ପଙ୍କ ଦ୍ୱାରା ମୋଦୀ କୋଣଠେସା ହେବାକୁ ଚାହାନ୍ତି ନାହିଁ। ସେ ଟ୍ରମ୍ପଙ୍କ ସାମ୍‌ନାକୁ ଆସିବାକୁ ଚାହାନ୍ତି ନାହିଁ। ମୋଦୀ ଏଥିପାଇଁ କିଛି ଦିନ ତଳେ ଇଜିପ୍ଟରେ ଅନୁଷ୍ଠିତ ଗାଜା ଶାନ୍ତି ଶିଖର ସମ୍ମିଳନୀରେ ଯୋଗଦେବାକୁ ମଧ୍ୟ ମନା କରିଦେଇଥିଲେ। ସାମାଜିକ ଗଣମାଧ୍ୟମରେ ଟ୍ରମ୍ପଙ୍କ ପ୍ରଶଂସା କରିବା ଏବଂ ସାମ୍‌ନାରେ ଛିଡ଼ାହେବା ଅଲଗା ବିଷୟ। ଯେଉଁ ବ୍ୟକ୍ତି ୫୩ ଥର 'ଅପରେସନ ସିନ୍ଦୂର' ରୋକିବା ନେଇ ଏବଂ ରୁଷରୁ ତୈଳ କ୍ରୟ ବନ୍ଦ ନେଇ ୫ ଥର ପ୍ରତିଶ୍ରୁତି ଦେଇଥିବା ବ୍ୟକ୍ତିଙ୍କ ସହ ଛିଡ଼ା ହେବା ମୋଦୀଙ୍କ ପାଇଁ ବିପଦପୂର୍ଣ୍ଣ। ଏବେ ବୋଧେ ପ୍ରଧାନମନ୍ତ୍ରୀ ପୁରୁଣା ବଲିଉଡ ଗୀତ 'ବଚ କେ ରେହନାରେ ବାବା, ବଚକେ ରେହନା' ଗୀତକୁ ମନେ ପକାଉଛନ୍ତି ବୋଲି ଜୟରାମ ରମେଶ କହିଥିଲେ।

ଗତ ମାସରେ ଟ୍ରମ୍ପ ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରି କହିଥିଲେ ଯେ ସେ କିଛି ସପ୍ତାହ ମଧ୍ୟରେ ମୋଦୀଙ୍କୁ ଭେଟିବାକୁ ଉତ୍ସାହିତ ଅଛନ୍ତି। ଶୁଳ୍କ ଏବଂ ରୁଷ୍ ସହ ତୈଳ କାରବାରକୁ ନେଇ ଭାରତ ଏବଂ ଆମେରିକା ମଧ୍ୟରେ ଉତ୍ତେଜନା ଲାଗି ରହିଛି। ଏହି ବୈଠକରେ ସମ୍ପର୍କ ସୁଧାରିବା ପାଇଁ ଚର୍ଚ୍ଚା ହୋଇପାରେ ବୋଲି କୁହାଯାଉଥିଲା। ଏହାକୁ ନେଇ ନାନା କଳ୍ପନାଜଳ୍ପନା ପ୍ରକାଶ ପାଇଥିଲା। ଆସିଆନ ସମ୍ମିଳନୀରେ ଦୁଇ ନେତାଙ୍କ ମଧ୍ୟରେ ଆଲୋଚନା ହେବ ବୋଲି କୁହାଯାଉଥିଲା।

## ଜଷ୍ଟିସ ସୂର୍ଯ୍ୟକାନ୍ତ ହୋଇପାରନ୍ତି ନୂଆ ପ୍ରଧାନ ବିଚାରପତି

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ଭାରତର ପରବର୍ତ୍ତୀ ପ୍ରଧାନ ବିଚାରପତି (ସିଜେଆଇ) ନିଯୁକ୍ତି ପାଇଁ ସରକାର ପ୍ରକ୍ରିୟା ଆରମ୍ଭ କରିଛନ୍ତି। ବର୍ତ୍ତମାନର ସିଜେଆଇ ବିଆର ଗଭାଇ ଆସନ୍ତା ୨୩ ତାରିଖରେ ଅବସର ନେବାକୁ ଯାଉଛନ୍ତି। ଖୁବଶୀଘ୍ର ଆଇନମନ୍ତ୍ରୀ ଜଷ୍ଟିସ ଗଭାଇଙ୍କୁ ଚିଠି ଲେଖି ନିଜ ଉତ୍ତରାଧିକାରୀଙ୍କ ନାମ ସୁପାରିସ କରିବାକୁ କହିବେ। ଏହି ଚିଠି ଶୁକ୍ରବାର ସୁଦ୍ଧା ପଠା ଯାଇପାରେ। ବର୍ତ୍ତମାନର ନିୟମ ଅନୁଯାୟୀ ସୁପ୍ରିମକୋର୍ଟର ସବୁଠୁ ବରିଷ୍ଠ ବିଚାରପତିଙ୍କୁ ସିଜେଆଇ ଭାବେ ଚୟନ କରାଯାଏ। ସାଧାରଣତଃ ସିଜେଆଇଙ୍କ ଅବସରର ପ୍ରାୟ ମାସେ ପୂର୍ବରୁ ଏହି ପ୍ରକ୍ରିୟା ଆରମ୍ଭ ହୋଇଥାଏ। ଏବେ ଜଷ୍ଟିସ ସୂର୍ଯ୍ୟକାନ୍ତ ସୁପ୍ରିମକୋର୍ଟର ସବୁଠାରୁ ବରିଷ୍ଠ ବିଚାରପତି ଅଛନ୍ତି। ସେ ପରବର୍ତ୍ତୀ ପ୍ରଧାନ ବିଚାରପତି ହେବାର ସମ୍ଭାବନା ରହିଛି। ଯଦି ତାଙ୍କୁ ନିଯୁକ୍ତି ଦିଆଯାଏ ତେବେ ନଭେମ୍ବର ୨୩ରେ ସେ ଭାରତର ୫୨ ତମ ସିଜେଆଇ ହେବେ। ୨୦୨୭ ଫେବୃଆରୀ ୯ ଯାଏଁ, ପ୍ରାୟ ୧୫ ମାସ ପର୍ଯ୍ୟନ୍ତ ସେ ଏହି ପଦରେ ରହିବେ। ଅନ୍ୟପକ୍ଷରେ ଜଷ୍ଟିସ ସୂର୍ଯ୍ୟକାନ୍ତ ଦେଇଥିବା ଏକ ଟିପ୍ପଣୀ ସାମାଜିକ ଗଣମାଧ୍ୟମରେ ଖୁବ୍ ଭାଇରାଲ ହେବାରେ ଲାଗିଛି। ଏଥିରେ ସେ କହିଥିଲେ ଯେ 'ପୁରାତନ ସମୟରେ କେବଳ ମହିଳାଙ୍କୁ ଗୋଲାମ କରି ରଖିବା ପାଇଁ ବିବାହ ଭଳି ବ୍ୟବସ୍ଥାକୁ ବ୍ୟବହାର କରାଯାଉଥିଲା। ଆଇନ ଏବଂ ସାମାଜିକ ସୁଧାର ଯୋଗୁଁ ଆଜି ବିବାହ ବ୍ୟବସ୍ଥାରେ ସମ ଭାବନା ବିକଶିତ ହେଉଛି'।



## ଆମେରିକାକୁ ଭେନେଜୁଏଲାର ଚାଲେଞ୍ଜ

### ମୁତୟନ କଲାଣି ୫ ହଜାର ରୁଷ୍ କ୍ଷେପଣାସ୍ତ୍ର

କାରକାସ, ୨୩।୧୦ (ଏଜେନ୍ସି): ଭେନେଜୁଏଲା ଏବଂ ଆମେରିକା ମଧ୍ୟରେ ଉତ୍ତେଜନା ବଢ଼ିବାରେ ଲାଗିଛି। ବୁଧବାର ଏକ ଟିଭି କାର୍ଯ୍ୟକ୍ରମରେ ଭେନେଜୁଏଲା ରାଷ୍ଟ୍ରପତି ନିକୋଲାସ ମାଦୁରୋ ଆମେରିକାକୁ ଧମକ ଦେଇଛନ୍ତି। ଆମେରିକାଠାରୁ



ସୃଷ୍ଟି ହୋଇଥିବା ବିପଦର ମୁକାବିଲା ପାଇଁ ୫ ହଜାର ରୁଷ୍ ଇଗ୍ଲା-ଏସ୍ କ୍ଷେପଣାସ୍ତ୍ର ମୁତୟନ କରି ରଖିଛୁ। ଦେଶ ପାଖରେ ଥିବା ଏହି କ୍ଷେପଣାସ୍ତ୍ର ଗୁଡିକ ଶାନ୍ତି ଏବଂ ସ୍ୱାଧୀନତାର ସୁରକ୍ଷା କରିବେ। ଆକାଶ ମାର୍ଗରୁ ଆସୁଥିବା ସ୍ୱଳ୍ପ ଦୂରଗାମୀ କ୍ଷେପଣାସ୍ତ୍ରକୁ ରୋକିବା ପାଇଁ ଏଗୁଡିକୁ ମୁତୟନ କରାଯାଇଛି। କୌଣସି ସାମ୍ରାଜ୍ୟବାଦୀ ବିପଦର ଜବାବ ଦେବା ପାଇଁ ଏହା ରହିଛି। ନିଜ ମାତୃଭୂମିର ପ୍ରତ୍ୟେକ ଇଞ୍ଚ ଜମିକୁ ସୁରକ୍ଷିତ ରଖିବା ପାଇଁ ଭେନେଜୁଏଲା ସେନା ପ୍ରସ୍ତୁତ ଅଛି।


### ସାମ୍ରାଜ୍ୟବାଦୀ ବିପଦକୁ ଜବାବ ଦେବୁ: ରାଷ୍ଟ୍ରପତି

### ମାତୃଭୂମିର ପ୍ରତ୍ୟେକ ଇଞ୍ଚ ଜମି ପାଇଁ ଲଢ଼ିବୁ

ସୂଚନା ଅନୁଯାୟୀ ଦୀର୍ଘ ବର୍ଷ ହେଲା ମାଦୁରୋଙ୍କୁ ଆମେରିକା ବିରୋଧ କରୁଛି। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭେନେଜୁଏଲା ଉପକୂଳ ନିକଟକୁ କିଛି ନୌସୈନିକଙ୍କୁ ପଠାଇଛନ୍ତି। ଏହାକୁ ଆମେରିକା ନିଶାଦ୍ରବ୍ୟ ବିରୋଧୀ ଅଭିଯାନ ନାମ ଦେଇଛି। କିଛି ମାସ ହେଲା ଭେନେଜୁଏଲାର ଅନେକ ବୋଟକୁ ନୌସେନା ନଷ୍ଟ କରିଦେଇଛି। ଏହା ମାଧ୍ୟମରେ ଡ୍ରଗ୍ସ ନିଆଯାଉଥିବା ଅଭିଯୋଗ କରାଯାଇଛି। ତେବେ ଭେନେଜୁଏଲା ଏ ସବୁ ଅଭିଯୋଗକୁ ଖାରଜ କରିଆସିଛି। ଆମେରିକାର ଏହି ଅଭିଯାନ ଦେଶର ସ୍ୱାଧୀନତା ଉପରେ ଆକ୍ରମଣ ବୋଲି କୁହାଯାଇଛି। ଅନ୍ୟପଟେ ଆମେରିକା ପ୍ରଶାସନ ମାଦୁରୋଙ୍କୁ ଡ୍ରଗ୍ସ ଚାଲାଣକାରୀ କହିଛି। ସେ ନିଶାଦ୍ରବ୍ୟ ଚାଲାଣକାରୀଙ୍କ ସହ ମିଶି ଟ୍ରମ୍ପ ଦେଶକୁ ଫେଣ୍ଟାନାଇଲ ମିଶ୍ରିତ କୋକେନ ପଠାଉଥିବା ଅଭିଯୋଗ ଲଗାଯାଇଛି। ମାଦୁରୋଙ୍କ ପାଖରେ ୭ ଟନ୍ କୋକେନ ରହିଛି। ଏହାକୁ ସେ ଆମେରିକା ପଠାଇବାକୁ ପ୍ରସ୍ତୁତି କରୁଛନ୍ତି ବୋଲି ଆମେରିକା ଅଧିକାରୀମାନେ କହିଛନ୍ତି। ଏହାକୁ ନେଇ ଗତ ଅଗଷ୍ଟ ୭ ତାରିଖରେ ମାଦୁରୋଙ୍କ ଉପରେ ଆମେରିକା ୫୦ ନିୟୁତ ଡଲାର ଅର୍ଥାତ୍ ପ୍ରାୟ ୪୨୦ କୋଟି ଟଙ୍କା ଜୋରିମାନା ଲଗାଇ ଥିଲା।

● ଆମେରିକାର ଭାରତୀୟ ବଂଶୋଦ୍ଭବଙ୍କ ଉନ୍ମତ୍ତ କାଣ୍ଡ

## ନିଶାରେ ଟ୍ରକ୍ ଚଳାଇ ୩ ଜଣଙ୍କୁ ହତ୍ୟା





ୱାସିଂଟନ, ୨୩।୧୦ (ଏଜେନ୍ସି): ଭାରତୀୟ ବଂଶୋଦ୍ଭବ ଟ୍ରକ୍ ଡ୍ରାଇଭର ଜିସନପ୍ରୀତ ସିଂହ ଆମେରିକା କାଲିଫର୍ଣ୍ଣିଆର ଅଣ୍ଟାରିଓରେ ଆତଙ୍କ ସୃଷ୍ଟି କରିଛନ୍ତି। ସେ ନିଶାସକ୍ତ ଅବସ୍ଥାରେ ଟ୍ରକ୍ ଚଳାଇ ପ୍ରାୟ ୧୦ଟି ଗାଡ଼ିକୁ ଧକ୍କା ଦେଇଛନ୍ତି। ଅନ୍ୟ ଗାଡିଗୁଡିକୁ ଟ୍ରକ୍ ଧକ୍କା ଦେଉଥିବା ସତ୍ତ୍ୱେ ସେ ବ୍ରେକ୍ ଲଗାଇ ନ ଥିଲେ। ଏଥିଯୋଗୁଁ ଘଟଣାସ୍ଥଳରେ ୩ ଜଣଙ୍କ ଜୀବନ ଯାଇଛି। ୪ରୁ ଅଧିକ ଆହତ ହୋଇଛନ୍ତି। ପୁଲିସ ଏହି ମାମଲାରେ ଜିସନଙ୍କୁ ଗିରଫ କରିଛି। ଗତ ୨୨ ତାରିଖରେ ଏହି ଘଟଣା ଘଟିଥିବାବେଳେ ଗୁରୁବାର ଭିଡିଓ ସାମ୍‌ନାକୁ ଆସିଛି। ଅଭିଯୁକ୍ତ ଜିସନ (୨୧) ପଞ୍ଜାବର ବାସିନ୍ଦା। ସେ ୨୦୨୨ରେ ବେଆଇନ ଭାବେ ଆମେରିକାରେ ପ୍ରବେଶ କରିଥିବା କୁହାଯାଉଛି। ଆମେରିକା ପୁଲିସର ସୂଚନା ଅନୁଯାୟୀ କାଲିଫର୍ଣ୍ଣିଆର ଆଇ-୧୦ ଫ୍ରିୱେରେ ଜିସନଙ୍କ ଟ୍ରକ୍ ନିୟନ୍ତ୍ରଣ ହରାଇ ଥିଲା। ପ୍ରଥମେ ଏହା ରାସ୍ତା ମଝିରେ ଥିବା କାର୍‌ଗୁଡିକୁ ଧକ୍କା ଦେଇଥିଲା। ପରେ ପାର୍ଶ୍ୱରେ ଥିବା ଗାଡ଼ିକୁ ଧକ୍କା ମାରିଥିଲା। ସାମ୍‌ନାରେ ଟ୍ରାଫିକ ଜାମ୍ ଥିବା ସତ୍ତ୍ୱେ ଜିସନ ଗାଡ଼ିକୁ ଅଟକାଇ ନ ଥିଲା। କାରଣ ସେ ନିଶାସକ୍ତ ଥିଲା। ତାକୁ ବର୍ଣ୍ଣାଡିନୋ କାଉଣ୍ଟି ସେରିଫ ବିଭାଗର ହେପାଜତରେ ରଖାଯାଇଛି। ଏଥିରେ ୧୦ଟି ଗାଡ଼ି କ୍ଷତିଗ୍ରସ୍ତ ହୋଇଛି। ୨୦୨୨ରେ ଆମେରିକାରେ ଧରା ପଡ଼ିଥିଲା। କିନ୍ତୁ ପରେ ତାକୁ ମୁକ୍ତ କରିଦିଆଯାଇଥିଲା।

## ବଞ୍ଚିଥିବା ଲୋକଙ୍କୁ ମୃତ ଦର୍ଶାଇ ନେଇଗଲେ ଶହେ କୋଟି

ନୂଆଦିଲ୍ଲୀ, ୨୩।୧୦ (ଏଜେନ୍ସି): ଜ୍ଞାନକୌଶଳ ଏବଂ ପ୍ରଯୁକ୍ତିବିଦ୍ୟା ଯେତେ ଉନ୍ନତ ହେଉଛି ଠକେଇ ସେତେ ବଢ଼ି ବଢ଼ି ଚାଲିଛି। ଏହା ଜମାରୁ କମ୍ ହେଉନାହିଁ। ଅନ୍‌ଲାଇନ ଯୋଗୁଁ ଠକ୍ ସୁବ୍ୟବସ୍ଥିତ ଭାବେ ଷଡ଼ଯନ୍ତ୍ର କରି କୋଟି କୋଟି ଟଙ୍କା ଠକି ନେଉଛନ୍ତି। ଏବେ ବୀମା ଦାବି ପାଇଁ ଏପରି କରାଯାଉଛି। ପ୍ରଥମେ ଠକେଇ ପାଇଁ ଗରିବ, ଅନାଥ, ବୃଦ୍ଧ ଏବଂ ରୋଗୀ ଆଦିଙ୍କ ବୀମା କରାଯାଉଛି। ମୃତବ୍ୟକ୍ତିଙ୍କୁ ମଧ୍ୟ ଜୀବିତ କରିଦିଆଯାଉଛି। କାଗଜପତ୍ରରେ ଜୀବିତ ଥିବା ଦର୍ଶା ଯାଉଛି। ପରେ ସେମାନେ ଚିକିତ୍ସିତ ହେଉଥିବାର ଜାଲ ପ୍ରମାଣପତ୍ର ପ୍ରସ୍ତୁତ କରାଯାଉଛି। ପୌରପାଳିକା ଆଦି ସଂସ୍ଥା ମଧ୍ୟ ମୃତ୍ୟୁ ପ୍ରମାଣପତ୍ର ପ୍ରଦାନ କରିଦେଉଛନ୍ତି। ଶେଷରେ ନୋମିନିଙ୍କ ମାଧ୍ୟମରେ ବୀମା ଦାବି କରାଯାଉଛି। ଆଉ ବିନା ଦ୍ୱିଧାରେ କମ୍ପାନୀ ମଧ୍ୟ ଏହି ବୀମା ଦାବିକୁ ପାରିତ କରିଦେଉଛି। ଠକମାନେ ଏହି ଅର୍ଥ ନେଇ ଫୁର୍ ହେଇଯାଉଛନ୍ତି। ଏହି ଜାଲ୍ ବୀମା ପାଇଁ ହତ୍ୟା ମଧ୍ୟ କରାଯାଇଥିବାର ନଜିର ରହିଛି। ହତ୍ୟାକୁ ଦୁର୍ଘଟଣାର ରୂପ ଦିଆଯାଉଛି। ପୁଲିସ ରେକର୍ଡରେ ସାମାନ୍ୟ ସଡ଼କ ଦୁର୍ଘଟଣା ହୋଇଥିବା ଦର୍ଶାଯାଉଛି। ଦେଶରେ ୧୨ଟି ରାଜ୍ୟରେ ଏଭଳି ବୀମା ଗ୍ୟାଙ୍ଗ କାର୍ଯ୍ୟ କରୁଛି। ଏମାନେ ଜାଲ୍ ବୀମା କରି ୧୦୦ କୋଟିରୁ ଅଧିକ ଠକେଇ କରିଥିବା ସୂଚନା ମିଳିଛି। ଉତ୍ତର ପ୍ରଦେଶରୁ ପ୍ରଥମେ ଏହି ମାମଲା ସାମ୍‌ନାକୁ ଆସିଥିଲା। ଚଳିତ ବର୍ଷ ପ୍ରାରମ୍ଭରେ ସମ୍ଭଲ ପୁଲିସ ଏକ କାର୍‌କୁ ଜବତ କରି ଦୁଇ ଜଣଙ୍କୁ ଗିରଫ କରିଥିଲା। ଏହି କାର୍‌ରୁ ଦେଢ଼ ଲକ୍ଷ ଟଙ୍କା, ୧୭ କ୍ରେଡିଟ କାର୍ଡ ଏବଂ ୩୦ ହଜାରରୁ ଅଧିକ ଜାଲ୍ କାଗଜପତ୍ର ମିଳିଥିଲା। ଏହାର ତଦନ୍ତରୁ ଏଭଳି ଭୟଙ୍କର ତଥ୍ୟ ସାମ୍‌ନାକୁ ଆସିଛି।

### ୧୨ ରାଜ୍ୟକୁ ବ୍ୟାପିଛି ବୀମା ଗ୍ୟାଙ୍ଗର ଚେର

### ବୀମା ପାଇଁ କରାଯାଉଛି ହତ୍ୟା

### ଦିଆଯାଉଛି ସଡ଼କ ଦୁର୍ଘଟଣାର ରୂପ



ସୂଚନା ଅନୁଯାୟୀ ଦିଲ୍ଲୀର ଏହି ଗ୍ୟାଙ୍ଗ ଦିଲ୍ଲୀର ସାଲିମାର ଗାର୍ଡେନରେ ରହୁଥିବା ତ୍ରିଲୋକ କୁମାରଙ୍କୁ ୬ ମାସ ମଧ୍ୟରେ ଦୁଇ ଥର ମାରି ଦିଆଯାଇଥିଲା। ପ୍ରଥମେ ୨୦୨୪ ଜୁନ୍ ୧୯ରେ କର୍କଟରେ ଏବଂ ସେହି ବର୍ଷ ଡିସେମ୍ବର ୨୬ରେ ହୃଦ୍‌ଘାତରେ ତାଙ୍କର ମୃତ୍ୟୁ ହୋଇଥିଲା। ଦୁଇଥର ଯାକ ଦିଲ୍ଲୀ ପୌରନିଗମ ତାଙ୍କ ମୃତ୍ୟୁ ପ୍ରମାଣପତ୍ର ଜାରି କରିଥିଲା। ଏହି ପ୍ରମାଣପତ୍ରରେ ୨୦ ଲକ୍ଷର ବୀମା ଦାବି ପାରିତ ହୋଇ ଯାଇଥିଲା। ଏଭଳି କାରନାମା କରିଥିବା ବୀମା ଗ୍ୟାଙ୍ଗ ଉପରେ ସମ୍ଭଲ ପୁଲିସ ୧୦ ମାସ ହେଲା ତଦନ୍ତ କରୁଛି। ତଦନ୍ତରୁ ଠକେଇର ଅନେକ ମାମଲା ସାମନାକୁ ଆସିଛି। ଏ ପର୍ଯ୍ୟନ୍ତ ଏହି ମାମଲାରେ ୬୮ ଜଣଙ୍କୁ ଗିରଫ କରାଗଲାଣି।

ମୃତ ତ୍ରିଲୋକଙ୍କ ପତ୍ନୀ କହିଥିଲେ ଯେ ଜୁନ୍ ୧୯ରେ ସ୍ୱାମୀଙ୍କ ମୃତ୍ୟୁ ହୋଇଥିଲା। ତିନି ମାସ ପରେ କିଛି ଲୋକ ତାଙ୍କୁ ଯୋଗାଯୋଗ କରି ସରକାରଙ୍କ ପକ୍ଷରୁ ଆର୍ଥିକ ସହାୟତା ମିଳିବ ବୋଲି କହିଥିଲେ। ଏଥିପାଇଁ ସେ କାଗଜପତ୍ର ଦେଇଥିଲେ। ସମ୍ଭଲ ପୁଲିସ ଯାଞ୍ଚ କରିବାକୁ ପହଞ୍ଚିବା ପରେ ଏ ବିଷୟରେ ସେ ଜାଣିବାକୁ ପାଇଥିଲେ।

**ବିକ୍ରମଙ୍କୁ ନ୍ୟାୟ ଓ ବିଚାରବିଭାଗୀୟ ତଦନ୍ତ ଦାବି**

# ପ୍ରତିବାଦ ସଭାରେ ଗର୍ଜିଲା ବିଜେଡି

ବ୍ରହ୍ମପୁର, ୨୩।୧୦ (ସମିସ): ରାଜ୍ୟରେ ଶାସକ ଦଳର ହାତବାରିସି ସାଜି ଦଳୀୟ ନେତାଙ୍କ ଇଙ୍ଗିତରେ କାର୍ଯ୍ୟ କରୁଛି ପୁଲିସ। ନୂଆପଡ଼ା ଉପ-ନିର୍ବାଚନରେ ବିଜେଡି ପ୍ରତି ମିଳୁଥିବା ଜନସମର୍ଥନରେ ଅସହ୍ୟ ହୋଇ ବିକ୍ରମ ପଣ୍ଡାଙ୍କ ଭଳି ଜଣେ ଉଦୀୟମାନ ନେତାଙ୍କୁ ଗିରଫ କରାଯାଇଛି। ବିଜେଡିକୁ ବଦନାମ କରିବା ଓ ବିକ୍ରମଙ୍କ ରାଜନୈତିକ କ୍ୟାରିଅର୍‌କୁ ନଷ୍ଟ କରିବା ଉଦ୍ଦେଶ୍ୟରେ ଶାସକ ବିଜେପି ପୁଲିସର ଏମିତି ଅପବ୍ୟବହାର କରିଛି। ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ବ୍ରହ୍ମପୁରଠାରେ ଆଜି ଆୟୋଜିତ ଶାନ୍ତିପୂର୍ଣ୍ଣ ଶୋଭାଯାତ୍ରା ଓ ପ୍ରତିବାଦ ସଭାରେ ଏମିତି ସଂଗିନ୍ ଅଭିଯୋଗ ଆଣି ରାଜ୍ୟ ବିଜେପି ସରକାର ଉପରେ ଭୀଷଣ ଗର୍ଜିଛି ବିଜେଡି। ବିକ୍ରମ ପଣ୍ଡାଙ୍କୁ ନ୍ୟାୟ ପ୍ରଦାନ ଓ ହାଇକୋର୍ଟର ଜଣେ ବିଚାରପତିଙ୍କ ଜରିଆରେ ଏହାର ବିଚାର ବିଭାଗୀୟ ତଦନ୍ତ କରାଯାଉ ବୋଲି ବିଜେଡି ଦାବି କରିଛି।

ପୂର୍ବତନ ସାଂସଦ ତଥା ବିଜେଡିର ବରିଷ୍ଠ ରାଜ୍ୟ ଉପ-ସଭାପତି ଚନ୍ଦ୍ରଶେଖର ସାହୁଙ୍କ ନେତୃତ୍ୱରେ ଆୟୋଜିତ ଶୋଭଯାତ୍ରା ସ୍ଥାନୀୟ ହିଲପାଟଣାସ୍ଥିତ ସଂସ୍କୃତିଭବନ ନିକଟରୁ ବାହାରି ସହର ପରିକ୍ରମା କରିବା ପରେ ଗାନ୍ଧିନଗର ଛକଠାରେ ପହଞ୍ଚିଥିଲା। ପରେ ସେଠାରେ ବିଜେଡିର ମୁଖପାତ୍ର ଦ୍ୟୁମ୍ନନାଥ ପଣ୍ଡାଙ୍କ ସଂଯୋଜନାରେ ପ୍ରତିବାଦ ସଭା କରାଯାଇଥିଲା। ଏଥିରେ ସାମିଲ ସହସ୍ରାଧିକ ଦଳୀୟ ନେତା ଓ କର୍ମୀ କଳାବ୍ୟାଜ୍ ପିନ୍ଧି ପ୍ରତିବାଦ ଜଣାଇଥିଲେ। ବିକ୍ରମ ପଣ୍ଡାଙ୍କ



- ‘ମନ୍ତ୍ରୀଙ୍କୁ ଖସାଇବାକୁ ଯାଇ ବିଜେଡି ନେତାଙ୍କୁ ଫସାଇ ଦିଆଯାଇଛି’
- ‘କାହାଣୀର ସ୍କ୍ରିପ୍ଟ ଲେଖିଛନ୍ତି ରାଜ୍ୟ ବିଜେପି ସଭାପତି’
- ଶୋଭାଯାତ୍ରାରେ ସାମିଲ ହେଲେ ସହସ୍ରାଧିକ ବିଜେଡି ନେତା, କର୍ମୀ

ଅନ୍ୟାୟପୂର୍ଣ୍ଣ ଗିରଫଦାରୀର ପ୍ରତିବାଦ କରିଥିଲେ।

ସଭାରେ ବରିଷ୍ଠ ନେତା ଭୃଗୁ ବକ୍ସିପାତ୍ର ସିଧାସଳଖ ପୁଲିସର ତଦନ୍ତ ଓ ଜେରାକୁ ଟାର୍ଗେଟ୍ କରିଥିଲେ। ତଦନ୍ତ ନିରପେକ୍ଷ ନୁହେଁ, ବରଂ ଶାସକ ବିଜେପି ଦଳ ଦ୍ୱାରା ରଚିତ ଷଡ଼୍‌ଯନ୍ତ୍ର ବୋଲି ଅଭିଯୋଗ କରିଥିଲେ। ମନ୍ତ୍ରୀଙ୍କୁ ଖସାଇବାକୁ ଯାଇ ବିଜେଡି ନେତାଙ୍କୁ ଫସାଇ ଦିଆଯାଇଛି। ରାଜ୍ୟ ବିଜୁ ଯୁବ ଜନତା ଦଳର ସଭାପତି ଚିନ୍ମୟ ସାହୁ କହିଥିଲେ, ପୀତବାସ ହତ୍ୟା ମାମଲାରେ ହୋଇଥିବା ନାଟକୀୟ ପରିବର୍ତ୍ତନର ସ୍କ୍ରିପ୍ଟ-ରାଇଟର୍ ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ। ଘଟଣାର ବିଚାର ବିଭାଗୀୟ ତଦନ୍ତ ନ ହେଲେ ଆନ୍ଦୋଳନକୁ ବ୍ୟାପକ କରାଯିବ ବୋଲି ସେ ଚେତାବନୀ ଦେଇଛନ୍ତି। ପୂର୍ବତନ ମନ୍ତ୍ରୀ ତଥା ବରିଷ୍ଠ ନେତ୍ରୀ ବିଧାୟିକା ପ୍ରମିଳା ମଲ୍ଲିକ କହିଥିଲେ, ନୂଆପଡ଼ା ଉପନିର୍ବାଚନରେ ବିଜେଡି ପ୍ରତି ମିଳୁଥିବା ଜନସମର୍ଥନରେ ବିଜେପି ଅସହ୍ୟ ହୋଇ ବିଜେଡି ଉପରେ ଏଭଳି ଦାଉ ସାଧିଛି। ସାଂସଦ ପ୍ରାର୍ଥୀ ମନ୍ମଥ ରାଉତରାୟ କହିଥିଲେ, ବିଜେପି ବର୍ତ୍ତମାନ ପରିସ୍ଥିତିରେ ବିକ୍ରମଙ୍କୁ ମୋହରା କରି ଯେଉଁଳି ଭାବେ ଏକ ହତ୍ୟା ମାମଲାରେ ଜଡ଼ିତ କରି ନାଟକୀୟ ପରିସ୍ଥିତି ସୃଷ୍ଟି କରିଛି, ସେଥିରୁ କ୍ଷାନ୍ତ ନହେଲେ ଆଗକୁ ପରିସ୍ଥିତି ଅସମ୍ଭାଳ ହେବ। ରାଜ୍ୟ ବିଜୁ ଛାତ୍ର ସଭାନେତ୍ରୀ ଇପସିତା ସାହୁ କହିଥିଲେ, ନବୀନ ବାବୁ ଗଞ୍ଜାମ ଜିଲ୍ଲାକୁ ଫରୁଆ ଭିତରେ ସଜେଇ ରଖିଥିଲେ। ମାତ୍ର, ୧୬ ମାସର ସରକାରରେ ବିଜେପି ଗଞ୍ଜାମ ଜିଲ୍ଲାରେ ଅସ୍ଥିରତା ସୃଷ୍ଟି କରିସାରିଛି। ଉଦ୍ଦେଶ୍ୟମୂଳକ ତଥା ରାଜନୈତିକ ଅଭିସନ୍ଧି ରଖି ବିକ୍ରମ ପଣ୍ଡାଙ୍କୁ ଗିରଫ କରାଯାଇଛି।

ସେହିପରି ବିଧାୟକ ଗଣେଶ୍ୱର ବେହେରା କହିଥିଲେ, ବିଜେପିର ଜଣେ ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ଡମ୍ବୁରୁ ରେଡ୍ଡୀଙ୍କ ଅଭିଯୋଗକୁ ଆଧାର କରି କୌଣସି ତଦନ୍ତ କରାଗଲା ନାହିଁ। ପୁଲିସ ଚାପମୁକ୍ତ ହୋଇ ତଦନ୍ତ ନକରି ଶାସକ ଦଳର ଇଙ୍ଗିତରେ କାର୍ଯ୍ୟ କରୁଛି। ପୂର୍ବତନ ବିଧାୟକ ଡା. ରମେଶଚନ୍ଦ୍ର ଚ୍ୟାଉ ପଟ୍ଟନାୟକ କହିଛନ୍ତି, ବିଜେଡିର ଜଣେ ଉଦୀୟମାନ ନେତାଙ୍କୁ ଆକ୍ରୋଶମୂଳକ ଭାବେ ହତ୍ୟା ଭଳି ସଙ୍ଗୀନ ମାମଲାରେ ଫସାଇ ଦିଆଯାଇଛି। ତାଙ୍କର ଗିରଫଦାରୀ ସମ୍ପୂର୍ଣ୍ଣ ଅନ୍ୟାୟ ଓ ଅମୂଳକ।

ଏହି ପ୍ରତିବାଦ ସଭାରେ ରାଜ୍ୟସଭା ସାଂସଦ ସୁଲତା ଦେଓ, ପୂର୍ବତନ ସାଂସଦ ଶର୍ମିଷ୍ଠା ସେଠୀ, ଡା. ରାଜଶ୍ରୀ ମଲ୍ଲିକ, ବିଧାୟକ ଇଂ. ରୂପେଶ ପାଣିଗ୍ରାହୀ, ବିଧାୟକ ସୁନୀଲ ମହାନ୍ତି, ବିଧାୟକ ସାରଦା ଜେନା, ବିଧାୟକ ପ୍ରଦୀପ ସାହୁ, ବିଜେଡିର ବରିଷ୍ଠ ପ୍ରବକ୍ତା ଲେନିନ ମହାନ୍ତି, ପୂର୍ବତନ ମନ୍ତ୍ରୀ ଉଷା ଦେବୀ, ପୂର୍ବତନ ସାଂସଦ ପ୍ରମିଳା ବିଶୋୟୀ, ସାଂସଦ ପ୍ରାର୍ଥିନୀ ରଂଜିତା ସାହୁ, ପୂର୍ବତନ ମନ୍ତ୍ରୀ ଶ୍ରୀକାନ୍ତ ସାହୁ, ପୂର୍ବତନ ବିଧାୟକ ପୂର୍ଣ୍ଣଚନ୍ଦ୍ର ସ୍ୱାଇଁ, ପୂର୍ବତନ ବିଧାୟକ ସୁବାସ ବେହେରା, ପୂର୍ବତନ ବିଧାୟିକା ମଞ୍ଜୁଳା ସ୍ୱାଇଁ, ଚିକିଟି ବିଧାୟକ ପ୍ରାର୍ଥୀ ଚିନ୍ମୟାନନ୍ଦ ଶ୍ରୀରୁପ ଦେଓ, ଦିଗପହଣ୍ଡି ବିଧାୟକ ପ୍ରାର୍ଥୀ ବିପ୍ଳବ ପାତ୍ର, ଦେବାନନ୍ଦ ମହାପାତ୍ର, ପୂର୍ବତନ ଅଧ୍ୟକ୍ଷ ରାଜ୍ୟ କାଜୁ ନିଗମ ସୁବାସ ମହାରଣା, ଡେପୁଟି ମେୟର ଇ. ବିବେକ ରେଡ୍ଡୀ, ଅଜୟ ମହାରଣା, ପୂର୍ବତନ ବିଡିଏ ଉପାଧ୍ୟକ୍ଷ କୈଳାଶ ରଣାଙ୍କ ସମେତ ବହୁ ଯୁବ, ଛାତ୍ର, ମହିଳା ବିଜେଡି ନେତା ଓ କର୍ମୀଙ୍କ ସହିତ ବହୁ କର୍ପୋରେଟର୍ ଓ ବିଭିନ୍ନ ଏନଏସି ଓ ପୌରପାଳିକାର ନିର୍ବାଚିତ ଜନପ୍ରତିନିଧିମାନେ ସାମିଲ ହୋଇଥିଲେ।

**ନୂଆପଡ଼ା ଉପ-ନିର୍ବାଚନ**

## ୨୧ ନେତାଙ୍କୁ ଗୁରୁଦାୟିତ୍ୱ ଦେଲେ ନବୀନ

ଭୁବନେଶ୍ୱର, ୨୩।୧୦(ସମିସ): ନୂଆପଡ଼ା ଉପ-ନିର୍ବାଚନରେ ଦଳୀୟ ପ୍ରାର୍ଥୀଙ୍କ ବିଜୟ ସୁନିଶ୍ଚିତ କରିବା ପାଇଁ ବିଜେଡି ସ୍ୱତନ୍ତ୍ର ରଣନୀତି ପ୍ରସ୍ତୁତ କରିଛି। ଦଳ ସେହି ଅନୁଯାୟୀ ସଂଗଠନକୁ କ୍ରିୟାଶୀଳ କରୁଛି। ନିର୍ବାଚନରେ

**ସାଂଗଠନିକ କାର୍ଯ୍ୟକଳାପ ସଂଯୋଜନା କରିବେ**



ଜୋନ୍‌ରୁ ଆରମ୍ଭ କରି ଏନ୍‌ଏସି ଏବଂ ବ୍ଲକ୍ ପର୍ଯ୍ୟନ୍ତ ଭିନ୍ନଭିନ୍ନ ଦାୟିତ୍ୱ ପ୍ରଦାନ କରାଯାଇଛି। ଏହି କ୍ରମରେ ବିଜେଡି ସଭାପତି ନବୀନ ପଟ୍ଟନାୟକ ଦଳର ଆଉ ୨୧ଜଣ ନେତାଙ୍କୁ ଗୁରୁଦାୟିତ୍ୱ ଦେଇଛନ୍ତି। ଏହି ନେତାମାନେ ଦଳ ପକ୍ଷରୁ ବିଭିନ୍ନ କ୍ଷେତ୍ରରେ ସାଂଗଠନିକ କାର୍ଯ୍ୟକଳାପକୁ ସଂଯୋଜନା କରିବେ। ଦଳ ପକ୍ଷରୁ ପ୍ରକାଶିତ ନିର୍ଦ୍ଦେଶନାମା ଅନୁଯାୟୀ, ଏହି ଦାୟିତ୍ୱରେ ପ୍ରମିଳା ମଲ୍ଲିକ, ନିରଞ୍ଜନ ବିଶି, ଟୁକୁନି ସାହୁ, ସୁବାସ ସିଂ, ରମେଶ ମାଝୀ, ଲତିକା ପ୍ରଧାନ, ପ୍ରକାଶ ମାଝୀ, ଅଳକା ମହାନ୍ତି, ଡଲି ମାଝୀ, ମହମ୍ମଦ ଆଦାମ, ଏସ.କେ ନିଜାମୁଦ୍ଦିନ, ପ୍ରଫୁଲ୍ଲ ସିଂ, ଭାନୁପ୍ରତାପ ସିଂ ମାଝୀ, ସଞ୍ଜିତ ମହାନ୍ତି, ଗିରିରାଜ ସିଂ ମାଝୀ, ଗୌରହରି ମିଶ୍ର, ଭୀଷ୍ମଦେବ ସରଫ, ରାଜୁ ଘିବେଲା, ନନ୍ଦଲାଲ ସିଂ, ଜାପାନ ମହାପାତ୍ର ଓ ପ୍ରବୀର ମହାନ୍ତି ରହିଛନ୍ତି।

**■ ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲା**

## ୨୮ ସୁଦ୍ଧା ସିଡି ଦାଖଲ ପାଇଁ କ୍ରାଇମବ୍ରାଞ୍ଚକୁ ନିର୍ଦ୍ଦେଶ

ବ୍ରହ୍ମପୁର, ୨୩।୧୦(ସମିସ): ପୁଲିସ ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲା ଭିଜିଲାନ୍ସ କୋର୍ଟରେ ବିଚାରାଧୀନ ରହିଛି। ଗିରଫ ଅଭିଯୁକ୍ତଙ୍କ ମଧ୍ୟରୁ ୧୧୩ଜଣ ଜାମିନ ଆବେଦନର ଶୁଣାଣି ଗୁରୁବାର ଥିଲା। କିନ୍ତୁ କ୍ରାଇମବ୍ରାଞ୍ଚ ପକ୍ଷରୁ ସମୟ ମଗାଯାଇଥିବାରୁ କୋର୍ଟ ଏହାକୁ ଗ୍ରହଣ କରି ଅନୁମତି ଦେଇଥିବା ଜଣାପଡ଼ିଛି। ଏସଆଇ ନିଯୁକ୍ତି କେଳେଙ୍କାରୀ ମାମଲାରେ କ୍ରାଇମବ୍ରାଞ୍ଚ ପକ୍ଷରୁ ଗୁରୁବାର ବ୍ରହ୍ମପୁର ସ୍ୱତନ୍ତ୍ର ଦୁର୍ନୀତି ନିବାରଣ ଅଦାଲତରେ କେସ ଡାଏରୀ ଦାଖଲ କରିବାର ଥିଲା। କିନ୍ତୁ କୌଣସି କାରଣବଶତଃ କ୍ରାଇମବ୍ରାଞ୍ଚ ପକ୍ଷରୁ ମାମଲାର ସିଡି ଦାଖଲ କରାଯାଇନାହିଁ। ଏନେଇ ଚଳିତ ମାସ ୨୮ ତାରିଖ ସୁଦ୍ଧା କେସ ଡାଏରୀ ଦାଖଲ କରିବାକୁ କୋର୍ଟ କ୍ରାଇମବ୍ରାଞ୍ଚକୁ ନିର୍ଦ୍ଦେଶ ଦେଇଥିବା ଜଣାପଡ଼ିଛି। ୨୮ ତାରିଖରେ ମାମଲାର ସିଡି ପ୍ରଦାନ ନକଲେ ମାନ୍ୟବର କୋର୍ଟ ନିଜସ୍ୱ ପ୍ରତିକ୍ରିୟା ରଖିବେ ବୋଲି ଆଇନଜୀବୀ ଦୀପକ କୁମାର ପଟ୍ଟନାୟକ ଓ ଚକ୍ରପାଣି ନାହାକ ସୂଚନା ଦେଇଛନ୍ତି। ସେପଟେ ଏହି ମାମଲାରେ ଅନ୍ୟ ଅଭିଯୁକ୍ତମାନେ ଗିରଫ ହୋଇ କୋର୍ଟଚାଲାଣ ହୋଇଥିବାରୁ କ୍ରାଇମବ୍ରାଞ୍ଚ ସିଡି ଦାଖଲ ପାଇଁ ଅଧିକା ସମୟ ମାଗିଥିବା ସରକାରୀ ପିପି ବିଶ୍ୱଜିତ ବରାଳ କହିଛନ୍ତି।

**ମୁଖ୍ୟମନ୍ତ୍ରୀଙ୍କୁ ଭେଟିଲେ ଅନିଲ ଅଗ୍ରୱାଲ**

# ଓଡ଼ିଶାରେ ୧ ଲକ୍ଷ କୋଟିର ପୁଞ୍ଜିନିବେଶ କରିବ ବେଦାନ୍ତ

ଭୁବନେଶ୍ୱର,୨୩।୧୦(ସମିସ): ରାଜ୍ୟରେ ପ୍ରାୟ ୧ ଲକ୍ଷ କୋଟି ଟଙ୍କାର ପୁଞ୍ଜିନିବେଶ କରିବ ବେଦାନ୍ତ ଗ୍ରୁପ। ଏହି ଅର୍ଥକୁ କମ୍ପାନୀ ଢେଙ୍କାନାଳରେ ପ୍ରତିଷ୍ଠା ହେବାକୁ ଥିବା ତାର ବୃହତ୍ ଆଲୁମିନିୟମ୍ ପ୍ରକଳ୍ପରେ ଖଟାଇବ। ବାର୍ଷିକ ୩ ନିୟୁତ ଟନ୍ କ୍ଷମତା ବିଶିଷ୍ଟ ଏହି ଆଲୁମିନିୟମ୍ ପ୍ରକଳ୍ପରେ କମ୍ପାନୀ ଏକ ୪୯୦୦ ମେଗାୱାଟ୍‌ର ପାୱାର ପ୍ଲାଣ୍ଟ ମଧ୍ୟ ସ୍ଥାପନ କରିବ ବୋଲି ଗୁରୁବାର ବେଦାନ୍ତ ଗ୍ରୁପ୍ ଅଧ୍ୟକ୍ଷ ଅନିଲ ଅଗ୍ରୱାଲ ସୂଚନା ଦେଇଛନ୍ତି।

ଆଜି ଲୋକସେବା ଭବନଠାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଶ୍ରୀ ଅଗ୍ରୱାଲ ଭେଟିଛନ୍ତି। ଏହି ଅବସରରେ ସେ ରାଜ୍ୟରେ ଗ୍ରୁପ ପକ୍ଷରୁ ପ୍ରସ୍ତାବିତ କେତେକ ନୂଆ ଶିଳ୍ପ ପ୍ରକଳ୍ପ ବିଷୟରେ ଆଲୋଚନା କରିଛନ୍ତି। ଏହି ଅନୁଯାୟୀ, ଆଗାମୀ ଦିନରେ ବେଦାନ୍ତ ପକ୍ଷରୁ ଓଡିଶାରେ ପ୍ରାୟ ୧ ଲକ୍ଷ କୋଟି ଟଙ୍କାର ପୁଞ୍ଜି ନିବେଶ କରାଯିବ। ଏହାଦ୍ୱାରା ରାଜ୍ୟରେ ୧ ଲକ୍ଷରୁ ଅଧିକ ପ୍ରତ୍ୟକ୍ଷ ଓ ପରୋକ୍ଷ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ। ଏଥିପାଇଁ



ଗ୍ରୁପ ରାଜ୍ୟ ସରକାରଙ୍କଠାରୁ ସମସ୍ତ ପ୍ରକାର ସହଯୋଗ ଆଶା କରୁଥିବା ଶ୍ରୀ ଅଗ୍ରୱାଲ କହିଛନ୍ତି। ଏହି ନିବେଶ ପାଇଁ ଆବଶ୍ୟକ ଜମି ଓ ଅନ୍ୟାନ୍ୟ ସୁବିଧା ସୁଯୋଗ ଯୋଗାଇ ଦିଆଯିବ ବୋଲି ରାଜ୍ୟ ସରକାରଙ୍କ ପକ୍ଷରୁ କମ୍ପାନୀକୁ ଭରସା ଦିଆଯାଇଛି। ଏହାସହିତ ବିଶ୍ୱର ମେଟାଲ ଭାଲ୍ୟୁ-ଚେନ୍‌ରେ ଓଡିଶାର ପ୍ରତିଷ୍ଠା ବୃଦ୍ଧି ପାଇଁ କେନ୍ଦୁଝରଠାରେ ଗ୍ରୁପ ଏକ ଅତ୍ୟାଧୁନିକ ଫେରୋ-ଆଲଏଜ୍ ପ୍ଲାଣ୍ଟ ପ୍ରତିଷ୍ଠା କରାଯିବାକୁ ଯୋଜନା କରୁଛି। ଏଥିରେ ବେଦାନ୍ତ ପକ୍ଷରୁ ୨

- ଢେଙ୍କାନାଳରେ ପ୍ରତିଷ୍ଠା ହେବ ବୃହତ୍ ଆଲୁମିନିୟମ୍ ପ୍ରକଳ୍ପ
- କେନ୍ଦୁଝରରେ ୨୦୦୦ କୋଟିର ଫେରୋ-ଆଲଏଜ୍ ପ୍ଲାଣ୍ଟ

ହଜାର କୋଟି ଟଙ୍କାର ପୁଞ୍ଜି ବିନିଯୋଗ କରାଯିବ।

ସୂଚନାନୁଯାୟୀ, ବେଦାନ୍ତ ପକ୍ଷରୁ ରାଜ୍ୟରେ ଦୁଇଟି ନୂଆ ଆଲୁମିନିଅମ୍ ପାର୍କ ମଧ୍ୟ ପ୍ରତିଷ୍ଠା କରାଯିବ। ଝାରସୁଗୁଡାରେ ଥିବା କମ୍ପାନୀର ଆଲୁମିନିଅମ୍ ପ୍ଲାଣ୍ଟ ନିକଟରେ ଗୋଟିଏ ନୂଆ ଆଲୁମିନିଅମ୍ ପାର୍କ ପ୍ରତିଷ୍ଠା ଯୋଜନା ରହିଛି। ଏହାସହିତ ରାଜ୍ୟର ଅନ୍ୟ ସ୍ଥାନରେ ଯେଉଁଠି ରାଜ୍ୟ ସରକାର ଜମି ଯୋଗାଇଦେବେ, ସେଠାରେ ମଧ୍ୟ ଆଉଏକ ଆଲୁମିନିଅମ୍ ପାର୍କ ପ୍ରତିଷ୍ଠା କରାଯିବ। ଏହି ଦୁଇଟି ଅତ୍ୟାଧୁନିକ ପାର୍କରେ ଅତ୍ୟନ୍ତ ଉନ୍ନତ ଗ୍ରେଡ୍‌ର ଆଲୁମିନିଅମ୍ ଆଲୟ ପ୍ରସ୍ତୁତ କରାଯିବ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ଓଡିଶାର ଉଜ୍ଜ୍ୱଳ ଭବିଷ୍ୟତ ପାଇଁ ଏହି ପୁଞ୍ଜି ନିବେଶ ଏକ ଗେମ୍-ଚେଞ୍ଜର ହେବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ବୈଠକରେ ବେଦାନ୍ତ ଅଧ୍ୟକ୍ଷ ଶିଳ୍ପ ପ୍ରକଳ୍ପ ଗୁଡିକୁ ମୁଖ୍ୟମନ୍ତ୍ରୀ ଓ ରାଜ୍ୟ ସରକାରଙ୍କ ସହଯୋଗ ପାଇଁ ଧନ୍ୟବାଦ ପ୍ରଦାନ କରିଥିଲେ। ଏଥିରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଶିଳ୍ପ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ହେମନ୍ତ ଶର୍ମା, ଖଣି ଓ ଇସ୍ପାତ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ସୁରେନ୍ଦ୍ର କୁମାର ଏବଂ ମୁଖ୍ୟମନ୍ତ୍ରୀଙ୍କ ପ୍ରମୁଖ ଶାସନ ସଚିବ ଶାଶ୍ୱତ ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ।

**ଆଇନଜୀବୀ ପୀତବାସ ହତ୍ୟା ମାମଲା**

## କୁରୁପତିକୁ ଆଶ୍ରୟ ଦେଇଥିବା ଫାର୍ମ ହାଉସ୍ ମାଲିକ ଗିରଫ

**ଥାନାରେ ଜେରା ପରେ ସୁଦର୍ଶନଙ୍କୁ ଛାଡ଼ିଲା ପୁଲିସ**

**ବିକ୍ରମଙ୍କ ସମେତ ୩ ଜଣଙ୍କ ଜାମିନ ଆବେଦନ**

ବ୍ରହ୍ମପୁର,୨୩।୧୦(ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ପୁଲିସ ଆଜି ଆଉ ଜଣେ ଅଭିଯୁକ୍ତକୁ ଗିରଫ କରି କୋର୍ଟଚାଲାଣ କରିଛି। ସେ ହେଲେ, ଜୟପୁରର ଫାର୍ମହାଉସ୍ ମାଲିକ ସୁନୀଲ ହୋତା। ଏହି ମାମଲାରେ ସୁଦର୍ଶନ ଜେନା ନାମକ ଅନ୍ୟ ଜଣେ ବ୍ୟକ୍ତି ଏସ୍‌ପି ସର୍ବଣା ବିବେକ ଏମ୍‌ଙ୍କ ନିକଟରେ ଆତ୍ମସମର୍ପଣ କରିଛନ୍ତି। ଗୁରୁବାର ସନ୍ଧ୍ୟାରେ ବୈଦ୍ୟନାଥପୁର ଥାନାରେ ସୁଦର୍ଶନଙ୍କୁ ୩ ଘଣ୍ଟା ଜେରା ପରେ ଛାଡ଼ିଦିଆଯାଇଛି। ସୁଦର୍ଶନ ତଦନ୍ତରେ ସହଯୋଗ କରୁଛନ୍ତି ବୋଲି ଏସ୍‌ପି କହିଛନ୍ତି।

ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ବର୍ତ୍ତମାନ ସୁଦ୍ଧା ଗିରଫଙ୍କ ସଂଖ୍ୟା ୧୩କୁ ବୃଦ୍ଧି ପାଇଛି। ମାମଲାର ଦୁଇ ମୁଖ୍ୟ ଅଭିଯୁକ୍ତ କୁରୁପତି ଭୂୟାଁ ଓ ଉମା ବିଷୋୟୀ ଏବେ ବି ଫେରାର ରହିଛନ୍ତି। କୁରୁପତି ପୀତବାସଙ୍କୁ ଗୁଳି କରିବା ପରେ ଜୟପୁର ଚାଲିଯାଇଥିଲା। ଯିବା ବେଳେ ସାଥିରେ ଉମାଙ୍କୁ ବି ନେଇଥିଲା। ସେଠାରେ ପହଞ୍ଚିବା ପରେ ସୁନୀଲ ହୋତାଙ୍କ ଫାର୍ମ ହାଉସ୍‌ରେ ଉଭୟ ଆଶ୍ରୟ ନେଇଥିଲେ। ହତ୍ୟା ମାମଲାରେ କୁରୁପତି ଓ ଉମା ସମ୍ପୃକ୍ତ ଥିବା ଜାଣି ମଧ୍ୟ ସୁନୀଲ ସେମାନଙ୍କୁ ନିଜ ଫାର୍ମହାଉସରେ ଆଶ୍ରୟ ଦେଇଥିବାରୁ ପୁଲିସ ସୁନୀଲଙ୍କୁ ଗିରଫ କରିଥିବା ଜଣାପଡ଼ିଛି। ଅନ୍ୟପକ୍ଷରେ ଗୁରୁବାର ବିକ୍ରମ ପଣ୍ଡା, ମଳୟ ବିଶୋୟୀ ଓ ମଦନ ଦଳେଇ ନିଜ ଓକିଲଙ୍କ ଜରିଆରେ ବ୍ରହ୍ମପୁର ଏସ୍‌ଡିଜେଏମ୍ କୋର୍ଟରେ ଜାମିନ ଆବେଦନ କରିଛନ୍ତି। ସେମାନଙ୍କ ସପକ୍ଷରେ ଶତାଧିକ ଆଇନଜୀବୀ ତଳ କୋର୍ଟରେ ଓକିଲାତିନାମା ଦାଖଲ କରିଛନ୍ତି।

## ଆତ୍ମସମର୍ପଣ କଲେ ୫୦ ମାଓବାଦୀ

ମାଲକାନଗିରି, ୨୩।୧୦ (ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ରେ ମୂଳପୋଛ ହେବାରେ ଲାଗିଛି ମାଓ ସଂଗଠନ। କ୍ରମାଗତ ଭାବେ ଶହଶହ ମାଓବାଦୀ ସଂଗଠନ ଛାଡ଼ି ଆତ୍ମସମର୍ପଣ କରୁଛନ୍ତି। ଏହି କ୍ରମରେ ଆଜି ପୁଣି ୫୦ କୁଖ୍ୟାତ ମାଓବାଦୀ ଆତ୍ମସମର୍ପଣ କରିଛନ୍ତି। ଏମାନେ ମାଓ ସଂଗଠନରେ ସକ୍ରିୟ ରହିଥିବା ବେଳେ ଅନେକ ହିଂସାକାଣ୍ଡର ନେତୃତ୍ୱ ନେଇଥିଲେ। ସୂଚନାନୁଯାୟୀ, ସଙ୍ଗଠନର କେନ୍ଦ୍ରୀୟ କମିଟି ମେମ୍ବର ରାମଧରଙ୍କ ନେତୃତ୍ୱରେ ଛତିଶଗଡ଼ର ପୁଖାଞ୍ଜୁର ଜିଲ୍ଲାର ମହଲା ସୁରକ୍ଷା କ୍ୟାମ୍ପରେ ଆଜି ଏହି ମାଓବାଦୀମାନେ ଆତ୍ମସମର୍ପଣ କରିଛନ୍ତି। ଏହାସହ ୩୦ରୁ ଅଧିକ ଅସ୍ତ୍ରଶସ୍ତ୍ର ପୁଲିସକୁ ପ୍ରଦାନ କରିଛନ୍ତି। ଏହା ମାଓଦମନ ଅଭିଯାନକୁ ଏକ ବଡ଼ ସଫଳତା ବୋଲି କୁହାଯାଉଛି। ଆତ୍ମସମର୍ପଣକାରୀ ମାଓନେତା ରାମଧରଙ୍କ ନାମରେ ସରକାର ୫୦ ଲକ୍ଷ ଟଙ୍କାର ପୁରସ୍କାର ଘୋଷଣା କରିଥିଲେ।

# ଆଜି ଲଘୁଚାପ, ଘନୀଭୂତ ହେବା ଆଶଙ୍କା

**୨୭ରୁ ବର୍ଷା, ୨୮ରେ ବଢ଼ିବ**

**ଆନ୍ଧ୍ର-ଓଡ଼ିଶା ଉପରେ ପଡ଼ିବ ପ୍ରଭାବ**

ଭୁବନେଶ୍ୱର,୨୩।୧୦(ସମିସ): ବଙ୍ଗୋପସାଗରରେ ଦାନା ବାନ୍ଧୁଛି ଆଉ ଏକ ଲଘୁଚାପ। ବୁଧବାରଠାରୁ ଦକ୍ଷିଣ-ପୂର୍ବ ବଙ୍ଗୋପସାଗର ପାର୍ଶ୍ୱବର୍ତ୍ତୀ ଦକ୍ଷିଣ ଆଣ୍ଡାମାନ ସାଗର ଉପରେ ଏକ ଘୂର୍ଣ୍ଣିବଳୟ ସକ୍ରିୟ ରହିଛି। ଏହା ପ୍ରଭାବରେ ଗୁରୁବାର ପୂର୍ବ-କେନ୍ଦ୍ରୀୟ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହା ପରବର୍ତ୍ତୀ ସମୟରେ ଅଧିକ ଘନୀଭୂତ ହୋଇ ପଶ୍ଚିମ-ଉତ୍ତର ପଶ୍ଚିମ ଦିଗରେ ଗତି କରିବ। ତେବେ କେତେ ଘନୀଭୂତ ହେବ ଓ କେଉଁଠାରେ ସ୍ଥଳଭାଗ ଅତିକ୍ରମ କରିବ ତାହା ସ୍ପଷ୍ଟ ହୋଇନାହିଁ ବୋଲି ପାଣିପାଗ କେନ୍ଦ୍ର କହିଛି।

ପାଣିପାଗ ବିଜ୍ଞାନୀଙ୍କ କହିବା କଥା, ଏହି ଲଘୁଚାପଟି ଶକ୍ତିଶାଳୀ ହୋଇ ଅବପାତରେ ପରିଣତ ହେବା ଏକପ୍ରକାର ନିଶ୍ଚିତ ଥିବା ବେଳେ ଯଦି ପାଣିପାଗ ସ୍ଥିତି ଅନୁକୂଳ ହୁଏ ତେବେ ଗଭୀର ଅବପାତ/ବାତ୍ୟା ଆଶଙ୍କାକୁ ମଧ୍ୟ ଏଡ଼ାଯାଇ ନପାରେ। ସେହିପରି ପ୍ରାଥମିକ ଭାବେ ଏହା ଆନ୍ଧ୍ର ଉପକୂଳମୁହାଁ ହେବା ନେଇ ଆକଳନ କରାଯାଉ ଥିଲେ ମଧ୍ୟ ଓଡ଼ିଶା ଉପରେ ଏହାର ପରୋକ୍ଷ ଓ ପ୍ରତ୍ୟକ୍ଷ ପ୍ରଭାବ ରହିବ। ଯଦି ଏହା ଉତ୍ତର ଆନ୍ଧ୍ରରେ ସ୍ଥଳଭାଗ ଅତିକ୍ରମ କରେ ତେବେ ରାଜ୍ୟର ସମସ୍ତ ଉପକୂଳବର୍ତ୍ତୀ ଜିଲ୍ଲାରେ ବର୍ଷା ସାଙ୍ଗକୁ ସମ୍ପୂର୍ଣ୍ଣ ଦକ୍ଷିଣ ଓଡ଼ିଶା ଓ ଉପକୂଳ ସଂଲଗ୍ନ ଜିଲ୍ଲାଗୁଡ଼ିକରେ ମଧ୍ୟ ବର୍ଷାର ପ୍ରଭାବ ରହିପାରେ। ସେହିପରି ଲଘୁଚାପ ଅଧିକ ଶକ୍ତିଶାଳୀ ହେଲେ, ଓଡ଼ିଶା ଆଡ଼କୁ ମୁହାଁଇବାର ସମ୍ଭାବନା ବଢ଼ିଯିବ। ତେଣୁ ରାଜ୍ୟରେ ଅଧିକ ଅଞ୍ଚଳରେ ବର୍ଷା ସାଙ୍ଗକୁ ପବନ ଦେଖାଦେଇପାରେ। ଅନ୍ୟପଟେ ଆସନ୍ତା ୨୭ତାରିଖ ବେଳକୁ ଗୋଟିଏ ପଶ୍ଚିମା ଝଡ଼ର ପ୍ରଭାବ ଆରମ୍ଭ ହେବ। ସାଧାରଣତଃ ପଶ୍ଚିମା ଝଡ଼ ଦ୍ୱାରା ଉପରିଭାଗରେ ବାୟୁ ଚଳାଚଳର ତାରତମ୍ୟ ଅବପାତ/ବାତ୍ୟାଗୁଡ଼ିକର ଦିଗ ପରିବର୍ତ୍ତନ କରାଇବାରେ ସହାୟକ ହୋଇଥାଏ। ତେଣୁ ବର୍ତ୍ତମାନ ଉଭୟ ଆନ୍ଧ୍ର ଓ ଓଡ଼ିଶା ଉପରେ ସମ ପରିମାଣର ବର୍ଷା-ପବନ ଭୟ ରହୁଛି। ଏହି ସ୍ଥିତି ଯୋଗୁଁ ଆସନ୍ତା ୨୭ରୁ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଆରମ୍ଭ ହେବ। ୨୮ ଓ ୨୯ରେ ବର୍ଷାର ପ୍ରଭାବ ସବୁଠୁ ଅଧିକ ରହିବାର ସମ୍ଭାବନା ରହିଛି।

ଦୁଇଦିନ ପୂର୍ବେ ସୃଷ୍ଟ ଲଘୁଚାପ ବର୍ତ୍ତମାନ ଓଡ଼ିଶାଠାରୁ ଦୂରକୁ ଚାଲିଯାଇଛି। ମାତ୍ର ଏହା ପ୍ରଭାବରେ ରାଜ୍ୟର କିଛି କିଛି ସ୍ଥାନରେ ବର୍ଷା ଅନୁଭୂତ ହୋଇଛି। ଗତ ୨୪ ଘଣ୍ଟାରେ ରାୟଗଡ଼ାରେ ୧୬ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ କୋରାପୁଟରେ ୮ ଓ ଜଗତସିଂହପୁରରେ ୯ ମିମି ବର୍ଷା ରେକର୍ଡ ହୋଇଛି। ଶୁକ୍ରବାର ୧୧ଟି ଜିଲ୍ଲାର କିଛି ସ୍ଥାନରେ ସ୍ୱଳ୍ପ ବର୍ଷା ଆଶଙ୍କା ରହିଥିବା ନେଇ ପାଣିପାଗ କେନ୍ଦ୍ର ସୂଚନା ଦେଇଛି।

**ମଧ୍ୟାହ୍ନଭୋଜନରେ ଅଣ୍ଡା ଖାଉ ନଥିବା ପିଲାଙ୍କୁ ମିଳିବ ଫଳ**


## ଭାତ ସହ ଫଳ କିପରି ଖାଇବେ ପିଲା

ଭୁବନେଶ୍ୱର,୨୩।୧୦(ସମିସ): ମଧ୍ୟାହ୍ନ ଭୋଜନରେ ଛାତ୍ରଛାତ୍ରୀଙ୍କୁ ମିଳିବ ବିଭିନ୍ନ ଫଳ। ଅଣ୍ଡା ଖାଉ ନଥିବା ପିଲାଙ୍କୁ ଫଳ ପ୍ରଦାନ କରାଯିବ। ଯେଉଁଦିନ ଅଣ୍ଡା ଦିଆଯାଉଥିଲା, ସେହିଦିନ ଫଳ

**ଶାକାହାରୀ ପିଲାଙ୍କୁ ଦହି ବା ପନୀର ଦେବାକୁ ଦାବି**

ଯୋଗାଇବାକୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ନିଷ୍ପତ୍ତି ହୋଇଛି। ଗତ ଅଗଷ୍ଟ ପ୍ରଥମ ସପ୍ତାହରେ ଏନେଇ ମାର୍ଗଦର୍ଶିକା ମଧ୍ୟ ଜାରି କରାଯାଇଥିଲା। ଏହାକୁ କଡ଼ାକଡ଼ି ଭାବେ ପଳନ କରିବା ପାଇଁ ଗୁରୁବାର ପିଏମ୍ ପୋଷଣ ରାଜ୍ୟ ପ୍ରକଳ୍ପ ପରିଚାଳନା ୟୁନିଟ୍ ପକ୍ଷରୁ ସମସ୍ତ ଜିଲ୍ଲା ଶିକ୍ଷା ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଶିଶୁ ବାଟିକାଠାରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଅଣ୍ଡା ଖାଉ ନଥିବା ପିଲାଙ୍କୁ ଫଳ ପ୍ରଦାନ କରାଯିବ। ସପ୍ତାହକୁ ୩ଦିନ ଅର୍ଥାତ୍ ସୋମବାର, ବୁଧବାର ଓ ଶୁକ୍ରବାର ଅଣ୍ଡା ଦେବାର ପ୍ରାବଧାନ ରହିଛି। ଆମିଷ ଖାଉନଥିବା ପିଲାଙ୍କୁ ଏହି ଦିନରେ କଦଳୀ, ଆମ୍ବ, ସେଓ ଏବଂ ଉପଲବ୍ଧ ହେଉଥିବା ଅନ୍ୟାନ୍ୟ ଫଳ ପ୍ରଦାନ କରିବାକୁ ନିଷ୍ପତ୍ତି ହୋଇଛି। ହେଲେ ମଧ୍ୟାହ୍ନ ଭୋଜନରେ ଭାତ ସହ ଫଳକୁ ପିଲାମାନେ କିପରି ଖାଇବେ ବୋଲି ଅଭିଭାବକମାନେ ପ୍ରଶ୍ନ କରିଛନ୍ତି।

ତେଣୁ ଶାକାହାରୀ ପିଲାମାନଙ୍କୁ ଭାତ ସହ ଅଣ୍ଡା ବଦଳରେ ପନିର ବା ଦହି ଦେବାକୁ ଅନେକ ଅଭିଭାବକ ମତ



ଦେଇଛନ୍ତି। ଯାହା ଫଳରେ ସେମାନେ ଅଣ୍ଡାର ପ୍ରତିବଦଳ ଭାବରେ ପ୍ରୋଟିନ୍ ପାଇବେ ଓ ସେମାନଙ୍କ ଖାଦ୍ୟ ଖାଇବାରେ ମଧ୍ୟ ସୁବିଧା ହେବ ବୋଲି କିଛି ଅଭିଭାବକ ପ୍ରସ୍ତାବ ଦେଇଛନ୍ତି।

**ନୂଆପଡ଼ା ଉପନିର୍ବାଚନ**

# ପଣ୍ଡା ପିତାପୁତ୍ରଙ୍କ ଗତିବିଧିକୁ ନେଇ ଦ୍ୱନ୍ଦ୍ୱରେ ବିଜେପି

ଭୁବନେଶ୍ୱର, ୨୩।୧୦ (ସମିସ): ନୂଆପଡ଼ା ଉପ ନିର୍ବାଚନ ପାଇଁ ବିଜେଡି, ବିଜେପି ଓ କଂଗ୍ରେସ ନିଜର ପ୍ରଚାର ଅଭିଯାନକୁ ଜୋରଦାର କରିଛନ୍ତି। ଏହି ଆସନକୁ ହାତେଇବା ଏବେ ୩ ଦଳ ପାଇଁ ସମ୍ମାନର ପ୍ରଶ୍ନ ହୋଇଥିବା ବେଳେ ଏଥିଲାଗି ୩ ଦଳ ମଧ୍ୟରେ ପ୍ରାଣମୂର୍ଚ୍ଛା ଉଦ୍ୟମ ଆରମ୍ଭ ହୋଇଛି। ତେବେ ରାଜ୍ୟରେ ଶାସନ ସମ୍ଭାଳିବାର ୧୫ ମାସ ପରେ ବିଜେପି ପ୍ରଥମଥର ଉପ-ନିର୍ବାଚନର ସମ୍ମୁଖୀନ ହେଉଥିବାରୁ ଦଳ ପାଇଁ ଏକ ପ୍ରକାର ଅଗ୍ନିପରୀକ୍ଷା ପାଲଟିଛି। ଗତ ୧୫ ମାସରେ ରାଜ୍ୟ ସରକାରଙ୍କ ଶାସନରେ ଲୋକେ କେତେ ମାତ୍ରାରେ ସନ୍ତୁଷ୍ଟ ଅଛନ୍ତି, ତାହା ଏହି ଉପ ନିର୍ବାଚନ ଫଳାଫଳରେ ପ୍ରତିଫଳିତ ହେବା ଆଶଙ୍କାରେ ଏହାକୁ ନେଇ ବିଜେପି ନେତୃତ ବେଶ୍ ଚିନ୍ତିତ। କଳ, ବଳ ଏବଂ କୌଶଳ ଲଗାଇ କିପରି ବିଜେପି ଜିତାପଟ୍ କରିବ ସେନେଇ ଜୋରଦାର ପ୍ରୟାସ ଦଳ କରୁଥିବା ବେଳେ ନୂଆପଡ଼ା ବିଜେପିର ପରିଚୟ କୁହାଯାଉଥିବା ବସନ୍ତ ପଣ୍ଡା ଏବଂ ତାଙ୍କ ପୁଅ ଅଭିନନ୍ଦନ ବିଜେପି ପାଇଁ ଏବେ ଚିନ୍ତାର କାରଣ ପାଲଟିଛନ୍ତି। ଉଭୟ ବାପ-ପୁଅ ଦଳ ପାଇଁ ପ୍ରଚାର କରୁଥିଲେ ହେଁ ଜୟ ଢୋଲକିଆଙ୍କୁ ଖୋଲା ହୃଦୟରେ ଗ୍ରହଣ କରିପାରୁ ନାହାନ୍ତି। ଉଭୟେ ବିଜେପି ଜିନ୍ଦାବାଦ ନାରା ପକାଉଥିଲେ ହେଁ ଜୟ ଜିନ୍ଦାବାଦ କହିବାକୁ ସେମାନଙ୍କ ଜିଭ ଲେଉଟୁନାହିଁ।

ଜୟ ଢୋଲକିଆ ବିଜେପିରେ ମିଶିବା ପୂର୍ବରୁ ଭୁବନେଶ୍ୱର ରାଜ୍ୟ ଅତିଥି ଭବନରେ ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ, ସଂଗଠନ ମହାମନ୍ତ୍ରୀ ମାନସ ମହାନ୍ତି ବସନ୍ତ ପଣ୍ଡାଙ୍କୁ ନେଇ କବାଟ କିଳା ବୈଠକ କରିଥିଲେ। ଏକାଧିକ ଲୋଭନୀୟ ପ୍ରତିଶ୍ରୁତି ପରେ ବସନ୍ତ ନିରବ ରହିବା ସହ ଜୟଙ୍କ ମିଶ୍ରଣ ମଞ୍ଚ ଉପରେ ଚଢ଼ିବାକୁ ରାଜି ହୋଇଥିଲେ। ଏହାପରେ ଜୟଙ୍କୁ ଦଳୀୟ ପ୍ରାର୍ଥୀ କରାଯାଇଥିଲେ ହେଁ ଏହାକୁ ଉଭୟେ ବାପ-ପୁଅ ଯୋଡ଼ି ଖୋଲା ହୃଦୟରେ ଗ୍ରହଣ କରିପାରୁ ନାହାନ୍ତି। ବିଶେଷକରି ନିଜର ରାଜନୈତିକ ପରିଚୟ ସଂକଟରେ ଥିବାନେଇ ଅନୁମାନ କରି ଉଭୟେ ଏବେ ସୁଚିନ୍ତିତ ଯୋଜନା ସହ ଆଗକୁ ବଢ଼ୁଛନ୍ତି। ପ୍ରଚାରଠାରୁ ଆରମ୍ଭ କରି ଦଳୀୟ ବୈଠକ ଯାଏଁ ବସନ୍ତ-ଅଭିନନ୍ଦନ ସବୁଥିରେ ଅଂଶଗ୍ରହଣ କରୁଛନ୍ତି। ମାତ୍ର ଜୟଙ୍କର ଜୟକାର କରିବାକୁ ତାଙ୍କ ହୃଦୟ ଚାହୁଁନାହିଁ। ନିଜର ପ୍ରତିଟି ଭାଷଣରେ ବସନ୍ତ ମୋଦୀ-ଶାହା, କେନ୍ଦ୍ର ସରକାରଙ୍କୁ ପ୍ରଶଂସାରେ ପୋତୁଛନ୍ତି। ମାତ୍ର ପ୍ରାର୍ଥୀଙ୍କ ପାଇଁ ପଦୁଟିଏ ପାଟି ଫିଟାଉ ନାହାନ୍ତି। ସେହିପରି ଅଭିନନ୍ଦନ ମଧ୍ୟ ପ୍ରଚାର ବେଳେ ଜୟଙ୍କ ଅପେକ୍ଷା ନିଜର ପ୍ରଚାର ପ୍ରସାରକୁ ଅଧିକ ଗୁରୁତ୍ୱ ଦେଉଛନ୍ତି। ଉଭୟଙ୍କର ଗତିବିଧିକୁ ଲକ୍ଷ୍ୟ କଲେ ଏହା ଦଳ ପାଇଁ ଶୁଭ ଲକ୍ଷଣ ନୁହେଁ ବୋଲି ସ୍ଥାନୀୟ ଅଞ୍ଚଳର ବିଜେପି ସମର୍ଥକମାନେ ମତ ଦେଉଛନ୍ତି।

**ସଭା ସମିତିରେ ଜୟଙ୍କ ନାଁ ନେଉନାହାନ୍ତି ବସନ୍ତ**

**ବିଜେପିର ଜୟ-ଜୟକାର; ଜୟଙ୍କ ପାଇଁ କୁନ୍ଥକୁନ୍ଥ**

ନିକଟରେ ମୁଖ୍ୟମନ୍ତ୍ରୀଙ୍କ ସମାବେଶ ଏବଂ ଜୟ ଢୋଲକିଆଙ୍କ ନାମାଙ୍କନ ଦାଖଲ ଦିନ ଦଳର ଆଶାଠାରୁ ଖୁବ୍ କମ ଲୋକେ ଏକତ୍ରିତ ହେଇଥିଲେ। ଏପରିକି ମୁଖ୍ୟମନ୍ତ୍ରୀଙ୍କ ସଭାରେ ଲୋକ ହୋଇନଥିବା ବେଳେ ସେମାନଙ୍କ ପାଇଁ ପ୍ରସ୍ତୁତ ଖାଦ୍ୟ ବାହାରେ ଫୋପଡ଼ାଯାଇଥିବା ଲକ୍ଷ୍ୟ କରାଯାଇଥିଲା। ଏହା ପଛରେ ବସନ୍ତ-ଅଭିନନ୍ଦନଙ୍କ ନିରବତାକୁ ଦାୟୀ କରିଛନ୍ତି ସ୍ଥାନୀୟ ବିଜେପି କର୍ମୀ। ଜଣେ କର୍ମୀ କହିଛନ୍ତି ଯେ ଆମେ ମୂଳରୁ ବସନ୍ତ ପଣ୍ଡାଙ୍କୁ ସମର୍ଥନ କରିଆସୁଛୁ। ମୁଖ୍ୟମନ୍ତ୍ରୀଙ୍କ ସଭାକୁ ଯିବା ପାଇଁ ଆମକୁ ବସନ୍ତ ବାବୁ କିମ୍ବା ଅଭିନନ୍ଦନ ବାବୁଙ୍କ ପକ୍ଷରୁ କୌଣସି ସୂଚନା ନଥିଲା। ଫଳରେ ଆମେ ସଭାକୁ ଯାଇନଥିଲୁ।

ଅପରପକ୍ଷେ ରାଜନୈତିକ ସମୀକ୍ଷକଙ୍କ ଅନୁଯାୟୀ ନୂଆପଡ଼ାରେ ବସନ୍ତ-ଅଭିନନ୍ଦନଙ୍କ ଗୁରୁତ୍ୱକୁ ବେଶ୍ ଭଲ ଭାବେ ଆକଳନ କରିଛନ୍ତି ରାଜ୍ୟ ନେତୃତ୍ୱ। ବସନ୍ତ ନୂଆପଡ଼ାରୁ ଦୁଇଥର ବିଧାୟକ ହୋଇଥିବା ବେଳେ ତାଙ୍କ ପୁଅ ମଧ୍ୟ ଗତ ନିର୍ବାଚନରେ ପ୍ରାୟ ୪୫ ହଜାର ଭୋଟ ପାଇଥିଲେ। ଏପରିକି ନୂଆପଡ଼ା ବ୍ଲକରେ ଅଭିନନ୍ଦନ ପଣ୍ଡାଙ୍କର ଭଲ ସମର୍ଥକ ରହିଛନ୍ତି। ତେଣୁ ଉଭୟଙ୍କୁ ବାଦି ଦେଇ ଦଳୀୟ ରଣନୀତି ପ୍ରସ୍ତୁତ କରିବା ଏକପ୍ରକାର ଅସମ୍ଭବ ହୋଇପଡୁଥିବା ବେଳେ ଉଭୟଙ୍କୁ ସବୁ କ୍ଷେତ୍ରରେ ଗୁରୁତ୍ୱ ଦିଆଯାଉଛି। ଏହାସତ୍ତ୍ୱେ ପଣ୍ଡା ପରିବାରର ଓଲଟା ଚାଲି ବିଜେପି ନେତୃତ୍ୱଙ୍କୁ ଚିନ୍ତାରେ ପକାଇଥିବା ଜଣାପଡ଼ିଛି।

# କୃଷ୍ଣନଗର ପାଟଣାରେ ଗିରିଗୋବର୍ଦ୍ଧନ ପୂଜା



କୁଣ୍ଢେଇ,୨୩।୧୦(ସମିସ): କାକଟପୁର ବ୍ଲକ୍ ବାଜପୁର ଗ୍ରାମ କୃଷ୍ଣନଗର ପାଟଣାରେ ପ୍ରତି ବର୍ଷ ଗିରିଗୋବର୍ଦ୍ଧନ ପୂଜା ଦୀପାବଳି ଅମାବାସ୍ୟା ପରଦିନ ପ୍ରତିପଦାଠାରୁ ଆରମ୍ଭ ହୋଇ ୭ଦିନ ଧରି ମହାଆଡ଼ମ୍ବର ସହକାରେ ଅନୁଷ୍ଠିତ ହେଉଛି। ଏହି ପୂଜା ବୁଣାକାର ପରିବାରର କୌଳିକ ପର୍ବ ବା ମୁଖ୍ୟ ପୂଜା। କୃଷ୍ଣନଗର ପାଟଣା ଗ୍ରାମରେ ପ୍ରାୟ ୧୪୦ ବୁଣାକାର ପରିବାର ରହିଛନ୍ତି। ଏହି ପର୍ବ ବୁଣାକାର ପରିବାରର ହୋଇଥିଲେ ମଧ୍ୟ ଗ୍ରାମବାସୀଙ୍କ ସହଯୋଗରେ ଦୀର୍ଘ ୪୬ ବର୍ଷ ହେଲା ବାଜପୁର ଗ୍ରାମର କୃଷ୍ଣନଗର ପାଟଣାରେ ପାଳନ ହୋଇଆସୁଛି। ପୂଜା ୭ଦିନ ଯାକ ଦିନରେ ଗିରିଗୋବର୍ଦ୍ଧନଙ୍କ ପୂଜାର୍ଚ୍ଚନା ହେବା ସହିତ ରାତିରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ସହ ସମସ୍ତ ଗ୍ରାମବାସୀଙ୍କ ମଧ୍ୟରେ ପ୍ରସାଦସେବନର ଆୟୋଜନ ହେଇଥାଏ। ଶେଷରେ ଅଷ୍ଟମ ଦିନ ଭସାଣି ଉତ୍ସବ ଅନୁଷ୍ଠିତ କରାଯାଏ। ଏହି ସମସ୍ତ କାର୍ଯ୍ୟକୁ ଗ୍ରାମବାସୀ ଏବଂ ଗ୍ରାମ୍ୟ କମିଟିର ସହଯୋଗରେ ଅନୁଷ୍ଠିତ ହେଉଛି।

## ୨ ନାବାଳକଙ୍କ ନିଖୋଜକୁ ୨୪ ଦିନ; ସନ୍ଧାନ ପାଉନି ପୁଲିସ

# ଥାନା ସମ୍ମୁଖରେ ପରିବାରବର୍ଗଙ୍କ ଧାରଣା



ଡେଲାଙ୍ଗ,୨୩।୧୦(ସମିସ): ଡେଲାଙ୍ଗ ଥାନା ଶ୍ରୀପୁରୁଷୋତ୍ତମପୁର ପଞ୍ଚାୟତ ଅଧୀନ କଞ୍ଜୁର ଗ୍ରାମର ୨ଜଣ ନାବାଳକଙ୍କ ନିଖୋଜ ଘଟଣାକୁ ୨୪ଦିନ ବିତିଯାଇଥିଲେ ମଧ୍ୟ ପୁଲିସକୁ ଏପର୍ଯ୍ୟନ୍ତ ସେମାନଙ୍କ ସନ୍ଧାନ ମିଳିପାରିନାହିଁ। ପରିବାର ଲୋକେ ବାରମ୍ବାର ଥାନାକୁ ଯାଇ ପିଲା ଦୁହିଁଙ୍କୁ ଖୋଜିଦେବାକୁ ପୁଲିସ ଆଗରେ ନେହୁରା ହୋଇଥିଲେ ମଧ୍ୟ ପୁଲିସ ପିଲାଙ୍କ ସନ୍ଧାନ ପାଇଁ କୌଣସି ପ୍ରୟାସ କରୁ ନ ଥିବା ଅଭିଯୋଗ କରି ପରିବାର ଲୋକଙ୍କ ସହିତ ଗ୍ରାମର ୨୦ରୁ ଊର୍ଦ୍ଧ୍ୱ ଲୋକ ଗୁରୁବାର ଥାନା ସମ୍ମୁଖରେ ଧାରଣାରେ ବସିରହିଥିଲେ।

ସୂଚନା ଅନୁଯାୟୀ, କଞ୍ଜୁର ଗ୍ରାମର ସ୍ୱପ୍ନେଶ୍ୱର ପରିଡ଼ାଙ୍କ ପୁଅ ଶୁଭରଞ୍ଜନ ଓରଫ ଶୁଭ ଓ ସର୍ବେଶ୍ୱର ପରିଡ଼ାଙ୍କ ପୁଅ ସୌମ୍ୟରଞ୍ଜନ ଓରଫ ସାନୁ ଦୁହେଁ ଗୋଟିଏ ପରିବାରର ହୋଇଥିବାବେଳେ ଦୁହେଁ ନିକଟସ୍ଥ ଶ୍ରୀପୁରୁଷୋତ୍ତମପୁର ଉଚ୍ଚ ବିଦ୍ୟାଳୟରେ ଦଶମ ଶ୍ରେଣୀରେ ପାଠ ପଢୁଥିଲେ। ଗତ ମାସ ୩୦ ତାରିଖ ସକାଳ ୬ଟାରେ ୨ଟି ସାଇକଲ ଯୋଗେ ଟ୍ୟୁସନ ଯାଉଛୁ ବୋଲି କହି ଦୁହେଁ ଘରୁ ବାହାରିଥିଲେ। ଛୁଟି ସମୟ ଅତିବାହିତ ହୋଇଥିଲେ ମଧ୍ୟ ସେମାନେ ଘରକୁ ଫେରି ନ ଥିଲେ। ପରିବାର ଲୋକେ ଟ୍ୟୁସନ ସହିତ ବିଭିନ୍ନ ସ୍ଥାନ ଖୋଜାଖୋଜି କରିଥିଲେ ମଧ୍ୟ ପିଲା ଦୁହିଁଙ୍କର କୌଣସି ସନ୍ଧାନ ନ ପାଇବାରୁ ଡେଲାଙ୍ଗ ଥାନାର ଦ୍ୱାରସ୍ଥ ହୋଇଥିଲେ। ହେଲେ ଘଟଣାକୁ ଦୀର୍ଘ ଦିନ ବିତିଯାଇଥିଲେ ମଧ୍ୟ ଡେଲାଙ୍ଗ ପୁଲିସ ପିଲା ଦୁହିଁଙ୍କର କୌଣସି ସନ୍ଧାନ ପାଇବାରେ ସଫଳ ନ ହେବାରୁ ପରିବାର ଲୋକେ ଡେଲାଙ୍ଗ ଥାନା ସହିତ ପୁରୀ ଜିଲ୍ଲା ଏସ୍‌ପିଙ୍କ ଦ୍ୱାରସ୍ଥ ହୋଇଥିଲେ। ଏହାଦ୍ୱାରା କୌଣସି ସୁଫଳ ନ ମିଳିବାରୁ ଗୁରୁବାର ପରିବାର ଲୋକଙ୍କ ସହିତ ଗ୍ରାମବାସୀ ଥାନା ସମ୍ମୁଖରେ ଧାରଣା ଦେଇଥିବା ଜଣାପଡ଼ିଛି। ଡେଲାଙ୍ଗ ପୁଲିସ ଅଭିଯୋଗପତ୍ର ପାଇବା ପରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପୂର୍ବକ ପିଲା ଦୁହେଁ ଘରୁ ନେଇ ଆସିଥିବା ସାଇକଲକୁ ଠାବ କରିଥିଲା। ନାବାଳକ ଦୁହିଁଙ୍କୁ ଚିହ୍ନଟ ସମ୍ପର୍କରେ ଲିଖିତ ବିବରଣୀ ସହିତ ସେମାନଙ୍କ ଫଟୋ ରାଜ୍ୟର ସମସ୍ତ ଥାନାକୁ ପ୍ରେରଣ କରିଥିବାବେଳେ ଡେଲାଙ୍ଗ ଷ୍ଟେସନ ବଜାର ସହିତ ଖୋର୍ଦ୍ଧା ରୋଡ୍‌ଠାରୁ ପୁରୀ ପର୍ଯ୍ୟନ୍ତ ସମସ୍ତ ରେଳ ଷ୍ଟେସନରେ ଲଗାଯାଇଥିବା ସିସିଟିଭି ଫୁଟେଜ୍ ଯାଞ୍ଚ କରିଥିବା ଥାନା ଅଧିକାରୀ ଶ୍ୟାମଘନ ବାରିକ ସୂଚନା ଦେଇଛନ୍ତି। ତେବେ ଡେଲାଙ୍ଗ ଷ୍ଟେସନ ବଜାରସ୍ଥିତ ଗୋଟିଏ ରାସନ ଦୋକାନରେ ଲଗାଯାଇଥିବା ସିସିଟିଭିରେ ପିଲା ଦୁହେଁ ସାଇକଲରେ ଆସୁଥିବା ଚିତ୍ର କଏଦ ହୋଇଥିବା ପୁଲିସ କହୁଥିବାବେଳେ ସାଇକଲ ଷ୍ଟାଣ୍ଡରେ ସାଇକଲ ରଖି ସେଠାରୁ କେଉଁଆଡ଼େ ଗଲେ ତାହା ପୁଲିସ ସନ୍ଧାନ ପାଇପାରୁ ନ ଥିବା ଜଣାପଡ଼ିଛି। ଅନ୍ୟପଟେ କଞ୍ଜୁର ଗ୍ରାମର କେତେକ ସ୍ଥାନ ସତ୍ୟବାଦୀ ଥାନା ଅଧୀନରେ ଥିବାବେଳେ ଗ୍ରାମବାସୀଙ୍କ ପରାମର୍ଶ କ୍ରମେ ପରିବାର ଲୋକେ ସତ୍ୟବାଦୀ ଥାନା ସହିତ ନିକଟବର୍ତ୍ତୀ ଗାଁମାନଙ୍କରୁ ଯାଇ ରାଜ୍ୟ ବାହାରେ ରହୁଥିବା ଲୋକଙ୍କ ସହିତ ଯୋଗାଯୋଗ କରିଥିଲେ ମଧ୍ୟ କୌଣସି ସନ୍ଧାନ ପାଇ ନ ଥିଲେ। ଫଳରେ ପିଲାଙ୍କୁ ତୁରନ୍ତ ଖୋଜିଦେବା ପାଇଁ ହାତରେ ପିଲା ଦୁହିଁଙ୍କ ଫଟୋ ଧରି ପରିବାର ଲୋକେ ଥାନା ସମ୍ମୁଖରେ ଧାରଣା ଦେଇଥିଲେ। ଖବର ପାଇ ପୁରୀ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ସଚିନ ପଟେଲ ଓ ପିପିଲି ଏସ୍‌ଡିପିଓ ଦେବାଶିଷ ମିଶ୍ର ଘଟଣାସ୍ଥଳରେ ପହଞ୍ଚି ପରିବାର ଲୋକଙ୍କୁ ବୁଝାସୁଝା କରିବାରେ ଧାରଣା ପ୍ରତ୍ୟାହୃତ ହୋଇଥିବା ଥାନା ପକ୍ଷରୁ ସୂଚନା ମିଳିଛି।

# ସାଗର ଶ୍ରୀକ୍ଷେତ୍ରରେ ବିଶ୍ୱଶାନ୍ତି ମହାଯଜ୍ଞ ପ୍ରସ୍ତୁତି

ବ୍ରହ୍ମଗିରି,୨୩।୧୦(ସମିସ): ପୁରୀ ଜିଲ୍ଲା କୃଷ୍ଣପ୍ରସାଦ ବ୍ଲକ୍‌ର ଚିଲିକା ମଧ୍ୟରେ ବ୍ରହ୍ମପୁର ସନ୍ନିକଟ ଥିବା ଜଗନ୍ନାଥ ମହାପ୍ରଭୁଙ୍କ ଗୁପ୍ତଲୀଳା କ୍ଷେତ୍ର ସାଗର ଶ୍ରୀକ୍ଷେତ୍ର ଚକନାସୀ ନବଗ୍ରହ ପୀଠଠାରେ ୧୩ତମ ବାର୍ଷିକ ବିଶ୍ୱଶାନ୍ତି ମହାଯଜ୍ଞ, ପଞ୍ଚୁକ ମହୋତ୍ସବ ଓ ମହାକାର୍ତ୍ତିକ ମେଳା ଅନୁଷ୍ଠିତ ହେବ। ଆସନ୍ତା ମାସ ୨ ତାରିଖରୁ ୪ ଦିନ ବ୍ୟାପୀ ଏହା ଚାଲିବ। ଏନେଇ ଏକ ବୈଠକ ଚକନାସୀ ପରିଚାଳନା କମିଟି ସଭାପତି ଧବଳେଶ୍ୱର ଜେନାଙ୍କ ସଭାପତିତ୍ୱରେ ସାଗର ଶ୍ରୀକ୍ଷେତ୍ରଠାରେ ଅନୁଷ୍ଠିତ ହୋଇଯାଇଛି। ପ୍ରତ୍ୟହ ହଜାର ହଜାର ଶ୍ରଦ୍ଧାଳୁଙ୍କ ସମାଗମକୁ ଦୃଷ୍ଟିରେ ରଖି ପ୍ରତିଦିନ ୧୦ ହଜାର ଭକ୍ତଙ୍କ ପାଇଁ ମାଗଣା ଅନ୍ନପ୍ରସାଦର ବ୍ୟବସ୍ଥା କରିବା ନିମନ୍ତେ ନିଷ୍ପତ୍ତି ହୋଇଥିଲା। ପୁରୀ ଜିଲ୍ଲାର ଶିକ୍ଷା, ସାହିତ୍ୟ, କଳା ଓ ସଂସ୍କୃତି କ୍ଷେତ୍ରରେ ସୁନାମ ଅର୍ଜନ କରିଥିବା ପ୍ରତିଭାମାନଙ୍କୁ ସମ୍ବର୍ଦ୍ଧିତ କରିବା ନିମନ୍ତେ ସ୍ଥିର ହୋଇଥିଲା। ବୈଠକରେ ସାଗର ଶ୍ରୀକ୍ଷେତ୍ର ଚାରିଟେବୁଲ ଟ୍ରଷ୍ଟ ମୁଖ୍ୟ ପରିଚାଳକ ଶିକ୍ଷାବିତ୍ ବିଶ୍ୱରଞ୍ଜନ ଜେନା, ସୁରେଶ ଚନ୍ଦ୍ର ଜେନା, ମହନ୍ତ ଜେନା, ମାୟାଧର ଜେନା, ଜଳନ୍ଧର ଜାଲି, ଡ. ପ୍ରମୋଦ କୁମାର ଆଚାର୍ଯ୍ୟ, ସୁଏନଷା ଜେନା, ସନ୍ତୋଷ ବେହେରାଙ୍କ ସମେତ ସମସ୍ତ କମିଟିର କର୍ମକର୍ତ୍ତାମାନେ ଉପସ୍ଥିତ ଉତ୍ସବକୁ ସରସ ସୁନ୍ଦର କରିବା ଦିଗରେ ସୁଚିନ୍ତିତ ମତାମତ ପ୍ରଦାନ କରିଥିଲେ। ପ୍ରତ୍ୟହ ଧର୍ମ ଆଲୋଚନା, ସାଂସ୍କୃତିକ କାର୍ଯ୍ୟକ୍ରମ ଆଦି ଆୟୋଜନ କରିବା ନିମନ୍ତେ ନିଷ୍ପତ୍ତି ହୋଇଥିବା ସାଗର ଶ୍ରୀକ୍ଷେତ୍ର ଟ୍ରଷ୍ଟି ମୁଖ୍ୟ ପରିଚାଳକ ବିଶ୍ୱରଞ୍ଜନ ଜେନାଙ୍କଠାରୁ ସୂଚନା ମିଳିଛି।

# ପୃଥକ୍ ଚୋରି ଘଟଣାରେ ୪ ଗିରଫ

ବଳଙ୍ଗା,୨୩।୧୦(ସମିସ): ବୁଧବାର ବିଳମ୍ବିତ ରାତିରେ ବଳଙ୍ଗା ଥାନା ଅନ୍ତର୍ଗତ ଗୋଡ଼ିମାଳଠାରେ ଥିବା ଜଣେ ବ୍ୟକ୍ତିଙ୍କ କାଠଅଡ଼ାରୁ ଟଙ୍କା ଓ କାଠ ପଟା ଚୋରି କରିବା ଅଭିଯୋଗରେ ବଳଙ୍ଗା ପୁଲିସ ୩ ଅଭିଯୁକ୍ତଙ୍କୁ ଗିରଫ କରି ଗୁରୁବାର କୋର୍ଟଚାଲାଣ କରିଛି। ଅଭିଯୁକ୍ତମାନେ ହେଲେ ଗୋଡ଼ିମାଳ ଗ୍ରାମର ସିପକ ସାହାଣୀ, କାର୍ତ୍ତିକ ସାହାଣୀ ଓ ନିରଞ୍ଜନ ବେହେରା ବୋଲି ପୁଲିସ ସୂଚନା ଦେଇଛି। ସେହିପରି ବୁଧବାର ଦ୍ୱିପହରରେ ଜନୈକ ବ୍ୟକ୍ତିଙ୍କ ଘରେ କେହି ନ ଥିବାର ସୁଯୋଗ ନେଇ ବିନୋଦ ବେହେରା ନାମକ ଜଣେ ବ୍ୟକ୍ତି ଟଙ୍କା ଓ ସୁନା ଚୋରି କରିଥିବା ଅଭିଯୋଗରେ ପୁଲିସ ତାକୁ କୋର୍ଟଚାଲାଣ କରିଛି। ସୂଚନା ମୁତାବକ, ଗୋଡ଼ିମାଳ ଗ୍ରାମର ମନୋରଞ୍ଜନ ଓଝାଙ୍କର ଛକରେ ଏକ କାଠଅଡ଼ା ରହିଛି। ବୁଧବାର ରାତି ୩ଟାରେ ଅଭିଯୁକ୍ତମାନେ କାଠଅଡ଼ାରୁ କାଠ ପଟା ଚୋରି କରୁଥିଲାବେଳେ ମନୋରଞ୍ଜନ ଦେଖିବାରୁ ସେମାନେ ଫେରାର୍ ହୋଇଯାଇଥିଲେ। ଏନେଇ ସେ ବଳଙ୍ଗା ଥାନାରେ ଲିଖିତ ଅଭିଯୋଗ କରିବା ପରେ ବଳଙ୍ଗା ପୁଲିସ ପକ୍ଷରୁ ଥାନାରେ ଏକ ମାମଲା ରୁଜୁ କରାଯାଇ ୩ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟଚାଲାଣ କରାଯାଇଛି। ସେହିପରି ବଳଙ୍ଗା ଥାନା ଅନ୍ତର୍ଗତ ହରିପୁର ଗ୍ରାମରେ ହୁଲାସ ବେହେରାଙ୍କ ଘରେ କେହି ପୁରୁଷ ଲୋକ ନ ଥିବାର ସୁଯୋଗ ନେଇ ବୁଧବାର ଦ୍ୱିପହର ସମୟରେ ଉକ୍ତ ଗ୍ରାମର ଦଳିତ ସାହିର ବିନୋଦ ବେହେରା ତାଙ୍କ ଘରେ ପଶି ଏକ ଟ୍ରଙ୍କ୍‌କୁ ନେଇ ପଳାଇଥିଲା। ହୁଲାସ ଏହା ଦେଖି ଡାକପକାଇବାରୁ ବିନୋଦ ଟ୍ରଙ୍କକୁ ନେଇ ଫେରାର୍ ହୋଇଯାଇଥିଲା। ଉକ୍ତ ଟ୍ରଙ୍କରେ ୩୦ହଜାର ଟଙ୍କା ଓ ମଙ୍ଗଳସୂତ୍ର ସହ ଲୁଗାପଟା ରହିଥିବା ନେଇ ହୁଲାସ ବଳଙ୍ଗା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ପାଇ ପୁଲିସ ତାକୁ ଗିରଫ କରି କୋର୍ଟଚାଲାଣ କରିଛି।

# ବ୍ଲକ୍‌ସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'



ଗୋପ,୨୩।୧୦(ସମିସ): ଗୋପ ବ୍ଲକ୍ ଅଧୀନ ନିଗମାନନ୍ଦ ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ବ୍ଲକ୍‌ସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' ଅନୁଷ୍ଠିତ ହୋଇଯାଇଛି। ଗୋପ ବ୍ଲକ୍ ଶିକ୍ଷା ଅଧିକାରୀ ପ୍ରମୋଦ କୁମାର କରଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ବିଡିଓ ଛବିରାଣୀ ସାହୁ ଯୋଗଦେଇ ପ୍ରଦୀପ ପ୍ରଜ୍ୱଳନ କରି ଏହାର ଶୁଭାରମ୍ଭ କରିଥିଲେ। ଅନ୍ୟତମ ଅତିଥି ଗୋପ ବ୍ଲକ୍ ଭାରପ୍ରାପ୍ତ ସହକାରୀ ଶିକ୍ଷା ଅଧିକାରୀ ଦେବେନ୍ଦ୍ର କାଣ୍ଡି, ସମ୍ରାଟ ଭଞ୍ଜ ଭୋଇ, ଆର୍ତ୍ତତ୍ରାଣ କାର୍ତ୍ତିକେଶ୍ୱର ବିଦ୍ୟାପୀଠର ପ୍ରଧାନଶିକ୍ଷକ ରାମକୃଷ୍ଣ ମହାନ୍ତି, ସିଆର୍‌ସିସି ରବୀନ୍ଦ୍ରନାଥ ବାହିନୀପତି ପ୍ରମୁଖ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମରେ ୨୦ଟି କ୍ଲଷ୍ଟରର ୪୮୨ଜଣ ଛାତ୍ରଛାତ୍ରୀ ଯୋଗଦେଇଥିଲେ। ବିଭିନ୍ନ ପ୍ରତିଯୋଗିତାରେ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ପୁରୀ ଜିଲ୍ଲାସ୍ତରୀୟ 'ସୁରଭି' ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ ବୋଲି ଜଣାପଡ଼ିଛି।

## ■ ଗୋପ ବ୍ଲକ୍ ଅଧ୍ୟକ୍ଷାଙ୍କୁ ଦୁର୍ବ୍ୟବହାର ମହଙ୍ଗା ପଡ଼ିଲା

# ଦେଢ଼ ବର୍ଷ ପରେ ବିଡିଓ, ଉପାଧ୍ୟକ୍ଷଙ୍କ ନାଁରେ ମାମଲା

ଗୋପ,୨୩।୧୦(ସମିସ): ଗୋପ ବ୍ଲକ୍ ଅଧ୍ୟକ୍ଷା ଝୁନୁ ମଲ୍ଲିକଙ୍କ ନାଁ ଫଳକରେ ନ ଥିବା ନେଇ ପ୍ରଥମେ ବାଦାନୁବାଦ ଓ ପରେ ବ୍ଲକ୍ ଅଧ୍ୟକ୍ଷାଙ୍କୁ ବିଡିଓ ଛବିରାଣୀ ସାହୁଙ୍କ ଦୁର୍ବ୍ୟବହାରକୁ ନେଇ ଗତବର୍ଷ ଗୋପ ଥାନାରେ ଅଧ୍ୟକ୍ଷା ଝୁନୁ ମଲ୍ଲିକ ଅଭିଯୋଗ ଦେଇଥିଲେ। ପୁଲିସ ଏପରି ଏକ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗକୁ କୌଣସି କାରଣକୁ ନେଇ ଶୁଣି ନ ଥିଲା କି ମାମଲା ରୁଜୁ କରି ନ ଥିଲା। ବାରମ୍ବାର ଜଣେ ଦଳିତ ମହିଳା ଗୋପ ଥାନାକୁ ଦୌଡ଼ି ଦୌଡ଼ି ନିରାଶ ହେବାପରେ ନ୍ୟାୟ ପାଇଁ ନିମାପଡ଼ା କୋର୍ଟ ଓ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। କୋର୍ଟଙ୍କ ନିର୍ଦ୍ଦେଶରେ ଗୋପ ଥାନା କିଛି ମାସ ବ୍ୟବଧାନ ପରେ ମାମଲା ନମ୍ବର ୩୧୧/୨୫ ରୁଜୁ ହୋଇଥିବା ଜଣାପଡ଼ିଛି।

ପ୍ରକାଶ ଯେ, ୨୦୨୪ ସେପ୍ଟେମ୍ବର ୩୦ରେ ଗୋପ ବ୍ଲକ୍‌ର ନୂତନ ପଞ୍ଚାୟତ ସମିତି ଗୃହର ଉଦ୍‌ଘାଟନ ଫଳକରେ ଅଧ୍ୟକ୍ଷାଙ୍କ ନାମ ନ ଥିବାକୁ ନେଇ ବାଦାନୁବାଦ ପରିସ୍ଥିତି ଉପୁଜିଥିଲା। ଏହି ଫଳକରେ ବ୍ଲକ୍ ଅଧ୍ୟକ୍ଷା ଝୁନୁ ମଲ୍ଲିକଙ୍କ ନାଁ ନ ଥିବାରୁ ତାଙ୍କର କେତେକ ସମର୍ଥକଙ୍କ ସହିତ ବିଡିଓ ଛବିରାଣୀ ସାହୁଙ୍କ କାର୍ଯ୍ୟାଳୟରେ ପହଞ୍ଚି ମୋ ନାମ କାହିଁକି ନାହିଁ ବୋଲି ପଚାରିଥିଲେ। ଏହି ସମୟରେ ବିଡିଓ ଶ୍ରୀମତୀ ସାହୁ ହଠାତ୍ ଉତ୍‌କ୍ଷିପ୍ତ ହୋଇ ଅଧ୍ୟକ୍ଷାଙ୍କୁ ଗାଳିଗୁଲଜ କରିବା ସହିତ ଜାତିଆଣ ଆକ୍ଷେପ କରି ହତ୍ୟା ଧମକ ଦେଇଥିଲେ। ଏହି ସମୟରେ ସେଠାରେ ଉପସ୍ଥିତ ଥିବା ବ୍ଲକ୍ ଉପାଧ୍ୟକ୍ଷ ମଧ୍ୟ ଅନୁରୂପ ବ୍ୟବହାର କରିଥିଲେ। ଘଟଣା ପରେ ଅଧ୍ୟକ୍ଷା ଗୋପ ଥାନାରେ ଏପରି ଏକ ଅଭିଯୋଗ ଉପରେ ପୁଲିସ ରାଜନୈତିକ ଚାପରେ ଏତଲା ରୁଜୁ କରି ନ ଥିଲା। ଏନେଇ କୋର୍ଟଙ୍କ ଦ୍ୱାରସ୍ଥ ହେବା ପରେ ନିମାପଡ଼ା ପ୍ରଥମଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ୍ ଗୋପ ଥାନାକୁ ପତ୍ର ସଂଖ୍ୟା ୨୦୮୪ରେ ମାମଲା ରୁଜୁ କରି ୬ ମାସ ମଧ୍ୟରେ ଏହାର ସବିଶେଷ ତଥ୍ୟ ଦେବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ଏହି ନିର୍ଦ୍ଦେଶକୁ ନେଇ ଗୋପ ଥାନାରେ ମୋକଦ୍ଦମା ରୁଜୁ ହେବା ପରେ ଜିଲ୍ଲା ଅତିରିକ୍ତ ଏସ୍‌ପି ସଚିନ୍ ପଟେଲ୍ ଗତ ୨୦ ତାରିଖରେ ଅଧ୍ୟକ୍ଷା ଝୁନୁ ମଲ୍ଲିକଙ୍କ ବାସଭବନରେ ପହଞ୍ଚି ତଦନ୍ତ କରିଥିବା ଜଣାପଡ଼ିଛି। ଏନେଇ ଜିଲ୍ଲା ଅତିରିକ୍ତ ଏସ୍‌ପି ସଚିନ୍ ପଟେଲ୍‌ଙ୍କ ସହ ଯୋଗାଯୋଗ ସମ୍ଭବ ହୋଇପାରିନି। ଅଧ୍ୟକ୍ଷା ଝୁନୁ ମଲ୍ଲିକଙ୍କୁ ପଚାରିବାରେ ମୁଁ ଜଣେ ଦଳିତ ମହିଳା ହେବାରୁ ବ୍ଲକ୍ ପରିସରରେ ମୋତେ ଯେପରି ବିଡିଓ ଏବଂ ଉପାଧ୍ୟକ୍ଷ ଅଶ୍ଳୀଳ ବ୍ୟବହାର କରିବା ସହ ଜୀବନରୁ ମାରିଦେବା ପାଇଁ କହିଲେ। ମୁଁ ଏତଲା ଦେଇଥିଲେ ମଧ୍ୟ ଗୋପ ପୁଲିସ ମୋତେ ନ୍ୟାୟ ଦେଇ ନ ଥିଲା। ଶେଷରେ ନ୍ୟାୟ ପାଇବା ପାଇଁ କୋର୍ଟଙ୍କ ଦ୍ୱାରସ୍ଥ ହେବାକୁ ପଡ଼ିଥିଲା ବୋଲି କହିଥିଲେ।

# ଚୋରି ଅଭିଯୋଗରେ ଯୁବକ ଗିରଫ

ସାକ୍ଷୀଗୋପାଳ,୨୩।୧୦(ସମିସ): ସତ୍ୟବାଦୀ ଥାନା ଅନ୍ତର୍ଗତ ବାଲିହୁଡ଼ା ଗ୍ରାମର ଆଲୋକ ଭୋଇ (୨୧)ଙ୍କୁ ସତ୍ୟବାଦୀ ପୁଲିସ ଚୋରି ଅଭିଯୋଗରେ ଗିରଫ କରି କୋର୍ଟଚାଲାଣ କରିଥିବା ଜଣାପଡ଼ିଛି। ସତ୍ୟବାଦୀ ଥାନାରେ ହୋଇଥିବା ଅଭିଯୋଗ ଅନୁଯାୟୀ, ବୁଧବାର ସନ୍ଧ୍ୟା ପ୍ରାୟ ୫.୩୦ରେ ଆଲୋକ ଉକ୍ତ ଗ୍ରାମର ଅଭିଯୋଗକାରୀ ବିଜୟ ଦାସଙ୍କ ଘରର ପାଚେରି ଡେଇଁ ଦ୍ୱାର ଭାଙ୍ଗି ପ୍ରବେଶ କରିବା ସହ ତାଙ୍କ ଘରେ ଥିବା ଗୋଟିଏ ପାଣି ପମ୍ପ୍ ଓ ଗୋଟିଏ ଗ୍ରାଇଣ୍ଡର ଚୋରି କରିଥିଲେ ଏବଂ ତାଙ୍କ ଘରେ ଥିବା ଲୁହା ଭଣ୍ଡାର ମଧ୍ୟ ଭାଙ୍ଗିବାକୁ ଚେଷ୍ଟା କରିଥିଲେ। ଏହି ସମୟରେ ବିଜୟଙ୍କ ପଡ଼ୋଶୀ ସତ୍ୟପ୍ରକାଶ ଦାସ କିଛି ଶବ୍ଦ ଶୁଣି ଗାଁ ଲୋକଙ୍କୁ ଡାକିଥିଲେ। ଗାଁ ଲୋକ ପହଞ୍ଚି ଆଲୋକକୁ କାବୁ କରିବା ସହ ଘଟଣା ସମ୍ପର୍କରେ ସ୍ଥାନୀୟ ସରପଞ୍ଚଙ୍କୁ ଜଣାଇଥିଲେ। ପରେ ସରପଞ୍ଚ ସତ୍ୟବାଦୀ ପୁଲିସକୁ ଖବର ଦେଇଥିଲେ। ଅଲୋକଠାରୁ ପାଣି ପମ୍ପ୍ ଓ ଗ୍ରାଇଣ୍ଡରକୁ ପୁଲିସ ଉଦ୍ଧାର କରିଥିଲା।

# ନୟାହାଟରୁ ଚୋରି ସ୍କୁଟି କଟକରୁ ଉଦ୍ଧାର

ନୟାହାଟ,୨୩।୧୦(ସମିସ): ନୟାହାଟ ବଜାରରୁ ଗତ ୧୪ ତାରିଖ ଦିନ ଚୋରି ହୋଇଥିବା ଏକ ସ୍କୁଟିକୁ ଗୁରୁବାର ରାତି ୮ଟା ବେଳେ ନୟାହାଟ ଫାଣ୍ଡି ଅଧିକାରୀ ଶ୍ରୀଧର ମଲ୍ଲିକ କଟକ ସଦର ଥାନା ଅଞ୍ଚଳରୁ ଉଦ୍ଧାର କରିଥିବା ଖବର ମିଳିଛି। ନୟାହାଟ ବଜାରରେ ଥିବା ସିମେଣ୍ଟ ବ୍ୟବସାୟୀ କୈଳାସ ନାୟକଙ୍କ ଦୋକାନରୁ ଦୁଇଟି ମୋବାଇଲ୍, ନଗଦ ୧୬୦୦ ଟଙ୍କା ଏବଂ ଏକ ସ୍କୁଟିକୁ ଦୁର୍ବୃତ୍ତ ନେଇ ପଳାଇଥିଲେ। ଖବର ପାଇ ନୟାହାଟ ଫାଣ୍ଡି ଅଧିକାରୀ ଶ୍ରୀ ମଲ୍ଲିକ ତଦନ୍ତ କରିବା ସହ ୮ଦିନ ପରେ ଚୋରି ସ୍କୁଟିଟିକୁ ଉଦ୍ଧାର କରିବାରେ ସଫଳ ହୋଇଥିଲେ।

# ସଫେଇ ନାଳରୁ ଅଜଣା ବ୍ୟକ୍ତିଙ୍କ ମୃତଦେହ ଉଦ୍ଧାର

ପିପିଲି,୨୩।୧୦(ସମିସ): ପିପିଲି ଥାନା ସାତଶଙ୍ଖ ଫାଣ୍ଡି ଅନ୍ତର୍ଗତ କାଙ୍କନଡ୍ଡୁଆ ଗ୍ରାମ ସଫେଇ ଯୋଡ଼ ନାଳ ପାଣିରେ ଏକ ଅଜଣା ବ୍ୟକ୍ତିଙ୍କ ମୃତଶରୀରକୁ ପିପିଲି ପୁଲିସ ଉଦ୍ଧାର କରିଛି। ତେବେ ମୃତକଙ୍କ ପରିଚୟ ମିଳିପାରି ନାହିଁ। ମୃତଶରୀରଟି ଉଲଗ୍ନ ଅବସ୍ଥାରେ ମୁହଁ ତଳକୁ ମାଡ଼ି ପାଣିରେ ଭାସି ଦୁର୍ଗନ୍ଧ ହେଉଥିଲା। ଗାଁ ଲୋକେ ମୃତଶରୀରଟି ପାଣିରେ ଭାସୁଥିବା ନେଇ ପୁଲିସକୁ ଖବର ଦେଇଥିଲେ। ଘଟଣାସ୍ଥଳରେ ପିପିଲି ଥାନା ଅଧିକାରୀ ସୌମେନ୍ଦୁ ଶେଖର ତ୍ରିପାଠୀ, ସାତଶଙ୍ଖ ଫାଣ୍ଡି ଅଧିକାରୀ ମନୋରଞ୍ଜନ ପରିଡ଼ା ପ୍ରମୁଖଙ୍କ ସହ ପୁଲିସ ଫୋର୍ସ ପହଞ୍ଚି ମୃତଦେହକୁ ପାଣିରୁ ଉଦ୍ଧାର କରିଥିଲେ। ଏହା ହତ୍ୟା ନା ଆତ୍ମହତ୍ୟା ଘଟଣା ଜଣାପଡୁ ନ ଥିବାବେଳେ ମୃତଶରୀର କିପରି ସଫେଇ ନାଳକୁ ଆସିଲା ତାହା ଉପରେ ପୁଲିସ ତଦନ୍ତ ଚଳାଇଛି। ତତ୍‌ସହିତ ଅଧିକ ତଦନ୍ତ ପାଇଁ ପୁରୀରୁ ସାଇଣ୍ଟିଫିକ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ବିଭିନ୍ନ ଦିଗରୁ ତଦନ୍ତ ଜାରି ରଖିଛି। ଏନେଇ ପିପିଲି ଥାନାରେ ୩୩/୨୫ରେ ଏକ ଅପମୃତ୍ୟୁ ମାମଲା ରୁଜୁ କରାଯାଇ ମୃତଦେହକୁ ଜବତ କରାଯାଇଛି। ଅତିରିକ୍ତ ତହସିଲ୍‌ଦାର ବସନ୍ତ କୁମାର ବେହେରାଙ୍କ ଉପସ୍ଥିତିରେ ମୃତଦେହକୁ ପଞ୍ଚନାମା କରାଯିବା ପରେ ବ୍ୟବଚ୍ଛେଦ ପାଇଁ ପୁରୀ ପଠାଇ ଘଟଣାର ତଦନ୍ତ କରାଯାଉଥିବା ଥାନା ଅଧିକାରୀ ଶ୍ରୀ ତ୍ରିପାଠୀ ସୂଚନା ଦେଇଛନ୍ତି।

# ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ



ସାକ୍ଷୀଗୋପାଳ,୨୩।୧୦(ସମିସ): ସତ୍ୟବାଦୀ ମହିଳା ଓ ଶିଶୁ ବିକାଶ କାର୍ଯ୍ୟାଳୟ ପକ୍ଷରୁ ଗୁରୁବାର ସ୍ଥାନୀୟ ଉତ୍କଳମଣି ଗୋପବନ୍ଧୁ ସ୍ମୃତି ମହାବିଦ୍ୟାଳୟ ପରିସରରେ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଜିଲ୍ଲା ପରିଷଦ ସଭ୍ୟା ବିଷ୍ଣୁପ୍ରିୟା ବରାଳ, ସମ୍ମାନିତ ଅତିଥି ଭାବେ ମହାବିଦ୍ୟାଳୟ ଅଧ୍ୟକ୍ଷା ପୁଷ୍ପମିତ୍ରା ପଟ୍ଟନାୟକ ଓ ଅନ୍ୟତମ ଅତିଥି ଭାବେ ଉକ୍ତ ମହାବିଦ୍ୟାଳୟ ଅଧ୍ୟାପିକା ସସ୍ମିତା ପ୍ରଧାନ ଯୋଗଦେଇଥିଲେ। ସାମ୍ପ୍ରତିକ ସମୟରେ କିଶୋର କିଶୋରୀମାନେ କିଭଳି ଶାରୀରିକ, ମାନସିକ ଓ ଅର୍ଥନୈତିକ ଅଭିବୃଦ୍ଧିରେ ନିଜକୁ ନିୟୋଜିତ କରିପାରିବେ ତା' ଉପରେ ଅତିଥିମାନେ ଅନେକ ଉପାଦେୟ ପରାମର୍ଶ ଦେଇଥିଲେ। ଏହି ପ୍ରତିଭା ଅନ୍ୱେଷଣ ପ୍ରତିଯୋଗିତା ମାଧ୍ୟମରେ ପ୍ରତିଯୋଗୀମାନେ ମୁଖ୍ୟତଃ ପ୍ରବନ୍ଧ, କବିତା, ସ୍ଲୋଗାନ ଓ ଏକକ ସ୍କ୍ରିପ୍ଟ ପ୍ରସ୍ତୁତ କରିଥିଲେ। ନୂତନ ଷ୍ଟାର୍ଟଅପ୍ ମାଧ୍ୟମରେ ଛତୁ ଚାଷ, ମୋବାଇଲ୍ ମରାମତି, ପ୍ୟାକିଙ୍ଗ୍ ଭଳି ବ୍ୟବସାୟ ମାଧ୍ୟମରେ ବ୍ୟକ୍ତିର ଅର୍ଥନୈତିକ ଅଭିବୃଦ୍ଧି ସୃଷ୍ଟି କରିବା, ସୁନ୍ଦର ସୁନ୍ଦର ରେସିପି ତଥା ଖାଦ୍ୟ ପ୍ରତିଯୋଗିତା ସହ ଘରେ ତିଆରି ଓଆର୍‌ଏସ୍ ପ୍ରଦର୍ଶନ, ଋତୁସ୍ରାବକାଳୀନ ସ୍ୱଚ୍ଛତା, ମାନସିକ ଚାପ ଦୂରକାରୀ କାର୍ଯ୍ୟକଳାପ, ଫିଟ୍‌ନେସ୍ ଚ୍ୟାଲେଞ୍ଜ ମନ୍ତ୍ର ଶିକ୍ଷା, ଲିଙ୍ଗଗତ ଅସମାନତା, ବାଲ୍ୟବିବାହକୁ ନା ଆଦି ଉପରେ ନୃତ୍ୟ ଓ ସଙ୍ଗୀତ ମାଧ୍ୟମରେ ଅନେକ ପ୍ରେରଣାଦାୟୀ ସଚେତନତା ସୃଷ୍ଟି କରିଥିଲେ ଅଂଶଗ୍ରହଣ କରିଥିବା ପ୍ରତିଯୋଗୀମାନେ। କାର୍ଯ୍ୟକ୍ରମରେ ସତ୍ୟବାଦୀ ବ୍ଲକ୍‌ରେ ଥିବା ଅଦ୍ୱିକା କ୍ଲବ୍‌ରୁ ବଛା ବଛା ଶତାଧିକ ପ୍ରତିଯୋଗୀ ଅଂଶଗ୍ରହଣ କରିଥିବାବେଳେ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତାରେ ଉଚ୍ଚ ପ୍ରଶଂସିତ ୧୮ ଜଣ ପ୍ରତିଯୋଗୀଙ୍କ କଳା ପ୍ରଦର୍ଶନ କରିଥିଲେ। ଉକ୍ତ କାର୍ଯ୍ୟକ୍ରମର ସତ୍ୟବାଦୀ ମହିଳା ଓ ଶିଶୁ ବିକାଶ କାର୍ଯ୍ୟାଳୟ ଅଧିକାରୀ ରାଜଲକ୍ଷ୍ମୀ ଦାଶ ଆବାହକ ଥିବାବେଳେ ସୁପରଭାଇଜର ପୀୟୂଷମୟୀ ପଣ୍ଡା ଓ ଅନ୍ୟମାନେ ପରିଚାଳନା କରିଥିଲେ।

# ନିଗମାନନ୍ଦ ମହିଳା ମହାବିଦ୍ୟାଳୟରେ ପାଠଚକ୍ର

ଚାରିଛକ,୨୩।୧୦(ସମିସ): ପୁରୀ ଜିଲ୍ଲା ନିମାପଡ଼ା ବ୍ଲକ୍ ଅନ୍ତର୍ଗତ ଚାରିଛକସ୍ଥିତ ନିଗମାନନ୍ଦ ମହିଳା ମହାବିଦ୍ୟାଳୟ ପରିସରରେ ଉଭୟ ଉଦ୍ଭିଦ ବିଜ୍ଞାନ ଓ ପ୍ରାଣୀ ବିଜ୍ଞାନ ବିଭାଗ ଆନୁକୂଲ୍ୟରେ "ମୋଲିକୁଲାର ବ୍ଲୁପ୍ରିଣ୍ଟ ଟୁ ସେଲୁଲାର ଡିଫେନ୍ସ' ଶୀର୍ଷକ ପାଠଚକ୍ର ଆୟୋଜିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷା ପ୍ରଫେସର ମିତ୍ରା ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଆୟୋଜିତ ପାଠଚକ୍ରରେ ମୁଖ୍ୟ ସାଧନ ବ୍ୟକ୍ତିତ୍ୱ ଭାବେ ଓୟୁଏଟିର ଅବସରପ୍ରାପ୍ତ ବାୟୋଟେକ୍ନୋଲୋଜି ବିଭାଗ ପ୍ରଫେସର କଜାରୀ ଦାସ ଯୋଗଦେଇ ତାଙ୍କର ବିଷୟଭିତ୍ତିକ ତଥ୍ୟ ଉପସ୍ଥାପନ କରିଥିଲେ। ମହାବିଦ୍ୟାଳୟର ପ୍ରାଣୀ ବିଜ୍ଞାନ ମୁଖ୍ୟ ପୂର୍ଣ୍ଣଚନ୍ଦ୍ର ବିଶ୍ୱାଳ ଅତିଥି ପରିଚୟ ପ୍ରଦାନ କରିଥିଲେ। ଉଦ୍ଭିଦ ବିଜ୍ଞାନ ବିଭଗ ମୁଖ୍ୟ ମଧୁସ୍ମିତା ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ। ଏହି ପାଠଚକ୍ରରେ ଉଭୟ ବିଭାଗର ସମସ୍ତ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ଓ ଛାତ୍ରୀମାନେ ଯୋଗଦେଇଥିଲେ।


# 'ମୋ ଆଶା'ର ପୂଜା ସଂଖ୍ୟା ଉନ୍ମୋଚିତ



ନିମାପଡ଼ା,୨୩।୧୦(ସମିସ): ଆମ ସଂସ୍କୃତି ଓ ପରମ୍ପରାର କଥାବସ୍ତୁ ଓଡ଼ିଆ ଶିଶୁ ସାହିତ୍ୟକୁ ଅଧିକ ସମୃଦ୍ଧ କରି ପିଲାଠାରୁ ବଡ଼ ପର୍ଯ୍ୟନ୍ତ ସମସ୍ତଙ୍କୁ ଆମୋଦ ଦେଉଛି ବୋଲି ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଗୁରୁବାର 'ମୋ ଆଶା'ର ପୂଜା ସଂଖ୍ୟା ଉନ୍ମୋଚନ ଅବସରରେ ମତ ପ୍ରକାଶ କରିଛନ୍ତି। ପବିତ୍ର ଦୀପାବଳି ଓ କାଳୀପୂଜା ଅବସରରେ ନିମାପଡ଼ାର ଅଗ୍ରଣୀ ଅନୁଷ୍ଠାନ ଲିଟିଲ୍ ଷ୍ଟାର୍ ଗ୍ରୁପ୍ ପକ୍ଷରୁ ପ୍ରକାଶିତ 'ମୋ ଆଶା' ପୂଜା ସଂଖ୍ୟାର ଉନ୍ମୋଚନ ଉତ୍ସବ ଗୁରୁବାର ମନ୍ତ୍ରୀଙ୍କ ବାସଭବନରେ ଅନୁଷ୍ଠିତ ହୋଇଥିଲା। ଏହି ସାରସ୍ୱତ ସମାରୋହରେ ମନ୍ତ୍ରୀଙ୍କ ସମେତ ପତ୍ରିକାର ସମ୍ପାଦକ ସୁମନ୍ତ ମହାରଣା, ସହସମ୍ପାଦିକା ଊର୍ମିଳା ମହାରଣା, ଇଟିକିଲି ମିଟିକିଲିର ସଚିବ ଶରତ କୁମାର ନାୟକ, ଶିଶୁସାହିତ୍ୟିକା କମଳିନୀ ମଲ୍ଲିକ, ଲିଟିଲ୍ ଷ୍ଟାର୍ ଗ୍ରୁପ୍‌ର ଉପଦେଷ୍ଟା ଅଧ୍ୟାପକ ସୁବ୍ରତ ମହାନ୍ତି ପ୍ରମୁଖ ଏହି ସାରସ୍ୱତ ଉନ୍ମୋଚନ ଉତ୍ସବରେ ଉପସ୍ଥିତ ଥିଲେ। ଏଠାରେ ସୂଚନାଯୋଗ୍ୟ, ପତ୍ରିକାର ସମ୍ପାଦକ ସୁମନ୍ତ ମହାରଣା ଜଣେ ଦିବ୍ୟାଙ୍ଗ ବ୍ୟକ୍ତି ହୋଇଥିବାବେଳେ ଦୀର୍ଘ ୨୫ବର୍ଷ ଧରି ପତ୍ରିକାକୁ ନିୟମିତ ପ୍ରକାଶ କରି ଆସୁଛନ୍ତି। ଚଳିତ ପୂଜା ସଂଖ୍ୟାରେ ଓଡ଼ିଶାର ବହୁ ଲବ୍ଧପ୍ରତିଷ୍ଠିତ ଲେଖକ-ଲେଖିକାଙ୍କ ଲେଖା ସମେତ ପିଲାଙ୍କ ଫଟୋ ଓ ଚିତ୍ରକୁ ସ୍ଥାନ ଦିଆଯାଇଛି।

## ଚିଲିକା ଉତ୍ତରନାଶିରେ ହଜାର ହଜାର ବିଦେଶାଗତ ପକ୍ଷୀ

# ସୁରକ୍ଷା ବ୍ୟବସ୍ଥା ଢିଲା; ମାତିଲେଣି ଶିକାରୀ



କଣାସ,୨୩।୧୦(ସମିସ): ଏସିଆ ମହାଦେଶର ବୃହତ୍ତମ ଲୁଣାହ୍ରଦ ନୀଳାମ୍ବୁ ଚିଲିକାକୁ ଶୀତର ଆଗମନ ସମୟରେ ଲକ୍ଷ ଲକ୍ଷ ବିଦେଶୀ ପକ୍ଷୀ ବିଭିନ୍ନ ଦେଶରୁ ଆସି ଚିଲିକାର ମୁଖ୍ୟ ଅଭୟାରଣ୍ୟ ଭାବେ ପରିଚିତ ନଳବଣରେ ଆସ୍ଥାନ ଜମାନ୍ତି। ଚଳିତ ବର୍ଷ ମଧ୍ୟ ବିଦେଶୀ ପକ୍ଷୀମାନେ ଚିଲିକାରେ ପହଞ୍ଚିବା ପରେ ନଳବଣରେ ଖାଦ୍ୟ ଅଭାବ ଯୋଗୁଁ ଚିଲିକାର ଉତ୍ତରନାଶିରେ ପ୍ରଚୁର ପରିମାଣର କଳିକଡି ଦଳ ଓ କଇଁଫୁଲ ଥିବାରୁ ହଜାର ହଜାର ପକ୍ଷୀ ପ୍ରତ୍ୟେକ ଦିନ ଏଠାରେ ପହଞ୍ଚୁଛନ୍ତି। ବାଲୁଗାଁ ବନ୍ୟପ୍ରାଣୀ ବିଭାଗ ପକ୍ଷରୁ ପକ୍ଷୀମାନଙ୍କ ସୁରକ୍ଷା ଲାଗି ଚିଲିକାରେ ବ୍ୟାପକ ବ୍ୟବସ୍ଥା କରାଯାଇଥିବାବେଳେ ଉତ୍ତରନାଶିରେ କିନ୍ତୁ ସୁରକ୍ଷା ବ୍ୟବସ୍ଥା ଢିଲା ରହିଛି। ଦୂରଦୂରାନ୍ତରୁ ପକ୍ଷୀ ଶିକାରୀମାନେ ସନ୍ଧ୍ୟା ହେଲେ ଚିଲିକା ଉତ୍ତରନାଶିର ଆଖପାଖ ଗ୍ରାମକୁ ଆସି ନିଜ ନିଜର ଯାନ ରଖି ଚିଲିକା ମଧ୍ୟରେ ପ୍ରବେଶ କରି କଇଁଫୁଲ କେଶରରେ ନିଶା ଔଷଧ ଦେବା, ଫାଶିଜାଲ ବସାଇ ପକ୍ଷୀମାନଙ୍କୁ ଧରି ନିର୍ବିଘ୍ନରେ ଭୋରୁଭୋରୁ ଖସିପାଳାଉଛନ୍ତି। ଆଉ କେତେକ ଶିକାରୀ ଉଜ୍ଜ୍ୱଳ ଆଲୋକ ବ୍ୟବହାର କରି କୂଳରେ ଖାଦ୍ୟ ଅନ୍ୱେଷଣରେ ଥିବା ବିଦେଶୀ ପକ୍ଷୀମାନଙ୍କୁ ଠେଙ୍ଗା ଦ୍ୱାରା ବାଡ଼େଇ ଧରିନେଉଛନ୍ତି। ପକ୍ଷୀମାନଙ୍କ ସୁରକ୍ଷା ପାଇଁ ଉତ୍ତରନାଶିରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି କରିବାକୁ ପକ୍ଷୀପ୍ରେମୀମାନେ ଦାବି କରିଛନ୍ତି। ଶୀତ ଋତୁ ଆସିଲେ ଚଳଚଞ୍ଚଳ ହୁଏ ଚିଲିକା ପରିବେଶ। ରଙ୍ଗବେରଙ୍ଗର ବିଦେଶାଗତ ପକ୍ଷୀଙ୍କ କଳରବରେ ମୁଖରିତ ହୁଏ ଚିଲିକା ଓ ଏହାର ଉପକୂଳବର୍ତ୍ତୀ ଅଞ୍ଚଳ। ଯେଉଁଥିପାଇଁ ଦେଶ ବିଦେଶରୁ ପର୍ଯ୍ୟଟକଙ୍କ ସୁଅ ଛୁଟେ ଚିଲିକାକୁ। ତେବେ ବିଡ଼ମ୍ବନାର ବିଷୟ ପ୍ରାକୃତିକ ବୈଷମ୍ୟତା ଯୋଗୁଁ ବିଦେଶାଗତ ପକ୍ଷୀଙ୍କ ଆଗମନରେ ବାଧା ସୃଷ୍ଟି କରିଥିଲା। ଧୀରେ ଧୀରେ ଶୀତର ପ୍ରଭାବ ଅନୁଭୂତ ହେଉଥିବାରୁ ବିଦେଶାଗତ ପକ୍ଷୀଙ୍କ ସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ରଙ୍ଗବେରଙ୍ଗର ପକ୍ଷୀଙ୍କ କଳରବରେ ଚିଲିକା ତଟଦେଶ ପାରିକୁଦ, ନୂଆପଡ଼ା, ଗୁରୁବାଇ, ସିପିଆ, ତିଛିଣି, ସାତପଡ଼ା, ସୋଲାକୁଦି, ପଣ୍ଡା, ଟିଖିଲି, ଚିତ୍ରକୋଟ, ବନମାଳ, ଖଟିଆକୁଦି ଆଦି ଅଞ୍ଚଳ ମୁଖରିତ ହୋଇଉଠିଛି। ବିଶେଷ କରି ଏହି ଅଞ୍ଚଳରେ ବିଦେଶାଗତ ଗଡ଼ୱାଲ, ଶୋଭେଲର, ପିଣ୍ଟାଲ, ଗଡ଼ଉଇଟ, ସ୍ୟାଣ୍ଡପାଇପର, ପେଲିକାନ ଆଦି ପ୍ରଜାତିର ପକ୍ଷୀ ଦେଖିବାକୁ ମିଳୁଛି।

**NATIONAL COMPETITIVE BIDDING THROUGH e-Procurement** O-1094
**Tel. No.06752222092, e-mail id-eerwpuri@gmail.com**
**TCN NO. TENDER ONLINE - 09 OF 2025-26**
**No. 8445 / Dt. 10.10.2025**

The Superintending Engineer, Rural Works Division, Puri on behalf of Government of Odisha invites percentage rate tenders through e-procurement for 74 Nos. of work for the year 2025-26 in the District of Puri.

1.Total no. of works: **74 nos.**
2 .Tender cost of packages: Amount varies from **Rs.5.04 lakh to Rs.42.02 lakh**
3.Class of contractor: **As per DTCN.**
4.Period of completion: **2 (Two) Calendar months.**
5. Period of availability of tenders on-line/ Date & time of bidding on-line/ last date of seeking clarification/ Date of opening of tender papers.

| Procurement Officer | Bid identification No. | Availability of tender on-line for bidding | | Last date & time of seeking tender clarification | Date, time & venue of opening of tender |
|---|---|---|---|---|---|
| | | From | To | | |
| 1 | 2 | 3 | 4 | 5 | 6 |
| Superintending Engineer Rural Works Division, Puri. | Online- 09 | 29.10.2025 at 11.00 A.M. | 12.11.2025 up to 5.00 P.M. | 11.11.2025 up to 1.30 P.M. | 13.11.2025 at 11.30 A.M. Office of the S.E.,R.W. Division, Puri. |

6. Other details can be seen in the bidding documents, which is available in website "https://tendersodisha.gov.in".

Superintending Engineer,
R.W., Division, Puri

OIPR-25065/11/0029/2526

୨୩/୧୦/୨୦୨୫ (ଗୁରୁବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୫,୮୪,୦୦୯/- ସୁନା: ୦୫.୬୫୦ ଗ୍ରାମ୍ ରୂପା: ୦୮.୪୦୦ ଗ୍ରାମ୍



# ପରିକ୍ରମା ମାର୍ଗରେ ଭକ୍ତଙ୍କୁ ଶୋଷଣ

## ବାଇକ୍ ପାର୍କିଂ ନାଁରେ ଦୁର୍ବୃତ୍ତ ଲୁଟୁଛନ୍ତି ଟଙ୍କା

ପୁରୀ,୨୩।୧୦(ସମିସ)



ମହାପ୍ରଭୁଙ୍କ ଦର୍ଶନ ପାଇଁ ଆସୁଥିବା ଭକ୍ତମାନଙ୍କୁ ମୌଳିକ ସେବା ସୁବିଧା ଯୋଗାଇଦେବା ଲକ୍ଷ୍ୟରେ ପୂର୍ବର ବିଜେଡି ସରକାର ପରିକ୍ରମା ପ୍ରକଳ୍ପର ପରିକଳ୍ପନା କରିଥିଲେ। ବହୁ ବାଧାବିଘ୍ନ ପରେ ଏହି ପ୍ରକଳ୍ପ ଆଜି ଭକ୍ତଙ୍କୁ ସେବା ଯୋଗାଇ ଦେଉଛି। ପରିକ୍ରମା ମାର୍ଗରେ ବାଇକ୍ ପାର୍କିଂ ପାଇଁ ନିର୍ଦ୍ଦିଷ୍ଟ ସ୍ଥାନ ରହିଛି। ବାଇକ୍ ଆଣି ଆସୁଥିବା ଶ୍ରଦ୍ଧାଳୁମାନେ ଏହି ଜାଗାରେ ପାର୍କିଂ କରି ଯେପରି ସହଜରେ ମନ୍ଦିରକୁ ଯାଇପାରିବେ ସେଥିଲାଗି ବ୍ୟବସ୍ଥା କରାଯାଇଛି। ହେଲେ କିଛି ଦୁର୍ବୃତ୍ତ ଏବେ ପରିକ୍ରମା ମାର୍ଗକୁ ନିଜ ଆୟର ପନ୍ଥା ଭାବେ ବାଛି ନେଇଛନ୍ତି। ପାର୍କିଂ ସ୍ଥଳରେ ବାଇକ୍ ରଖିଲେ ସେମାନେ ଫି' ଆଦାୟ କରୁଛନ୍ତି। ବାଇକ୍ ପିଛା ୨୦ ଟଙ୍କା ଲେଖାଏଁ ଆଦାୟ କରୁଛନ୍ତି। ବାହାରୁ ଆସୁଥିବା ଭକ୍ତମାନେ ନିଜ ଗାଡ଼ି ସୁରକ୍ଷିତ ରହିବ ଭାବି କିଛି ନ କହି ଟଙ୍କା ବି ବଢ଼ାଇ ଦେଉଛନ୍ତି। କିନ୍ତୁ ଆଶ୍ଚର୍ଯ୍ୟର କଥା ନା ସେମାନଙ୍କୁ କେହି ରସିଦ୍ ଦେଉଛି ନା ଗାଡ଼ି ସୁରକ୍ଷିତ ରହିବାର କିଛି ଗ୍ୟାରେଣ୍ଟି ଅଛି। ଏମିତି ପ୍ରତିଦିନ କିଛି ନିର୍ଦ୍ଦିଷ୍ଟ ଦୁର୍ବୃତ୍ତ ପରିକ୍ରମା ମାର୍ଗର ବିଭିନ୍ନ ସ୍ଥାନରେ ରହି ଭକ୍ତଙ୍କୁ ଏଭଳି ଶୋଷଣ କରୁଛନ୍ତି।

ଶ୍ରୀମନ୍ଦିରର ସୁରକ୍ଷା ଏବଂ ଭକ୍ତଙ୍କ ସୁବିଧା ପାଇଁ ପରିକ୍ରମା ପ୍ରକଳ୍ପ ତିଆରି କରାଯାଇଛି। ମେଘନାଦ ପାଚେରି କଡ଼ରୁ ୭୫ ମିଟର ପରିଧି ଅଞ୍ଚଳରେ ଥିବା ବିଭିନ୍ନ ନିର୍ମାଣ ଉଚ୍ଛେଦ କରାଯାଇ ଭକ୍ତମାନଙ୍କ ନିମନ୍ତେ କେତେକ ମୌଳିକ ସୁବିଧା ଯୋଗାଇ ଦିଆଯାଇଛି। ସେଥିମଧ୍ୟରୁ ବାଇକ୍ ପାର୍କିଂ ଅନ୍ୟତମ। ପରିକ୍ରମା ମାର୍ଗର ଶେଷ ଭାଗରେ ସ୍ୱତନ୍ତ୍ର ଭାବେ ବାଇକ୍ ପାର୍କିଂର ସୁବିଧା କରାଯାଇଛି। ଯେଉଁ ଭକ୍ତମାନେ ବାଇକ୍‌ରେ ଆସିବେ ସେମାନେ ଗାଡ଼ି ପାର୍କିଂ କରି ଦର୍ଶନ ପାଇଁ ଯାଇପାରିବେ। ତେବେ ଏହାକୁ କିଛି ଦଲାଲ୍ ଶ୍ରେଣୀର ଲୋକେ ଆୟର ଏକ ପନ୍ଥା ଧରି ନେଇଛନ୍ତି। ସେମାନେ ଶ୍ରୀମନ୍ଦିର ଚତୁଃପାଶ୍ୱର୍ ବିଭିନ୍ନ ସ୍ଥାନରେ ଛିଡ଼ା ହେଉଛନ୍ତି।

ହେଲ୍‌ମେଟ୍, ବ୍ୟାଗ୍ ଆଦି ପକାଇ ବାଇକ୍‌ରେ ଆସୁଥିବା ଭକ୍ତଙ୍କୁ ଟାର୍ଗେଟ୍ କରୁଛନ୍ତି। ସେମାନେ ବାହାରୁ ଆସିଥିବା ଅନୁମାନ ଲଗାଇବା ପରେ ପହଞ୍ଚି ଯାଉଛନ୍ତି। ସମ୍ପୃକ୍ତ ଶ୍ରଦ୍ଧାଳୁ ବାଇକ୍ ପାର୍କିଂ କରିବାକ୍ଷଣି ତାଙ୍କ ପାଖରେ ପହଞ୍ଚି ପାର୍କିଂ ଫି' ୨୦ ଟଙ୍କା ମାଗୁଛନ୍ତି। ଯେହେତୁ ସେ ଦୂରରୁ ଆସିଛନ୍ତି ଏଠାରେ ପାର୍କିଂ ପାଇଁ ଟଙ୍କା ଦେବାକୁ ପଡୁଛି କି ନାହିଁ ଜାଣୁନାହାନ୍ତି, ତେଣୁ ଗାଡ଼ି ଯେପରି ସୁରକ୍ଷିତ ଭାବେ ରହିବ ତେଣୁ ୨୦ ଟଙ୍କା ବଢ଼ାଇ ଦେଉଛନ୍ତି। ରସିଦ୍ ମାଗିଲେ ଏହା ଦରକାର ନାହିଁ, ଆପଣ ଦର୍ଶନ କରି ଆସନ୍ତୁ ଆମେ ଅଛୁ ବୋଲି ସମ୍ପୃକ୍ତ ଅସାମାଜିକ ବ୍ୟକ୍ତି କହୁଛନ୍ତି। ଏଥିରେ ବିଶ୍ୱାସ କରି ଭକ୍ତଟିଏ ବାଇକ୍ ରଖି ୨୦ ଟଙ୍କା ଦେଇ ଚାଲିଯାଉଛି। ଏମିତି ପ୍ରତିଦିନ ହଜାର ହଜାର ଟଙ୍କା ଅସାମାଜିକ ବ୍ୟକ୍ତିମାନେ ପାର୍କିଂ ନାଁରେ ପରିକ୍ରମା ମାର୍ଗରୁ ଲୁଟ୍ କରୁଛନ୍ତି। ବଡ଼ କଥା ହେଉଛି ଶ୍ରୀମନ୍ଦିର ଚତୁଃପାଶ୍ୱର୍ରେ ମାଳମାଳ ସୁରକ୍ଷା କର୍ମୀ ନିୟୋଜିତ ଅଛନ୍ତି। ହେଲେ ସେମାନେ କିପରି ଏହା ଜାଣିପାରୁନାହାନ୍ତି ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି।

### ଶ୍ରୀକ୍ଷେତ୍ରରେ ଭ୍ରାତୃ ଦ୍ୱିତୀୟା

## ଭାଇଙ୍କ ଶୁଭ ମନାସିଲେ ଭଉଣୀ

**ପୁରୀ,୨୩।୧୦(ସମିସ):** ଭ୍ରାତୃ ଦ୍ୱିତୀୟାରେ ଭଉଣୀମାନେ ଭାଇଙ୍କ ଶୁଭ ମନାସିବା ସହ ମିଷ୍ଟାନ୍ନ ଖୁଆଇ ସନ୍ତୁଷ୍ଟ କରିବାର ପରମ୍ପରା ରହିଛି। ସ୍ୱୟଂ ଯମରାଜଙ୍କ ଭଉଣୀ ଯମୁନା ତାଙ୍କ ଭାଇ ଯମଙ୍କୁ ମିଷ୍ଟାନ୍ନ ଖୁଆଇଥିଲେ। ସେହି ଉପଲକ୍ଷେ ଗୁରୁବାର ଯମେଶ୍ୱରଙ୍କ ମନ୍ଦିରରେ ଶ୍ରଦ୍ଧାଳୁମାନେ ପୂଜାର୍ଚ୍ଚନା କରିଥିଲେ। ଭଉଣୀମାନେ ପ୍ରଭୁ ଯମେଶ୍ୱରଙ୍କୁ ଆରାଧନା କରି ନିଜ ଭାଇଙ୍କ ଶୁଭ ମନାସିଥିଲେ। କାର୍ତ୍ତିକ ଅମାବାସ୍ୟାର ଦ୍ୱିତୀୟ ଦିନରେ ପାଳିତ ହୋଇଥାଏ ଏହି ଭ୍ରାତୃ ଦ୍ୱିତୀୟା। ଯମେଶ୍ୱରଙ୍କ ପୀଠରେ ଏହା ପ୍ରମୁଖ ପର୍ବ। ଏଥିପାଇଁ ରାତିରୁ ଦ୍ୱାର ଫିଟାଯାଇ ମନ୍ଦିର ଶୋଧ କରାଯାଇଥିଲା। ଏହାପରେ ଆଳତି, ଅବକାଶ, ସୂର୍ଯ୍ୟପୂଜା, ଦ୍ୱାରପାଳ ପୂଜା ଆଦି ନୀତି ସମ୍ପନ୍ନ ହୋଇଥିଲା। ପ୍ରଭୁ ଯମେଶ୍ୱରଙ୍କ ଆରାଧନା କରି ଝିଅମାନେ ନିଜ ଭାଇଙ୍କ ଶୁଭ ମନାସିଥିଲେ। ଏଥିସହ ଯମଙ୍କ ମୂର୍ତ୍ତି ନିକଟରେ ବେଣ୍ଟମୁଆଁ, କଦଳୀ, ଖଇକୋରା ଆଦି ପୂଜା କରିଥିଲେ। ସେହିପରି ହବିଷ୍ୟାଳିମାନେ ସ୍ୱର୍ଗପ୍ରାପ୍ତି ଆଶାରେ ପ୍ରଭୁ ଯମେଶ୍ୱରଙ୍କୁ ଦର୍ଶନ କରିବା ସହିତ ମନ୍ଦିର ପରିସର ଅଶ୍ୱତ୍ଥ ବୃକ୍ଷ ମୂଳରେ ନିଶୁଣି ଚିତ୍ର ଆଙ୍କିଥିଲେ। ଶ୍ରୀକ୍ଷେତ୍ରର ପଞ୍ଚ ମହାଦେବ (ଯମେଶ୍ୱର, ଲୋକନାଥ, ମାର୍କଣ୍ଡେଶ୍ୱର, କପାଳମୋଚନ ଓ ନୀଳକଣ୍ଠେଶ୍ୱର) ଙ୍କ ମନ୍ଦିର ରହିଛି। ଗୌଡ଼ବାଡ଼ ସାହିରେ ପ୍ରତିଷ୍ଠିତ ଶ୍ରୀଯମେଶ୍ୱର ପଞ୍ଚପାଣ୍ଡବଙ୍କ ମଧ୍ୟରେ ଧର୍ମରାଜ ଯୁଧିଷ୍ଠିର ରୂପେ ପରିଗଣିତ। କାର୍ତ୍ତିକ ଶୁକ୍ଳ ଦ୍ୱିତୀୟା ବା ଯମ ଦ୍ୱିତୀୟା ଏଠାରେ ଆଡ଼ମ୍ବର ସହକାରେ ପାଳିତ ହୁଏ। କାର୍ତ୍ତିକ ବ୍ରତଧାରୀ ଯମେଶ୍ୱରଙ୍କୁ ଦର୍ଶନ ପାଇଁ ଆସନ୍ତି। ବିଶ୍ୱାସ ରହିଛି ଏହିଦିନ ଯମେଶ୍ୱରଙ୍କୁ ଦର୍ଶନ କଲେ ଯମଦଣ୍ଡ ଭୋଗିବାକୁ ପଡ଼େନାହିଁ। ଏଥିସହ ସ୍ୱର୍ଗପ୍ରାପ୍ତି ମଧ୍ୟ ମିଳିଥାଏ।

### ପୁରୀ ଜିଲ୍ଲା ପ୍ରତିଷ୍ଠା ଦିବସ ପାଳିତ

## ପ୍ରାଚୀନ ଐତିହ୍ୟ ପୁରୀର ମୂଳ ପରିଚୟ

ପୁରୀ,୨୩।୧୦(ସମିସ)

ପୁରୀ ବିକାଶ ପରିଷଦ ପକ୍ଷରୁ ଗୁରୁବାର ସରକାରୀ ମହିଳା ମହାବିଦ୍ୟାଳୟରେ ପୁରୀ ଜିଲ୍ଲା ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି। ଓଡ଼ିଆ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ଶତ୍ରୁଘ୍ନ ପାଣିଗ୍ରାହୀ, ସୂଚନା ଓ ଲୋକ ସମ୍ପର୍କ ବିଭାଗ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ, ଓଡ଼ିଆ ଭାଷା ପ୍ରତିଷ୍ଠାନର ପ୍ରାକ୍ତନ ନିର୍ଦ୍ଦେଶକ ଡ. କୈଳାଶ ଚନ୍ଦ୍ର ଟିକାୟତରାୟ, ଶ୍ରୀଜଗନ୍ନାଥ ସଂସ୍କୃତି ଗବେଷକ ଡ. ସୁରେନ୍ଦ୍ର କୁମାର ମିଶ୍ର, ସରକାରୀ ମହିଳା ମହାବିଦ୍ୟାଳୟର ସ୍ନାତକୋତ୍ତର ଓଡ଼ିଆ ଭାଷା ଓ ସାହିତ୍ୟ ବିଭାଗ ମୁଖ୍ୟ ଡ. ପ୍ରମୋଦ କୁମାର ଷଡ଼ଙ୍ଗୀ ଏବଂ ସମାଜସେବୀ ଚକ୍ରଧର ମହାପାତ୍ର ଅତିଥି ଭାବେ ଯୋଗଦେଇଥିଲେ। ଏଥିରେ ପରିଷଦ ସଭାପତି ଜଗନ୍ନାଥ ବସ୍ତିଆ ଅଧ୍ୟକ୍ଷତା କରିଥିଲେ। ଅତିଥିମାନେ କହିଥିଲେ, ପୁରୀର ଆଧ୍ୟାତ୍ମିକ ପରିବେଶ, ପ୍ରାଚୀନ ଐତିହ୍ୟ, ସଂସ୍କୃତି ଓ ପରମ୍ପରା ଅନନ୍ୟ। ବିଶ୍ୱରେ ଅଦ୍ୱିତୀୟ। ଭବିଷ୍ୟତ ବଂଶଧରଙ୍କ ପାଇଁ ଏସବୁର ସୁରକ୍ଷା କରାଯିବା ଉଚିତ୍। ରାଜ୍ୟ ସରକାର ଏଥିପ୍ରତି ଅଧିକ ଗୁରୁତ୍ୱ ଦେବା ଦରକାର। ଶ୍ରୀଜଗନ୍ନାଥ ସଂସ୍କୃତିର ସୁରକ୍ଷା ଏବଂ ବ୍ୟାପକ ପ୍ରଚାରପ୍ରସାର ଆବଶ୍ୟକ। ପୁରୀକୁ ସମ୍ପୂର୍ଣ୍ଣ ମଦମୁକ୍ତ ଏବଂ ଆମିଷମୁକ୍ତ କରାଯିବାର ଆବଶ୍ୟକତା ରହିଛି। ପୁରୀ ବିଶ୍ୱର ଆଧ୍ୟାତ୍ମିକ ରାଜଧାନୀ ଏବଂ ସର୍ବଧର୍ମ ସମନ୍ୱୟ କେନ୍ଦ୍ର। ଶ୍ରୀଜଗନ୍ନାଥ ଓଡ଼ିଆ ଅସ୍ମିତାର ପରିଚୟ। ପ୍ରାଚୀନ ଐତିହ୍ୟ ଏବଂ ଭକ୍ତଙ୍କ ଧାର୍ମିକ ଭାବାବେଗକୁ ଦୃଷ୍ଟିରେ ରଖି ବିକାଶ ଯୋଜନା ପ୍ରସ୍ତୁତ ହେବା ଦରକାର। ପ୍ରାଚୀନ ଐତିହ୍ୟ ଏହାର ମୂଳ ପରିଚୟ। ତାହାର ସୁରକ୍ଷାରେ ସରକାର, ସ୍ଥାନୀୟ ଅଧିବାସୀ ଓ ଭକ୍ତଙ୍କ ମିଳିତ ଉଦ୍ୟମ କରାଯିବାକୁ ଅତିଥିମାନେ ପରାମର୍ଶ ଦେଇଥିଲେ। ସେହିପରି ଶ୍ରୀଜଗନ୍ନାଥ ଚେତନା ବିଶ୍ୱର କୋଟି କୋଟି ଲୋକଙ୍କୁ ଅନୁପ୍ରାଣିତ କରିଛି। ଯୁବଗୋଷ୍ଠୀ ସାଂସ୍କୃତିକ ବିଭବର ସୁରକ୍ଷା ପାଇଁ ଆଗେଇ ଆସିବାକୁ ଅତିଥିମାନେ ଆହ୍ୱାନ କରିଛନ୍ତି। ଏହାଛଡ଼ା ଶ୍ରୀଜଗନ୍ନାଥ ସଂସ୍କୃତିର ଅପପ୍ରଚାର କରି ଭକ୍ତଙ୍କ ଭାବାବେଗକୁ ଆଘାତ ଦେଉଥିବା ସଂସ୍ଥା ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ପାଇଁ ସେଥିରେ ମତପ୍ରକାଶ ପାଇଛି। ଶ୍ୟାମ ପ୍ରକାଶ ସେନାପତି କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ଓଡ଼ିଆ ବିଭାଗ ଅଧ୍ୟାପକ ଡ. ବିଭୁପ୍ରସାଦ ଶତପଥୀ ଧନ୍ୟବାଦ ଅର୍ପଣ କରିଥିଲେ। ପରିଷଦ ଉପସଭାପତି ସୁକାନ୍ତ କୁମାର ପଣ୍ଡା, ଡ. ରାଧେଶ୍ୟାମ ରଥ, ସଂଗଠନ ସମ୍ପାଦକ ସ୍ୱାଧୀନ କୁମାର ପଣ୍ଡା, ଗୋବିନ୍ଦ ଦାସ ଘୋଷ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।




## କମିଶନ ଲୋଭ — ଡାକ୍ତର ଭୁଲି ଯାଉଛନ୍ତି କି ଧର୍ମ !

ପୁରୀ,୨୩।୧୦(ସମିସ)

ରୋଗୀଙ୍କୁ ଉତ୍ତମ ସ୍ୱାସ୍ଥ୍ୟ ସୁବିଧା ଯୋଗାଇଦେବା ଉପରେ ସରକାର ଗୁରୁତ୍ୱ ଦେଉଛନ୍ତି। ଏଥିଲାଗି ବିଭିନ୍ନ ପ୍ରକାର ଯୋଜନା କାର୍ଯ୍ୟକାରୀ ହେଉଛି। ସରକାରୀ ଡାକ୍ତରଖାନାକୁ ଆସୁଥିବା ରୋଗୀମାନେ ଯେପରି ମାଗଣାରେ ଯଥାସମ୍ଭବ ଉତ୍ତମ ଚିକିତ୍ସା ସୁବିଧା ପାଇବେ ସେଥିପାଇଁ ଭିତ୍ତିଭୂମିର ବିକାଶଠାରୁ ଆରମ୍ଭ କରି ବିଭିନ୍ନ ଡାକ୍ତରୀ ପରୀକ୍ଷା, ଔଷଧ ଯୋଗାଇ ଦିଆଯାଉଛି। ଏହାସତ୍ତ୍ୱେ ଏମିତି କିଛି ଡାକ୍ତର ଅଛନ୍ତି ଯେଉଁମାନଙ୍କର ଘରୋଇ ହସ୍ପିଟାଲ, ପାଥୋଲାବ୍ ଏବଂ ମେଡିସିନ୍ ଦୋକାନ ପ୍ରୀତି ରହିଛି। କମିଶନ ଲୋଭରେ ସେମାନେ ତାଙ୍କ ଧର୍ମକୁ ଭୁଲି ଯାଉଛନ୍ତି। ରୋଗୀଙ୍କୁ ଘରୋଇ ହସ୍ପିଟାଲ, ପାଥୋଲାବ୍ ଏବଂ ମେଡିସିନ ଦୋକାନକୁ ପଠାଇଥା'ନ୍ତି। ପୁରୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଏମିତି କିଛି ଡାକ୍ତରଙ୍କ ନାଁରେ ପୂର୍ବରୁ ଅଭିଯୋଗ ରହି ଆସିଥିବାବେଳେ ପୁଣି ଏହାର ପୁନରାବୃତ୍ତି ଘଟିଛି। ଗୋଡ଼, ହାତ ଦରଜ ଏବଂ ଆଣ୍ଠୁଗଣ୍ଠି ଫୁଲି ଯାଇଥିବା ଜଣେ ରୋଗୀଙ୍କୁ ଅଲଟ୍ରାସାଉଣ୍ଡ ଏବଂ ରକ୍ତ ପରୀକ୍ଷା କରିବା ଲାଗି ଡାକ୍ତର ଘରୋଇ ପାଥୋଲାବ୍‌କୁ ପଠାଇବା ଘଟଣା ଏବେ ଚର୍ଚ୍ଚାର ବିଷୟ ହୋଇଛି। ଏହାକୁ ନେଇ ପୁରୀ ଜିଲ୍ଲା ଆମ୍ ଆଦ୍‌ମୀ ପାର୍ଟି (ଆପ୍) ଗଭୀର ଉଦ୍‌ବେଗ ପ୍ରକାଶ କରିଛି।

ସନ୍ଧ୍ୟାରାଣୀ ସିହ୍ନା ନାମକ ଜଣେ ମହିଳାଙ୍କ ଗୋଡ଼, ହାତ ଦରଜ ହେବା ସହ ଆଣ୍ଠୁଗଣ୍ଠି ଫୁଲି ଯାଇଥିଲା। ତେଣୁ ଡାକ୍ତରଙ୍କୁ ଦେଖାଇବା ପାଇଁ ସେ ପୁରୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ଯାଇଥିଲେ। ଆଉଟ୍‌ଡୋର୍‌ରେ ଥିବା ଜଣେ ଡାକ୍ତରଙ୍କୁ ସେ ତାଙ୍କ ରୋଗ ସମ୍ପର୍କରେ କହିଥିଲେ। ଡାକ୍ତର ତାଙ୍କୁ ଅଲଟ୍ରାସାଉଣ୍ଡ ଏବଂ ସିବିସି ପରୀକ୍ଷା ପାଇଁ ପରାମର୍ଶ ଦେଇଥିଲେ। ସେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ଅଲଟ୍ରାସାଉଣ୍ଡ ଏବଂ ରକ୍ତ ପରୀକ୍ଷା କରିବେ ବୋଲି କହିଥିଲେ। ହେଲେ ସମ୍ପୃକ୍ତ ଡାକ୍ତର ତାଙ୍କୁ ମନା କରିଥିଲେ। ବାହାରେ ଥିବା ଏକ ଘରୋଇ ପାଥୋଲାବ୍‌ରେ କରିବା ପାଇଁ କହିଥିଲେ। ଏଥିରେ ତାଙ୍କର ସନ୍ଦେହ ହୋଇଥିଲା। ତାଙ୍କର ଗୋଡ଼, ହାତ ଦରଜ ହେଉଛି, ସେ ଅଲଟ୍ରାସାଉଣ୍ଡ କାହିଁକି କରିବେ ବୋଲି ପଚାରିବାରୁ ଡାକ୍ତର ବିରକ୍ତି ଭାବ ପ୍ରକାଶ କରିଥିଲେ। ଅଲଟ୍ରାସାଉଣ୍ଡ ଏବଂ ରକ୍ତ ପରୀକ୍ଷା କରିଆଣିବା ପରେ ସେ ଔଷଧ ଲେଖିବେ ବୋଲି କହିଥିବା ସନ୍ଧ୍ୟାରାଣୀ କହିଛନ୍ତି। କେବଳ ସନ୍ଧ୍ୟାରାଣୀ ନୁହନ୍ତି, ଏକାଧିକ ରୋଗୀ ଡାକ୍ତର 'ନିରାମୟ'ରୁ ଔଷଧ ନ ଲେଖି ବାହାର ଔଷଧ ଦୋକାନରୁ ଆଣିବା ପାଇଁ ଲେଖୁଥିବା ପ୍ରାୟ ପ୍ରତିଦିନ ଅଭିଯୋଗ ହେଉଛି। ଏନେଇ ଆପ୍ ପୁରୀ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି କହିଛନ୍ତି, ଅନେକ ଦିନରୁ ଅଭିଯୋଗ ଆସୁଥିଲା ଯେ, ଜଣେ ବରିଷ୍ଠ ଡାକ୍ତର ସବୁବେଳେ ବାହାରୁ ମେଡିସିନ୍ ଲେଖୁଛନ୍ତି। ସେହିପରି ଅଯଥା ଘରୋଇ ପାଥୋଲାବ୍ ଏବଂ ଡାଇଗ୍ନୋଷ୍ଟିକ୍ ସେଣ୍ଟରରେ ବିଭିନ୍ନ ପ୍ରକାର ପରୀକ୍ଷା କରିବାକୁ କହୁଛନ୍ତି। ନିକଟରେ ଜଣେ ବରିଷ୍ଠ ନାଗରିକଙ୍କୁ ଘରୋଇ ଡାଇଗ୍ନୋଷ୍ଟିକ୍ ସେଣ୍ଟରକୁ ପଠାଇଥିଲେ। ସେଠାରେ ତାଙ୍କଠାରୁ ୧୨୦୦ ଟଙ୍କା ନିଆଯାଇଥିଲା। ଏ ନେଇ ଆପ୍ ପକ୍ଷରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଅଭିଯୋଗ କରାଯାଇଥିଲା। ଏହାର ତଦନ୍ତ କରାଯାଉଥିବା ସିଡିଏମ୍‌ଓ କହିଥିଲେ। ଏବେ ପୁଣି ସମାନ ଅଭିଯୋଗ ଆସିଛି। ନିର୍ଦ୍ଦିଷ୍ଟ ପାଥୋଲାବ୍‌କୁ ସମ୍ପୃକ୍ତ ଡାକ୍ତର ବିଭିନ୍ନ ପରୀକ୍ଷା ଏପରିକି ଅନାବଶ୍ୟକ ମନେ ହେଉଥିବା ପରୀକ୍ଷା କରାଇବାକୁ ରୋଗୀଙ୍କୁ ପଠାଉଛନ୍ତି। ଯଦି ସରକାର ରୋଗୀଙ୍କ ପାଇଁ ଏତେ ସୁବିଧା ଯୋଗାଇ ଦେଇଛନ୍ତି ତେବେ ସାଧାରଣ ଜନତା ସୁଫଳ ପାଉନାହାନ୍ତି କାହିଁକି? ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଅଲଟ୍ରାସାଉଣ୍ଡ, ରକ୍ତ ପରୀକ୍ଷା ସୁବିଧା ଯଦି ନାହିଁ ତେବେ ଏଠାରେ କେଉଁ ପ୍ରକାର ସେବା ମିଳିପାରୁଛି ବୋଲି ପ୍ରଶ୍ନ କରିଛନ୍ତି ସଞ୍ଜୀବ। ଡାକ୍ତରମାନଙ୍କ ଧର୍ମ ହେଉଛି ରୋଗୀ ସେବା। ହେଲେ କିଛି ଡାକ୍ତର କମିଶନ ଲୋଭରେ ନିଜ ଧର୍ମକୁ ଭୁଲି ଯାଉଛନ୍ତି। ଡାକ୍ତରମାନେ ଘରୋଇ ହସ୍ପିଟାଲ, ପାଥୋଲାବ୍ ଏବଂ ଔଷଧ ଦୋକାନ ସହିତ ଭିତିରିଆ ବୁଝାମଣା କରି ରୋଗୀଙ୍କୁ ପଠାଉଥିବା ସେ ଅଭିଯୋଗ କରିଛନ୍ତି।

**ଉଦ୍‌ବେଗ ପ୍ରକାଶ କଲା ଆପ୍**

### ● ହାବିଲ୍‌ଦାର ଓ କନଷ୍ଟେବଲ ସଂଘର ବାର୍ଷିକ ଉତ୍ସବ

## 'ଲୋକଙ୍କ ଭରସା, ବିଶ୍ୱାସକୁ ଅତୁଟ ରଖ'



**ପୁରୀ,୨୩।୧୦(ସମିସ):** ପୁରୀ ପୁଲିସ ଲାଇନ୍‌ରେ ବୁଧବାର ଓଡ଼ିଶା ପୁଲିସ ହାବିଲ୍‌ଦାର ଏବଂ କନଷ୍ଟେବଲ ଆସୋସିଏସନ ପୁରୀର ୪୬ତମ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଏସ୍‌ପି ପ୍ରତୀକ ସିଂ ମୁଖ୍ୟଅତିଥି ଭାବେ ଯୋଗଦେଇ କହିଥିଲେ ଯେ, ପୁରୀ ପୁଲିସ ଭଲ କାମ କରୁଛି। ପୁଲିସ ଉପରେ ଲୋକଙ୍କ ଯଥେଷ୍ଟ ଭରସା ଏବଂ ବିଶ୍ୱାସ ରହିଛି। ଆମେ ସେହି ଭରସା ଏବଂ ବିଶ୍ୱାସକୁ ଅତୁଟ ରଖିବା ସହିତ ଜନସାଧାରଣଙ୍କୁ ଯେପରି ଉତ୍ତମ ସେବା ପ୍ରଦାନ କରିବା ତା' ଉପରେ ସମସ୍ତେ ଗୁରୁତ୍ୱ ଦେବାକୁ ପରାମର୍ଶ ଦେଇଥିଲେ। ଏଥିରେ ହାବିଲ୍‌ଦାର କନଷ୍ଟେବଲ ଆସୋସିଏସନ ପୁରୀର ସଭାପତି ସନ୍ତୋଷ ମହାନ୍ତି ଅଧ୍ୟକ୍ଷତା କରିଥିଲେ। ଉପସଭାପତି ସନ୍ତୋଷ ସାହୁ, ସମ୍ପାଦକ ସୂର୍ଯ୍ୟତାପ ଜେନା, କୋଷାଧ୍ୟକ୍ଷ ଦିଲ୍ଲୀପ ଭୋଇଙ୍କ ସହ ନିର୍ବାଚିତ ସଦସ୍ୟ ବଳରାମ ମଲ୍ଲିକ, ହେମନ୍ତ ସାହୁ, ଗୋଲେଖ ସାହୁ ଏବଂ ଆରତି ମହାରଣା ଉପସ୍ଥିତ ରହି ଉତ୍ସବକୁ ସଫଳ କରିଥିଲେ। ଏଥିରେ ପୁରୀ ଜିଲ୍ଲାର ସମସ୍ତ ବରିଷ୍ଠ ପୁଲିସ ଅଧିକାରୀ ଉପସ୍ଥିତ ହୋଇ ସଭାକୁ ଗୌରବାନ୍ୱିତ କରିଥିଲେ। ଏହି ଅବସରରେ ପୁଲିସ କର୍ମଚାରୀମାନଙ୍କ ମାନସିକ ଓ ସାମାଜିକ ଉନ୍ନତି ସହିତ ସଂଗଠନର ଭବିଷ୍ୟତ ଯୋଜନା ବିଷୟରେ ଆଲୋଚନା କରାଯାଇଥିଲା। ସମାରୋହରେ ବିଭିନ୍ନ ପ୍ରକାର ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।

## ମାନସଙ୍କୁ ଧନ୍ୟବାଦ ଜଣାଇଲେ ଅମିତ୍ ଶାହ

**ପୁରୀ,୨୩।୧୦(ସମିସ):** କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ୍ ଶାହଙ୍କ ଜନ୍ମଦିନ ଅବସରରେ ଗତ ମଙ୍ଗଳବାର ଆନ୍ତର୍ଜାତିକ ବାଲୁକା ଶିଳ୍ପୀ ମାନସ ସାହୁ ସ୍ୟାଣ୍ଡ ଆନିମେସନ୍ ମାଧ୍ୟମରେ ତାଙ୍କୁ ଶୁଭେଚ୍ଛା ବାର୍ତ୍ତା ଜଣାଇଥିଲେ। ଏହି ବାର୍ତ୍ତାକୁ ସ୍ୱରାଷ୍ଟ୍ର ମନ୍ତ୍ରୀ ନିଜ 'ଏକ୍ସ' ହ୍ୟାଣ୍ଡେଲରେ ପ୍ରଶଂସା କରି ମାନସଙ୍କୁ ଧନ୍ୟବାଦ ଜଣାଇଛନ୍ତି। ସୂଚନାଥାଉ କି, ଏହି ସ୍ୟାଣ୍ଡ ଆନିମେସନକୁ ପ୍ରସ୍ତୁତ କରିବା ଲାଗି ମାନସଙ୍କୁ ୨ ଘଣ୍ଟା ସମୟ ଲାଗିଥିଲା। ୧ ମିନିଟ୍‌ର ଏହି ସ୍ୟାଣ୍ଡ ଆନିମେସନ ଭିଡିଓଟିକୁ ମାନସ ପୁରୀରେ ଥିବା ତାଙ୍କ ସ୍ୟାଣ୍ଡ ଆନିମେସନ ଷ୍ଟୁଡିଓରେ ପ୍ରସ୍ତୁତ କରିଥିଲେ।

## ପିଲାଙ୍କ ଇଚ୍ଛା ଓ ଆଗ୍ରହକୁ ସମ୍ମାନ ଦେବା ଦରକାର

ପୁରୀ,୨୩।୧୦(ସମିସ)



ପୁରୀ ପୌରପାଳିକା ସମନ୍ୱିତ ଶିଶୁ ବିକାଶ କାର୍ଯ୍ୟାଳୟ ପକ୍ଷରୁ ଗୁରୁବାର ସଂସ୍କୃତି ଭବନଠାରେ ଅଦ୍ୱିକା କାର୍ଯ୍ୟକ୍ରମ ଅନ୍ତର୍ଗତ ପ୍ରତିଭା ଚୟନ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟଅତିଥି ଭାବେ ଯୋଗଦେଇ ସୂଚନା ଓ ଲୋକ ସମ୍ପର୍କ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ ପ୍ରତ୍ୟେକ ପିଲା ମଧ୍ୟରେ ପ୍ରତିଭା ରହିଛି। ଏହାର ଉନ୍ମେଷ ଓ ବିକାଶ ପାଇଁ ପିତାମାତା, ଅଭିଭାବକ, ଗୁରୁମାନେ ଉଦ୍ୟମ କରିବାକୁ ସେ ପରାମର୍ଶ ଦେଇଥିଲେ। ଅନେକ ସମୟରେ ପିଲାମାନଙ୍କ ପ୍ରତି ଚାପ ସୃଷ୍ଟି କରି ପିତାମାତା ନିଜର ଇଚ୍ଛାକୁ ତାଙ୍କ ଉପରେ ଲଦି ଦିଅନ୍ତି। ଯାହା ତାହାର ପ୍ରାକୃତିକ ପ୍ରତିଭାକୁ ପ୍ରଭାବିତ କରିଥାଏ ବୋଲି କହିବା ସହ ପିଲାଙ୍କ ଇଚ୍ଛା ଓ ଆଗ୍ରହକୁ ସମ୍ମାନ ଦେବାକୁ ଅନୁରୋଧ କରିଥିଲେ। ପୌରପାଳିକାର ସିଡିପିଓ ବିନୋଦିନୀ ତ୍ରିପାଠୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ବ୍ଲକ୍ ଶିକ୍ଷା ଅଧିକାରୀ ରାଜକିଶୋର ସାହୁ, ମମତାର ଡିପିସି ପ୍ରଣତି ମହାନ୍ତି ପ୍ରମୁଖ ଯୋଗଦେଇ କିଶୋର କିଶୋରୀଙ୍କ ସର୍ବାଙ୍ଗୀଣ ବିକାଶ କ୍ଷେତ୍ରରେ ସମସ୍ତଙ୍କ ସହଯୋଗ ପାଇଁ ଅନୁରୋଧ କରିଥିଲେ। ପରେ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। କାର୍ଯ୍ୟକ୍ରମରେ ପୋଷଣର ବିସି ସର୍ବଶ୍ରୀ ପୃଷ୍ଟି, ପିଏ ପ୍ରଜ୍ଞା ପ୍ରିୟଦର୍ଶିନୀ, ସୁପରଭାଇଜର ପ୍ରଣତି ଚିନାରା, ଅଞ୍ଜଳି ମଲ୍ଲିକ, ଅଙ୍ଗନବାଡ଼ି କର୍ମୀ, ସହାୟକ ଓ କିଶୋରୀମାନେ ଯୋଗଦେଇଥିଲେ।

**ଅଦ୍ୱିକା ପ୍ରତିଭା ଚୟନ**

## ୬.୭୧ ଗ୍ରାମ୍ ବ୍ରାଉନ୍‌ସୁଗର ଜବତ, ଜଣେ ଗିରଫ

**ପୁରୀ,୨୩।୧୦(ସମିସ):** ବ୍ରାଉନ୍‌ସୁଗର ବିକ୍ରି ଅଭିଯୋଗରେ କୁମ୍ଭାରପଡ଼ା ଥାନା ପୁଲିସ ଜଣକୁ ଗିରଫ କରିଛି। ଅଭିଯୁକ୍ତ ହେଲେ ବାସେଳିସାହି ଥାନା ଅନ୍ତର୍ଗତ ତ୍ରିଦେବ ନଗରର ଆଶିଷ କୁମାର ରଥ। ପୁଲିସ ସୂଚନା ଅନୁଯାୟୀ, ଗୁରୁବାର ସକାଳେ ଥାନା କର୍ମଚାରୀମାନେ ପାଟ୍ରୋଲିଂ କରୁଥିବା ସମୟରେ ବ୍ରାଉନ୍‌ସୁଗର ବିକ୍ରି ହେଉଥିବା ନେଇ ବିଶେଷ ସୂତ୍ରରୁ ଖବର ପାଇଥିଲେ। ସଙ୍ଗେ ସଙ୍ଗେ ଚଢ଼ଉ କରି ଆଶିଷଙ୍କୁ କାବୁ କରିବା ସହ ତାଙ୍କ ନିକଟରୁ ୬.୭୧ ଗ୍ରାମ୍ ବ୍ରାଉନ୍‌ସୁଗର ଜବତ କରିଥିଲେ। ଏ ନେଇ ଏକ ମାମଲା (ନଂ.୪୯୨/୨୫) ରୁଜୁ କରାଯାଇ ତାଙ୍କୁ କୋର୍ଟଚାଲାଣ କରାଯାଇଛି।

## ନଗ୍ନ ଫଟୋ ଓ ଭିଡିଓ ଭାଇରାଲ ଧମକ; ଅଭିଯୁକ୍ତ ଗିରଫ

**ପୁରୀ,୨୩।୧୦(ସମିସ):** ଜଣେ ମହିଳାଙ୍କୁ ବଦ୍‌ନାମ କରିବା ପାଇଁ ତାଙ୍କ ନାମରେ ନଗ୍ନ ଫଟୋ ଓ ଭିଡିଓ ଭାଇରାଲ କରିଦେବାର ଧମକ ଦେବା ଅଭିଯୋଗରେ ତାଳବଣିଆ ଥାନା ପୁଲିସ ଜଣକୁ ଗିରଫ କରିଛି। ଅଭିଯୁକ୍ତ ହେଲେ ଭଦ୍ରକ ତିହିଡ଼ି ଥାନା ଅନ୍ତର୍ଗତ ରାଢ଼ଙ୍ଗର ପଙ୍କଜ ଦାସ (୨୮)। ପୁଲିସ ସୂଚନା ଅନୁଯାୟୀ, ଗତ ୯ ତାରିଖରେ ଜଣେ ମହିଳା ଅଭିଯୋଗ କରିଥିଲେ ଯେ, ସେ ଦୁଇବର୍ଷ ହେବ ବିବାହ କରିଛନ୍ତି। ତାଙ୍କ ସ୍ୱାମୀ ବାହାରେ ରହୁଛନ୍ତି। ସେ ଓ ତାଙ୍କ ଝିଅ ପୁରୀରେ ରହୁଥିବାବେଳେ ଦେଢ଼ଶୁର ପ୍ରଦ୍ୟୁମ୍ନ ବିଶ୍ୱାଳ ୨୦୦୦ ଟଙ୍କା ଦାବି କରିଥିଲେ। ନଚେତ୍ ତାଙ୍କୁ ବଦ୍‌ନାମ କରିବା ପାଇଁ ତାଙ୍କ ନାମରେ ନଗ୍ନ ଫଟୋ ଏବଂ ଭିଡିଓ ସୋସିଆଲ ମିଡିଆରେ ଭାଇରାଲ କରିଦେବାକୁ ଧମକ ଦେଇଥିଲେ। ଏ ନେଇ ସମ୍ପୃକ୍ତା ମହିଳା ଗତ ୯ ତାରିଖରେ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ତାଙ୍କ ନିକଟକୁ ଏକ ମୋବାଇଲ୍‌ରୁ ବାରମ୍ବାର କଲ୍ ଏବଂ ଭିଡିଓ କଲ୍ ଆସୁଥିଲା। ତାଙ୍କ ଦେଢ଼ଶୁର ଏବଂ ଜଣେ ଅଜଣା ବ୍ୟକ୍ତି ଦୀର୍ଘଦିନ ଧରି ଏକ ମୋବାଇଲ୍‌ରୁ ମହିଳାଙ୍କ ନଗ୍ନ ଫଟୋ ପଠାଇ ଟଙ୍କା ଦାବି କରୁଥିଲେ। ଅଭିଯୋଗ ପରେ ପୁଲିସ ଏକ ମାମଲା (ନଂ.୨୧୦/୨୫) ରୁଜୁ କରି ତଦନ୍ତ ଚଳାଇଥିବା ବେଳେ ଗୁରୁବାର ଅଭିଯୁକ୍ତ ପଙ୍କଜକୁ ଗିରଫ କରି କୋର୍ଟଚାଲାଣ କରିଛି।

## ପ୍ୟାନେଲ ଆଡ୍‌ଭୋକେଟ୍‌ଙ୍କୁ ଶିଶୁ ଅଧିକାର ସୁରକ୍ଷା ତାଲିମ

### ୭୦ ପାରାଲିଗାଲ୍ ସ୍ୱେଚ୍ଛାସେବୀଙ୍କୁ ଦିଆଗଲା ପ୍ରଶିକ୍ଷଣ

ପୁରୀ,୨୩।୧୦(ସମିସ)


ପୁରୀ ଜିଲ୍ଲା ଆଇନ ସେବା ପ୍ରାଧିକରଣ ସମ୍ମିଳନୀ କକ୍ଷରେ ୭୦ ଜଣ ପାରାଲିଗାଲ ସ୍ୱେଚ୍ଛାସେବୀ ଓ ପ୍ୟାନେଲ ଆଡ୍‌ଭୋକେଟ୍‌ଙ୍କୁ ନେଇ ଶିଶୁ ଅଧିକାର ସୁରକ୍ଷା ସମ୍ପର୍କିତ ତାଲିମ୍ ଅନୁଷ୍ଠିତ ହୋଇଥିଲା। ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍, ଜିଲ୍ଲା ପ୍ରଶାସନ, ଜିଲ୍ଲା ଆଇନ ସେବା ପ୍ରାଧିକରଣ ପୁରୀଙ୍କ ମିଳିତ ସହଯୋଗରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ମନୋଜ କୁମାର ତ୍ରିପାଠୀ ସ୍ୱାଗତ ଭାଷଣ ଦେଇଥିଲେ। ସେ କହିଥିଲେ, ମିଶନ ବାତ୍ସଲ୍ୟ ଯୋଜନା ଅନ୍ତର୍ଗତ ସେବାଗୁଡ଼ିକ ବିଷୟରେ ସଚେତନତା ସୃଷ୍ଟିକରି ଶିଶୁମାନଙ୍କୁ ସୁରକ୍ଷିତ ରଖିବାକୁ ପ୍ରୟାସ କରିବା ଜରୁରୀ। କାର୍ଯ୍ୟକ୍ରମରେ ଶିଶୁମାନଙ୍କ ଅଧିକାର ଓ ସୁରକ୍ଷା ସମ୍ପର୍କିତ କାର୍ଯ୍ୟକାରୀ ହେଉଥିବା ସମସ୍ତ ଆଇନ ଯଥା- କିଶୋର ନ୍ୟାୟ ଆଇନ, ଶିଶୁମାନଙ୍କୁ ଯୌନ ଶୋଷଣ ସୁରକ୍ଷା ଆଇନ, ଶିଶୁ ଶ୍ରମ ନିଷେଧ ଅଧିନିୟମ, ବାଲ୍ୟବିବାହ ନିଷେଧ ଆଇନ ବିଷୟରେ ବିଷଦ୍ ଆଲୋଚନା ଓ ତାଲିମ ପ୍ରଦାନ କରାଯାଇଥିଲା।

ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ଶରତ ଚନ୍ଦ୍ର ବେହେରା ଯୋଗଦେଇ କହିଥିଲେ ଯେ ବିପଦରେ ପଡ଼ିଥିବା ବା ବିପଦବଳୟକୁ ଚାଲିଯିବାର ସମ୍ଭାବନା ଥିବା ଶିଶୁମାନଙ୍କୁ ଉଦ୍ଧାର, ଥଇଥାନ, ସାମାଜିକ ସମ୍ମିଶ୍ରଣରେ ପାରାଲିଗାଲ ଭଲ୍ୟୁଣ୍ଟରଙ୍କ ଭୂମିକା ଅତି ଗୁରୁତ୍ୱପୂର୍ଣ୍ଣ। ଏଣୁ ଶିଶୁ ଅଧିକାର ସୁରକ୍ଷା ସମ୍ପର୍କିତ ଆଇନ ସମ୍ବନ୍ଧରେ ସମ୍ପୂର୍ଣ୍ଣ ଅବଗତ ହୋଇ ତୃଣମୂଳସ୍ତରରେ ଜନସାଧାରଣଙ୍କୁ ସଚେତନ କରିବାକୁ ଆହ୍ୱାନ କରିଥିଲେ। ସମ୍ମାନିତ ଅତିଥି ଭାବେ ଶିଶୁ ମଙ୍ଗଳ କମିଟି ଅଧ୍ୟକ୍ଷ ଡ. ଅଜିତ୍ କୁମାର ମହାପାତ୍ର, ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବ ପରିତୋଷ କୁମାର ସେଠୀ, କିଶୋର ନ୍ୟାୟ ବୋର୍ଡ ଅଧ୍ୟକ୍ଷ ଶୋଭେନ୍ କାନୁନ୍‌ଗୋ ପ୍ରମୁଖ ଯୋଗଦେଇ ଶିଶୁ ସୁରକ୍ଷାର ଆଇନଗତ ଦିଗ ଉପରେ ଆଲୋକପାତ କରିଥିଲେ। ୟୁନିସେଫ୍‌ର ପରାମର୍ଶଦାତା ଘାସିରାମ ପଣ୍ଡା ତାଲିମଦାତା ଭାବରେ ଯୋଗଦେଇ ବାଲ୍ୟ ବିବାହ ନିଷେଧ ଓ ଶିଶୁମାନଙ୍କୁ ଯୌନ ଶୋଷଣରୁ ସୁରକ୍ଷା ସମ୍ବନ୍ଧରେ ଆଇନ, ଯୋଜନା ଏବଂ ପ୍ରତିଷେଧକ ବ୍ୟବସ୍ଥାଗୁଡ଼ିକ ସମ୍ବନ୍ଧରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ। ଆଇନ ପରିବୀକ୍ଷ ଅଧିକାରୀ ସନ୍ତୋଷ କୁମାର ସାହୁ ଆଇନ ସହିତ ଦ୍ୱନ୍ଦ୍ୱରେ ଥିବା ଶିଶୁମାନଙ୍କ ଥଇଥାନ ସମ୍ପର୍କରେ ଆଲୋଚନା କରିଥିଲେ। ବିଭିନ୍ନ ଯୋଜନା ସହିତ ଏହି ଶିଶୁମାନଙ୍କୁ ଯୋଡ଼ିବା ସହିତ ସେମାନଙ୍କର ସର୍ବାଙ୍ଗୀଣ ଉନ୍ନତି ପାଇଁ ସାମୂହିକ ସହଯୋଗରେ କାମ କରିବାକୁ କହିଥିଲେ। ସୁରକ୍ଷା ଅଧିକାରୀ ଶୁଭନାରାୟଣ ଶତପଥୀ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍ ଓ ଚାଇଲ୍ଡ ହେଲ୍ପଲାଇନ୍‌ର କର୍ମକର୍ତ୍ତା ସହଯୋଗ କରିଥିଲେ।



ସକାଳ
THE SAKALA

# ସମ୍ପାଦକୀୟ



ମୋ ସଫଳତାର ରହସ୍ୟ ହେଲା ଜୀବନରେ ସମ୍ମୁଖୀନ ହୋଇଥିବା ସମସ୍ତ ବିପର୍ଯ୍ୟୟକୁ ସୁଯୋଗରେ ପରିଣତ କରିବାକୁ ଚେଷ୍ଟା କରିଛି।

-ଜନ୍ ଡି ରକ୍‌ଫେଲର

## ଜଗିବ କିଏ?

କୃତ୍ରିମ ବୁଦ୍ଧିମତ୍ତା(ଏଆଇ) ପ୍ରକ୍ରିୟାକୃତ ଉଦ୍ଭଟ, ଅତିରଞ୍ଜିତ ଓ ନକଲି ଦୃଶ୍ୟଶ୍ରାବ୍ୟର ପ୍ରଚାର/ପ୍ରସାରକୁ ନିୟନ୍ତ୍ରଣ ଓ ନିରୁତ୍ସାହିତ କରିବା ପାଇଁ କେନ୍ଦ୍ର ସରକାର ପ୍ରଚଳିତ ସୂଚନା ପ୍ରଯୁକ୍ତି ବିଦ୍ୟା(ଅନ୍ତରୀଣ ମାର୍ଗଦର୍ଶିକା ଏବଂ ଡିଜିଟାଲ୍ ମିଡିଆ ନୀତି ସଂହିତା) ନିୟମ - ୨୦୨୧ରେ କେତେକ ସମୟୋପଯୋଗୀ ସଂଶୋଧନ ଆଣିବାକୁ ଯାଉଛନ୍ତି। ସରକାର ଜାରି କରିଥିବା ଚିଠା ଅଧିନିୟମ ଅନୁଯାୟୀ ଏଣିକି ସାମାଜିକ ଗଣମାଧ୍ୟମରେ ଅପ୍‌ଲୋଡ୍ ହେଉଥିବା ଦୃଶ୍ୟଶ୍ରାବ୍ୟ(ଭିଡିଓ/ଅଡିଓ), ଚିତ୍ର(ଫଟୋ)ଗୁଡ଼ିକ 'ଏଆଇ ପ୍ରକ୍ରିୟାକୃତ କି ନୁହେଁ' ତାହା ବ୍ୟବହାରକାରୀମାନେ ଏକ ଘୋଷଣାନାମା ଜରିଆରେ ନିଶ୍ଚିତ କରିବେ। ଉକ୍ତ ଭିଡିଓ/ଫଟୋ ଏଆଇ ପ୍ରକ୍ରିୟାକୃତ ହୋଇଥିଲେ ସେଥିରେ ଏକ ପ୍ରତୀକ ବା ଲେବଲ୍ ରହିବା ବାଧ୍ୟତାମୂଳକ, ଯାହା ଉକ୍ତ ଅପ୍‌ଲୋଡ୍ ବିବରଣୀର ଅତିକମ୍‌ରେ ୧୦% ସ୍ଥାନରେ ଦୃଶ୍ୟମାନ ହେଉଥିବ।

ଅଧୁନା ସାମାଜିକ ଗଣମାଧ୍ୟମରେ ବହୁଳ ପ୍ରସାରିତ ଏଭଳି ବିଭ୍ରାନ୍ତିକର ମିଛ(ଡିପ୍‌ଫେକ୍) ଭିଡିଓ/ଫଟୋ/ବାର୍ତ୍ତାଗୁଡ଼ିକ ଜାତି-ଧର୍ମ-ବର୍ଣ୍ଣ-ଦଳ-ବୟସ-ବର୍ଗ-ଲିଙ୍ଗ ନିର୍ବିଶେଷରେ ଉତ୍କଟ ପାରିବାରିକ-ସାମାଜିକ-ରାଜନୈତିକ-ଅର୍ଥନୈତିକ ସମସ୍ୟା ସୃଷ୍ଟି କରୁଛି ଏବଂ ଦେଶର ପ୍ରତିରକ୍ଷା ଓ ସାର୍ବଭୌମତ୍ୱ ପ୍ରତି ବିପଦ ଡାକି ଆଣୁଛି। ତେଣୁ ଏହାର ପ୍ରତିକାର ପାଇଁ ସବୁମହଲରୁ ଦାବି ହୋଇଆସୁଛି। ଚୀନ୍ ସମେତ କେତେକ ବିକଶିତ ଓ ବିକାଶଶୀଳ ରାଷ୍ଟ୍ର ଏ ଦିଗରେ ପୂର୍ବରୁ ପଦକ୍ଷେପ ନେଇସାରିଥିବା ବେଳେ ବିଳମ୍ବରେ ହେଲେ ମଧ୍ୟ ଭାରତ ସରକାରୀଙ୍କ ପଦକ୍ଷେପ ନିଶ୍ଚୟ ସ୍ୱାଗତଯୋଗ୍ୟ। ସାମାଜିକ ଗଣମାଧ୍ୟମର ଅପବ୍ୟବହାର, ଦୁରୁପଯୋଗର ନିୟନ୍ତ୍ରଣ ପାଇଁ କେନ୍ଦ୍ର ସରକାର ଆଇନ ପ୍ରଣୟନ କରିଛନ୍ତି ଏବଂ ନିୟମିତ ବ୍ୟବଧାନରେ ସେଥିରେ ଆବଶ୍ୟକ ସଂଶୋଧନ କରୁଛନ୍ତି। କିନ୍ତୁ କାର୍ଯ୍ୟାନ୍ୱୟନରେ ଶିଥିଳତା ଓ ପ୍ରୟୋଗାତ୍ମକ ବିଫଳତା କାରଣରୁ ଗଳାବାଟର ଫାଇଦା ଉଠାଇ ଡିପ୍‌ଫେକ୍ ପ୍ରଭାବ ବିସ୍ତାର କରିଚାଲିଛି। ତେଣୁ ନୂଆ ପ୍ରୟାସକୁ ଚୂଡ଼ାନ୍ତ ରୂପରେଖ ଦେବା ପୂର୍ବରୁ ଜନସାଧାରଣଙ୍କଠାରୁ ମତାମତ ଆହ୍ୱାନ କରିଛନ୍ତି।

ଚିଠା ସଂଶୋଧନ ନିୟମର ଉପଲବ୍ଧ ବିବରଣୀ ଆଧାରରେ ଆମର ମତ ହେଉଛି, କ୍ରମବର୍ଦ୍ଧିଷ୍ଣୁ ବୈଷୟିକ ଜ୍ଞାନକୌଶଳ ଆଧାରିତ ଅପରାଧ ଦୃଷ୍ଟିରୁ ଏତିକି କଟକଣା ଯଥେଷ୍ଟ ନୁହେଁ। ଏବେ ଭାରତର ପ୍ରାୟ ୯୦କୋଟି ଲୋକଙ୍କ ହାତରେ ଇଣ୍ଟରନେଟ୍ ଯୁକ୍ତ ସ୍ମାର୍ଟଫୋନ୍ ରହିଛି। ଯିଏ ଯେତେବେଳେ ଯାହା ଇଚ୍ଛା କଲା ସାମାଜିକ ଗଣମାଧ୍ୟମରେ ଅପ୍‌ଲୋଡ୍ କରିଦେଉଛି ଏବଂ ନିମିଷକେ ତାହା ସାରା ବିଶ୍ୱରେ ବ୍ୟାପିଯାଉଛି। ଏହାଛଡ଼ା ଭାରତ ବିରୋଧୀ ବିଦେଶୀ ତତ୍ତ୍ୱଙ୍କ ସଂଖ୍ୟା ମଧ୍ୟ କିଛି କମ୍ ନୁହେଁ। ସେମାନଙ୍କଠାରୁ 'ଏଆଇ ପ୍ରକ୍ରିୟାକୃତ' ସ୍ୱୀକାରୋକ୍ତି ଓ ସାଧୁତା ଆଶା କରିବା ବୃଥା। ଯଦି ସେମାନେ ସ୍ୱୀକାରୋକ୍ତି ନ କରନ୍ତି ଏବଂ ଉଦ୍ଦିଷ୍ଟ ଲେବଲ୍ ସଂଯୋଗ ନ କରନ୍ତି କିମ୍ବା ଏଆଇ ପ୍ରକ୍ରିୟାକୃତ ହୋଇ ମଧ୍ୟ ଉଦ୍ଦେଶ୍ୟମୂଳକ ଭାବେ ଘୋଷଣାନାମା ପ୍ରକାଶ ନ କରନ୍ତି ସେଥିପାଇଁ ଉତ୍ତରଦାୟୀ ହେବ କିଏ? ଇତିମଧ୍ୟରେ ବିଶ୍ୱସ୍ତରରେ ମେଟା ଏଭଳି କେତେକ ସଂସ୍ଥା କଟକଣା ଜାରି କରିଥିଲେ ମଧ୍ୟ ଡିପ୍‌ଫେକ୍‌ର ସଂଖ୍ୟାରେ ଆଶାନୁରୂପ ହ୍ରାସ ଘଟିନାହିଁ। ଅପରପକ୍ଷରେ ଏଭଳି ଡିପ୍‌ଫେକ୍ ଭିଡିଓ/ଅଡିଓ ଫଟୋ ଯୋଗୁଁ ସାମାଜିକ ଗଣମାଧ୍ୟମ ସଂସ୍ଥାମାନଙ୍କର ଆୟ ବହୁଗୁଣରେ ବଢ଼ିବାରେ ଲାଗିଛି। ତେଣୁ ନିଜକୁ ନିଜେ ନିୟନ୍ତ୍ରଣ କରି ବା ଆତ୍ମସଂଯମ ହୋଇ ସେମାନେ ଅର୍ଥାଗମର ବାଟକୁ ଯେ କାଣ୍ଟଛାଣ୍ଟ କରିବେ ସେ ବିଶ୍ୱାସ ଆସୁନାହିଁ।

ନିୟମକୁ ପ୍ରଭାବଶାଳୀ କରିବାକୁ ହେଲେ ତୃତୀୟ ପକ୍ଷକୁ ଉତ୍ତରଦାୟୀ କଲା ଭଳି ଏକ ସର୍ତ୍ତ ରହିବା ଆବଶ୍ୟକ। ପ୍ରତିମୁହୂର୍ତ୍ତରେ ବିଶ୍ୱସ୍ତରରେ ଲକ୍ଷ ଲକ୍ଷ ସଂଖ୍ୟାରେ ଭିଡିଓ ଫଟୋ ଅପ୍‌ଲୋଡ୍ ହେଉଛି, ଯାହାର ତତ୍କାଳ ତନଖି ସମ୍ଭବ ନୁହେଁ। ତେଣୁ କଣ୍ଟାକୁ କଣ୍ଟାରେ କାଢ଼ିବା ନିୟମ ଭଳି ଏଆଇ ପ୍ରକ୍ରିୟାକୃତ ଭିଡିଓ/ଅଡିଓ/ଫଟୋକୁ ଅପ୍‌ଲୋଡ୍‌ମାତ୍ରେ ଚିହ୍ନଟ କରିବା ପାଇଁ ଏଆଇକୁ ହିଁ ଉପଯୋଗ କରିବାକୁ ପଡ଼ିବ। ସାମାଜିକ ଗଣମାଧ୍ୟମ ସଂସ୍ଥାଗୁଡ଼ିକ ଯେଭଳି ଅତ୍ୟାଧୁନିକ ଜ୍ଞାନକୌଶଳର ଉପଯୋଗକୁ ନିଶ୍ଚିତ କରନ୍ତି ତାହା ସଂଶୋଧିତ ଚିଠା ନିୟମରେ ଉଲ୍ଲେଖ ରହିବା ଆବଶ୍ୟକ।

## ତତ୍ପରତା ଓ ଶିଥିଳତା

ଆମ ବ୍ୟବସ୍ଥାର ଏକ ଗତାନୁଗତିକ ଧାରା ହେଉଛି କିଛି ଏକ ଅଘଟଣ ଘଟିଯିବା ପରେ ତତ୍ପରତା ପ୍ରକାଶ ପାଇବା ଏବଂ ସମୟ ସହିତ ସେହି ତତ୍ପରତା ଶିଥିଳ ପଡ଼ିଯିବା। ଯୋଜନାର ସଫଳ ରୂପାୟନରେ ଆନ୍ତରିକତା ଓ ତତ୍ପରତା ଯଦି ରହୁଥା'ନ୍ତା ତେବେ ଆମ ରାଜ୍ୟ ରାଜଧାନୀର ବ୍ୟବସାୟ ପେଣ୍ଠ ୟୁନିଟ୍ ୧ ହାଟରେ ବାରମ୍ବାର ଅଗ୍ନିକାଣ୍ଡ ଘଟି ଧନ ହାନି ଘଟୁନଥା'ନ୍ତା କି ଜୀବନ ପ୍ରତି ଭୟ ସଞ୍ଚାର ହେଉ ନଥା'ନ୍ତା। ଗତ ବୁଧବାର ଦିନଦିପହରେ ରାଜଧାନୀର ଏହି ସର୍ବପୁରାତନ ଓ ସର୍ବବୃହତ୍ ହାଟରେ ପୁଣି ଥରେ ଅଗ୍ନିକାଣ୍ଡ ଘଟି କୋଟିକୋଟି ଟଙ୍କାର ପଣ୍ୟ ସାମଗ୍ରୀ ପୋଡ଼ି ପାଉଁଶ ହୋଇଯାଇଛି।

ଅଗ୍ନିକାଣ୍ଡର କାରଣ ଯାହା ବି ହେଉନା କାହିଁକି ରାଜଧାନୀର ଛାତି ଉପରେ ଏଭଳି ଅଗ୍ନିକାଣ୍ଡ ବାରମ୍ବାର ଘଟୁଥିଲେ ମଧ୍ୟ ନା ପ୍ରଶାସନ ନା ବ୍ୟବସାୟୀ କାହାର ଚେତା ପଶୁନି। ଅଗ୍ନିକାଣ୍ଡରେ ବ୍ୟବସାୟିକ କ୍ଷୟକ୍ଷତିକୁ ହୁଏତ ବୀମା କମ୍ପାନୀ ଭରଣା କରିଦେବ। କିନ୍ତୁ ଏଭଳି ଘଟଣା ଯଦି କୌଣସି ପାର୍ବଣ ଭିଡ଼ରେ ରାତିରେ ଘଟିଥା'ନ୍ତା ଦଳଚକଟାରେ ଅନେକ ଜୀବନହାନିର ଆଶଙ୍କାକୁ ଏଡ଼ାଇ ଦେଇ ହୁଅନ୍ତା ନାହିଁ। ୧ ନମ୍ବର ହାଟର ମୁଖ୍ୟ ସମସ୍ୟା ହେଉଛି ଅଣଓସାରିଆ ଗଳିରେ ପାଖକୁ ପାଖ ଓ ସାମ୍ନାସାମ୍ନି ଦୋକାନଘର ଖୁନ୍ଦି ହୋଇ ରହିଛି। ତେଣୁ କୌଣସି ଅଘଟଣ ଘଟିଲେ ତତ୍କାଳ ମୁକୁଳିବା ସମ୍ଭବ ନୁହେଁ। ଏହି ସମସ୍ୟା ଅଘଟଣ ପରେ କର୍ତ୍ତୃପକ୍ଷଙ୍କ ଦୃଷ୍ଟିକୁ ଆସେ, ତନାଘନା ହୁଏ, ଯୋଜନା ଓ ସମନ୍ୱିତ ଦୋକାନ ଘର ନିର୍ମାଣ ପାଇଁ ଘୋଷଣା ହୁଏ। ଦିନ କେଇଟା ପରେ ତାହା ପୁଣି ଶୀତଳଭଣ୍ଡାରକୁ ଚାଲିଯାଏ। ଏହାଛଡ଼ା ରାଜଧାନୀର ସର୍ବାଧିକ ଜନଗହଳିପୂର୍ଣ୍ଣ ଅଞ୍ଚଳରେ ନିୟମିତ ଅଗ୍ନିକାଣ୍ଡ ଘଟୁଥିଲେ ମଧ୍ୟ ଅଗ୍ନି ନିରାପତ୍ତା ବ୍ୟବସ୍ଥା କିମ୍ବା ନିକଟରେ ଦମ୍‌କଳ କେନ୍ଦ୍ରର ଆବଶ୍ୟକତା କର୍ତ୍ତୃପକ୍ଷ ଏ ପର୍ଯ୍ୟନ୍ତ ଉପଲବ୍ଧି କରିପାରିନାହାନ୍ତି।

ଦିନକୁ ଦିନ ରାଜଧାନୀର ଖୋଲା ସ୍ଥାନ ସଂକୁଚିତ ହେବାରେ ଲାଗିଛି। ଅପରପକ୍ଷରେ ଯାନବାହନ ଓ ଲୋକସଂଖ୍ୟା ବଢୁଛି। ୧ ନମ୍ବର ହାଟରେ କେବଳ ରାଜଧାନୀ ବାସିନ୍ଦା ନୁହନ୍ତି, ରାଜ୍ୟବାସୀଙ୍କ କିଣାବିକା ଓ ଯାତାୟତ ଲାଗି ରହିଛି। ଯାହା କିଛି ଅଘଟଣ ଘଟୁଛି ସେଥିପାଇଁ ନିର୍ଦ୍ଦିଷ୍ଟ ଭାବେ କାହାକୁ ଦାୟୀ କରାଯାଇପାରିବ ନାହିଁ। ତେଣୁ ଦୋଷ ଲଦାଲଦିରୁ ନିବୃତ୍ତ ରହି ସହଯୋଗ ଓ ସମନ୍ୱୟ ଜରିଆରେ ଏ ସମସ୍ୟାର ଦୀର୍ଘସ୍ଥାୟୀ ସମାଧାନ ହେବା ଆବଶ୍ୟକ।

# ଓଡ଼ିଶାରେ ଶୀତଳଭଣ୍ଡାର: ସମସ୍ୟା ଓ ସମ୍ଭାବନା

ବିଦ୍ୟାଧର ମହାରଣା

ଆମେ ଖାଉଥିବା ଶସ୍ୟଜାତୀୟ ଖାଦ୍ୟ, ଡାଲି ଓ ତେଲ ଭଣ୍ଡାର ଘରେ ବହୁଦିନ ସାଇତି ରଖିପାରୁଥିଲେ ମଧ୍ୟ ଫଳ, ଆଳୁ, ପିଆଜ, ପନିପରିବା, କ୍ଷୀର, ଅଣ୍ଡା ଇତ୍ୟାଦି ପଚନଶୀଳ ଦ୍ରବ୍ୟ ଉପଯୁକ୍ତ ସାଇତା ଅଭାବରେ ଶୀଘ୍ର ପଚିସଢ଼ି ଯାଏ ଏବଂ ଖାଦ୍ୟ ଉପଯୋଗୀ ହୋଇନଥାଏ। କାରଣ ସାଧାରଣ ତାପମାତ୍ରାରେ ଶ୍ୱସନ କ୍ରିୟା ଚାଲୁଥାଏ ଏବଂ ବୀଜାଣୁ ଓ କବକ ପରି ଅଣୁଜୀବ ଏହିଖାଦ୍ୟଗୁଡ଼ିକୁ ଶୀଘ୍ର ନଷ୍ଟ କରି ଦିଅନ୍ତି। ଶୀତଳୀକରଣ ମାଧ୍ୟମରେ ନିମ୍ନ ତାପମାତ୍ରା ଓ ଆବଶ୍ୟକ ଆପେକ୍ଷିକ ଆର୍ଦ୍ରତା ସୃଷ୍ଟି କରାଗଲେ ଅଣୁଜୀବଗୁଡ଼ିକ ନିଷ୍କ୍ରିୟ ହୋଇ ଖାଦ୍ୟ ଅପଚୟ କରିବାରେ ସକ୍ଷମ ହେବେ ନାହିଁ। ଇ-କୋଲି ଓ ସାଲମୋନେଲା ପରି ଖାଦ୍ୟ ବିନିଷ୍ଟକାରୀ ବୀଜାଣୁ ନିମ୍ନ ତାପମାତ୍ରାରେ କୌଣସି କ୍ଷତିସାଧନ କରିପାରିବେ ନାହିଁ। ଫଳରେ ଆମେ ଅଧିକ ଦିନ ଧରି ପଚନଶୀଳ ଖାଦ୍ୟ ପଦାର୍ଥ ତଟକା ଭାବରେ ବ୍ୟବହାର କରିପାରିବା କିମ୍ବା ଦୂର ଜାଗାକୁ ପରିବହନ କରିପାରିବା। ଏହା ହିଁ ଶୀତଳୀକରଣ ବା ଶୀତଳଭଣ୍ଡାରର ମୌଳିକ ଉଦ୍ଦେଶ୍ୟ। ଶୀତଳଭଣ୍ଡାର ଅଭାବରେ ଖାଦ୍ୟ ନିରାପତ୍ତାରେ କିଭଳି ସମସ୍ୟା ସୃଷ୍ଟି ହୁଏ ତାହା ଏବେ ଆଲୋଚନା କରିବା।

ଓଡ଼ିଶା ସରକାର ରାଜ୍ୟରେ ଆଳୁ ଉତ୍ପାଦନ କ୍ଷେତ୍ରରେ ସ୍ୱାବଲମ୍ବୀ ହେବା ପାଇଁ ୨୦୧୫ ମସିହାରେ 'ଆଳୁ ମିଶନ୍' କାର୍ଯ୍ୟକାରୀ କରିଥିଲେ। ବସ୍ତୁତଃ ଏହି ମିଶନ ବିଫଳ ହୋଇଛି କହିଲେ ଭୁଲ ହେବନି। ରାଜ୍ୟରେ ବାର୍ଷିକ ଆଳୁ ଚାହିଦା ୧୪ ଲକ୍ଷ ଟନ୍ ଥିବା ବେଳେ ବର୍ତ୍ତମାନ ଉତ୍ପାଦନ ହେଉଛି ପ୍ରାୟ ୫ ଲକ୍ଷ ଟନ୍। ଏବେ ଆମ ରାଜ୍ୟ ଆଳୁ ସମେତ ପିଆଜ, ମାଛ, ପନିପରିବା ଓ ଫଳ କ୍ଷେତ୍ରରେ ମଧ୍ୟ ପଡ଼ୋଶୀ ରାଜ୍ୟଗୁଡ଼ିକ ଉପରେ ନିର୍ଭରଶୀଳ। ଏହାର ମୁଖ୍ୟକାରଣ ହେଉଛି ଶୀତଳଭଣ୍ଡାର ଓ ଶୀତଳ ପରିବହନ ବ୍ୟବସ୍ଥାର ଘୋର ଅଭାବ। ଶୀତଳଭଣ୍ଡାରରେ ଆଳୁ, ଫଳ, ପନିପରିବା, ମାଛ ଇତ୍ୟାଦି ପଚନଶୀଳ ଦ୍ରବ୍ୟ ଏକ ନିର୍ଦ୍ଦିଷ୍ଟ ସମୟ ପର୍ଯ୍ୟନ୍ତ ସାଇତି ରଖାଯାଏ ଏବଂ ଶୀତଳଭଣ୍ଡାରଠାରୁ ଉପଭୋକ୍ତାଙ୍କ ନିକଟସ୍ଥ ଖୁଚୁରା ବିକ୍ରୟ କେନ୍ଦ୍ର ପର୍ଯ୍ୟନ୍ତ ଶୀତଳୀକୃତ ପରିବହନ ବ୍ୟବସ୍ଥାରେ ଏହି ସମାଗ୍ରୀ ଯୋଗାଣ କରାଯାଏ।

ଆମ ଦେଶରେ ଉତ୍ତରପ୍ରଦେଶ, ପଶ୍ଚିମବଙ୍ଗ, ଗୁଜରାଟ ଓ ପଞ୍ଜାବରେ ସର୍ବାଧିକ(ଦେଶର ୬୦%) ଶୀତଳଭଣ୍ଡାର ରହିଛି। ଉପରୋକ୍ତ ଚାରି ରାଜ୍ୟରେ ଯଥାକ୍ରମେ ୧୫, ୬.୪, ୩.୯ ଓ ୨.୬ ନିୟୁତ ଟନ୍ ଆଳୁ ପ୍ରାୟ ୩୮୬୭ ଶୀତଳଭଣ୍ଡାରରେ ସାଇତି ରଖିବା କ୍ଷମତା ରହିଛି। ଏହାପରେ ମହାରାଷ୍ଟ୍ର, କର୍ଣ୍ଣାଟକ, ଆନ୍ଧ୍ରପ୍ରଦେଶ, ମଧ୍ୟପ୍ରଦେଶ, ତେଲଙ୍ଗାନା ଅଧିକ ସଂଖ୍ୟାରେ ଶୀତଳଭଣ୍ଡାର ସ୍ଥାପନ କରିଛନ୍ତି। ୨୦୨୫ ରିପୋର୍ଟ ଅନୁଯାୟୀ ଓଡ଼ିଶାର ୧୩୩ ଶୀତଳଭଣ୍ଡାର ମଧ୍ୟରୁ ୯୭ ଅଚଳାବସ୍ଥାରେ ଅଛି ଏବଂ ୩୬ ଗୋଟି କାର୍ଯ୍ୟକ୍ଷମ, ଯାହାର ସର୍ବାଧିକ ଭଣ୍ଡାରଣ କ୍ଷମତା ମାତ୍ର ୧, ୭୨, ୧୮୦ ଟନ୍। ଏଥିମଧ୍ୟରୁ ଘରୋଇ ଶୀତଳଭଣ୍ଡାର ୩୪ ଓ ସମବାୟସଂସ୍ଥାର ମାତ୍ର ଦୁଇଟି। ଆମ ରାଜ୍ୟର ୧୩ ଜିଲ୍ଲାରେ ଆଦୌ ଶୀତଳଭଣ୍ଡାର ନାହିଁ। ଏତଦବ୍ୟତୀତ ଘରୋଇ ଉଦ୍ୟମରେ ଆଳୁ ଛଡ଼ା ଅନ୍ୟାନ୍ୟ ପଚନଶୀଳ ଦ୍ରବ୍ୟ ସଂରକ୍ଷଣ ପାଇଁ ଅଳ୍ପକେତୋଟି ଶୀତଳଭଣ୍ଡାର କାର୍ଯ୍ୟ କରୁଛି। ଆମର ପଡ଼ୋଶୀ ପଶ୍ଚିମବଙ୍ଗରେ ୫୧୭ ଶୀତଳଭଣ୍ଡାର ଥିବା ବେଳେ ଓଡ଼ିଶାରେ ୩୬ କାର୍ଯ୍ୟକ୍ଷମ ଥିବା କି ସନ୍ଦେଶ ଦେଉଛି? ସୁତରାଂ ଶୀତଳୀକରଣ ବ୍ୟବସ୍ଥା ଓଡ଼ିଶାରେ ନୈରାଶ୍ୟଜନକ ବୋଲି ଧରିନେବାକୁ ହେବ। ଏହାର ପରିଣାମ ସ୍ୱରୂପ ଆମ ରାଜ୍ୟ ପନିପରିବା, ଆଳୁ, ଅଣ୍ଡା, ମାଛ ଓ ଫଳ ପାଇଁ ପଶ୍ଚିମବଙ୍ଗ, ଆନ୍ଧ୍ରପ୍ରଦେଶ, ଝାଡ଼ଖଣ୍ଡ ଇତ୍ୟାଦି ପଡ଼ୋଶୀ ରାଜ୍ୟ ଉପରେ ନିର୍ଭରଶୀଳ।

ଓଡ଼ିଶାରେ ଶୀତଳଭଣ୍ଡାର ସମସ୍ୟାଗୁଡ଼ିକୁ ଅନୁଧ୍ୟାନ କଲା ବେଳେ ପ୍ରଥମରେ ଆଲୋଚନା କରିବା ଗୋଟିଏ ଶୀତଳଭଣ୍ଡାର ପାଇଁ କେଉଁସବୁ ଭିତ୍ତିଭୂମିର ଆବଶ୍ୟକତା ଅଛି। ଶୀତଳଭଣ୍ଡାରର ତାପମାତ୍ରା ଓ ଆପେକ୍ଷିକ ଆର୍ଦ୍ରତା ବିଭିନ୍ନ ଦ୍ରବ୍ୟ ଅନୁସାରେ ଭିନ୍ନ ହୋଇଥାଏ। ବିଭିନ୍ନ ସତେଜ ପନିପରିବା, ଦୁଗ୍ଧ ଜାତ ଦ୍ରବ୍ୟ ଓ ଫାର୍ମାସ୍ୟୁଟିକାଲ ପାଇଁ ୨ ରୁ ୮ ଡିଗ୍ରୀ ସେଲସିୟସ୍ ତାପ ଆବଶ୍ୟକ। ମାଛ ଓ ମାଂସ ସଂରକ୍ଷଣ ପାଇଁ ବିୟୁକ୍ତ ୧ ରୁ ୧ ଡିଗ୍ରୀ ସେଲସିୟସ ତାପ ଆବଶ୍ୟକ। ଏତଦ୍‌ବ୍ୟତୀତ ଅନୁକୂଳ ଆପେକ୍ଷିକ ଆର୍ଦ୍ରତା, ଉତ୍ତମ ବାୟୁ ଚଳାଚଳ ଏବଂ କୋଠରିଗୁଡ଼ିକର କାନ୍ଥ, ସିଲିଂ ଓ ଚଟାଣ ତାପରୋଧୀ ବା କୁପରିବାହୀ ହେବା ଆବଶ୍ୟକ। କୋଠରିକୁ ଯେପରି ବାହାରୁ ଗରମ ବାୟୁ ପ୍ରବେଶ ନକରେ ସେଥିପାଇଁ କବାଟ ଫାଙ୍କରେ ଗାସ୍କେଟ୍ ଦିଆଯାଏ। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଉଛି ଅବିରତ ବିଦ୍ୟୁତ ଯୋଗାଣ ଓ ଜେନେରେଟର ସ୍ଥାପନା। ଶୀତଳଭଣ୍ଡାର ନିୟମିତ ପରିଦର୍ଶନ ଓ ମରାମତି ନିହାତି ଆବଶ୍ୟକ। ଶୀତଳଭଣ୍ଡାର ଉପଯୁକ୍ତ ସ୍ଥାନରେ ନିର୍ମିତ ହେବା ସହିତ ଦକ୍ଷପୂର୍ଣ୍ଣ ଶକ୍ତି ବିନିଯୋଗ ଶୀତଳଭଣ୍ଡାର ଅର୍ଥନୀତିକୁ ପ୍ରଭାବିତ କରେ। କେବଳ ବିଲାତି ଆଳୁ ରଖିବାକୁ ଶୀତଳଭଣ୍ଡାର ନିର୍ମାଣ କଲେ ଏହା ବର୍ଷରେ ମାତ୍ର ତିନିମାସ କାର୍ଯ୍ୟକ୍ଷମ ରହେ। ଫଳରେ ଏହା ଲାଭଦାୟକ ହୁଏ ନାହିଁ।

ଆଜିକାଲି ବିଭିନ୍ନ ମଡେଲର ଶୀତଳଭଣ୍ଡାର ବାହାରିଲାଣି। ଶୀତଳୀକରଣ କ୍ଷୁଦ୍ର କୋଠରି(ୱାକ୍ ଇନ୍ ୟୁନିଟ୍) ମାତ୍ର ୬୪ ବର୍ଗଫୁଟ କୋଠାରି ବିଶିଷ୍ଟ ଏବଂ ଏଥିରେ ତାପମାତ୍ରା ୦ ରୁ ୧୦ ଡିଗ୍ରୀ ସେଲସିୟସ କିମ୍ବା ବିୟୁକ୍ତ ୧୮ ରୁ ବିୟୁକ୍ତ ୨୫ ଡିଗ୍ରୀ ସେଲସିୟସ ହୋଇପାରେ। ଏଗୁଡ଼ିକ ରେଷ୍ଟୁରାଣ୍ଟ, ଫୁଲ ବ୍ୟବସାୟୀଙ୍କ ପାଇଁ ଉପଯୁକ୍ତ। ମଡ୍ୟୁଲାର ଶୀତଳ କୋଠାରି ୫୧୨ ଘନ ଫୁଟ ଆୟତନରୁ ୫୦,୦୦୦ ବର୍ଗ ଫୁଟ ଆକାର ବିଶିଷ୍ଟ ହୋଇପାରେ। ଏଥିରେ ତାପମାତ୍ରା ବିୟୁକ୍ତ ୫୦ ରୁ ୧୫ ଡିଗ୍ରୀ ସେଲସିୟସ ରଖାଯାଇପାରେ। ଶୀତଳୀକୃତ କଣ୍ଟେନର ବା ରିଫର ଭ୍ୟାନ ଫଳ, ପନିପରିବା ଇତ୍ୟାଦି ଦୂର ସ୍ଥାନକୁ ପରିବହନ ପାଇଁ ବ୍ୟବହାର କରାଯାଏ। ଏଥିରେ ୧୦, ୨୦ କିମ୍ବା ୪୦ ଫୁଟ ଦୈର୍ଘ୍ୟ ବିଶିଷ୍ଟ କୋଠାରି ଟ୍ରକ୍ ଉପରେ ରଖାଯାଏ।

ବହୁମୁଖୀ ଶୀତଳଭଣ୍ଡାରଗୁଡ଼ିକ ଆଜିକାଲି ବେଶୀ ଜନପ୍ରିୟ। କାରଣ ଏହାର ଆକାର ବଡ଼ ଓ ଏଥିରେ ବିଭିନ୍ନ ଦ୍ରବ୍ୟ ଅଲଗା କୋଠରିରେ ସ୍ୱତନ୍ତ୍ର ପରିବେଶରେ ସାଇତି ରଖାଯାଏ। ଏପରି ଶୀତଳଭଣ୍ଡାରରେ କେବଳ ଗୋଟିଏ ଉତ୍ପାଦ ନରଖି ବିଭିନ୍ନ ଫଳ, ପନିପରିବା, ଦୁଗ୍ଧ ଜାତ ପଦାର୍ଥ ମାଂସ ଓ ଔଷଧ ଇତ୍ୟାଦି ବିଭିନ୍ନ କୋଠାରିରେ ବିଭିନ୍ନ ତାପମାତ୍ରାରେ ବର୍ଷସାରା ସାଇତି ରଖାଯାଏ। ବିଭିନ୍ନ ଉତ୍ପାଦ ପାଇଁ ଆବଶ୍ୟକ ତାପମାତ୍ରା ଓ ଆପେକ୍ଷିକ ଆର୍ଦ୍ରତା ବିଭିନ୍ନ କୋଠାରିରେ ନିୟନ୍ତ୍ରିତ କରାଯିବା ଫଳରେ ଶୀତଳଭଣ୍ଡାର ବର୍ଷସାରା କାର୍ଯ୍ୟକ୍ଷମ ରହେ। ଏହି ଶୀତଳଭଣ୍ଡାରରେ ୫୦୦୦ ଟନ୍ କିମ୍ବା ଅଧିକ ଦ୍ରବ୍ୟ ସାଇତି ରଖାଯାଇପାରେ। ଯାନ୍ତ୍ରିକ ଉପାୟରେ ଲୋଡିଂ ଓ ଅନଲୋଡିଂ କାର୍ଯ୍ୟ କରାଯାଇ ପାରେ।

ମଧ୍ୟପ୍ରଦେଶର ଇନ୍ଦୋର ସହରରେ ବିଭିନ୍ନ କମ୍ପାନୀ ଏପରି ଶୀତଳଭଣ୍ଡାର ସ୍ଥାପନ ପାଇଁ କାର୍ଯ୍ୟ କରୁଛନ୍ତି। ଯେଉଁ ଅଞ୍ଚଳରେ କୃଷକ ଉତ୍ପାଦନ ଗୋଷ୍ଠୀ ଏବଂ କୃଷକ ଉତ୍ପାଦନ ସଂଗଠନ କାର୍ଯ୍ୟ କରୁଛନ୍ତି, ସେହି ଅଞ୍ଚଳ ପାଇଁ ବହୁମୁଖୀ ଶୀତଳଭଣ୍ଡାର ଅତ୍ୟନ୍ତ ଉପାଦେୟ। ଏପରି ଶୀତଳଭଣ୍ଡାର ପ୍ରଥମେ ରାଜସ୍ଥାନର ପାଲି ଅଞ୍ଚଳରେ ଆରମ୍ଭ ହୋଇଥିଲା। ଏଥିରେ ପନିପରିବା, ଫଳ, କ୍ଷୀର, ଅଣ୍ଡା ପରି ପଚନଶୀଳ କୃଷି ଉତ୍ପାଦ ସାଇତି ରଖାଯାଏ। ବିଶେଷ ଭାବରେ ସ୍ଥାନୀୟ ଅଞ୍ଚଳର ଆମ୍ବ, ତରଭୁଜ, ପନିପରିବା ଓ ଦୁଗ୍ଧଜାତ ଦ୍ରବ୍ୟ ଏହି ଶୀତଳଭଣ୍ଡାରରେ ରଖାଯାଏ। ବିଭିନ୍ନ ଦ୍ରବ୍ୟ ପାଇଁ ବିଭିନ୍ନ ଉତ୍ତାପରେ ଅଲଗା କୋଠାରିରେ ଦ୍ରବ୍ୟଗୁଡ଼ିକ ସାଇତି ରଖାଯାଏ। ଏହାଦ୍ୱାରା ଦ୍ରବ୍ୟଗୁଡ଼ିକର ଗୁଣବତ୍ତା ଅକ୍ଷୁଣ୍ଣ ରହେ ଏବଂ କୃଷକମାନେ ଉପଯୁକ୍ତ ମୂଲ୍ୟ ପାଆନ୍ତି। ଓଡ଼ିଶାରେ ଶୀତଳଭଣ୍ଡାରଗୁଡ଼ିକର ବାସ୍ତବ ସମସ୍ୟା ଓ ଏହାର ପ୍ରତିକାର ମାର୍ଗ ବିଷୟରେ ଆଲୋଚନା ଦ୍ୱିତୀୟ ଭାଗରେ କରାଯିବ।(କ୍ରମଶଃ...)

ଭୁବନେଶ୍ୱର, ମୋ: ୮୪୩୭୦୭୧୧୯୦

# ଯୁବଶକ୍ତି ବିଶୃଙ୍ଖଳ କାହିଁକି?

ପ୍ରଦୀପ୍ତ ଆଚାର୍ଯ୍ୟ




ମନୁଷ୍ୟ ଜୀବନର ଚାରିଗୋଟି ଅବସ୍ଥା ମଧ୍ୟରୁ ଯୁବାବସ୍ଥା ସବୁଠାରୁ ଗୁରୁତ୍ୱପୂର୍ଣ୍ଣ। ଏହି ଅବସ୍ଥାରେ ଶକ୍ତି, ଶୌର୍ଯ୍ୟ, ଉଦ୍ଦାମତା, ନିଃସ୍ୱାର୍ଥପରତା, ସେବା, ନିଜକୁ ବିଜ୍ଞାପିତ କରିବାର ଆକାଂକ୍ଷା, ଦୁଃସାହସିକ ପଦକ୍ଷେପ ସେମାନଙ୍କୁ ଏକ ସ୍ୱତନ୍ତ୍ର ପରିଚୟ ପ୍ରଦାନ କରିଥାଏ। ଆଜି ଆମେ ଯେଉଁମାନଙ୍କୁ ମହାମାନବ ଦୃଷ୍ଟିରେ ଅବଲୋକନ କରୁଛେ, ଯେଉଁମାନେ ଆମର ଆଦର୍ଶ, ଯେଉଁମାନଙ୍କ କାର୍ଯ୍ୟଧାରା ଆମ୍ଭମାନଙ୍କୁ ଚମତ୍କୃତ ଓ ବିସ୍ମିତ କରିଛି, ସେମାନେ ଯୁବାବସ୍ଥାରେ ହିଁ ସେମାନଙ୍କର ପ୍ରତିଭା ପ୍ରଦର୍ଶିତ କରିଥିଲେ। ସର୍ବଶେଷ ସର୍ବେକ୍ଷଣ ଅନୁସାରେ ଆମ ମୋଟ ଜନସଂଖ୍ୟାର ୨୭ ପ୍ରତିଶତ ଯୁବଗୋଷ୍ଠୀ, ଯେଉଁମାନଙ୍କର ଜାତୀୟ ଆୟରେ ୩୪ ପ୍ରତିଶତ ଅବଦାନ ରହିଛି। ଯୁବଶକ୍ତି ଦେଶର ରାଷ୍ଟ୍ରୀୟ ସମ୍ପଦ। ଗୋଟିଏ ରାଷ୍ଟ୍ର ବା ସମାଜର ବିନାଶ କିମ୍ବା ବିକାଶ ନିର୍ଭର କରେ ଯୁବଶକ୍ତି ଉପରେ।

ଆଜି କିନ୍ତୁ ଦୃଶ୍ୟପଟ୍ଟ ବଦଳିଯାଇଛି। ଯୁବକମାନଙ୍କ ମଧ୍ୟରେ ଶିଥିଳତା, ଆତ୍ମକୈନ୍ଦ୍ରିକତା, ବିଶୃଙ୍ଖଳା ସର୍ବୋପରି ହିଂସ୍ରତାର ମାତ୍ରା ବୃଦ୍ଧି ପାଇଚାଲିଛି। ନିଶାରାକ୍ଷସ କବଳରେ ଯୁବସମାଜ ଆଜି ପଥଭ୍ରଷ୍ଟ, ହୀନବୀର୍ଯ୍ୟ, ଶକ୍ତିହୀନ ଓ ଅକାଳ ବାର୍ଦ୍ଧକ୍ୟଗ୍ରସ୍ତ। ତେବେ କ'ଣ ପାଇଁ ସେମାନଙ୍କର ଏ ଅଧୋପତନ? ଏଥିପାଇଁ ଦାୟୀ କିଏ? ଏହିସବୁ ପ୍ରଶ୍ନର ଉତ୍ତର ଖୋଜିବା ବେଳେ ଯେଉଁକେତେକ କାରଣ ସାମ୍ନାକୁ ଆସେ ସେଗୁଡ଼ିକ ମଧ୍ୟରୁ ପ୍ରଥମ ଓ ପ୍ରଧାନ ହେଉଛି ବେକାରୀ ସମସ୍ୟା। ଏହାଛଡ଼ା ପ୍ରଚଳିତ ଶିକ୍ଷା ପଦ୍ଧତି, ଯୁବାବସ୍ଥାରେ ଉପଭୋଗ ନିମନ୍ତେ ଅର୍ଥ ରୋଜଗାରର ଅକ୍ଷମତା, ସହଜ ଉପଲବ୍ଧ ନିଶାଦ୍ରବ୍ୟ, ମୋବାଇଲରେ ନଗ୍ନ ତଥା ଅଶ୍ଳୀଳ ଦୃଶ୍ୟ, ଟିଭି ପରଦାରେ ପ୍ରଦର୍ଶିତ ରାହାଜାନୀ, ଛିନତାଇ ପ୍ରଭୃତି ହିଂସାତ୍ମକ ଦୃଶ୍ୟ, ସଂରକ୍ଷଣ ବ୍ୟବସ୍ଥା, ପ୍ରିୟାପ୍ରୀତି ତୋଷଣ, ପରିବାର ସଦସ୍ୟଙ୍କ ହେୟଜ୍ଞାନ ଓ କଟୁକ୍ତି ଯୁବସମାଜର ମାନସିକତା ଉପରେ ଅତ୍ୟନ୍ତ ନକାରାତ୍ମକ ପ୍ରଭାବ ପକାଉଛି। ପରମ୍ପରା ଓ ଆଧୁନିକତା ମଧ୍ୟରେ ସୃଷ୍ଟ ସଙ୍ଘର୍ଷ ଯୋଗୁଁ ବରିଷ୍ଠମାନେ ଯୁବଗୋଷ୍ଠୀଙ୍କୁ ଅପରିପକ୍ୱ ଓ ଅନଭିଜ୍ଞ ବୋଲି ମନେ କରିବା ବେଳେ ଯୁବଗୋଷ୍ଠୀ ବରିଷ୍ଠମାନଙ୍କ ପ୍ରତି ବେଖାତିର ମନୋଭାବ ଓ ଅବଜ୍ଞା ପ୍ରଦର୍ଶନ କରୁଛନ୍ତି। ଶିକ୍ଷାଗତ ଯୋଗ୍ୟତା ଥାଇ ମଧ୍ୟ ରୋଜଗାର କ୍ଷମ ହୋଇ ନପାରିବାରୁ ଉପଯୁକ୍ତ ପାତ୍ରରେ ବିବାହ ସମ୍ପନ୍ନ ନହୋଇ ପାରିବା, ଆଜିକାଲି ସମାଜରେ ବହୁଳ ଭାବରେ ଦୃଷ୍ଟିଗୋଚର, ଯାହାକି ଯୁବକ/ଯୁବତୀମାନଙ୍କର ନୈରାଶ୍ୟ ବୃଦ୍ଧିର କାରଣ।

ଏହି ସମସ୍ୟାର ସମାଧାନ ପାଇଁ ସର୍ବପ୍ରଥମେ ଯୁବକମାନଙ୍କୁ ରୋଜଗାରକ୍ଷମ କରାଇବା ଲାଗି ପଦକ୍ଷେପ ଗ୍ରହଣ କରିବାକୁ ପଡ଼ିବ। ଥରେ ରୋଜଗାର କରିବାର ମାର୍ଗ ପାଇଗଲେ ସେମାନେ ଆଉ ଅସାମାଜିକ କାର୍ଯ୍ୟକଳାପରେ ନିଜକୁ ସାମିଲ କରିବେ ନାହିଁ। ଏହା ନିଜର, ନିଜ ପରିବାରର, ରାଜ୍ୟର ଓ ଦେଶର ପ୍ରଗତି ପଥରେ ସହାୟକ ହେବ। ଦ୍ରୁତଗତିରେ ବର୍ଦ୍ଧିତ ଜନସଂଖ୍ୟାକୁ ନିୟନ୍ତ୍ରଣ କରିବା ନିମନ୍ତେ ଦୃଢ଼ ପଦକ୍ଷେପ ଗ୍ରହଣ ନକଲେ ବେକାରୀ ସମସ୍ୟାର ସମାଧାନ କେବଳ ସ୍ୱପ୍ନରେ ହିଁ ସୀମିତ ରହିଯିବ। ଶିକ୍ଷା ସମାପ୍ତି ପରେ ଯୁବବର୍ଗ କେବଳ ଚାକିରିର ପଶ୍ଚାତ୍‌ଧାବନ ନକରି କିପରି ସ୍ୱାବଲମ୍ବୀ ହୋଇ ପାରିବେ ସେଥିନିମନ୍ତେ ଗୁଣାତ୍ମକ, ଆକର୍ଷଣୀୟ ଧନ୍ଦାମୂଳକ ଶିକ୍ଷା ପ୍ରବର୍ତ୍ତନ କରିବା ସହିତ ଯେଉଁମାନେ କୃଷି, ପଶୁପାଳନ, ବ୍ୟବସାୟ ବା ଉଦ୍ୟୋଗ ପ୍ରତିଷ୍ଠା କରିବାକୁ ଚାହିଁବେ, ସେମାନଙ୍କୁ ବିନା ସୁଧରେ ଋଣ ଓ ବୈଷୟିକ ସହାୟତା ପ୍ରଦାନ କରି ପ୍ରୋତ୍ସାହିତ କରିବା ଆବଶ୍ୟକ। ଯୁବକମାନଙ୍କୁ ଶୃଙ୍ଖଳିତ କରି ଦେଶକୁ ପ୍ରଗତି ପଥରେ ଆଗେଇ ନେବାକୁ ହେଲେ ନିଶାଦ୍ରବ୍ୟର ସହଜଲଭ୍ୟତା ଏବଂ ମୋବାଇଲରେ ପ୍ରଦର୍ଶିତ ଅଶ୍ଳୀଳ ୱେବ୍‌ସାଇଟ ଉପରେ ନିୟନ୍ତ୍ରଣ ନିହାତି ଜରୁରୀ। ଜାତିଭିତ୍ତିକ ସଂରକ୍ଷଣ ବ୍ୟବସ୍ଥାର ଉଚ୍ଛେଦ କରି ଅର୍ଥନୈତିକ ସଂରକ୍ଷଣର ପ୍ରଚଳନ ଏବଂ ନିଯୋଜନ କ୍ଷେତ୍ରରେ ସ୍ୱଚ୍ଛତା ଅନେକାଂଶରେ ଯୁବକମାନଙ୍କର ନୈରାଶ୍ୟ ଦୂରୀକରଣରେ ସହାୟକ ହୋଇପାରିବ। ବରିଷ୍ଠମାନେ ଯୁବକମାନଙ୍କ ପ୍ରତି କଟୁକ୍ତି ପ୍ରୟୋଗପୂର୍ବକ ନିରୁତ୍ସାହିତ ନ କରି ସେମାନଙ୍କୁ ଶ୍ରଦ୍ଧା ତଥା ଆନ୍ତରିକତାର ସହିତ ସତ୍‌ମାର୍ଗରେ ପରିଚାଳିତ ହେବା ପାଇଁ ସର୍ବଦା ଉତ୍ସାହିତ କରିବାର ପ୍ରୟାସ ଜାରି ରଖିବା ଦରକାର। ନିଜର କାର୍ଯ୍ୟସିଦ୍ଧି ନିମନ୍ତେ ଦୁର୍ନୀତିଗ୍ରସ୍ତ ରାଜନୈତିକ ବ୍ୟକ୍ତିମାନେ ଯୁବକମାନଙ୍କୁ ଅସତ୍ କାର୍ଯ୍ୟରେ ଅସ୍ତ୍ର ରୂପେ ବ୍ୟବାହାର କରନ୍ତି। କିନ୍ତୁ କୌଣସି କାରଣରୁ ସେମାନେ ଧରା ପଡ଼ିଗଲେ ନିଜର ସମ୍ମାନ ହାନି ଭୟରେ ସାହାଯ୍ୟ କରନ୍ତି ନାହିଁ। ଏଥିପ୍ରତି ଯୁବଶକ୍ତି ଯଥେଷ୍ଟ ସତର୍କ ରହିବା ଆବଶ୍ୟକ। ଆଜିର ଦୁନିଆରେ ନୈତିକତାର ଦ୍ରୁତ ହ୍ରାସ ଯୋଗୁଁ ଆମେମାନେ ଏକ ଭୟଙ୍କର ପରିସ୍ଥିତିର ସମ୍ମୁଖୀନ ହେବାକୁ ଯାଉଛେ। ତେଣୁ ଯୁବକମାନଙ୍କୁ ଶୃଙ୍ଖଳିତ କରି ସତ୍‌ମାର୍ଗରେ ପରିଚାଳିତ କରିବା ପାଇଁ ବିଦ୍ୟାଳୟସ୍ତରରୁ ନୈତିକଶିକ୍ଷା ବାଧ୍ୟତାମୂଳକ କରିବା ଉଚିତ୍।

ଦେଶର ଭବିଷ୍ୟତ ଯୁବକମାନଙ୍କ ହାତରେ। ସେମାନେ ଚାହିଁଲେ ଦେଶରୁ ଅନେକ ସମସ୍ୟା ଯଥା- ଦୁର୍ନୀତି, ଭ୍ରଷ୍ଟାଚାର, ଅଶିକ୍ଷା, ଆଞ୍ଚଳିକବାଦ, ଜାତିଆଣବାଦ, ସାଂପ୍ରଦାୟିକତା, ଯୌତୁକ ପ୍ରଥା ଇତ୍ୟାଦି ଦୂର କରାଯାଇପାରିବ। ତେଣୁ ଆସନ୍ତୁ ଆମେ ସମସ୍ତେ ସ୍ନେହ ଆନ୍ତରିକତା ପ୍ରଦର୍ଶନ ଏବଂ ସତ୍‌ଉପଦେଶ ପ୍ରଦାନ ପୂର୍ବକ ଯୁବଶକ୍ତିର ଦକ୍ଷତା ବୃଦ୍ଧି କରି ସେମାନଙ୍କୁ ଦେଶପ୍ରେମରେ ବ୍ରତୀ କରାଇ ଏ ପତନୋନ୍ମୁଖୀ ସମାଜକୁ ଏକ ଆସନ୍ନ ବିପଦରୁ ରକ୍ଷା କରିବା।

ଈଶାଣୀବ୍ରହ୍ମପୁର(କଟକ), ମୋ: ୬୩୭୧୫୯୩୨୨୦

# ବକାସୁର ମନ୍ଦିର

## ବିଚିତ୍ର ବିଶ୍ୱାସ

ଓଜସ୍ୱିନୀ

ଶ୍ରୀକୃଷ୍ଣଙ୍କ ଜନ୍ମଲୀଳା ସମ୍ପର୍କିତ ପୌରାଣିକ କଥାବସ୍ତୁଗୁଡ଼ିକରେ ବକାସୁର କଂସଙ୍କ ଦ୍ୱାରା ପ୍ରେରିତ ଜଣେ ଅସୁର ଭାବେ ବର୍ଣ୍ଣିତ, ଯାହାକୁ ଶ୍ରୀକୃଷ୍ଣ ବଧ କରିଥିଲେ। କିନ୍ତୁ ମହାଭାରତର କେତେକ ଆଖ୍ୟାନରେ ବନବାସ ସମୟରେ ଭୀମ ବକାସୁରକୁ ବଧ କରିଥିଲେ ବୋଲି ଶୁଣିବାକୁ ମିଳିଥାଏ। ପୌରାଣିକ ଆଖ୍ୟାନିକା ଅନୁସାରେ ବକାସୁର ଜଣେ ପ୍ରଜାବତ୍ସଳ ରାଜା ଥିଲେ ଏବଂ ତାଙ୍କର ରାଜ୍ୟ ସୁଖସମୃଦ୍ଧିରେ ଭରପୂର ଥିଲା; କିନ୍ତୁ ସେ ଅନ୍ୟ ରାଜ୍ୟର ଲୋକମାନଙ୍କୁ ବଧ କରୁଥିଲେ। ତଥାପି ଭାରତର ଅନେକ ସ୍ଥାନରେ ବକାସୁରଙ୍କୁ ସମର୍ପିତ ମନ୍ଦିର ଅଛି।

ପୁରାଣ କଥା ଅନୁଯାୟୀ ବକାସୁର ଉତ୍ତରପ୍ରଦେଶର ପ୍ରତାପଗଡ଼ ଜିଲ୍ଲାର ଦକ୍ଷିଣରେ ଅବସ୍ଥିତ ଦ୍ୱୈତବନରେ ରହୁଥିଲେ। ଏହି ସ୍ଥାନ ବର୍ତ୍ତମାନ ଚକ୍ରନଗରୀର ଚକବଡ଼ ଭାବେ ପରିଚିତ। ଦ୍ୱୈତବନ ଅନ୍ତର୍ଗତ ତିନୋଟି ସ୍ଥାନରେ ବକାସୁରରର ଆଧିପତ୍ୟ ଥିଲା, ଚକ୍ରନଗରୀ, ବକାଗଡ଼ (ବର୍ତ୍ତମାନ ବକାଜଲାଲପୁର) ଓ ଡିହନଗର। ଏହା ପ୍ରତାପଗଡ଼ର ଦକ୍ଷିଣ ଓ ଆହ୍ଲାବାଦର ଉତ୍ତର ଭାଗରେ ବକୁଲାହୀ ନଦୀତଟସ୍ଥ ଅଞ୍ଚଳ। ବର୍ତ୍ତମାନ ଏହା ଉଚ୍ଚଡିହ ଧାମ ଭାବେ ଖ୍ୟାତ ଏବଂ ଜନଶ୍ରୁତି ଅନୁସାରେ ଏହି ସ୍ଥାନରେ ଭୀମ ବକାସୁରକୁ ବଧ କରିଥିଲେ। ତେଣୁ ଉତ୍ତର ପ୍ରଦେଶର ପ୍ରତାପଗଡ଼ସ୍ଥିତ ବକାସୁରଙ୍କ ସମ୍ପର୍କିତ ଗୋଟିଏ ମନ୍ଦିର ଅଛି। ବଳଶାଳୀ ଭୀମ ବକାସୁରର ଭୟ ହରଣ କରିବା ସହିତ ଶିବଲିଙ୍ଗ ସ୍ଥାପନା କରିଥିବାରୁ ଉକ୍ତ ସେଠାରେ ଶିବ 'ଭୟହରଣନାଥ' ଭାବେ ପୂଜା ପାଉଛନ୍ତି ଏବଂ ଉକ୍ତ ଶୈବପୀଠକୁ 'ଭୟହରଣନାଥ ଧାମ' କୁହାଯାଉଛି।

ସେହିପରି ଛତିଶଗଡ଼ର ସୂରଜପୁର ଜିଲ୍ଲା ସ୍ଥିତ ଖୋପା ଗ୍ରାମ ପଞ୍ଚାୟତରେ ଥିବା ରେଣ ନଦୀ କୂଳରେ ଖୋପାଦେବ ମନ୍ଦିରରେ ବକାସୁରଙ୍କ ସହିତ ଛୁରିପାଟ ନାମକ ଜଣେ ଦାନବ ଦେବ, ଖୋପା ଦାଇ ରାଣୀ ଓ ନାଗାବେଗା ଦେବତା ପୂଜା ପାଉଛନ୍ତି। ଏଠାରେ କୌଣସି ମନ୍ଦିର ନାହିଁ। ବକାସୁରଙ୍କ ସହିତ ଅନ୍ୟ ଦେବଦେବୀଙ୍କ ପଥର ନିର୍ମିତ ମୂର୍ତ୍ତି ମୁକ୍ତାକାଶ ତଳେ ପୂଜା ପାଇଥା'ନ୍ତି। ସ୍ଥାନୀୟ ଲୋକଙ୍କ ବ୍ୟତୀତ ଦୂରଦୂରାନ୍ତରୁ ଭକ୍ତମାନେ ଏବଂ ଉଚ୍ଚ ପଦପଦବୀରେ ପ୍ରତିଷ୍ଠିତ ବିଶିଷ୍ଟ ବ୍ୟକ୍ତିମାନେ ମଧ୍ୟ ବିଶ୍ୱାସର ସହିତ ଏଠାକୁ ଆସିଥା'ନ୍ତି। କାରଣ ଏଠାରେ କରାଯାଇଥିବା ମନସ୍କାମନା ବର୍ଷେ ଭିତରେ ପୂରଣ ହୋଇଯାଏ ବୋଲି ଅନେକ ପ୍ରମାଣ ରହିଛି। ଶ୍ରଦ୍ଧାଳୁମାନେ ମାନସିକ କରି ନିକଟସ୍ଥ ବୃକ୍ଷରେ ନଡ଼ିଆ ଓ ଚୁନ୍‌ରୀ ବାନ୍ଧିଥା'ନ୍ତି। ମାନସିକ ପୂରଣ ହେବା ପରେ ଲୋକମାନେ ତାହାକୁ ବୃକ୍ଷରୁ ବାହାର କରନ୍ତି ଏବଂ କୁକୁଡ଼ା, ଛେଳି ଆଦି ବଳି ଦେବା ସହ ସୁରା ଅର୍ପଣ କରିଥା'ନ୍ତି। କିନ୍ତୁ ଖୋପା ଦାଇ ରାଣୀଙ୍କ ନିକଟରେ ନଡ଼ିଆ ଭୋଗ କରାଯାଏ। ଏଠାରେ ବେଗା ସମ୍ପ୍ରଦାୟର ଲୋକମାନେ ବଂଶ ପରମ୍ପରା କ୍ରମେ ବକାସୁରଙ୍କୁ ପୂଜା କରିଆସୁଛନ୍ତି।

ସ୍ଥାନୀୟ ଜନଶ୍ରୁତି ଅନୁଯାୟୀ ହଜାରହଜାର ବର୍ଷ ପୂର୍ବରୁ ରେଣ ନଦୀର ଗଭୀର ଜଳରାଶିରେ ବକାସୁର ବାସ କରୁଥିଲେ, ଯିଏକି ଗ୍ରାମବାସୀଙ୍କ ରକ୍ଷକ ଥିଲେ। ବେଗା ସମ୍ପ୍ରଦାୟର ଜଣେ ବ୍ୟକ୍ତି ପ୍ରତ୍ୟହ ନଦୀ ଭିତରେ ବୁଡ଼ି ତାଙ୍କର ପୂଜାର୍ଚ୍ଚନା କରୁଥିଲେ। ଏକଦା ଗ୍ରାମବାସୀଙ୍କ ଆକୁଳ ପ୍ରାର୍ଥନା ଓ ବେଗାଙ୍କ ଭକ୍ତିରେ ସନ୍ତୁଷ୍ଟ ହୋଇ ଦେବତା ନଦୀତଟରେ ଆବିର୍ଭୂତ ହୋଇ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେଲେ। ସ୍ଥାନୀୟ ଲୋକମାନେ ତାଙ୍କୁ ଅସୁର ଦେବ ବକାସୁର ଭାବେ ପୂଜାର୍ଚ୍ଚନା କରିଥିଲେ। କିନ୍ତୁ ସେ କୌଣସି ମନ୍ଦିର ଭିତରେ ଆବଦ୍ଧ ହୋଇ ରହିବେ ନାହିଁ ଏବଂ କେବଳ ବେଗା ସମ୍ପ୍ରଦାୟର ଲୋକମାନେ ତାଙ୍କର ପୂଜା କରିବେ ବୋଲି ସ୍ୱପ୍ନାଦେଶ ହୋଇଥିଲା। ତେଣୁ ସେବେଠାରୁ ଆଜିପର୍ଯ୍ୟନ୍ତ ବକାସୁରଙ୍କ କୌଣସି ମନ୍ଦିର ନିର୍ମାଣ ହୋଇପାରିନାହିଁ ଏବଂ ବେଗା ସମ୍ପ୍ରଦାୟର ଲୋକମାନେ ହିଁ ସେଠାରେ ପୂଜାରୀ ଭାବେ ଅଛନ୍ତି।

ଅନ୍ୟ ଏକ ଲୋକକଥା ଅନୁସାରେ ଜଣେ ମହିଳା ଯାଦୁଗର ଯାଦୁବିଦ୍ୟା ଦ୍ୱାରା ପ୍ରବଳପ୍ରତାପୀ ବକାସୁରକୁ ନିଜ ଖୋପା ବା ଜୁଡ଼ାରେ ବାନ୍ଧି ରଖିଦେଇଥିଲେ। ବକାସୁରଠାରୁ ଲୋକମାନଙ୍କ ପ୍ରାଣ ବଞ୍ଚାଇଥିବାରୁ ଲୋକମାନେ ତାଙ୍କୁ ସେବେଠାରୁ ଖୋପାଦେବୀ ଭାବେ ପୂଜା କରି ଆସୁଛନ୍ତି। ପରମ୍ପରା ଅନୁସାରେ ପୂର୍ବରୁ ମହିଳାମାନେ ଏହି ସ୍ଥାନକୁ ଯିବା ପାଇଁ ଅନୁମତି ନଥିଲା। କିନ୍ତୁ ଏବେ ମହିଳାମାନଙ୍କ ପ୍ରବେଶ ଥିଲେ ମଧ୍ୟ ନିକଟରେ ମହିଳାଙ୍କ ପାଇଁ ଏକ ଭିନ୍ନ କୁଣ୍ଡ ରହିଛି, ଯେଉଁଠି ସେମାନେ ବେଗାଙ୍କ ଦ୍ୱାରା ପୂଜାର୍ଚ୍ଚନା କରିପାରିବେ। କିନ୍ତୁ ବକାସୁରଙ୍କ ଭୋଗ ମହିଳାମାନେ ଗ୍ରହଣ କରିପାରିବେ ନାହିଁ। ବକାସୁର ଓ ଅନ୍ୟ ଅସୁରଦେବଦେବୀଙ୍କ ନିକଟରେ ଅର୍ପଣ ହେଉଥିବା ଆମିଷଭୋଗକୁ ଲୋକମାନେ ଘରକୁ ନେଇ ରାନ୍ଧି ପାରିବେ ନାହିଁ। ଆମିଷକୁ କୌଣସି ଖୋଲା ସ୍ଥାନରେ ରାନ୍ଧି ପ୍ରସାଦ ଭାବେ କେବଳ ପୁରୁଷମାନେ ଗ୍ରହଣ କରିପାରିବେ ବୋଲି ପରମ୍ପରା ରହିଛି।

ଏହାବ୍ୟତୀତ ତେଲେଙ୍ଗାନାର ୱାରାଙ୍ଗଲ୍ ଜିଲ୍ଲା ଅନ୍ତର୍ଗତ ନେନପାକା ନାମକ ଗାଁରେ ବକାସୁରଙ୍କ ଏକ ମନ୍ଦିର ରହିଛି। ଏହି ମନ୍ଦିରରେ ଗୋଲାପୀ ରଙ୍ଗର ଏକ ବିଶାଳ ଶିଳାଖଣ୍ଡ ଅଛି, ଯାହା ଉପରେ ୪ଟି ମୂର୍ତ୍ତି ସ୍ଥାପନା କରାଯାଇଛି। ଏହି ଚାରୋଟି ମୂର୍ତ୍ତି ହେଉଛି - ଯୋଗ ନରସିଂହ, କାଳୀୟମର୍ଦ୍ଦନ କୃଷ୍ଣ, ବଳରାମ ଓ ରାମ, ସୀତା, ଲକ୍ଷ୍ମଣ। ଏହି ବିଶାଳ ଶିଳାଖଣ୍ଡକୁ ବକାସୁର ଭାବେ ପୂଜାର୍ଚ୍ଚନା କରାଯାଉଛି। ଲୋକକଥା ଅନୁସାରେ ଏକଦା ଏଠାରେ ବକାସୁରଙ୍କ ରାଜୁତି ଥିଲା ଏବଂ ସେ ଜଣେ ପ୍ରଜାବତ୍ସଳ ରାଜା ଥିଲେ। ତେଣୁ ତାଙ୍କୁ ଶ୍ରଦ୍ଧାଞ୍ଜଳି ଦେବା ପାଇଁ ଲୋକମାନେ ବକାସୁରଙ୍କ ଉଦ୍ଦେଶ୍ୟରେ ଏହି ମନ୍ଦିର ନିର୍ମାଣ କରିଛନ୍ତି, ଯାହାକି ବର୍ତ୍ତମାନ ଜୀର୍ଣ୍ଣ ଅବସ୍ଥାରେ ଅଛି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପଶ୍ଚିମବଙ୍ଗ: ୩୫୦ କୋଟିର 'ଚିଟ୍‌ଫଣ୍ଡ' ଠକେଇ


## ଅଭିଯୁକ୍ତ ଟିଏମ୍‌ସି ସଂଖ୍ୟାଲଘୁ ସେଲ୍‌ର ଅଧ୍ୟକ୍ଷଙ୍କ ପୁଅ

କୋଲକାତା, ୨୩।୧୦ (ଏଜେନ୍ସି): ପଶ୍ଚିମବଙ୍ଗ ଆସନସୋଲ ଜିଲ୍ଲାରୁ ଠକେଇର ଏକ ବଡ଼ ମାମଲା ସାମ୍ନାକୁ ଆସିଛି। ଏଠାରେ ତିନି ହଜାରରୁ ଅଧିକ ଲୋକଙ୍କଠାରୁ ଠକ ୩୫୦ କୋଟି ଟଙ୍କା ଠକି ନେଇଛନ୍ତି। ଅଭିଯୁକ୍ତ ଚିଟ୍‌ଫଣ୍ଡ କମ୍ପାନୀ ଗଠନ କରି ଲୋକଙ୍କୁ ଉତ୍ତମ ରିଟର୍ଣ୍ଣ ଦେବାକୁ ଲୋଭ ଦେଖାଇ ଥିଲା। ପରେ ନିବେଶ ଟଙ୍କା ନେଇ ଫେରାର ହୋଇ ଯାଇଥିଲା। ଏ ନେଇ ପୀଡ଼ିତମାନେ ଥାନାରେ ଏତଲା ଦେଇଛନ୍ତି। ପୀଡ଼ିତଙ୍କ ଅନୁଯାୟୀ ପ୍ରାରମ୍ଭରେ କିଛି ଲୋକଙ୍କୁ ଉତ୍ତମ ରିଟର୍ଣ୍ଣ ଦିଆଯାଇଥିଲା। ପରେ ଅଭିଯୁକ୍ତ ଟଙ୍କା ଦେବା ବନ୍ଦ କରିଦେଇଥିଲା। ଟଙ୍କା କଥା ଉଠାଇଲେ ବାହାନା କରିବାରେ ଲାଗିଥିଲା। ଏହାକୁ ନେଇ ଟିଏମସିକୁ ଦୋଷ ଦେଇଛି ବିରୋଧୀ ବିଜେପି। ଟିଏମ୍‌ସି ସଂଖ୍ୟାଲଘୁ ଶାଖାର ଅଧ୍ୟକ୍ଷ ସକିଲ ଅହମ୍ମଦଙ୍କ ପୁଅ ତହସିନ ଅହମ୍ମଦ ଏଭଳି ଠକେଇ କରିଥିବା ଅଭିଯୋଗ କରାଯାଇଛି। ଅଭିଯୁକ୍ତ ବିରୋଧରେ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ କାର୍ଯ୍ୟାନୁଷ୍ଠାନ ନେବେ କି ବୋଲି ବିଜେପି ନେତା ଅମିତ ମାଲବୀୟ ପ୍ରଶ୍ନ କରିଛନ୍ତି।

ଅମିତ ସାମାଜିକ ଗଣମାଧ୍ୟମରେ କହିଛନ୍ତି ଯେ ତହସିନ ଏକ ନକଲି ଏବଂ ଲାଇସେନ୍ସ ନ ଥିବା କମ୍ପାନୀ ଗଠନ କରି ତତିନି ହଜାରରୁ ଅଧିକାଂଶ ପରିବାରକୁ ଧୋକା ଦେଇଛନ୍ତି। ଏମାନଙ୍କ ମଧ୍ୟରେ ଅଧିକାଂଶ ମୁସଲମାନ ସମ୍ପ୍ରଦାୟର ଲୋକ ସାମିଲ ଅଛନ୍ତି। ଲୋକଙ୍କୁ ଅଧିକ ରିଟର୍ଣ୍ଣର ଲୋଭ ଦେଖାଇ ସେ କୋଟି କୋଟି ଟଙ୍କା ଜମା କଲା। ପରେ ଗତ ୧୫ ତାରିଖରେ ଗାଏବ ହୋଇ ଯାଇଥିଲା। ଠକାମିର ଶିକାର ହୋଇଥିବା ବ୍ୟକ୍ତିଙ୍କ ମଧ୍ୟରେ ବିଏସ୍‌ଏଫର ଅବସରପ୍ରାପ୍ତ ଅଧିକାରୀ ରବୀନ୍ଦ୍ର ସିଂହ ସାମିଲ ଅଛନ୍ତି। ସେ ପ୍ରଥମେ ତିନି ଲକ୍ଷ ଟଙ୍କା ନିବେଶ କରିଥିଲେ। ଭଲ ରିଟର୍ଣ୍ଣ ମିଳିବାରୁ ୫୦ ଲକ୍ଷ ଟଙ୍କା ଲଗାଇ ଥିଲେ। କିନ୍ତୁ ପରେ ଟଙ୍କା ବୁଡ଼ିଗଲା। ଏବେ ପୁଲିସ ମାମଲାର ତଦନ୍ତ କରୁଛି।

# ମାଟିର ମୋହ: ପୂର୍ବପୁରୁଷଙ୍କ ଜନ୍ମସ୍ଥାନ ଖୋଜୁଛନ୍ତି ରାମରୂପ

ଭୁବନେଶ୍ୱର,୨୩।୧୦(ସମିସ): ୧୮୭୦ ଅକ୍ଟୋବର ୨୩ ତାରିଖରେ କଲକତା ବନ୍ଦରରୁ ମରିସସ୍ ଅଭିମୁଖେ ବାହାରିଥିଲା ଗୋଟିଏ ଜାହାଜ । ଜାହାଜର ନାମ ଥିଲା ଆଲୁମ ଘିୟର ଏବଂ ୩ ଜଣ ଶିଶୁଙ୍କ ସହ ଜାହାଜରେ ଥିଲେ ୧୫୪ ଜଣ ଯାତ୍ରୀ ଓ ୪୯ ଜଣ ନାବିକ। ସେମାନଙ୍କ ମଧ୍ୟରେ ଜଣେ ଯାତ୍ରୀ ଥିଲେ ତତ୍‌କାଳୀନ କଟକ ଜିଲ୍ଲାର ଯାଜପୁର ଗ୍ରାମ ନିକଟସ୍ଥ ମୂଳଗାଁର ଜଗନ୍ନାଥ । ସେତେବେଳ ତାଙ୍କ ବୟସ ଥିଲା ୨୫ ବର୍ଷ। ଆଉ ଏବେ ଠିକ୍ ୧୫୫ ବର୍ଷ ପରେ ନିଜ ପୂର୍ବ ପୁରୁଷଙ୍କ ଜନ୍ମମାଟି ଖୋଜିଖୋଜି ୮ ହଜାର କିଲୋମିଟର ଦୂର ମରିସସ୍‌ରୁ ଆସି ଆଜି ଓଡ଼ିଶାରେ ପହଞ୍ଚିଛନ୍ତି ସେହି ଜଗନ୍ନାଥଙ୍କ ପଞ୍ଚମ ପିଢ଼ିର ବଂଶଧର ରାମରୂପ ଜଗନ୍ନାଥ।



ରାମରୂପ ଜଗନ୍ନାଥ ମରିସସ ସରକାରଙ୍କ ଜଣେ ପଦସ୍ଥ ଅଧିକାରୀ । ନିଜର ପୂର୍ବ ପୁରୁଷଙ୍କ ଜନ୍ମମାଟି ଛୁଇଁବାକୁ ତାଙ୍କ ମନରେ ଅଦ୍‌ଭୂତ ଅଭିଳାଷା ସୃଷ୍ଟି ହେବା ପରେ ସେ ୨୦୧୨ ମସିହାରେ ପରିବାର ସହ ଓଡ଼ିଶା ଆସିଥିଲେ। ଅନେକ ଖୋଜାଖୋଜି କରିଥିଲେ ମଧ୍ୟ ସଠିକ୍ ଭାବରେ ତାଙ୍କର ପୂର୍ବସୂରୀଙ୍କ ଜନ୍ମସ୍ଥାନର ସନ୍ଧାନ ନ ପାଇ ଫେରି ଯାଇଥିଲେ। ଏବେ ପୁଣିଥରେ ସେ ଓଡ଼ିଶା ଆସିଛନ୍ତି । ତାଙ୍କ ସୂଚନା ଅନୁସାରେ ତାଙ୍କ ପ୍ରପ୍ରପିତାମହ ଅର୍ଥାତ୍ ୧୮୭୦ରେ ମରିସସ ଯାଇଥିବା ତାଙ୍କର ପୂର୍ବ ପୁରୁଷ ଜଗନ୍ନାଥଙ୍କ ସାଙ୍ଗିଆ ଥିଲା ଦାସ। ମରିସସ ଜାତୀୟ ଅଭିଲେଖାଗାରରେ ଥିବା ତଥ୍ୟ ଅନୁସାରେ ଜଗନ୍ନାଥଙ୍କ ପ୍ରବାସୀ ନମ୍ବର ଥିଲା ୩୨୫୦୩୬ ଓ ତାଙ୍କୁ ବ୍ରିଟିଶମାନେ ମସିସସରେ ଆଖୁ କ୍ଷେତରେ 'ବନ୍ଧୁଆ ଶ୍ରମିକ' ଭାବରେ ନିଯୁକ୍ତି ଦେଇଥିଲେ।

- ମରିସସରେ ପ୍ରଶାସନିକ ଅଧିକାରୀ ଅଛନ୍ତି ରାମରୂପ ଜଗନ୍ନାଥ
- ୧୮୭୦ରେ ଓଡ଼ିଶା ଛାଡ଼ିଥିଲେ ରାମରୂପଙ୍କ ପୂର୍ବଜ ଜଗନ୍ନାଥ

୩୦ ବର୍ଷ ବୟସରେ ଜଗନ୍ନାଥ ସେଠାରେ ଜଣେ ବଙ୍ଗଳାଭାଷୀ ଯୁବତୀ (ବାଙ୍କୁରା ଅଞ୍ଚଳରୁ ମରିସସ୍ ଯାଇଥିବା) ଲକ୍ଷ୍ମୀ (ଲକ୍ଷ୍ମୀ)ଙ୍କୁ ବିବାହ କରିଥିଲେ। ପାଞ୍ଚ ବର୍ଷ ପରେ ତାଙ୍କର ବନ୍ଧକ ଅବଧି ଶେଷ ହୋଇଯିବା ପରେ ଜଗନ୍ନାଥ ଆଉ ଓଡ଼ିଶା ନ ଫେରି ସେଠାରେ ବସବାସ କରିବାକୁ ନିଷ୍ପତ୍ତି ନେଇଥିଲେ। ସେତେବେଳେ ତାଙ୍କର ୨ଟି ପୁଅ ଓ ଦୁଇଟି ଝିଅ ଜନ୍ମ ନେଇ ସାରିଥିଲେ। ଜଗନ୍ନାଥଙ୍କ ପୁଅ ସତ୍‌ବାଜୀ (ସତ୍ୟବାଦୀ)ଙ୍କ ପୁଅ ଶମସୁନ୍ଦନ (ଶ୍ୟାମସୁନ୍ଦର)ଙ୍କ ନାତି ହେଉଛନ୍ତି ରାମରୂପ ଜଗନ୍ନାଥ । ରାମରୂପଙ୍କ ପିତାଙ୍କ ନାମ ପରମେଶ୍ୱର ଓ ସେ ଓଡ଼ିଶାରୁ ପ୍ରବାସ ଯାଇଥିବା ଜଗନ୍ନାଥଙ୍କ ପ୍ରପୁତ୍ର।

ମରିସସ୍‌ରେ ନିଜ ପିତାମହ ଓ ପ୍ରପିତାମହ ରଖିଥିବା ଦଲିଲରୁ ମିଳିଥିବା ତଥ୍ୟରୁ ରାମରୂପ ଜଗନ୍ନାଥ ଅନେକ ସୂଚନା ସଂଗ୍ରହ କରିଛନ୍ତି । ତାଙ୍କର ପୂର୍ବ ପୁରୁଷଙ୍କ ଘର ଯାଜପୁରରେ ବିରଜା ମନ୍ଦିର ଓ ବୈତରଣୀ ନଦୀର ମଧ୍ୟବର୍ତ୍ତୀ ଅଞ୍ଚଳରେ ହୋଇଥିବା ସେ ଅନୁମାନ କରିଛନ୍ତି । ୨୦୧୨, ୨୦୧୫ ଓ ୨୦୧୯ରେ ସେ ତିନିଥର ଓଡ଼ିଶା ଆସି ନିଜ ପୂର୍ବ ପୁରୁଷଙ୍କ ଗାଁର ସନ୍ଧାନ କରିଥିଲେ ମଧ୍ୟ ସ୍ପଷ୍ଟ ଭାବରେ କୌଣସି ପ୍ରମାଣ ପାଇ ନାହାନ୍ତି । ତେବେ ତାଙ୍କର ଗୋତ୍ର ସାଣ୍ଡିଲ୍ୟ ହୋଇଥିବାରୁ ଯାଜପୁର ନିକଟସ୍ଥ ସାଣ୍ଡିଲ୍ୟ ଗୋତ୍ରଧାରୀ ପରିବାର ସମ୍ପର୍କରେ ଅନୁସନ୍ଧାନ ଜାରି ରଖିଛନ୍ତି । ଯାଜପୁର ଅଞ୍ଚଳର କିଛି ବ୍ୟକ୍ତି ଓ ବିଶ୍ୱ ଓଡ଼ିଆ ପରିବାରର ପ୍ରମୁଖ ସଜ୍ଜନ ଶର୍ମା ଆଜି ରାମରୂପଙ୍କୁ ସ୍ୱାଗତ କରିଛନ୍ତି । ଏହା ସହ ତାଙ୍କ ପୂର୍ବ ପୁରୁଷଙ୍କ ଗ୍ରାମର ଅନୁସନ୍ଧାନରେ ସହଯୋଗ କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି। ଅନ୍ୟପକ୍ଷରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଓ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀଙ୍କୁ ଭେଟି ତାଙ୍କୁ ସହାୟତା କରିବାକୁ ଅନୁରୋଧ କରିବେ ବୋଲି ରାମରୂପ କହିଛନ୍ତି ।

# ବେସରକାରୀ ଅନୁଦାନପ୍ରାପ୍ତ କଲେଜରେ ନିଯୁକ୍ତ ହେବେ ଅତିଥି ଅଧ୍ୟାପକ

**ଶିକ୍ଷକ ଓ ଅଣଶିକ୍ଷକ ପଦ ପୂରଣ ପ୍ରଚେଷ୍ଟା**

ଭୁବନେଶ୍ୱର, ୨୩।୧୦(ସମିସ): ବେସରକାରୀ ଅନୁଦାନ ପ୍ରାପ୍ତ ମହାବିଦ୍ୟାଳୟରେ ବହୁ ଶିକ୍ଷକ ଓ ଅଣଶିକ୍ଷକ ପଦ ଖାଲି ପଡ଼ିଛି। ଏସବୁ ପଦରେ ଚଳିତ ଶିକ୍ଷାବର୍ଷରୁ ଅବସରପ୍ରାପ୍ତ ଅଧିକାରୀଙ୍କୁ ଅସ୍ଥାୟୀ ନିଯୁକ୍ତି ଦେବା ପାଇଁ ଉଚ୍ଚ ଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ଜାରି ହୋଇଛି। ଅବସରପ୍ରାପ୍ତ ଏକାଡେମିସିଆନ୍‌ଙ୍କୁ ୪୮୮ ଓ ୬୬୨ ବର୍ଗ ଏବଂ ସଂସ୍କୃତ କଲେଜରେ ଅତିଥି ଅଧ୍ୟାପକ ଭାବେ ନିଯୁକ୍ତି ଦିଆଯିବ। ଚଳିତ ଶିକ୍ଷାବର୍ଷ ବା ନୂତନ ନିଯୁକ୍ତି ନ ହେବା ପର୍ଯ୍ୟନ୍ତ ସେମାନଙ୍କ କାର୍ଯ୍ୟକାଳ ରହିବ। କେଉଁ ବିଷୟରେ ଅଧ୍ୟାପକ ପଦ ଫାଙ୍କା ଅଛି, ସେହି ତଥ୍ୟ ହିମ୍‌ସ ପୋର୍ଟାଲ୍‌ରେ କଲେଜଗୁଡ଼ିକ ଅପଲୋଡ୍ କରିବେ। ଏହାସହ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ କରିବେ। ଆଗ୍ରହୀ ପ୍ରାର୍ଥୀମାନେ କେବଳ ହିମ୍‌ସ ପୋର୍ଟାଲ୍ ମାଧ୍ୟମରେ ହିଁ ଆବେଦନ କରିପାରିବେ। ଆବେଦନ ପାଇଁ ପ୍ରାର୍ଥୀଙ୍କ ସର୍ବାଧିକ ବୟସ ସୀମା ସର୍ବାଧିକ ୬୯ ବର୍ଷ ରଖାଯାଇଛି। କଲେଜ ପରିଚାଳନା କମିଟି ଅଧ୍ୟକ୍ଷଙ୍କ ନେତୃତ୍ୱରେ ଗଠିତ ଚୟନ କମିଟି ସେମାନଙ୍କ ଚୟନ କରିବ। ଅନୁରୂପ ଭାବେ ଅଣଶିକ୍ଷକ ପଦରେ ମଧ୍ୟ ଅବସରପ୍ରାପ୍ତ କର୍ମଚାରୀଙ୍କୁ କଣ୍ଟ୍ରାକ୍ଟୁଆଲ୍ ନିଯୁକ୍ତି ଦିଆଯିବ।

**ନୂଆପଡ଼ା ଉପନିର୍ବାଚନ**

# ୮ ଜୋନ୍‌ରେ ୮ ମନ୍ତ୍ରୀଙ୍କୁ ଦାୟିତ୍ୱ ଦେଲା ବିଜେପି

ଭୁବନେଶ୍ୱର,୨୩।୧୦(ସମିସ): ନୂଆପଡ଼ା ଉପ ନିର୍ବାଚନ ପାଇଁ ଶାସକ ବିଜେପି ୮ଟି ଜୋନରେ ସାଂଗଠନିକ କାର୍ଯ୍ୟ ତଦାରଖ ପାଇଁ ୮ଜଣ ମନ୍ତ୍ରୀଙ୍କୁ ଦାୟିତ୍ୱ ପ୍ରଦାନ କରିଛି। ସୂଚନା ଅନୁଯାୟୀ ବଞ୍ଜରୀ ପାଇଁ ରବି ନାରାୟଣ ନାଏକଙ୍କୁ ଦାୟିତ୍ୱ ମିଳିଥିବାବେଳେ, ସୁନାଦେଶ ପାଇଁ ଗଣେଶ ରାମ ସିଂ ଖୁଣ୍ଟିଆଙ୍କୁ ଦାୟିତ୍ୱ ଦିଆଯାଇଛି। ସେହିପରି ପାତାଲେଶ୍ୱର ପାଇଁ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ଜୟଜଂଘା ପାଇଁ କୃଷ୍ଣଚନ୍ଦ୍ର ପାତ୍ର, କୋନାଭଇରା ପାଇଁ ବିଭୂତି ଭୂଷଣ ଜେନା, ଯୋଗେଶ୍ୱର ପାଇଁ ନିତ୍ୟାନନ୍ଦ ଗଣ୍ଡଙ୍କୁ ଦାୟିତ୍ୱ ଦିଆଯାଇଛି। ନୂଆପଡ଼ା ଏନଏସି ଦାୟିତ୍ୱ ଡ. ମୁକେଶ ମହାଲିଙ୍ଗ ଏବଂ ଖରିଆର ରୋଡ୍ ଏନଏସି ପାଇଁ କୃଷ୍ଣଚନ୍ଦ୍ର ମହାପାତ୍ରଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଥିବା ଦଳୀୟ ସୂତ୍ରରୁ ଜଣାପଡ଼ିଛି।

**■ ବିଜେଡି ମହିଳା କର୍ମୀଙ୍କୁ ଆକ୍ରମଣ ଘଟଣା**

# ଉଭୟ ପକ୍ଷରୁ ଜଣେ ଲେଖାଏଁ ଗିରଫ

ଜଗତସିଂହପୁର, ୨୩।।୧୦ (ସମିସ): ବିଜେଡି ମହିଳା କର୍ମୀ ରଶ୍ମିରଞ୍ଜିତା ପରିଜାଙ୍କୁ ମରଣାନ୍ତକ ଆକ୍ରମଣ ଘଟଣାରେ ପୁଲିସ ଅନିରୁଦ୍ଧ ରାଉତଙ୍କୁ ଗିରଫ କରିଥିବା ବେଳେ ଅପରପକ୍ଷର ପାଲଟା ଅଭିଯୋଗରେ ରଶ୍ମିଙ୍କ ପୁଅ ରାହୁଲଙ୍କୁ ଗିରଫ କରିଛି। ଜଗତସିଂହପୁର ସଦର ଥାନା ଅନ୍ତର୍ଗତ ପଟସରା ଗ୍ରାମରେ ଦୀପାବଳି ରାତିରେ ଦୁଇ ପରିବାର ମଧ୍ୟରେ ବିବାଦକୁ କେନ୍ଦ୍ର କରି ରଶ୍ମିଙ୍କୁ ଆକ୍ରମଣ କରାଯାଇଥିଲା।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଦୃଷ୍ଟିଶକ୍ତି ହରାଇଲେ...

ଏହି ବାଣ ବୋମା ଭଳି ବିସ୍ଫୋରଣ କରିଥିଲା। ସାମାଜିକ ଗଣମାଧ୍ୟମରେ ଏହାର ପ୍ରଚାର ହେଉଥିବା ବେଳେ ପିଲା ଓ ଅଭିଭାବକମାନେ ଏହାକୁ କିଣି ଘରକୁ ନେଇଥିଲେ। ଅନେକ ଲୋକ ଭିଡିଓ ଦେଖି ନିଜ ଘରେ ଏହା ତିଆରି କରିଥିଲେ। ଜଣେ ଅଭିଭାବକଙ୍କ କହିବା ଅନୁଯାୟୀ ଏହି ବାଣ ବୋମା ଭଳି ଫୁଟିଥିଲା ଏବଂ ତାଙ୍କ ପିଲାର ଆଖି ଜଳିଯାଇଥିଲା। ତାକୁ ସଙ୍ଗେସଙ୍ଗେ ମେଡିକାଲ ନିଆଯାଇଥିଲା। ତାର ଗୋଟିଏ ଆଖି ନଷ୍ଟ ହୋଇଯାଇଥିବା ବେଳେ ଅନ୍ୟ ଆଖିରେ ବି ଗୁରୁତର ଆଘାତ ଲାଗିଛି। ଭୋପାଳ ସମେତ ଜବଲପୁର, ଇନ୍ଦୋର ଓ ଗୱାଲିୟରରୁ ମଧ୍ୟ ଏଭଳି ରିପୋର୍ଟ ଆସିଛି। ତେବେ ଭିଦିସା ଅଞ୍ଚଳରେ ଏହା ଭୟଙ୍କର ରୂପ ନେଇଛି। ଏଠାରେ ସର୍ବାଧିକ ପିଲା କ୍ଷତିଗ୍ରସ୍ତ ହୋଇଛନ୍ତି। ଅନେକ ପିଲାଙ୍କୁ ଅତ୍ୟନ୍ତ ଗୁରୁତର ଅବସ୍ଥାରେ ଆଇସିୟୁରେ ଭର୍ତ୍ତି କରାଯାଇଛି। ବର୍ତ୍ତମାନ ସୁଦ୍ଧା ୧୪ ପିଲା ଦୃଷ୍ଟିଶକ୍ତି ହରାଇଥିବା ବେଳେ ଏହି ସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା କରାଯାଉଛି।

ଏହି ଘଟଣା ପରେ ପୁଲିସ କାର୍ଯ୍ୟାନୁଷ୍ଠାନ ଆରମ୍ଭ କରି ୬ ଜଣଙ୍କୁ ଗିରଫ କରିଛି। ଜଣେ ପୁଲିସ ଅଧିକାରୀ କହିଛନ୍ତି ଯେ 'ଫାୟରକ୍ରାକର ଗନ୍ ଚାଲେଞ୍ଜ ନାମରେ ପିଲାମାନେ ୟୁଟ୍ୟୁବ ସର୍ଟ ଭିଡିଓ ଓ ଇନଷ୍ଟାଗ୍ରାମ ରିଲ୍ସ ଜରିଆରେ ପ୍ରତିଯୋଗିତା ଚଳାଇଥିଲେ। ଏଥିରେ ସେମାନେ କାରବାଇଡ୍ ଗନ୍ ବାଣ ଫୁଟାଉଥିବାର ଭିଡିଓ ରେକର୍ଡିଂ କରିଥିଲେ। ଏହି ସମୟରେ ଏଭଳି ଭୟଙ୍କର ବିସ୍ଫୋରଣ ହୋଇଛି।

### ୨ ହଜାର ଲୋକଙ୍କଠାରୁ...

ଲୋକଙ୍କ ପାଖରୁ ଟଙ୍କା ନେଇ ମିଛି ନିଯୁକ୍ତି ଦେଉଥିଲା। ଏ ସଂକ୍ରାନ୍ତରେ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇଥିଲା। ହେଲେ ଥାନାରେ କୌଣସି ମାମଲା ଦାଖଲ ହୋଇ ନଥିଲା। ପୁଲିସ ନିଜଆଡ୍ରୁ ଏହି ମାମଲାର ତଦନ୍ତ ଜାରି ରଖିଥିଲା। ଗତକାଲି ଚିପଲିମା ଅଞ୍ଚଳରେ ଏକ ବିରାଟ ସମାବେଶ ହୋଇଥିଲା। ରାହୁଲ ଓ ପଦ୍ମାଳୟା ବିରାଟକାୟ ବୈଠକର ଆୟୋଜନ କରିଥିଲେ। ସମ୍ବଲପୁର, ବରଗଡ଼, ବୌଦ୍ଧ ଓ ସୋନପୁର ଜିଲ୍ଲାରୁ ୨ରୁ ୩ ହଜାର ଲୋକଙ୍କ ସମାବେଶ ହୋଇଥିଲା। ଏକ ପ୍ରକାରର ନିଯୁକ୍ତି ମେଳା ଆୟୋଜିତ ହୋଇଥିଲା। ପୁଲିସ ଖବର ପାଇ ଉଭୟଙ୍କ ବୁର୍ଲା ଥାନାକୁ ଆଣି ଅଟକ ରଖିଥିଲା। ଏହି ଦୁଇ ଅଭିଯୁକ୍ତ ଲୋକଙ୍କ ଏପରି ଭରସା ଜିତିଥିଲେ ଯେ ସାଧାରଣ ମହିଳାମାନେ ସେମାନଙ୍କୁ ଛାଡ଼ି ଦେବା ପାଇଁ ଥାନା ଘେରାଉ କରିଥିଲେ। ପୁଲିସ ବୁଝାସୁଝା କରିବା ପରେ ମହିଳା ମାନେ ଶାନ୍ତ ପଡ଼ିଥିଲେ।

ଏହି ଦୁଇ ଅଭିଯୁକ୍ତ ନିଯୁକ୍ତି ଆଳରେ ଲୋକଙ୍କ ପାଖରୁ ପ୍ରଥମେ ୧୨ ହଜାର ନେଉଥିଲେ। ଜଣକ ପାଖରୁ ନେଇ ଅନ୍ୟମାନଙ୍କ ଦରମା ଆକାରରେ ମଧ୍ୟ ଦେଉଥିଲେ। ଲୋକଙ୍କ ବିଶ୍ୱାସ ଭରସା ସୃଷ୍ଟି କରିବା ପାଇଁ ଏହି ପ୍ରୟାସ ଜାରି ରଖିଥିଲେ। ରାହୁଲ ପୂର୍ବରୁ ଡେଲିଭରି ବୟ ଭାବେ କାମ କରୁଥିବା ବେଳେ ପଦ୍ମାଳୟା ସହ ସମ୍ପର୍କରେ ଆସିଥିଲେ। ଲୋକଙ୍କୁ ଏଭଳି ନିଯୁକ୍ତି ଦେବା କହି ଯୋଜନା କରିଥିଲେ। କେବଳ ସଫେଇ କର୍ମଚାରୀ ନୁହେଁ, ସୁପରଭାଇଜର୍, ଫିଲ୍ଡ ଅଫିସର ଭାବେ ନିଯୁକ୍ତି ଦେଇ ନୂତନ ଲୋକଙ୍କୁ ମଧ୍ୟ ଯୋଡୁଥିଲେ ବୋଲି ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ସମ୍ବଲପୁର ଏସ୍‌ପି ମୁକେଶ ଭାମୁ କହିଛନ୍ତି।

### କଟକରୁ ୩୨...

ପୁଲିସ ସୂଚନାନୁସାରେ, କୋଲକାତାର ୨ଜଣ ମାଷ୍ଟରମାଇଣ୍ଡ କ୍ରିପ୍ଟୋ-କରେନ୍ସିରେ ମୋଟା ଅଙ୍କର ଟଙ୍କା ଲଗାଇଥିବା ୩୦ ଜଣ ନିବେଶକାରୀଙ୍କୁ ନେଇ ପ୍ରଥମେ ପୁରୀ ଯାଇଥିଲେ। ସେଠାରେ ବୁଲାବୁଲି କରି କଟକର ଜସ୍ମିନ୍ ହୋଟେଲ୍‌ରେ ଗତକାଲି ବିଳମ୍ବିତ ରାତିରେ ଆସି ପହଞ୍ଚିଥିଲେ। ଏହି ହୋଟେଲ୍‌ରେ ଓଡ଼ିଆ ଲୋକଙ୍କୁ ସେମାନଙ୍କ ଜାଲରେ ଫସାଇବା ପାଇଁ ଚକ୍ରାନ୍ତ କରୁଥିଲେ। ୨ ଦିନ ଏଠାରେ ରହି କଟକ ଓ ଭୁବନେଶ୍ୱରର କେତେକ ଯୁବକଙ୍କୁ ତାଙ୍କ ଜାଲରେ ଫସାଇବା ପାଇଁ ପ୍ଲାନ୍ ପ୍ରସ୍ତୁତ କରାଯାଇଥିଲା।

ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ହେଉଛି, ୨ଜଣ ମାଷ୍ଟରମାଇଣ୍ଡ ୧୦୦ କୋଟିରୁ ଅଧିକ ଟଙ୍କା ପଶ୍ଚିମବଙ୍ଗରେ ଠକେଇ କରିସାରିଥିଲେ। ଏବେ ନୂଆ ଏକ କ୍ରିପ୍ଟୋ ଆପ୍ଲିକେସନ୍ 'ଇକୋ ଇନଭେଷ୍ଟ' ଲଞ୍ଚ କରି ଏଥିରେ ବିନିଯୋଗକାରୀଙ୍କୁ ବିନିଯୋଗ କରିବା ପାଇଁ ପ୍ରଲୋଭିତ କରୁଥିଲେ। ସେମାନେ ପୂର୍ବରୁ 'ଜିରୋ-୨ୱାର୍ଲ୍ଡ' ନାମକ ଏକ ଆପ୍ ଲଞ୍ଚ୍ କରି ଠକେଇ କରିସାରିଥିଲେ। ପଶ୍ଚିମବଙ୍ଗର ସାଧାରଣ ଲୋକମାନେ 'ଜିରୋ-୨ୱାର୍ଲ୍ଡ'ରେ ପ୍ରାୟ ୧୦୦ କୋଟି ଟଙ୍କା ବିନିଯୋଗ କରି ସାରିଥିଲେ। ପରେ ସ୍ଥାନୀୟ କାର୍ଯ୍ୟାଳୟରେ ତାଲା ଝୁଲେଇ ୨ଜଣ ମାଷ୍ଟର୍‌ମାଇଣ୍ଡ ଓଡ଼ିଶାମୁହାଁ ହୋଇଥିଲେ। ତେବେ ୨ଜଣ ମାଷ୍ଟରମାଇଣ୍ଡଙ୍କୁ ବାଦ୍ ଦେଲେ ହୋଟେଲ୍‌ରୁ ଗିରଫ ହୋଇଥିବା ଅନ୍ୟ ୩୦ଜଣ ହେଉଛନ୍ତି ଅର୍ଥ ବିନିଯୋଗକାରୀ। ସେମାନେ ପୂର୍ବରୁ ଲକ୍ଷାଧିକ ଟଙ୍କା ବିନିଯୋଗ କରିବା ପରେ ନିଜ ଟଙ୍କା ଫେରାଇବାକୁ ଜିଦ ଧରିବାରୁ ସମ୍ପୃକ୍ତ ସଂସ୍ଥାର ଅଭିଯୁକ୍ତମାନେ ସେମାନଙ୍କୁ ସାଙ୍ଗରେ ଆଣି ମିଟିଂ କରାଇବା ପରେ ଟଙ୍କା ଫେରସ୍ତ ଦେବାକୁ କହିଥିଲେ। ମାତ୍ର ସମସ୍ତ ଯୋଜନା ପଣ୍ଡ ହୋଇଥିଲା। ଖବର ପାଇ ଜସ୍ମିନ୍ ହୋଟେଲ୍‌ରେ ପୁଲିସ ପହଞ୍ଚି ସେମାନଙ୍କୁ ଥାନାକୁ ନେଇ ପଚରାଉଚରା ଜାରି ରଖିଛି। ଜସ୍ମିନ୍ ହୋଟେଲରେ ଚଢ଼ଉ କରାଯିବା ପରେ ପୁଲିସ ଶିଖରପୁରରେ ଥିବା ଆଉ ୨ଟି ହୋଟେଲ୍‌ରେ ଚଢ଼ଉ କରିଥିଲା। ହେଲେ ସେଠାରୁ ସେମିତି କୌଣସି ବ୍ୟକ୍ତିଙ୍କୁ ଠାବ କରାଯାଇନାହିଁ।

ଡିସିପି ଶ୍ରୀ ଦ୍ୟାନଦେଓଙ୍କୁ ଏ ସମ୍ପର୍କରେ କହିଛନ୍ତି ଯେ କ୍ରିପ୍ଟୋ କାରବାର ନାଁରେ ଠକେଇ ଏବଂ ବିନିଯୋଗକାରୀଙ୍କୁ ଅପହରଣ କରି ହୋଟେଲରେ ରଖିବା ଘଟଣାରେ ୨ଟି ମାମଲା ରୁଜୁ ହୋଇପାରେ। କ୍ରିପ୍ଟୋ-କରେନ୍ସିରେ ଅର୍ଥ ବିନିଯୋଗ କରି ଠକାମିର ଶିକାର ହୋଇଥିବା ୩୦ଜଣ କୋଲକାତା ଲୋକ ୨ଜଣ ଅଭିଯୁକ୍ତଙ୍କ ସହ ହୋଟେଲ୍ ଜସ୍ମିନ୍‌ରେ ମିଟିଂ କରିବାକୁ ଆସିଥିଲେ। ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରାଯାଇଛି। ଅଧିକ ତଦନ୍ତ ଜାରି ରହିଛି। ସେମାନେ କୌଣସି ଦଙ୍ଗାକାରୀ ନୁହଁନ୍ତି। କୌଣସିପ୍ରକାର ଗୁଜବ ସୃଷ୍ଟି ନ କରିବାକୁ ଡିସିପି ଜନସାଧାରଣଙ୍କୁ ନିବେଦନ କରିଛନ୍ତି। ଏହି ଘଟଣାରେ ପୁଲିସ ଅଧିକ ଖୋଳତାଡ଼ ଜାରି ରଖିଛି ବୋଲି ଡିସିପି ସୂଚନା ଦେଇଛନ୍ତି।

### ବିଶ୍ୱର ୧୧ ପ୍ରତିଶତ...

ବ୍ୟାଙ୍କରେ ଜମା ଥିବା ସୁନାର ପରିମାଣ ନୈରାଶ୍ୟଜନକ। ରିଜର୍ଭ ବ୍ୟାଙ୍କରେ ରହିଛି ମାତ୍ର ୮୮୦ ଟନ୍ ସୁନା। ବିଶ୍ୱ ଅର୍ଥନୀତିରେ ଅସ୍ଥିରତା ଯୋଗୁଁ ସେୟାର ବଜାର ଖସୁଥିବା ବେଳେ ସୁନା ଚାହିଦା ବଢ଼ିବାରେ ଲାଗିଛି। ଲୋକମାନେ ସେୟାର ଛାଡ଼ି ସୁନାରେ ଅର୍ଥ ବିନିଯୋଗ କରୁଛନ୍ତି। ଏହି କାରଣରୁ ସୁନା ଚାହିଦା ବଢ଼ିବାରେ ଲାଗିଛି। ତେବେ ଉଲ୍ଲେଖନୀୟ କଥା ହେଉଛି ଯେ ବୁଲିଅନ୍ ବଜାରରେ ସୁନା ଦାମ୍ ବଢ଼ି ଚାଲିଥିବା ବେଳେ ଭାରତରେ ଏହାର ଚାହିଦା ମଧ୍ୟ ବଢ଼ି ଚାଲିଥିଲା। ଭାରତରେ କେବଳ ବ୍ୟବସାୟ ଉଦ୍ଦେଶ୍ୟରେ ସୁନା କିଣୁନଥିଲେ, ବିବାହ ଓ ଅନ୍ୟ କାର୍ଯ୍ୟ ପାଇଁ ମଧ୍ୟ ସବୁଠାରୁ ବେଶି ସୁନା କିଣାଯାଇଛି।

ଇତିମଧ୍ୟରେ ଭାରରତୀୟ ରିଜର୍ଭ ବ୍ୟାଙ୍କ ଏହାର ସୁନା ଭଣ୍ଡାରରେ ଆଉ ୬ କ୍ୱିଣ୍ଟାଲ ସୁନା ଯୋଡ଼ିଛି। ବର୍ତ୍ତମାନ ରିଜର୍ଭ ବ୍ୟାଙ୍କରେ ୮୮୦.୧୮ ଟନ୍ ସୁନା ଗଚ୍ଛିତ ରହିଛି। ରିଜର୍ଭ ବ୍ୟାଙ୍କ କେବଳ ଚଳିତ ଆର୍ଥିକ ବର୍ଷର ପ୍ରଥମାର୍ଦ୍ଧରେ ପ୍ରାୟ ୬ କ୍ୱିଣ୍ଟାଲ ସୁନା କିଣିଛି। ଏହି ପଦକ୍ଷେପ ଏପରି ସମୟରେ ନିଆଯାଇଛି, ଯେତେବେଳେ ବିଶ୍ୱବ୍ୟାପୀ ଆର୍ଥିକ ଏବଂ ଭୂ-ରାଜନୈତିକ ଅନିଶ୍ଚିତତା ବଢୁଛି।। ନିବେଶକମାନେ ସୁନାକୁ ଏକ ସୁରକ୍ଷିତ ନିବେଶ ମାଧ୍ୟମ ଭାବେ ବିବେଚନା କରୁଛନ୍ତି।

ଆର୍‌ବିଆଇ ବୁଲେଟିନ୍ ଅନୁଯାୟୀ, ବିଶ୍ୱବ୍ୟାପୀ କେନ୍ଦ୍ରୀୟ ବ୍ୟାଙ୍କଗୁଡ଼ିକ ମଧ୍ୟ ସେମାନଙ୍କର ସରକାରୀ ଭଣ୍ଡାରରେ ୧୬୬ ଟନ୍ ସୁନା ଯୋଡିଛନ୍ତି। ଯେତେବେଳେ ବଜାରରେ ଅସ୍ଥିରତା ବୃଦ୍ଧି ପାଏ କିମ୍ବା କୌଣସି ଦେଶର ମୁଦ୍ରା ଚାପରେ ଆସେ, ନିବେଶକମାନେ ସୁନା ଆଡ଼କୁ ମୁହାଁଇଥାନ୍ତି। ଆରବିଆଇର ସୁନା ଭଣ୍ଡାରରେ ବୃଦ୍ଧି ଦେଶର ବୈଦେଶିକ ମୁଦ୍ରା ସଂରକ୍ଷଣର ସ୍ଥିରତା ଏବଂ କ୍ରେଡିଟ୍ ରେଟିଂ ଉପରେ ମଧ୍ୟ ସକାରାତ୍ମକ ପ୍ରଭାବ ପକାଏ। ଏହା ଦେଶର ଅର୍ଥନୈତିକ ସୁରକ୍ଷା ଏବଂ ବିଶ୍ୱ ବିଶ୍ୱାସକୁ ମଜବୁତ କରେ।

ସୂଚନାଯୋଗ୍ୟ ଯେ ୧୮୦ଟି ଦେଶର କେନ୍ଦ୍ରୀୟ ବ୍ୟାଙ୍କ ଗୁଡ଼ିକରେ ୪୬ ହଜାର ଟନ୍ ସୁନା ଗଚ୍ଛିତ ଥିବା ବେଳେ ୮ ହଜାର ଟନ୍ ସହିତ ଆମେରିକା ପ୍ରଥମ ସ୍ଥାନରେ ରହିଛି। ଏହା ପଛକୁ ରହିଛନ୍ତି ଜର୍ମାନୀ (୩୩୦୦ ଟନ୍), ଫ୍ରାନ୍ସ (୨୪୦୦ ଟନ୍), ଇଟାଲି (୨୪୦୦ ଟନ୍), ରୁଷିଆ (୨୩୦୦ ଟନ୍), ଚୀନ (୨୨୦୦ ଟନ୍), ସୁଇଜରଲାଣ୍ଡ (୧୧୦୦ ଟନ୍) ଏବଂ ଭାରତ (୮୮୦ ଟନ୍)।

### କେନ୍ଦ୍ରାପଡ଼ାରେ ଶିଶୁ...

ନାମକ ବ୍ୟକ୍ତିଜଣଙ୍କ କିଏ ଏବଂ ତାକୁ ନେଇ ମଧ୍ୟ ତଦନ୍ତର ଆବଶ୍ୟକତା ରହିଛି। ଏହି ଘଟଣା ସହ ସମ୍ପୃକ୍ତ ସମସ୍ତ ଦୋଷୀଙ୍କ ବିରୁଦ୍ଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସ୍ଥାନୀୟ ଗ୍ରାମବାସୀ ଗଣେଶ ସେନାପତି, ବିଚିତ୍ର ସେନାପତି, ରାଜେନ୍ଦ୍ର ପଣ୍ଡା, ଧୀରେନ ସାହୁ, ତୀର୍ଥ ପରିଡ଼ା, ରମାକାନ୍ତ ଦାଶ, ଦିଲ୍ଲୀପ ମଲ୍ଲିକ ଦାବି କରିଛନ୍ତି।


**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**NAME CHANGE**

By virtue of an affidavit sworn before the Executive Magistrate, Astarang, CF.NO. 2170, dated 23/09/2025, I, **ROHIT KUMAR KANDI**, S/o Sanatan Kandi resident of At: Ananta, Po: Alasahi, Ps - Astaranga, Dist- Puri, State- Odisha declare that I have changed my son's name from **R.LBEDABYASH ROUT** (Old Name) to **RL BEDABYASH ROUT** (New Name). Henceforth, he shall be known as **RL BEDABYASH ROUT** for all future purposes.
(Sd- **ROHIT KUMAR KANDI**)

**AFFIDAVIT**

I, Sangram Keshori Sahu, S/o- Muralidhar sahu, Resident of Flat No.: B/10, Plot No.: 281, Ghanashyam Enclave, Jayadev Vihar, Regional Reserarch Laboratory, Dist.: Khorda, Odisha, PIN-751013, declared by this Affidavit No.1303/2025 Dated: 23.10.2025. That now onwards I shall be known as **SANGRAM KESHARI SAHU** for all future Purposes.

**AFFIDAVIT**

I, Abutanvir Khan, S/o- Taleb Tajju Khan, Resident of S.No-90,Pavna Nagar, Colony No.: 2, Pune City, PO: Kalewadi, Dist.: Pune, Maharashtra, PIN-411017, declared by this Affidavit No.1305/2025,Dated: 23.10.2025. That now onwards I shall be known as **ABUTANVIR TALEB KHAN** for all future Purposes.

**AFFIDAVIT**

I, **Mirza Meheboob Alam Baig**, S/o: Mirza Abdul Kalam Baig, Flat No.: 16/8, Block-16, Rangamatia, Gadakan. PS.:Mancheswar, Bhubaneswar-751017 Odisha Declare by this Affidavit No.: 60596 Dated: 23.10.2025,That now onwards I shall be known as **Mirza Mehebub Alam Baig** for all Future Purposes.

**NAME CHANGE**

By virtue of an affidavit sworn before the Executive Magistrate, Astarang, CF.NO. 2080, dated 16/09/2025, I, **SASANKA SEKHAR KANDI**, S/o Siba Kandi resident of At: Ananta, Po: Alasahi, Ps - Astaranga, Dist- Puri, State- Odisha declare that I have changed my son's name from **DEBABRAT KANDI** (Old Name) to **DEBABRAT ROUT** (New Name). Henceforth, he shall be known as **DEBABRAT ROUT** for all future purposes.
(Sd- **SASANKA SEKHAR KANDI**)

**AFFIDAVIT**

By virtue of an affidavit before Executive Magistrate on 23.10.2025, Bhubaneswar, I, T. Pratap Patro, S/o. T. Pandab Patro, at Khushi Harmony Apartment, Palasuni, Rasulgarh, Bhubaneswar have changed my minor Son's name from T. Arman Patro to Arman Patro. Henceforth he shall be known **ARMAN PATRO** for all future purposes.

**AFFIDAVIT**

I, Muralidhara Sahu, S/o- Sadhucharan Sahu, Resident of At: Gambharia, PO:Khuntapal, Dist.: Mayurbhanj, Odisha PIN- 757020, declared by this Affidavit No.1301/2025 Dated: 23.10.2025. That now onwards I shall be known as **MURALIDHAR SAHU** for all future Purposes.

**NAME CHANGE**

By virtue of an affidavit sworn before the Executive Magistrate, Bhubaneswar, dated 22nd day of October 2025 I, **SONALIKA SINGH**, Address At: Naragoda, Tamando, Ps - Khandagiri, Dist- Khordha, State- Odisha, Pin- 752054 declare that I have changed my name from **SONALI SINGH** (Old Name) to **SONALIKA SINGH** (New Name). Henceforth, I shall be known as **SONALIKA SINGH** for all future purposes.
(Sd- **SONALIKA SINGH**)

**AFFIDAVIT**

I, Kuntala Kumari Dash, W/O- Late Nrusinha Prasad Das, Resident of At/PO: Old LIC Building, Pujariput, Koraput, Dist.: Koraput, Odisha, PIN- 764020, declared by the Affidavit No: 1215/2025 Dated: 16.10.25, that now onwards I shall be known as **KUNTALA KUMARI DAS** for all future purposes."

**AFFIDAVIT**

By virtue of an affidavit sworn before the Notary Public, Bhubaneswar dated 09.10.2025, I, Bishnu Charan Nayak, S/o- Basudev Nayak permanent resident of At: O.S.E.B colony School Campus Gridco Colony, Bhoi Nagar Bhubaneswar, Dist- Khordha, Odisha – 751022 declare that I have changed my Son's name from Punya Sankalp Nayak to Purnya Sankalp Nayak, he shall be known as **Purnya Sankalp Nayak** for all purposes.
**Sd/- Bishnu Charan Nayak**

**AFFIDAVIT**

I **RUCHITA**, D/O.: DHANRAJ JAIN RESIDENT AT FLAT NO.: 301, LAXMI VILLA, MAKERABAGH SAHI, CUTTACK, ODISHA DECLARE BY THIS AFFIDAVIT NO.: 75AA314785 DATED 25/8/25 THAT NOW ONWARDS I SHALL BE KNOWN AS **RUCHITA NABARIA** FOR ALL FURTURE PURPOSE

**AFFIDAVIT**

By virtue of an affidavit sworn before Executive Magistrate, Bargarh, I, Padmini Panda, W/o- Harishankar Panda resident of Mastertikra, Ward no.-14, Bargarh, Po./Ps./Tah./ Dist.- Bargarh, Odisha, PIN-768028 state vide affidavit no. 340 dtd.17.10. 2025 that, I have changed my name from **Asha Panda** to **Padmini Panda**. Henceforth I shall be known as **Padmini Panda** for all future purposes.

**AFFIDAVIT**

By virtue of an Affidavit (SL No. 03, Date- 23.10.2025) Sworn Before the Executive Magistrate, Padampur. I, **Minketan Bhoi** (new name), S/o- Nrupa Bhoi, permanent & current resident of AT- Sankri, PO- Bhubaneswarpur, PS- Jharbandh, Dist- Bargarh, PIN- 768039, Odisha declare that I have changed my name from **Miniketan Bhue** (old name) to **Minketan Bhoi** (new name). Henceforth, I shall be known as **Minketan Bhoi** (new name) for all purposes.
**Minketan Bhoi**

**AFFIDAVIT**

I, Sayad Gulam Yahiya, F/o- Arif Rabbani resident of Plot No. VIM-565, At/Po- Sailashree Vihar, Near Durga Mandap, Chandrasekharpur, Bhubaneswar, Dist- Khordha, PIN- 751021, Odisha declared by this affidavit No. 19, dtd- 03/09/2025 that now onwards I shall be known as **SYED GHOLAM YAHIYA** for all future purposes.

**AFFIDAVIT**

By virtue of an affidavit No. 2466 sworn before the Notary Public, Champua on dated- 23/10/2025, I **Saroj Ranjan Giri**, resident of Vill- Fagu, Po-Raikala, Ps- Ghagarbeda, Dist- Mayurbhanj, Pin- 757035, Odisha declare that I have changed my name from **Bablu Pradhan** (old name) To **Saroj Ranjan Giri** (new name). Henceforth I shall be known as **SAROJ RANJAN GIRI** for all future purposes.
**Saroj Ranjan Giri**

**AFFIDAVIT**

I, Asifa Siddiqua, W/o- Arif Rabbani, resident of Plot No. VIM-565, At/Po- Sailashree Vihar, Near Durga Mandap, Chandrasekharpur, Bhubaneswar, Dist- Khordha, PIN- 751021, Odisha declared by this affidavit No. 18, dtd- 03/09/2025 that now onwards I shall be known as **ASIFA SIDDIQAH** for all future purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 22/10/2025. I, **Nara Nag** (applicant name), S/o Sishu Nag, permanent & current resident of At- Sanpatrapali (Jadamunda), PO- Lenjha, PS- Titilagarh, Dist- Balangir, (Odisha), PIN- 767033 declare that I have changed my minor son's name from **Prashna Nag** (old name) to **Prasanna Nag** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he shall be known as **Prasanna Nag** (new name) for all purposes.
**Nara Nag**

**In The Hon'ble Court of Civil Judge (SD): Barhampur, Dist-Ganjam, Intestate.No-02/2024**

In the Matter Of:
**Bachu Venkata Subhadra** ...Petitioners
Vs
**Choulapalli Soroja & Others** ...Respondents

**PUBLIC NOTICE**

Take notice that the above- named petitioners have applied for succession certificate to the Saving Bank Pass Book having A/c No.10603505561of State Bank of India, Chandikhol Branch, At/PO: Chandikhol, Dist.: Jajpur in the name of Late Choulapalli Srinivas Ranga Rao (Ch S Ranga Rao).If anybody has any claim or interest over the same, he / she may appear personally or through his / her Advocate before this Hon'ble Court on 31.10.2025 at 10:30 am and file objection, if any, failing which the case will be disposed of according to law.
Given under my hand and seal of the Court this 25th day of September of 2025.

Sd/- Civil judge(SD)
Ganjam, Berhampur

**LOST**

ମୁଁ ଶ୍ରୀକୃଷ୍ଣ ସାହୁ (ବୟସ-୬୩) ପିତା - ଜଗବନ୍ଧୁ ସାହୁ, ମୌଜା-ଓଡ଼ିଆମୁଣ୍ଡା, ପୋଷ୍ଟ/ଥାନା- ମ.ରାମପୁର, ଥାନା ନଂ-୧୯, ଜିଲ୍ଲା- କଳାହାଣ୍ଡି, ଗତ ତା ୦୫.୦୯.୨୫ ରିଖରେ ମୁଁ ଏକ ଜରୁରୀକାର୍ଯ୍ୟ ସମାପ୍ତକରି ବଲାଙ୍ଗୀର ଠାରୁ ଏକ ଘରୋଇ ବସ ଯୋଗେ ମ.ରାମପୁର ଫେରୁଥିଲି, ବସ ଭିତରେ ବହୁତ ଭିଡ଼ ଥିବାରୁ ସେଠାରେ ମୋର ପର୍ଚ୍ଚା (R.O.R) ନଂ- ୩୦୦/୧୬୫ ଥିବା ବ୍ୟାଗଟି ହଜିଯାଇଛି, ପରେ ଆସି ଆମ ଅଞ୍ଚଳର ପୋଲିସ ଷ୍ଟେସନରେ ଏ ବିଷୟରେ ଲିଖିତ ଅଭିଯୋଗ ଫର୍ଦ୍ଦ ଦାଖଲ କରିଅଛି । ଯଦି କୌଣସି ସହୃଦୟ ବ୍ୟକ୍ତି ପାଇଛନ୍ତି ଦୟାକରି ଏହି ନମ୍ବର ରେ ଯୋଗାଯୋଗ କରନ୍ତୁ ।

ବିକାଶ କୁମାର ପଧାନ
(advocate)- ୭୯୭୮୩୭୧୦୬୬
ଶ୍ରୀକୃଷ୍ଣ ସାହୁ-୭୬୮୩୮୨୦୬୯

**AFFIDAVIT**

I, Hasimuddin Khan, S/o- Late Jalo Khan, resident of At- Nahalpur, Po- Benirampur, Ps- Nemalo, Cuttack, Pin- 754134, Odisha declare by this affidavit No- 4066, date- 07/09/2025, that now onwards I shall be known as **HASO KHAN** for all future purposes.

ଶ୍ରେଣୀରେ ଛାତ୍ରଙ୍କୁ ତାଲା ପକାଇ ପଳାଇଲେ ଶିକ୍ଷୟିତ୍ରୀ

# କାର୍ଯ୍ୟାନୁଷ୍ଠାନ ଦାବିରେ ଜୋର୍‌ଦାର୍ ପ୍ରତିବାଦ

ନୟାଗଡ଼,୨୩।୧୦(ସମିସ)




ବିଦ୍ୟାଳୟ ଛୁଟି ପରେ ଛାତ୍ରକୁ ଶ୍ରେଣୀଗୃହରେ ତାଲା ପକାଇ ଚାଲିଯାଇଥିବା ଶିକ୍ଷକଶିକ୍ଷୟିତ୍ରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବିରେ ବିଦ୍ୟାଳୟରେ ଗ୍ରାମବାସୀମାନେ ହୋ-ହଲ୍ଲା କରିଥିଲେ। ନୟାଗଡ଼ ଜିଲ୍ଲା ବାରବାଟୀ ସଂସାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଗୁରୁବାର ଘଣ୍ଟାଘଣ୍ଟା ଧରି ଏଭଳି ପରିସ୍ଥିତି ଦେଖାଦେଇଥିଲା। ନୟାଗଡ଼ ଜିଲ୍ଲା ସଦର ବ୍ଲକ୍ ବାରବାଟୀ ସଂସାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନଶିକ୍ଷୟିତ୍ରୀଙ୍କୁ ଅଟକ ରଖି ଗ୍ରାମବାସୀମାନେ ଦୀର୍ଘ ସମୟ ଧରି ହୋ-ହଲ୍ଲା କରିଥିଲେ। ବହୁ ଦୁର୍ନୀତିରେ ବୁଡ଼ି ରହିଥିବା ଏବଂ ଛାତ୍ରଛାତ୍ରୀଙ୍କ ଯତ୍ନ ନେଉ ନ ଥିବା ପ୍ରଧାନଶିକ୍ଷୟିତ୍ରୀଙ୍କୁ ନିଲମ୍ବନ କରିବା ସହ ଗିରଫ କରିବା ପାଇଁ ସ୍ଥାନୀୟ ଗ୍ରାମବାସୀ ଦାବି କରିଥିଲେ। ବୁଧବାର ବିଦ୍ୟାଳୟର ଜଣେ ଅଷ୍ଟମ ଶ୍ରେଣୀ ଛାତ୍ରକୁ ତାଲା ପକାଇ ଚାଲିଯାଇଥିଲେ ଶିକ୍ଷକଶିକ୍ଷୟିତ୍ରୀ। ୧ ଘଣ୍ଟା ପରେ ତାଲା ଭାଙ୍ଗି ଉଦ୍ଧାର କରିଥିଲେ ସ୍ଥାନୀୟ ଲୋକେ।

ଯଦୁପୁର ଗାଁର ଜିତୁ ନାୟକଙ୍କ ପୁଅ ସିତୁ ଯଦୁପୁର ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଅଷ୍ଟମ ଶ୍ରେଣୀରେ ପାଠ ପଢ଼ନ୍ତି। ବୁଧବାର ଅପରାହ୍ଣରେ ସିତୁର ଦେହ ଖରାପ ହେବାରୁ ଘରକୁ ଯିବା ପାଇଁ ସେ ପ୍ରଧାନଶିକ୍ଷୟିତ୍ରୀଙ୍କୁ କହିଥିଲେ। ଶ୍ରେଣୀ କକ୍ଷରେ ବସିଥା ଅଳ୍ପ ସମୟ ପରେ ବିଦ୍ୟାଳୟ ଛୁଟି ହେଲା ପରେ ଯିବୁ ବୋଲି କହିଥିଲେ ପ୍ରଧାନଶିକ୍ଷୟିତ୍ରୀ। ଏହାପରେ ବିଦ୍ୟାଳୟ ଗୃହରେ ସିତୁ ଶୋଇପଡ଼ିଥିଲେ। ବିଦ୍ୟାଳୟ ଛୁଟି ପରେ ଶ୍ରେଣୀଗୃହ ଯାଞ୍ଚ ନ କରି ଶିକ୍ଷୟିତ୍ରୀମାନେ ପିଲାଙ୍କ ଦ୍ୱାରା ତାଲା ପକାଇ ଚାଲିଯାଇଥିଲେ। ଏପରିକି ବିଦ୍ୟାଳୟ ପରିସରରେ ଥିବା ସିତୁର ସାଇକଲକୁ ପିଲାମାନେ ଶ୍ରେଣୀଗୃହରେ ରଖି ତାଲା ପକାଇ ଦେଇଥିଲେ। ପ୍ରାୟ ୧ ଘଣ୍ଟା ପରେ ପିଲାଟି ବିଦ୍ୟାଳୟ ଭିତରୁ ପାଟି କରିବା ସହ କବାଟ ବାଡ଼େଇବା ଶୁଣି ପାଖରେ ଥିବା ଲୋକମାନେ ଆସି ତାଲା ଭାଙ୍ଗି ତାକୁ ଉଦ୍ଧାର କରିଥିଲେ। ଗୁରୁବାର ଛାତ୍ରର ପରିବାର ଏବଂ ଗ୍ରାମବାସୀ ବିଦ୍ୟାଳୟକୁ ଆସି କାର୍ଯ୍ୟାନୁଷ୍ଠାନ ଦାବି କରିଥିଲେ। ଏହି ବିଦ୍ୟାଳୟରେ ଶିକ୍ଷକଶିକ୍ଷୟିତ୍ରୀମାନେ ପାଠ ନ ପଢ଼ାଇ ନିଜ ନିଜ ଭିତରେ ଗଣ୍ଡଗୋଳ ଲାଗୁଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏପରିକି ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ବିଦ୍ୟାଳୟକୁ ଆସୁଥିବା ଟଙ୍କା ହଡ଼ପରେ ସମ୍ପୃକ୍ତ ରହିଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଖବରପାଇ ସଦର ଥାନା ପୁଲିସ ଏବଂ ବିଇଓ ଘଟଣାସ୍ଥଳରେ ପହଞ୍ଚି ଗ୍ରାମବାସୀଙ୍କ ସହ ଆଲୋଚନା କରି ପ୍ରଧାନଶିକ୍ଷୟିତ୍ରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ପ୍ରତିଶ୍ରୁତି ଦେଇଥିଲେ ମଧ୍ୟ ସମସ୍ତ ଷ୍ଟାଫ୍‌ଙ୍କୁ ଗିରଫ ଦାବି କରିଥିଲେ ସ୍ଥାନୀୟ ଲୋକ। ବିଦ୍ୟାଳୟରେ ଏଭଳି ଘଟଣା ବାରମ୍ବାର ଘଟୁଥିଲେ ମଧ୍ୟ ଶିକ୍ଷକଶିକ୍ଷୟିତ୍ରୀମାନେ ନିଜେ ତଦାରଖ ନ କରି ଛାତ୍ରଛାତ୍ରୀଙ୍କ ଦ୍ୱାରା ଶ୍ରେଣୀଗୃହରେ ତାଲା ପକାଇବା ଭଳି ଦାୟିତ୍ୱହୀନ କାର୍ଯ୍ୟ ବୋଲି ଚର୍ଚ୍ଚା ହେଉଛି।

ଏହି ଘଟଣାକୁ ନେଇ ଗୁରୁବାର ଦିନ ତମାମ ଉତ୍ତେଜନା ଲାଗି ରହିଥିଲା। ଅପରାହ୍ଣରେ ସ୍ଥାନୀୟ ଲୋକେ ଓ ଅଭିଭାବକମାନେ ନୟାଗଡ଼-ଖଣ୍ଡପଡ଼ା ରାସ୍ତାକୁ ବିଦ୍ୟାଳୟ ସମ୍ମୁଖରେ ଅବରୋଧ କରିଥିଲେ। ଶିକ୍ଷକଙ୍କୁ ବିଦ୍ୟାଳୟ ଭିତରେ ତାଲା ପକାଇ ରଖିଥିଲେ। ଦୀର୍ଘ ୧ ଘଣ୍ଟା ରାସ୍ତା ଅବରୋଧ ହୋଇଥିଲା। ଖବରପାଇ ନୟାଗଡ଼ ଏସ୍‌ଡିପିଓ ଜ୍ୟୋତିରଞ୍ଜନ ସାମନ୍ତରାୟ ସଦଳବଳେ ପହଞ୍ଚି ଲୋକଙ୍କୁ ବୁଝାସୁଝା କରିଥିଲେ। ପରିସ୍ଥିତି ଅଣାୟତ୍ତ ହେବାକୁ ଯାଉଥିବାରୁ ପୁଲିସ ଶିକ୍ଷକଶିକ୍ଷୟିତ୍ରୀ ଓ ସମ୍ପୃକ୍ତ ଛାତ୍ରଙ୍କ ଅଭିଭାବକଙ୍କୁ ଥାନାକୁ ଆଣିଥିବା ସୂଚନା ମିଳିଛି। ବିଦ୍ୟାଳୟରେ ଶିକ୍ଷକଶିକ୍ଷୟିତ୍ରୀଙ୍କୁ ତାଲା ପକାଇବାକୁ ନେଇ ଶିକ୍ଷା ବିଭାଗ ପକ୍ଷରୁ ଏତଲା ଦିଆଯାଇଛି। ଅଭିଭାବକଙ୍କ ପକ୍ଷରୁ ମଧ୍ୟ ଏକ ଏତଲା ଦିଆଯାଇଛି।

## ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ନୟାଗଡ଼/ନୂଆଗାଁ,୨୩।୧୦(ସମିସ): ନୟାଗଡ଼ ଜିଲ୍ଲା ନୂଆଗାଁ ବ୍ଲକ୍ ଅନ୍ତର୍ଗତ ବାହାଡ଼ଖୋଲା ସରକାରୀ ମଧ୍ୟ ଇଂରାଜୀ ବିଦ୍ୟାଳୟଠାରେ ଚଳିତ ବର୍ଷର ପ୍ରଥମ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରକୁ ନୂଆଗାଁ ବ୍ଲକ୍ ଉନ୍ନୟନ ଅଧିକାରୀ ଅମୃତ କୁମାର ରାଉଳ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ମାନସିକ ଅନଗ୍ରସର ବିଭାଗରେ ୪୦, ଦୃଷ୍ଟିବାଧିତ ବିଭାଗରେ ୧୮, ଅସ୍ଥିଶଲ୍ୟ ବିଭାଗରେ ୯୦, ଶ୍ରବଣ ବିଭାଗରେ ୫୪ ଜଣ ଭିନ୍ନକ୍ଷମ ପ୍ରମାଣପତ୍ର ପାଇଁ ଆବେଦନ କରି ସ୍ୱାସ୍ଥ୍ୟ ପରୀକ୍ଷା କରାଇଥିଲେ। ୨୫ ଜଣ ଭିନ୍ନକ୍ଷମ ବସ୍ ପାସ୍ ପାଇଁ ଆବେଦନ କରିଥିଲେ ଓ ୪ ଜଣ ଡିଆର୍‌ଆଇ ଲୋନ୍ ପାଇଁ ଜିଲ୍ଲା ପ୍ରଶାସନକୁ ଆବେଦନ କରିଥିଲେ। ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରୁ ଦୃଷ୍ଟିହୀନ ବିଭାଗ ବିଶେଷଜ୍ଞ ଡାକ୍ତର ପି.ପି. ସାହୁ, ଶ୍ରବଣ ବିଭାଗ ବିଶେଷଜ୍ଞ ଡାକ୍ତର ପୀତବାସ ନାୟକ, ଅଡିଓଲୋଜିଷ୍ଟ ଡାକ୍ତର ନିଷ୍ଠା ରଞ୍ଜନ ଦାଶ, ମେଡିସିନ ବିଭାଗ ବିଶେଷଜ୍ଞ ଡାକ୍ତର ଶତ୍ରୁଘ୍ନ ନାୟକ, ମାନସିକ ରୋଗ ବିଶେଷଜ୍ଞ ଡାକ୍ତର ସବିତା, ଅସ୍ଥିଶଲ୍ୟ ବିଶେଷଜ୍ଞ ଡାକ୍ତର ସଞ୍ଜୟ ଦେବ ଓ କୃତ୍ରିମ ଅଙ୍ଗପ୍ରତ୍ୟଙ୍ଗ ବିଶେଷଜ୍ଞ ଡାକ୍ତର ପ୍ରଭୁଦତ୍ତ ପଣ୍ଡା ଲୋକଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଇଥିଲେ। ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସର୍ବେଶ୍ୱର ପାଣିଗ୍ରାହୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏହି ଶିବିର ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ପ୍ରଶାସନ ତରଫରୁ ଭିନ୍ନକ୍ଷମଙ୍କୁ ଡାକ୍ତର ପରୀକ୍ଷା ପରେ ଭିନ୍ନକ୍ଷମ ପ୍ରମାଣପତ୍ର ଦେବା ପାଇଁ ନିର୍ଦ୍ଦେଶ ଥିବାବେଳେ ହାତଗଣତି ୫ ଜଣଙ୍କୁ ଭିନ୍ନକ୍ଷମ ପ୍ରମାଣପତ୍ର ପ୍ରଦାନ କରିଥିଲେ। ଏଠାରେ ସୂଚନା ଥାଉକି, ଗତ ବର୍ଷର ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଭିନ୍ନକ୍ଷମ ପ୍ରମାଣପତ୍ର ଚଳିତ ବର୍ଷ ୨ ମାସ ତଳେ ପ୍ରଦାନ କରିଥିଲେ। ଜିଲ୍ଲା ସାମାଜିକ ସୁରକ୍ଷା ବିଭାଗ ସାର୍ଟିଫିକେଟ୍ ପ୍ରଦାନରେ ଟାଳଟୁଳ ନୀତି ନ ଆପଣେଇ ଖୁବ୍‌ଶୀଘ୍ର ପ୍ରମାଣପତ୍ର ପ୍ରଦାନ କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

## ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ନିମନ୍ତେ ପ୍ରସ୍ତୁତି



ଖଣ୍ଡପଡ଼ା,୨୩।୧୦(ସମିସ): ଖଣ୍ଡପଡ଼ା ବ୍ଲକ୍ ସଭାଗୃହରେ ଆସନ୍ତା ୩୦ ତାରିଖରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଆୟୋଜିତ ବୈଠକରେ ସାମାଜିକ ସୁରକ୍ଷା ଅଧିକାରୀ ଅରୁଣ କୁମାର ନାୟକ ସଂଯୋଜନା କରିଥିବାବେଳେ ବିଡିଓ ଅଙ୍କୁର ଅଭିଳାଷ ଅଧ୍ୟକ୍ଷତା କରିଥିଲେ। ଶିବିରଟି କିଭଳି ସୂଚାରୁରୂପେ ଅନୁଷ୍ଠିତ ହେବ ସେ ନେଇ ଆଲୋଚନା କରାଯାଇଥିଲା। ରାଜ୍ୟ ସରକାରଙ୍କ ଭିନ୍ନକ୍ଷମ ଅଧିକାର ଅଧିନିୟମ ୨୦୧୬ ଅନୁଯାୟୀ ଅନ୍‌ଲାଇନ୍ ମାଧ୍ୟମରେ ୟୁଡିଆଇଡି ବା ସ୍ୱାବଲମ୍ବନ ପୋର୍ଟାଲରେ ଆବେଦନ କରି ସାର୍ଟିଫିକେଟ୍ ହାସଲ କରିବା ବାଧ୍ୟତାମୂଳକ କରାଯାଇଛି। ଏଥିପାଇଁ ବ୍ଲକ୍ ସାମାଜିକ ସୁରକ୍ଷା ବିଭାଗ ପକ୍ଷରୁ ପ୍ରାରମ୍ଭିକ ଭାବେ ବିଭିନ୍ନ ପଞ୍ଚାୟତରୁ ହିତାଧିକାରୀ ଚିହ୍ନଟ କରାଯାଇ ଆବେଦନପତ୍ର ଗ୍ରହଣ କରାଯାଇଛି। ଏ ଅବସରରେ ଏକ ସଚେତନତା ଗାଡ଼ି ସୋମବାରଠାରୁ ପ୍ରତି ପଞ୍ଚାୟତରେ ଲୋକଙ୍କୁ ସୂଚନା ଦେବା ନିମନ୍ତେ ବୁଲିବ ବୋଲି ବ୍ଲକ୍ ସାମାଜିକ ସୁରକ୍ଷା ଅଧିକାରୀଙ୍କଠାରୁ ପ୍ରକାଶ। ବ୍ଲକ୍‌ର ବିଭିନ୍ନ ବିଭାଗର ଅଧିକାରୀ ବୈଠକରେ ଉପସ୍ଥିତ ଥିବାବେଳେ ବିଭାଗୀୟ କନିଷ୍ଠ କିରାଣି ସୁନୀଲ କୁମାର ନିଶଙ୍କ ଏବଂ କାର୍ଯ୍ୟକ୍ରମ ସହକାରୀ ମିତାଲି ମିଶ୍ର ପ୍ରମୁଖ ବୈଠକରେ ସକ୍ରିୟ ସହଯୋଗ କରିଥିଲେ।

## ଓଡ଼ିଶା ଡାକ୍ତରୀ ସେବା ସଙ୍ଘ ଜିଲ୍ଲା ଶାଖା ବୈଠକ




ନୟାଗଡ଼,୨୩।୧୦(ସମିସ): ନୟାଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସଭାଗୃହରେ ଓଡ଼ିଶା ଡାକ୍ତରୀ ସେବା ସଙ୍ଘ ନୟାଗଡ଼ ଜିଲ୍ଲା ଶାଖା ତରଫରୁ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଶାଖା ସମ୍ପାଦକ ଡ. ପ୍ରଦୀପ କୁମାର ପାଇକରାୟଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ବୈଠକରେ ରାଜ୍ୟ କେନ୍ଦ୍ରୀୟ ମଣ୍ଡଳ ଉପସଭାପତି ଡା. ଆଶିଷ ଦୀକ୍ଷିତ ସଭାପତିତ୍ୱ କରିଥିବାବେଳେ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ସୁଶାନ୍ତ କୁମାର ଦାସ, ଜିଲ୍ଲା ଉପସଭାପତି ଡା. ସିଦ୍ଧାର୍ଥ ଦାଶ ଏବଂ ସମସ୍ତ ଅତିରିକ୍ତ ଜିଲ୍ଲା ଚିକିତ୍ସାଧିକାରୀଙ୍କ ସମେତ ଜିଲ୍ଲାର ବହୁ ଡାକ୍ତର ଯୋଗଦେଇଥିଲେ। ବହୁ ଦିନ ଧରି ବିଭିନ୍ନ ଦାବିକୁ ସରକାର ଅଣଦେଖା କରୁଥିବାରୁ ସମସ୍ତ ଡାକ୍ତର କ୍ଷୋଭପ୍ରକାଶ କରିଥିଲେ। ନିକଟରେ ସରକାର ଏକ ବୈଠକ କରି ସଙ୍ଘ ସଭାପତି ଓ ରାଜ୍ୟ ନେତୃବୃନ୍ଦଙ୍କୁ ଦାବି ପୂରଣ ଦିଗରେ ପଦକ୍ଷେପ ନେବେ ବୋଲି ପ୍ରତିଶ୍ରୁତି ଦେଇଥିବାରୁ ସଂଘ ତରଫରୁ ଦିଆଯାଇଥିବା ଆନ୍ଦୋଳନ ଚେତାବନୀକୁ ୧ ମାସ ପାଇଁ ସ୍ଥଗିତ ରଖାଯାଇଥିଲା। ଜିଲ୍ଲାର ସମସ୍ତ ଡାକ୍ତର ମଧ୍ୟ ରାଜ୍ୟ ନିଷ୍ପତ୍ତିରେ ଏକମତ ହୋଇ ଯଦି ଦାବି ପୂରଣ ନ ହୁଏ ଆସନ୍ତା ନଭେମ୍ବର ୨୦ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବା ପାଇଁ ନିଷ୍ପତ୍ତି ନିଆଯାଇଛି।

## ଷ୍ଟ୍ରିଟ୍‌ଲାଇଟ୍ ଅଚଳ; ଅନ୍ଧାରରେ ଗଣିଆ ମେଡିକାଲ



ଗଣିଆ,୨୩।୧୦(ସମିସ): ଜନସାଧାରଣଙ୍କୁ ଉନ୍ନତମାନର ସ୍ୱାସ୍ଥ୍ୟ ସେବା ଯୋଗାଇବା ପାଇଁ ସରକାର ସ୍ୱାସ୍ଥ୍ୟକେନ୍ଦ୍ରଗୁଡ଼ିକରେ ସମସ୍ତ ପ୍ରକାର ସୁବିଧାସୁଯୋଗ ଦେଇଛନ୍ତି। ଏପରିକି ସ୍ୱାସ୍ଥ୍ୟ କେନ୍ଦ୍ରର ଭିତ୍ତିଭୂମି ସୁଦୃଢ଼ କରିବା ସହିତ କାୟାକଳ୍ପ ପୁରସ୍କାର ମଧ୍ୟ ପ୍ରଦାନ କରାଯାଉଛି। କିନ୍ତୁ କାୟାକଳ୍ପ ପୁରସ୍କାର ପାଇଥିବା ଗଣିଆ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଏବେ ଅନ୍ଧାରରେ। ଗଣିଆ ବ୍ଲକ୍‌ର ୮ ଟି ପଞ୍ଚାୟତ ତଥା ପଡ଼ୋଶୀ ଦୁଇଟି ବ୍ଲକ୍‌ର ଜନସାଧାରଣ ଏହି ସ୍ୱାସ୍ଥ୍ୟ କେନ୍ଦ୍ର ଉପରେ ନିର୍ଭର କରନ୍ତି। କିନ୍ତୁ ଦୁଃଖ ଓ ପରିତାପର ବିଷୟ ଦୀର୍ଘଦିନ ହେବ ମେଡିକାଲ ପରିସରରେ ଲାଗିଥିବା ଷ୍ଟ୍ରିଟ୍‌ଲାଇଟ୍ ଅଚଳ ହୋଇପଡ଼ିଛି। ଫଳରେ ଏଠାକୁ ଆସୁଥିବା ରୋଗୀ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଉକ୍ତ ମେଡିକାଲଟି ପାହାଡ଼କୁ ଲାଗି ରହିଥିବାରୁ ବିଷାକ୍ତ ସରୀସୃପଙ୍କର ଆତଯାତ ମଧ୍ୟ ରହିଛି। ଫଳରେ ଅନ୍ଧାରରେ ରୋଗୀମାନେ ଭୟଭୀତ ଅବସ୍ଥାରେ ରହୁଛନ୍ତି। ବିଶେଷକରି ମେଡିକାଲ ଉପରକୁ ଯିବାକୁ ଗୋଟିଏ ବଡ଼ ବୁଲାଣି ପଡୁଥିବାରୁ ଅନ୍ଧାରରେ ଅନେକ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବୁଲାଣିରେ ଗାଡ଼ି ବୁଲାଇବା ସମୟରେ ଅନ୍ଧାରରେ ଅନେକଥର ଦୁର୍ଘଟଣାର ଶିକାର ମଧ୍ୟ ହେଉଥିବା ଦେଖିବାକୁ ମିଳିଛି। ଏ ସମ୍ପର୍କରେ ସ୍ୱାସ୍ଥ୍ୟ ଅଧିକାରୀ ମଧୁସୂଦନ ଦାସଙ୍କୁ ପଚାରିବାରୁ ଉକ୍ତ ଷ୍ଟ୍ରିଟ୍‌ଲାଇଟ୍ ଲଗାଇଥିବା ସଂସ୍ଥାକୁ ଏ ସମ୍ପର୍କରେ ବାରମ୍ବାର ଅବଗତ କରାଇଥିଲେ ମଧ୍ୟ ସେ ଶୁଣୁନାହାନ୍ତି ବୋଲି ପ୍ରକାଶ କରିଛନ୍ତି। ତୁରନ୍ତ ଉକ୍ତ ଷ୍ଟ୍ରିଟ୍‌ଲାଇଟ୍ ମରାମତି କରିବାକୁ ଗଣିଆ ସମିତିସଭ୍ୟ ଫକୀର ମୋହନ ଡାକୁଆ ଦାବି କରିଛନ୍ତି।

## ଜିଲ୍ଲାସ୍ତରୀୟ ଶିଶୁ କ୍ରୀଡ଼ା ଉତ୍ସବ 'ଉତ୍ସାହ'



ନୟାଗଡ଼,୨୩।୧୦(ସମିସ): ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍ ଓ ଜିଲ୍ଲା ପ୍ରଶାସନ ମିଳିତ ଆନୁକୂଲ୍ୟରେ ୩ଟି ଶିଶୁ ଗୃହରେ ଥିବା ଅନ୍ତେବାସୀଙ୍କୁ ନେଇ ଗୁରୁବାର ନୟାଗଡ଼ ଷ୍ଟାଡିୟମ୍‌ଠାରେ ଜିଲ୍ଲାସ୍ତରୀୟ ଶିଶୁ କ୍ରୀଡ଼ା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସେମାନଙ୍କ ଭିତରେ ଥିବା ଲୁକ୍କାୟିତ ପ୍ରତିଭାକୁ ଅନୁସନ୍ଧାନ କରିବା ଉଦ୍ଦେଶ୍ୟରେ ଜିଲ୍ଲାର ବିଭିନ୍ନ ଶିଶୁ ଗୃହର ୯୦ ଜଣ ପିଲାଙ୍କୁ ନେଇ ଏହି କ୍ରୀଡ଼ା ଉତ୍ସବ ଅନୁଷ୍ଠିତ ହୋଇଥିଲା। ଉଦ୍‌ଘାଟନୀ ସଭାରେ ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ରୋଜିନା ଦାସ ଅଂଶଗ୍ରହଣ କରି ପ୍ରତିଯୋଗୀଙ୍କୁ ପ୍ରତିଯୋଗିତାରେ ଭାଗ ନେବାକୁ ଉତ୍ସାହିତ କରିଥିଲେ। ରାଜ୍ୟସ୍ତରରେ ଭାଗ ନେଇ ନୟାଗଡ଼ ଜିଲ୍ଲାକୁ ଗୌରବ ଆଣିବା ପାଇଁ ଉଦ୍‌ବୋଧନ ଦେଇଥିଲେ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍‌ର ସିବିୟନ ପ୍ରଧାନ, ଜିଲ୍ଲା ଶିଶୁ ମଙ୍ଗଳ ସମିତି ସଦସ୍ୟ ଶୁଭ୍ରାଂଶୁ ଶେଖର ମିଶ୍ର। କାର୍ଯ୍ୟକ୍ରମକୁ ଆନୁଷ୍ଠାନିକ ଯତ୍ନ ଅଧିକାରୀ ସତ୍ୟରଞ୍ଜନ ଦାସ, ଆଇନ ଅଧିକାରୀ ମହମ୍ମଦ ଅର୍ସଦ୍ ଅନ୍‌ସରୀ, ଅଣଆନୁଷ୍ଠାନିକ ଅଧିକାରିଣୀ ଶୈଳବାଳା ଦାସ, ଚନ୍ଦ୍ରଶେଖର ବେହେରା, ଚାଇଲ୍ଡ ହେଲ୍ପ ଲାଇନ୍ କାଉନ୍‌ସିଲର ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।

## ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'

● ଦଧିବାମନଜୀଉ ଉଚ୍ଚ ବିଦ୍ୟାଳୟର ଦଳଗତ ନୃତ୍ୟ ଜିଲ୍ଲାକୁ ଉତ୍ତୀର୍ଣ୍ଣ

ଓଡ଼ଗାଁ/ଶରଣକୁଳ,୨୩।୧୦(ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ୍ ଶରଣକୁଳ ନାରାୟଣ ସରକାରୀ ଉଚ୍ଚ ବିଦ୍ୟାଳୟଠାରେ ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' କାର୍ଯ୍ୟକ୍ରମ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ଏଥିରେ ଦଧିବାମନଜୀଉ ଉଚ୍ଚ ବିଦ୍ୟାଳୟ, ଶିଖରପୁର ଦଳଗତ ନୃତ୍ୟ ପ୍ରତିଯୋଗିତାରେ ଜିଲ୍ଲାସ୍ତରକୁ ଉତ୍ତୀର୍ଣ୍ଣ ହୋଇଛି। ଲୋକକଳା ଓ ସମୃଦ୍ଧ ଓଡ଼ିଶା ବିଷୟଭିତ୍ତିକ ୧୫ଟି ଆଞ୍ଚଳିକ ସାଧନକେନ୍ଦ୍ରରୁ ପ୍ରବନ୍ଧ, ବକ୍ତୃତା, ତର୍କ, ସଙ୍ଗୀତ, ସୃଜନଶୀଳ ଲିଖନ, ସୁନ୍ଦର ହସ୍ତାକ୍ଷର, ଶ୍ରୁତଲିଖନ, ଚିତ୍ରାଙ୍କନ, ଚିତ୍ରକଳା ଓ ମଧ୍ୟାହ୍ନଭୋଜନ ଶିଳ୍ପକଳା, ଦିବ୍ୟାଙ୍ଗ ସଙ୍ଗୀତ ଓ ଚିତ୍ରାଙ୍କନ ଇତ୍ୟାଦି ପ୍ରତିଯୋଗିତାରୁ ବରିଷ୍ଠ ଓ କନିଷ୍ଠ ବିଭାଗରୁ ପ୍ରଥମ ସ୍ଥାନ ଅଧିକାର କରି ଆସିଥିବା ୫୧୦ କୃତୀ ପ୍ରତିଯୋଗୀଙ୍କୁ ନେଇ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି।




ଉଦ୍‌ଘାଟନୀ ଏବଂ ଉଦ୍‌ଯାପନୀ ଉତ୍ସବରେ ମଣ୍ଡଳ ଶିକ୍ଷା ଅଧିକାରୀ ପିଣ୍ଟୁ ପ୍ରଧାନଙ୍କ ସଭାପତିତ୍ୱରେ ସଭାକାର୍ଯ୍ୟ ଆରମ୍ଭ ହୋଇଥିଲା। ନୟାଗଡ଼ ଜିଲ୍ଲା ପରିଷଦ ଅଧ୍ୟକ୍ଷ ଇଂ.ଦେବାଶିଷ ପଟ୍ଟନାୟକ ମୁଖ୍ୟ ଅତିଥି ଭାବେ ଯୋଗଦେଇଥିବା ବେଳେ ଅତିରିକ୍ତ ମଣ୍ଡଳ ଶିକ୍ଷା ଅଧିକାରୀ ରାଜକିଶୋର ସାହୁ, ରଘୁନାଥ ମଲ୍ଲିକ, ହରିହରପୁର ସରପଞ୍ଚ ବିଳାସିନୀ ଦେଇ, ରଶ୍ମି ରଞ୍ଜନ ମିଶ୍ର, ଭକ୍ତ ରଞ୍ଜନ ମିଶ୍ର, ନରେଶ ପାଣିଗ୍ରାହୀ, ଭଗବାନ ସାହୁ, ଜୟକୃଷ୍ଣ ପ୍ରଧାନ ସମ୍ମାନିତ ଅତିଥି ରୂପେ ଯୋଗଦେଇଥିଲେ। ଶିକ୍ଷକ ପ୍ରଶାନ୍ତ କୁମାର ଦାଶ ସଭା ସଂଯୋଜନା କରିଥିଲେ। ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ରଣପୁର ବିଧାୟକ ତଥା ଓଡ଼ିଶା ବିଧାନସଭାର ବାଚସ୍ପତି ସୁରମା ପାଢ଼ୀ ମୁଖ୍ୟ ଅତିଥି ଭାବରେ ଯୋଗଦେଇଥିବା ବେଳେ ଜିଲ୍ଲା ପରିଷଦ ସଭ୍ୟା ବିରଜାଲକ୍ଷ୍ମୀ ସାହୁ, ଚିନ୍ମୟୀ ଦାଶ, ଝିଲି ପ୍ରଧାନ, ଶରଣକୁଳ ସରପଞ୍ଚ ମିନାକ୍ଷୀ ସାହୁ, ଗୋଡ଼ିପଡ଼ା ସରପଞ୍ଚ ଅନ୍ତର୍ଯ୍ୟାମୀ ସାହୁ, ବିଦ୍ୟାଳୟ ଏସ୍‌ଏମ୍‌ସି ସଭାପତି ମାନସ ନାୟକ ପ୍ରମୁଖ ସମସ୍ତ କୃତୀ ପ୍ରତିଯୋଗୀଙ୍କୁ ଟ୍ରଫି ଓ ସାର୍ଟିଫିକେଟ୍ ପ୍ରଦାନ କରିଥିଲେ। ସମସ୍ତ ବିଭାଗର ପ୍ରଥମ ସ୍ଥାନ ଅଧିକାର କରିଥିବା କୃତୀ ଛାତ୍ରଛାତ୍ରୀମାନେ ଜିଲ୍ଲାସ୍ତରୀୟ 'ସୁରଭି' କାର୍ଯ୍ୟକ୍ରମକୁ ଉନ୍ନିତ ହୋଇଥିଲେ।

## ୱେବ୍ ପୋର୍ଟାଲ ସଂସ୍ଥା ମାଲିକଙ୍କ ନାଁରେ ଏତଲା



ନୟାଗଡ଼,୨୩।୧୦(ସମିସ): ଓଡ଼ିଶା ପ୍ରଦେଶ କଂଗ୍ରେସ ନିଷ୍ପତ୍ତି ଅନୁସାରେ ଏକ ୱେବ୍ ପୋର୍ଟାଲ ଅଣପଞ୍ଜିକୃତ ନ୍ୟୁଜ୍ ସଂସ୍ଥାର ମାଲିକ ଓ ତାଙ୍କର ଅନ୍ୟ ୪ ଜଣ ସହଯୋଗୀ ପ୍ରାୟୋଜିତ ଭାବେ ପିସିସି ସଭାପତି ଭକ୍ତ ଚରଣ ଦାସ, କଂଗ୍ରେସ ବିଧାୟକ ସାଗର ଦାସ ଏବଂ କଂଗ୍ରେସ ଦଳ ବିରୁଦ୍ଧରେ ମନ୍ଦ ଉଦ୍ଦେଶ୍ୟ ରଖି ନୂଆପଡ଼ା ଉପନିର୍ବାଚନ ପ୍ରଚାର ସମୟରେ ସାଧାରଣରେ କଂଗ୍ରେସ ଦଳ ଭାବମୂର୍ତ୍ତି ପ୍ରଭାବିତ କରିବା ପାଇଁ ବ୍ୟକ୍ତିଗତ କୁତ୍ସାରଟନା କରୁଛନ୍ତି। ସେମାନଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ପାଇଁ ଗୁରୁବାର ରାଜ୍ୟର ପ୍ରତ୍ୟେକ ଜିଲ୍ଲା ସାଇବର ଥାନାରେ ଏତଲା ଦିଆଯିବା ପରିପ୍ରେକ୍ଷୀରେ ନୟାଗଡ଼ ଡିସିସି ପକ୍ଷରୁ ଜିଲ୍ଲା କଂଗ୍ରେସ ସଭାପତି ତଥା ବରିଷ୍ଠ ଆଇନଜୀବୀ ରଣଜିତ ଦାଶ, ଦଳୀୟ କାର୍ଯ୍ୟକର୍ତ୍ତାମାନେ ସନ୍ଧ୍ୟାରେ ଟାଉନ୍ ଥାନା ଆଇଆଇସି ରଶ୍ମିରଞ୍ଜନ ପ୍ରଧାନଙ୍କୁ ଲିଖିତ ଏତଲା ଦାୟର କରିଛନ୍ତି। ଉକ୍ତ ୱେବ୍ ପୋର୍ଟାଲ ସ୍ୱତନ୍ତ୍ର ନୀତିନିୟମ ଉଲ୍ଲଘଂନ କରି ଇର୍ଷାନ୍ୱିତ ହୋଇ ପିସିସି ସଭାପତି ଏବଂ କଂଗ୍ରେସ ଦଳ ବିରୁଦ୍ଧରେ ମନଗଢ଼ା ଗପ ପ୍ରଚାରପ୍ରସାର କରି ଦଳକୁ ସାଧାରଣରେ ନିନ୍ଦିତ କରିବା ପାଇଁ ଅପଚେଷ୍ଟା କରୁଥିବାରୁ ଉକ୍ତ ସଂସ୍ଥା ବିରୁଦ୍ଧରେ ଦୃଢ଼ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଦାବି କରାଯାଇଛି। ପୂର୍ବ ପିସିସି ସାଧାରଣ ସମ୍ପାଦକ ହୁସେନ ଖାନ୍, ବ୍ଲକ୍ କଂଗ୍ରେସ ସଭାପତି ଫକୀର ଚରଣ ମଲ୍ଲ, ରାଜ୍ୟ ଯୁବ କଂଗ୍ରେସ ସମ୍ପାଦକ ପ୍ରତୀକ ମହାପାତ୍ର, ଜିଲ୍ଲା ଛାତ୍ର କଂଗ୍ରେସ ସଭାପତି ଶିବରଞ୍ଜନ ସାହୁ, ଡିସିସି ସଂଖ୍ୟାଲଘୁ ସେଲ ଅଧ୍ୟକ୍ଷ ଅମ୍‌ଜାଦ ଖାନ୍, ପୂର୍ଣ୍ଣଚନ୍ଦ୍ର ସାନ୍ତ, ପୀତବାସ ଖୁଣ୍ଟିଆ, କୂଳେଶ ମହାନ୍ତି, କୃଷ୍ଣ ଚନ୍ଦ୍ର ନାୟକ, ଜିତେନ୍ଦ୍ର ନାଏକ ପ୍ରମୁଖ ଉପସ୍ଥିତ ଥିଲେ।

## ବିଷପିଇ ଆତ୍ମହତ୍ୟା ଅଭିଯୋଗ

ଓଡ଼ଗାଁ,୨୩।୧୦(ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ଥାନା ଘଷାଦେଇପୁର ଗାଁର ନିରାକାର ମହାରଣା (୫୦) ବିଷପିଇ ଆତ୍ମହତ୍ୟା କରିଥିବା ନେଇ ଓଡ଼ଗାଁ ଥାନାରେ ତାଙ୍କ ସ୍ତ୍ରୀ ସୁକାନ୍ତି ମହାରଣା ଅଭିଯୋଗ କରିଛନ୍ତି। ଓଡ଼ଗାଁ ପୁଲିସ ୩୫/୨୫ରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି ନୟାଗଡ଼ ମେଡିକାଲରେ ଶବ ବ୍ୟବଚ୍ଛେଦ କରିବା ପରେ ଗୁରୁବାର ଅପରାହ୍ଣରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛନ୍ତି।

ଅଭିଯୋଗ ଅନୁସାରେ ନିରାକାର ବୁଧବାର ରାତି ୮ଟା ବେଳେ ବଜାରକୁ ଆସିଥିଲେ। ଫେରିବା ପରେ ରାତି ପ୍ରାୟ ୧୧ଟା ସମୟରେ ତାଙ୍କର ବାନ୍ତି ହୋଇଥିଲା। ତାଙ୍କୁ ସଙ୍ଗେ ସଙ୍ଗେ ଓଡ଼ଗାଁ ମେଡିକାଲକୁ ଅଣାଯାଇଥିଲା। ସେଠାରେ ଚିକିତ୍ସା ପରେ ଗୁରୁତର ହେବାରୁ ନୟାଗଡ଼ ସ୍ଥାନାନ୍ତର କରାଯାଇଥିଲା। ନୟାଗଡ଼ରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସୂଚନା ଥାଉକି ନିରାକାର କର୍କଟ ରୋଗରେ ପୀଡ଼ିତ ଥିବା ଜଣାପଡ଼ିବା ପରେ ପରିବାରର ଅଭାବ କଷଣ ସାଙ୍ଗକୁ ୩ ଛୁଆଙ୍କ ଜଞ୍ଜାଳ କଥା କହି ବ୍ୟସ୍ତ ହୋଇ ପଡ଼ିଥିଲେ। ତେଣୁ ନିଜେ ବିଷପିଇ ଆତ୍ମହତ୍ୟା କରିଥିବା ସ୍ତ୍ରୀ ସୁକାନ୍ତିଙ୍କ ଅଭିଯୋଗରୁ ଜଣାଯାଇଛି। ପରିବାରର ଏକମାତ୍ର ରୋଜଗାରକ୍ଷମ ବ୍ୟକ୍ତି ଚାଲିଯିବା ପରେ ସ୍ତ୍ରୀ ତାଙ୍କ ୨ ନାବାଳକ ଓ ୧ ନାବାଳିକା ଛୁଆଙ୍କୁ କିପରି ପୋଷିବେ ସେନେଇ ଚିନ୍ତାରେ ଭାଙ୍ଗି ପଡ଼ିଛନ୍ତି। ଏଭଳି ଦୁଃଖଦ ସମୟରେ ତାଙ୍କ ପରିବାରକୁ ସରକାର ସହାୟତା ଯୋଗାଇଦେବାକୁ ଗ୍ରାମବାସୀ ଦାବି କରିଛନ୍ତି।

## ବଢୁଛି କିଡ୍‌ନୀ ରୋଗୀଙ୍କ ସଂଖ୍ୟା; ୭୧ ଜଣ ଚିକିତ୍ସାଧୀନ

ଗଣିଆ,୨୩।୧୦(ସମିସ): ଗଣିଆ ବ୍ଲକ୍‌ର ୮ଟି ପଞ୍ଚାୟତର ବିଭିନ୍ନ ସ୍ଥାନରେ ଦିନକୁ ଦିନ କିଡ୍‌ନୀ ରୋଗୀଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ଆଦିବାସୀ ଅଧ୍ୟୁଷିତ ଅଞ୍ଚଳ ଭାବେ ପରିଗଣିତ ଗଣିଆ ବ୍ଲକ୍ ପାଇଁ କିଡ୍‌ନୀ ରୋଗ ଜନସାଧାରଣଙ୍କ ନିଦ ହଜାଇ ଦେଇଛି। ଅଞ୍ଚଳରେ ପାନୀୟଜଳ ସମସ୍ୟା ଯୋଗୁଁ କିଡ୍‌ନୀ ରୋଗ ବୃଦ୍ଧି ପାଉଥିବା ଅଭିଯୋଗ ହୋଇଛି। ଗାଁରେ ବ୍ୟବହାର କରାଯାଉଥିବା ପାଣି କେଉଁଠି ଗୋଳିଆ ତ ଆଉ କେଉଁଠି କ୍ଷାରିଆ, ଆଉ କେଉଁଠି ଫ୍ଲୋରାଇଡ୍ ଓ ଲୌହଯୁକ୍ତ। ଗତ କିଛିଦିନ ତଳେ ବେଲପଡ଼ା ଗ୍ରାମରେ କିଡ୍‌ନୀ ରୋଗରେ ଆକ୍ରାନ୍ତ ମହିଳାଙ୍କ ମୃତ୍ୟୁ ଘଟିଥିବାବେଳେ ଅନେକ ରୋଗୀ ଏବେ କିଡ୍‌ନୀ ରୋଗରେ ଆକ୍ରାନ୍ତ ହୋଇ ଚିକିତ୍ସା ହେଉଛନ୍ତି। ମେଡିକାଲରୁ ମିଳିଥିବା ସୂଚନା ଅନୁସାରେ ଗଣିଆ ବ୍ଲକ୍‌ରେ ୭୧ ଜଣ କିଡ୍‌ନୀ ରୋଗୀ ଏବେ ଚିକିତ୍ସାଧୀନ ଅଛନ୍ତି। ସେମାନଙ୍କ ମଧ୍ୟରୁ ବଡ଼ସିଲିଙ୍ଗା ପଞ୍ଚାୟତରେ ୪, ରାସଙ୍ଗ ପଞ୍ଚାୟତରେ ୫, କରଡ଼ାପଡ଼ା ପଞ୍ଚାୟତରେ ୪, ଆଡ଼କଟା ପଞ୍ଚାୟତରେ ୧୨, ଛାମୁଣ୍ଡିଆ ପଞ୍ଚାୟତରେ ୧୫, ଗଣିଆ ପଞ୍ଚାୟତରେ ଜଣେ ଏବଂ କିଶୋର ପ୍ରସାଦ ପଞ୍ଚାୟତରେ ସବୁଠାରୁ ଅଧିକ ୩୦ ଜଣ ବୋଲି ଜଣାପଡ଼ିଛି। କିଡ୍‌ନୀ ରୋଗରେ ଆକ୍ରାନ୍ତ ରୋଗୀମାନେ ବିଭିନ୍ନ ସ୍ୱାସ୍ଥ୍ୟ କେନ୍ଦ୍ରରେ ଚିକିତ୍ସିତ ହେଉଥିବା ଜଣାପଡ଼ିଛି। ତେବେ ଏବେଠାରୁ ପଦକ୍ଷେପ ଗ୍ରହଣ ନ କଲେ ଆଗାମୀ ଦିନରେ ଏହା ଭୟଙ୍କର ରୂପ ନେବ ଏଥିରେ ସନ୍ଦେହ ନାହିଁ। ଏଭଳି ସ୍ଥିତିରେ ପ୍ରଶାସନ ତରଫରୁ ଆବଶ୍ୟକ ପଦକ୍ଷେପ ନେଇ ଚିକିତ୍ସା ଏବଂ ପାନୀୟଜଳର ବିଶୁଦ୍ଧୀକରଣ କରିବାକୁ ସାଧାରଣରେ ଦାବି ହେଉଛି।

ଓଡ଼ଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଜଣେ ଟେକ୍ନିସିଆନ

# ସ୍ୱାସ୍ଥ୍ୟ ପରୀକ୍ଷା ନିମନ୍ତେ ରୋଗୀ ହନ୍ତସନ୍ତ

ଓଡ଼ଗାଁ,୨୩।୧୦(ସମିସ)

ନୟାଗଡ଼ ଜିଲ୍ଲା ଓଡ଼ଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ରକ୍ତ, ମଳ, ମୂତ୍ର ଏବଂ କଫ ପରୀକ୍ଷା ପାଇଁ ଜଣେ ମାତ୍ର ଟେକ୍ନିସିଆନ ରହିଥିବାବେଳେ ପ୍ରତିଦିନ ପ୍ରାୟ ୧୫୦ରୁ ଊର୍ଦ୍ଧ୍ୱ ରୋଗୀଙ୍କ ନମୁନା ସଂଗ୍ରହ ଓ ପରୀକ୍ଷା

### ଅତିରିକ୍ତ ଟେକ୍ନିସିଆନ ନିଯୁକ୍ତି ପାଇଁ ଦାବି

କରିବାକୁ ପଡୁଛି। ଫଳରେ ରୋଗ ନିରାକରଣ ନିମିତ୍ତ ବହୁ ବିଳମ୍ବ ଘଟୁଥିବାରୁ ଦୂରଦୂରାନ୍ତରୁ ଆସୁଥିବା ରୋଗୀମାନେ ନାହିଁ ନ ଥିବା ଅସୁବିଧା ଭୋଗୁଛନ୍ତି। ଏପରିକି ସମୟେ ସମୟେ ରିପୋର୍ଟ ନ ପାଇ ଫେରିବାକୁ ପଡୁଛି। ଏଥିସହିତ ଗର୍ଭବତୀ ଓ ପ୍ରସୂତି ମହିଳାଙ୍କ ନିୟମିତ ପରୀକ୍ଷା ନିରୀକ୍ଷାର ଆବଶ୍ୟକତା ଦୃଷ୍ଟିରୁ ଡାକ୍ତରଖାନାରେ ରୋଗୀଙ୍କ ସଂଖ୍ୟା ବୃଦ୍ଧି ପାଉଥିବା ଯୋଗୁଁ ରୋଗ ନିରାକରଣ ପରୀକ୍ଷା ପାଇଁ ବହୁ ସମୟ ଧରି ଧାଡ଼ିରେ ରହି ବିରକ୍ତ ହୋଇ ପରୀକ୍ଷା ନ କରି ଫେରିଯାଉଛନ୍ତି। ଓଡ଼ଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଉପରେ ଓଡ଼ଗାଁ ଏନ୍‌ଏସି ସହିତ ୧୮ ପଞ୍ଚାୟତ ଏବଂ ଗଞ୍ଜାମ ଜିଲ୍ଲାର ସୀମାବର୍ତ୍ତୀ ଅଞ୍ଚଳରୁ ପ୍ରାୟ ୨ଲକ୍ଷରୁ ଊର୍ଦ୍ଧ୍ୱ ଜନସାଧାରଣ ଉକ୍ତ ସ୍ୱାସ୍ଥ୍ୟ କେନ୍ଦ୍ର ଉପରେ ନିର୍ଭର କରିଥା'ନ୍ତି। ଯଦିଓ କୋମଣ୍ଡ, କୁରାଳ, ସୁନାମୁହିଁ, କୁରୁମ ବାଙ୍କତରା, ସାକେରୀଠାରେ ସ୍ୱାସ୍ଥ୍ୟ କେନ୍ଦ୍ର ରହିଛି, ତେବେ ସେଠାର ଡାକ୍ତରମାନେ ରୋଗ ନିରୂପଣ ନିମନ୍ତେ କୌଣସି ପରୀକ୍ଷା ପାଇଁ କହିଲେ ଓଡ଼ଗାଁରେ ପରୀକ୍ଷା ପାଇଁ ଅତିରିକ୍ତ ଯନ୍ତ୍ରଗୁଡ଼ିକ ରହିଥିବାରୁ ରୋଗୀଟିଏ ଏଠାକୁ ଆସି ପରୀକ୍ଷା କରିଥାଏ। କୌଣସି ପରୀକ୍ଷା ପାଇଁ ଏଠାରେ ସୁବିଧାସୁଯୋଗ ନ ଥିଲେ ସେମାନେ ବିକଳ୍ପ ଭାବେ ଓଡ଼ଗାଁରେ ଘରୋଇ ବ୍ୟବସ୍ଥା ମାଧ୍ୟମରେ ପରୀକ୍ଷା କରନ୍ତି। ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଅଧୀନରେ ଥିବା ୮ ସବ୍‌ସେଣ୍ଟରରୁ ପ୍ରାୟ ୪୬ ଜଣ ଆଶାକର୍ମୀ ପ୍ରତି ମାସରେ ୨୫୦ରୁ ଊର୍ଦ୍ଧ୍ୱ କଫ ପରୀକ୍ଷା ପାଇଁ ଆଣିଥା'ନ୍ତି।



ଏତଦ୍‌ବ୍ୟତୀତ ଡାକ୍ତରଖାନାକୁ ଦୈନିକ ୨ଶହରୁ ଅଧିକ ରୋଗୀ ଆସୁଥିବାବେଳେ ସେମାନଙ୍କ ମଧ୍ୟରୁ ପ୍ରାୟ ୧୫୦ ଜଣଙ୍କର ଲ୍ୟାବ୍‌ରେ କୌଣସି ନା କୌଣସି ପରୀକ୍ଷା କରାଯାଇଥାଏ। ଗର୍ଭବତୀ ମହିଳାଙ୍କ ପାଇଁ ସିବିସି, ୟୁରିନ୍, ଏଚ୍‌ଆଇଭି, ହିମୋଗ୍ଲୋବିନ୍, ଟକ୍‌ସୋ, ଭିଡିଆରଲ୍, ଓଜିଟିଟି, ଆଲ୍‌ବୋମିନ୍ ସହିତ ସାଧାରଣ ଭାବେ ଏମ୍‌ପି, ସିବିସି, ୟୁରିନ୍, ଷ୍ଟୁଲ୍, ବ୍ଲଡ୍ ସୁଗାର, ଇଏସ୍‌ଆର୍, ରୁମାଟିଜିମ୍, ଆର୍ଥ୍ରାଇଟିସ୍, ଜଣ୍ଡିସ ଏବଂ ଅନ୍ୟାନ୍ୟ ପରୀକ୍ଷା ଜଣେ ମାତ୍ର ଟେକ୍ନିସିଆନଙ୍କ ଦ୍ୱାରା ସମୟ ଅନୁସାରେ ସାରିବା ଅସମ୍ଭବ ହୋଇପଡୁଛି। ଏଣୁ ଓଡ଼ଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ସମସ୍ତ ରୋଗୀଙ୍କୁ ଉପଯୁକ୍ତ ସେବାକୁ ସହଜ ସରଳ କରିବା ପାଇଁ ଅତିରିକ୍ତ ଭାବେ ଆଉ ୨ଜଣ ଟେକ୍ନିସିଆନଙ୍କୁ ନିଯୁକ୍ତି ଦେବା ପାଇଁ ସାଧାରଣରେ ଦାବି ହେଉଛି।

## ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'



ବାଲୁଗାଁ,୨୩।୧୦(ସମିସ): ଚିଲିକା ବ୍ଲକ୍ ଅନ୍ତର୍ଗତ ଚିଲିକା ସରକାରୀ ଉଚ୍ଚ ବିଦ୍ୟାଳୟ, ବଡ଼କୂଳ ପରିସରରେ ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିଥି ଭାବେ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ସାଂସଦ ଡ. ସମ୍ବିତ୍ ପାତ୍ର, ଚିଲିକା ବ୍ଲକ୍ ଅଧ୍ୟକ୍ଷା ଜ୍ୟୋତ୍ସ୍ନା ବେହେରା, ଜିଲ୍ଲା ଶିକ୍ଷା ଅଧିକାରୀ ସୋନାମିକା ରାୟ, ଚିଲିକା ବ୍ଲକ୍ ଶିକ୍ଷା ଅଧିକାରୀ ଦ୍ୱାରିକାନାଥ ବେହେରା, ବଡ଼କୂଳ ପଞ୍ଚାୟତ ସରପଞ୍ଚ ପ୍ରହଲ୍ଲାଦ ବେହେରା ପ୍ରମୁଖ ଯୋଗଦେଇ ସମ୍ପ୍ରତି ଯୁଗରେ ଛାତ୍ରଛାତ୍ରୀମାନେ ବର୍ତ୍ତମାନ ବିଦ୍ୟାଳୟର ପାଠପଢ଼ା ମଧ୍ୟରେ ନିଜକୁ ସୀମିତ ନ ରଖି କ୍ରୀଡ଼ା, ନୃତ୍ୟ, ସଙ୍ଗୀତ, କଳା ଓ ସମାଜସେବା ଆଦି ବିଭିନ୍ନ କ୍ଷେତ୍ରରେ ନିଜର ଶ୍ରେଷ୍ଠତ୍ୱ ପ୍ରଦର୍ଶନ କରି ଆଗକୁ ବଢ଼ିବା ନିତାନ୍ତ ଆବଶ୍ୟକ। ସେଥିଲାଗି ନିଜ ଭିତରେ ଦୃଢ଼ ଆତ୍ମବିଶ୍ୱାସ ଓ ସକାରାତ୍ମକ ମନୋଭାବ ରଖିଲେ ସଫଳତା ସୁନିଶ୍ଚିତ ମିଳିବ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ବିଦ୍ୟାଳୟର ସମସ୍ତ ଶିକ୍ଷକ ଓ କର୍ମଚାରୀ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିବାବେଳେ ବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ ସାମିଲ୍ ହୋଇ ନୃତ୍ୟ, ସଙ୍ଗୀତ ଓ କଳା ଆଦି ପ୍ରଦର୍ଶନ କରିଥିଲେ।

## ବିଷ୍ଣୁବରସାହିରେ ଷୋଳପ୍ରହର ନାମଯଜ୍ଞ



ଭୂଷଣ୍ଡପୁର,୨୩।୧୦(ସମିସ): ଟାଙ୍ଗୀ ବ୍ଲକ୍ ବାଲିପାଟପୁର ପଞ୍ଚାୟତ ବିଷ୍ଣୁବରସାହିରେ ଷୋଳପ୍ରହର ନାମଯଜ୍ଞ ଅନୁଷ୍ଠିତ ହୋଇଯାଇଛି। କାର୍ତ୍ତିକ ଅମାବାସ୍ୟା ତିଥିର ଶୁକ୍ରବାରଠାରୁ ରବିବାର ପର୍ଯ୍ୟନ୍ତ ବିଷ୍ଣୁବରଙ୍କ ପୀଠରେ ଶାସ୍ତ୍ରୀୟ ମତରେ ଜଳଯାତ୍ରା କରାଯାଇ ଶୁଭାଧିବାସ ହୋଇଥିଲା। ନାମସଂକୀର୍ତ୍ତନ ପାଇଁ ନିକଟସ୍ଥ ବରଡ଼ି, ସୋରଣ, ଜଗୁଲେଇପଦର, ମଙ୍ଗଳାଯୋଡ଼ି ଗ୍ରାମରୁ ଗାୟକ ଦଳ ଯୋଗଦେଇ ସଂକୀର୍ତ୍ତନ କରିଥିଲେ। ପୂର୍ବତନ ବିଧାୟକ ରାଜେନ୍ଦ୍ର ସାହୁ, ଗ୍ରାମର ବହୁ ବିଶିଷ୍ଟ ବ୍ୟକ୍ତିଙ୍କ ସମେତ ଅବ୍ୟକ୍ତ ହରିହର ଖଡ଼ଙ୍ଗା ପ୍ରମୁଖ ଯୋଗଦେଇଥିଲେ।

## ଶ୍ରୀରାମଦୟା ପରିଷଦର ବାର୍ଷିକ ଅଧିବେଶନ

ନିରାକାରପୁର,୨୩।୧୦(ସମିସ): ଖୋର୍ଦ୍ଧା ଜିଲ୍ଲା ନିରାକାରପୁରସ୍ଥିତ ଅଗ୍ରଣୀ ପ୍ରାଚୀନ ଧର୍ମାନୁଷ୍ଠାନ ଶ୍ରୀରାମଦୟା ପରିଷଦର ୪୩ତମ ବାର୍ଷିକ ଅଧିବେଶନ ଉଦ୍‌ଘାଟିତ ହୋଇଯାଇଛି। ଏହି ଅବସରରେ ଶ୍ରୀଜୀଉମାନେ ଏକ ବିରାଟ ପଟୁଆରରେ ରାମ ମନ୍ଦିରରୁ ବାହାରି ନିରାକାରପୁର ବଜାର ଦେଇ ଗଣେଶ ପଡ଼ିଆସ୍ଥିତ ନୀଳକଣ୍ଠେଶ୍ୱର ମନ୍ଦିର ଯାଇ ହରି ପ୍ରଭୁ ରାମଚନ୍ଦ୍ର ହର ପ୍ରଭୁ ନୀଳକଣ୍ଠେଶ୍ୱରଙ୍କ ସହିତ ଭେଟ ହୋଇଥିଲା। ଏହି ସମୟରେ ଅଞ୍ଚଳବାସୀଙ୍କ ପକ୍ଷରୁ ଆତସବାଜି ଫୁଟାଇ ଭବ୍ୟ ସ୍ୱାଗତ କରାଯାଇଥିଲା। ପରେ ଉତ୍କଳିକା ସଂଗୀତ ଏକାଡେମୀ କଳାକାରମାନଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଭକ୍ତଗଣ ଉପଭୋଗ କରିଥିଲେ। ଶୁକ୍ରବାରଠାରୁ ଓଡ଼ିଶାର ପ୍ରମୁଖ



ପ୍ରବଚକଙ୍କ ଦ୍ୱାରା ପ୍ରବଚନ କାର୍ଯ୍ୟକ୍ରମ ଆରମ୍ଭ ହୋଇ ନଭେମ୍ବର ୨ ତାରିଖ ପର୍ଯ୍ୟନ୍ତ ଚାଲିବା ପାଇଁ ପରିଷଦ ପକ୍ଷରୁ ସୂଚନା ମିଳିଛି। ଏହି ଅବସରରେ ପ୍ରତ୍ୟହ ଗୋସ୍ୱାମୀ ତୁଳସୀ ଦାସକୃତ ଶ୍ରୀରାମ ଚରିତ ମାନସ ପାରାୟଣ, ଯଜ୍ଞ ଓ ପ୍ରବଚନ ଆଦି ଯଥାବିଧି ଅନୁଷ୍ଠିତ ହେବ। ଏହି ଆଧ୍ୟାତ୍ମିକ କାର୍ଯ୍ୟକ୍ରମରେ ଅଞ୍ଚଳର ସମସ୍ତ ଭକ୍ତ ବନ୍ଧୁଙ୍କ ସହଯୋଗ ଓ ଉପସ୍ଥିତି ପାଇଁ ପରିଷଦର ସଭାପତି ଡ. ମୃତ୍ୟୁଞ୍ଜୟ ରଥ, ସୂଚନା ଓ ଗଣମାଧ୍ୟମ ଦାୟିତ୍ୱରେ ଥିବା ବେଣୁଧର ଚମ୍ପତିରାୟ ଓ ଦୀପକ ପ୍ରଧାନ ଅନୁରୋଧ କରିଛନ୍ତି।

## ଭାଲିଆବାଡ଼ି କପ୍ କ୍ରିକେଟ ଉଦ୍‌ଘାଟିତ: ଅଠାରଙ୍ଗ ବିଜୟୀ

ଖୋର୍ଦ୍ଧା,୨୩।୧୦(ସମିସ): ସ୍ଥାନୀୟ ଭାଲିଆବାଡ଼ି ସ୍ପୋର୍ଟ୍ସ ଆସୋସିଏସନ୍ ପକ୍ଷରୁ ଆୟୋଜିତ ୪୮ତମ ଭାଲିଆବାଡ଼ି କପ୍ କ୍ରିକେଟ ଟୁର୍ଣ୍ଣାମେଣ୍ଟ ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ମଧ୍ୟରେ ଉଦ୍‌ଘାଟିତ ହୋଇଯାଇଛି। ପୂର୍ବତନ ବିଧାୟକ ରାଜେନ୍ଦ୍ର କୁମାର ସାହୁ ଓ ଖୋର୍ଦ୍ଧା ସମବାୟ ବ୍ୟାଙ୍କର ସଭାପତି ଅଭିଷେକ ସିଂସାମନ୍ତ ଟୁର୍ଣ୍ଣାମେଣ୍ଟକୁ ଉଦ୍‌ଘାଟନ କରିଥିଲେ। ଉଦ୍‌ଘାଟନୀ ମ୍ୟାଚ୍ କଲ୍ୟାଣପୁର ଓ ଅଠାରଙ୍ଗ ମଧ୍ୟରେ ହୋଇଥିଲା। ଏଥିରେ କଲ୍ୟାଣପୁରକୁ ହରାଇ ଅଠାରଙ୍ଗ କ୍ଲବ୍ ବିଜୟୀ ହୋଇଥିଲା। ୧୦ ଓଭର ବିଶିଷ୍ଟ ମ୍ୟାଚ୍‌ରେ ପ୍ରଥମେ କଲ୍ୟାଣପୁର ଦଳ ୯ ୱିକେଟ୍ ହରାଇ ୭୦ ରନ୍ କରିଥିଲା। ଜବାବରେ ଅଠାରଙ୍ଗ ଦଳ ୫.୧ ଓଭରରେ ୩ ୱିକେଟ୍ ହରାଇ ୭୩ ରନ୍ କରି ବିଜୟୀ ହୋଇଥିଲା। ଅଲ୍‌ରାଉଣ୍ଡର ଇନିଂସ ପାଇଁ ଅଠାରଙ୍ଗ ଦଳର ପ୍ରବୀଣ ମହାପାତ୍ରଙ୍କୁ ଶ୍ରେଷ୍ଠ ଖେଳାଳି ପୁରସ୍କାର ପ୍ରଦାନ କରାଯାଇଥିଲା।



# 'ନିରାମୟ'ରେ ମିଳୁନି ସମସ୍ତ ପ୍ରକାର ଔଷଧ

ବାଲୁଗାଁ,୨୩।୧୦(ସମିସ)

ରାଜ୍ୟରେ ଗରିବ ଅସହାୟ ଜନସାଧାରଣଙ୍କୁ ସମସ୍ତ ସରକାରୀ ଡାକ୍ତରଖାନାରେ ମାଗଣାରେ ଔଷଧ ବଣ୍ଟନ ନିମନ୍ତେ ପୂର୍ବ ବିଜେଡି ସରକାର 'ନିରାମୟ' ଯୋଜନା ୨୦୧୫ ମେ' ମାସରେ କାର୍ଯ୍ୟକାରୀ କରିଥିଲେ। ରୋଗୀ ଯେପରି ଡାକ୍ତରଖାନାକୁ ଆସି ଖର୍ଚ୍ଚାନ୍ତ ନେ ହେବ ସେଥିପାଇଁ ଏହି ବ୍ୟବସ୍ଥା କରାଯାଇଥିଲା। କିନ୍ତୁ ବର୍ତ୍ତମାନ ମାତ୍ର ୪୦ ପ୍ରତିଶତ ଔଷଧ ଡାକ୍ତରଖାନାରେ ମିଳୁଥିବା ଜଣାଯାଇଛି। ବର୍ତ୍ତମାନ ଡାକ୍ତରଖାନାକୁ ବହୁ ଜେନେରିକ୍ ମେଡିସିନ ଆସୁଛି ଯାହା ଅତ୍ୟନ୍ତ ନିମ୍ନମାନର। ଏହାକୁ ସେବନ କରିବା ଦ୍ୱାରା ରୋଗୀ ଶୀଘ୍ର ଆରୋଗ୍ୟଲାଭ କରିପାରୁ ନାହାନ୍ତି। ବାହାରୁ ଔଷଧ ଦୋକାନରୁ କିଛି ପରିମାଣର ଭଲ କମ୍ପାନୀର ଔଷଧ କିଣିବାକୁ ପରାମର୍ଶ ଦିଆଯାଉଛି। ଏହାଦ୍ୱାରା ରୋଗୀ ଶୀଘ୍ର ସୁସ୍ଥ ହେଉଛନ୍ତି। ସରକାରୀ ଡାକ୍ତରଖାନାରେ ମିଳୁଥିବା ଜେନେରିକ୍ ଔଷଧର ଗୁଣବତ୍ତା ସେତେଟା ଭଲ ହୋଇ ନ ଥିବାରୁ ରୋଗୀ ଏହି ଔଷଧ ସେବନ କରି ଆରୋଗ୍ୟ ନ ହୋଇ ଅଧିକ ରୋଗାକ୍ରାନ୍ତ ହୋଇ ଘରୋଇ ଡାକ୍ତରଖାନାର ଦ୍ୱାରସ୍ଥ ହେଉଥିବା ଅଭିଯୋଗ ହେଉଛି।




**ମାଗଣାରେ ମିଳୁଥିବା ୪୦% ଜେନେରିକ୍ ଔଷଧ ଅତ୍ୟନ୍ତ ନିମ୍ନମାନର**

ବର୍ତ୍ତମାନ ରାଜ୍ୟରେ ଡବଲ ଇଞ୍ଜିନ ବିଜେପି ସରକାର ଜନହିତକର 'ନିରାମୟ' ଯୋଜନାରେ ମାଗଣା ଔଷଧ ବଣ୍ଟନ ରାଜ୍ୟରେ ସଫଳ ହୋଇଛି ବୋଲି ସଫେଇ ଦେଉଥିବାବେଳେ ରାଜ୍ୟର ସମସ୍ତ ସରକାରୀ ଡାକ୍ତରଖାନାରେ ଏହି ନିରାମୟ ଯୋଜନାରେ ୫ଶହରୁ ଉର୍ଦ୍ଧ୍ୱ ପ୍ରକାରର ଔଷଧ ରୋଗୀଙ୍କୁ ବଣ୍ଟନ ପାଇଁ ଉପଲବ୍ଧ ହେଉଥିବା ନେଇ ସରକାର ଉଲ୍ଲେଖ କରିଛନ୍ତି। ହେଲେ ବାସ୍ତବରେ ବାଣପୁର ବାଲୁଗାଁ ସ୍ୱାସ୍ଥ୍ୟ କେନ୍ଦ୍ରରେ ଏବେ ମାତ୍ର ୨ଶହ ପ୍ରକାରର ଔଷଧ ଡାକ୍ତରଖାନାକୁ ଆସୁଛି ବୋଲି କର୍ତ୍ତୃପକ୍ଷଙ୍କଠାରୁ ଜଣାଯାଇଛି। ଯାହା ସବୁ ଔଷଧ ଆସୁଛି, ପ୍ରାୟତଃ ଅତି ନିମ୍ନମାନର। ସରକାରୀ ଡାକ୍ତରଖାନାକୁ ଚିକିତ୍ସା ନିମନ୍ତେ ଆସୁଥିବା ରୋଗୀଙ୍କ ପରୀକ୍ଷା କରି ଡାକ୍ତର ରୋଗୀଙ୍କୁ 'ନିରାମୟ' ଯୋଜନାରେ ମାଗଣା ଔଷଧ ନେବାକୁ ଚିଠା ଲେଖୁଛନ୍ତି। ହେଲେ ସେଥିରୁ ଅଧେ ଔଷଧ ଡାକ୍ତରଖାନାରେ ଉପଲବ୍ଧ ନ ଥିବାରୁ ବାହାରୁ କିଣିବାକୁ ନିରାମୟ କେନ୍ଦ୍ର ଦାୟିତ୍ୱରେ ଥିବା କର୍ମଚାରୀ ରୋଗୀମାନଙ୍କୁ କହୁଥିବାବେଳେ ଯେଉଁ ସବୁ ମାଗଣା ଔଷଧ ମିଳୁଛି ରୋଗୀ ସେବନ କରିବା ପରେ ରୋଗ ଭଲ ହେବା ଦୂରର କଥା ଅଧିକ ରୋଗାଗ୍ରସ୍ତ ହୋଇପଡୁଥିବାରୁ ମାଗଣା ଔଷଧକୁ ମୁହଁ ବୁଲାଇ ବାଧ ହୋଇ ରୋଗୀମାନେ ଖୋଲା ବଜାରରୁ ଔଷଧ କିଣିବା ପାଇଁ ଡାକ୍ତରଙ୍କୁ ଅନୁରୋଧ କରି ଚିଠା ଆଣି ବାହାର ଔଷଧ ଦୋକାନରୁ ଔଷଧ କିଣି ନେଇ ବହୁ ଖର୍ଚ୍ଚାନ୍ତ ହେଉଥିବା ରୋଗୀ ପ୍ରକାଶ କରିଛନ୍ତି। ସେହିପରି ଡାକ୍ତରଖାନାରେ 'ନିରାମୟ' ଯୋଜନାରେ ମିଳୁଥିବା ମାଗଣା ଔଷଧ ସହ ସାଲାଇନ୍ ମଧ୍ୟ ନିମ୍ନମାନର ହୋଇଥିବାରୁ ରୋଗ ନିରାକରଣରେ ସଠିକ୍ କାମରେ ଆସୁ ନ ଥିବାରୁ ରୋଗୀ ପରବର୍ତ୍ତୀ ସମୟରେ ଘରୋଇ ଡାକ୍ତରଙ୍କ ଦ୍ୱାରସ୍ଥ ହୋଇ ଖର୍ଚ୍ଚାନ୍ତ ହୋଇ ଆରୋଗ୍ୟ ଲାଭ କରୁଥିବା କହିଛନ୍ତି। ରାଜ୍ୟ ସରକାରଙ୍କ ନିରାମୟ ଯୋଜନା କେତେ ସଫଳ ହୋଇଛି ଏପରି ସ୍ପଷ୍ଟ ଜଣାପଡୁଛି।

ପ୍ରକାଶ ଯେ, 'ନିରାମୟ' ଯୋଜନାରେ ରାଜ୍ୟ ସରକାର ଔଷଧ ନିଗମ ମାଧ୍ୟମରେ ବାହାରୁ କିଣାଯାଇ ଯେଉଁ ଔଷଧ ଯୋଗାଉଛନ୍ତି ଉକ୍ତ ଔଷଧ ଭଲ ମାନର ଥିବା ସ୍ଥଳେ ନିରାମୟ ଯୋଜନାରେ ମିଳୁଥିବା ଅନ୍ୟ ସମସ୍ତ ମାଗଣା ଔଷଧ ଯାହା ରାଜ୍ୟ ମେଡିକାଲ୍ କର୍ପୋରେସନ୍ ଲିମିଟେଡ୍ ଯୋଗାଇ ଦେଇ ଆସୁଛି ତାହା ଅତି ନିମ୍ନମାନର ବୋଲି ବହୁ ଡାକ୍ତର ଏହାକୁ ସ୍ୱୀକାର କରୁଛନ୍ତି। ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷ ଓ ରାଜ୍ୟ ସରକାର ଏଥିପ୍ରତି ଦୃଷ୍ଟି ଦେଇ ସରକାରୀ ଡାକ୍ତରଖାନାରେ 'ନିରାମୟ' ଯୋଜନାରେ ରୋଗୀଙ୍କୁ ମାଗଣାରେ ଭଲ ଗୁଣବତ୍ତା ଥିବା ଔଷଧ ଯୋଗାଇ ଦେବାକୁ ସାଧାରଣରେ ଦୃଢ଼ ଦାବି ହେଉଛି।

## ଚଣ୍ଡେଶ୍ୱର ମନ୍ଦିର ଉନ୍ନୟନ ସମିତି ବୈଠକ

ଟାଙ୍ଗୀ,୨୩।୧୦(ସମିସ): ଆସନ୍ତା କାର୍ତ୍ତିକ ପୂର୍ଣ୍ଣିମା ପ୍ରସିଦ୍ଧ ଯାତ୍ରା ଉପଲକ୍ଷେ ମ୍ୟାନେଜିଂ ଟ୍ରଷ୍ଟି ସଭାପତି ମନୋରଞ୍ଜନ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଟ୍ରଷ୍ଟ ବୋର୍ଡ ଓ ଉନ୍ନୟନ ସମିତିର ବୈଠକ ଅନୁଷ୍ଠିତ ହୋଇଯାଇଛି। କାର୍ତ୍ତିକ ପୂର୍ଣ୍ଣିମା ଯାତ୍ରା କିପରି ଶୃଙ୍ଖଳିତ ଭାବେ ହେବ ସେଥିପାଇଁ ଉପସ୍ଥିତ ଥିବା ବିଶିଷ୍ଟ ବ୍ୟକ୍ତିମାନଙ୍କ ମଧ୍ୟରେ ଆଲୋଚନା ପର୍ଯ୍ୟାଲୋଚନା କରାଯାଇଥିଲା। ଏହି ଅବସରରେ ନୂତନ ଉନ୍ନୟନ କମିଟି ଗଠନ କରାଯାଇଥିଲା। ଏଥିରେ ସଭାପତି ଭାବେ ଯଦୁମଣି ଜେନା, ଉପସଭାପତି ଭାବେ ପ୍ରଶାନ୍ତ କୁମାର ଶ୍ରୀଚନ୍ଦନ, ସମ୍ପାଦକ ଜିତେନ୍ଦ୍ର ରଣା, ଉପଦେଷ୍ଟା ଭାବେ ଲଲାଟ ମଙ୍ଗରାଜ, ସର୍ବେଶ୍ୱର ପ୍ରଧାନଙ୍କୁ ମନୋନୀତ କରାଯାଇଥିଲା। ଏତଦ୍‌ବ୍ୟତୀତ ୧୬ ଜଣିଆ ପରିଚାଳନା କମିଟି ଗଠନ କରାଯାଇଥିଲା।

## ବିଜେଡି ପଦଯାତ୍ରା ପାଇଁ ପ୍ରସ୍ତୁତି ବୈଠକ



ବେଗୁନିଆ,୨୩।୧୦(ସମିସ): ବେଗୁନିଆ ସଦର ମହକୁମାସ୍ଥିତ ପୂର୍ତ୍ତ ବିଭାଗ ଡାକବଙ୍ଗଳା ପରିସରରେ ବ୍ଲକ୍ ବିଜେଡି ସଭାପତି ପ୍ରଶାନ୍ତ କୁମାର ବେହେରାଙ୍କ ଆବାହକତ୍ୱରେ ପଦଯାତ୍ରା ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି। ଏଥିରେ ଶିକ୍ଷାବିତ୍ ତଥା ସାମ୍ବାଦିକ ଭଗବାନ ପଣ୍ଡାଙ୍କ ଅଧ୍ୟକ୍ଷତାରେ ବିଧାୟକ ପ୍ରଦୀପ କୁମାର ସାହୁ ଉପସ୍ଥିତ ରହି ଆସନ୍ତା ୨୬ ତାରିଖ ପୂର୍ବାହ୍ନ ୯ଟାରେ ପୁରୁଣା ଗୋରୁହାଟ ପଡ଼ିଆଠାରୁ ପଦଯାତ୍ରା ଆରମ୍ଭ କରାଯିବ। ଏହି ଅବସରରେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ପ୍ରଚଳନ କରିଥିବା ବିଭିନ୍ନ ଜନହିତକର କାର୍ଯ୍ୟ ସମ୍ପର୍କରେ ଜନସାଧାରଣଙ୍କ ଦୃଷ୍ଟି ଆକର୍ଷଣ କରାଯିବା ନିମିତ୍ତ ପ୍ରସ୍ତାବ ଗ୍ରହଣ କରାଯାଇଥିଲା। ବେଗୁନିଆ ବ୍ଲକ୍‌ର ସମସ୍ତ ବିଜେଡି ସରପଞ୍ଚ, ସମିତିସଭ୍ୟ, ବ୍ଲକ୍ ଅଧ୍ୟକ୍ଷ, ଜିଲ୍ଲା ପରିଷଦ ସଭ୍ୟ ଓ ଛାମୁଆ କର୍ମୀମାନେ ଉପସ୍ଥିତ ରହି ପଦଯାତ୍ରାକୁ ସଫଳ କରିବା ପାଇଁ ମତାମତ ଦେଇଥିଲେ।

## ବାଇକ୍ ଧକ୍କାରେ ସାଇକଲ ଆରୋହୀଙ୍କ ମୃତ୍ୟୁ

ବାଲୁଗାଁ,୨୩।୧୦(ସମିସ): ବାଲୁଗାଁ ଥାନା ଅଧୀନ ବାଙ୍କିଆପଲ୍ଲୀ ଛକ ନିକଟରେ ବୁଧବାର ରାତିରେ ଜଣେ ସାଇକଲ ଆରୋହୀଙ୍କୁ ଏକ ବାଇକ୍ ଧକ୍କା ଦେବା ଫଳରେ ସାଇକଲ ଆରୋହୀ ବାଙ୍କିଆପଲ୍ଲୀ ଅଞ୍ଚଳର କାର୍ତ୍ତିକ ବେହେରା (୫୮)ଙ୍କର ମୃତ୍ୟୁ ହୋଇଛି। ସୂଚନା ମୁତାବକ, ବାଙ୍କିଆପଲ୍ଲୀ ଅଞ୍ଚଳର କାର୍ତ୍ତିକ ସାଇକଲ ଯୋଗେ ନିକଟସ୍ଥ ଆଙ୍କୁଲାଚଟି ବଜାରକୁ ସଉଦା ନେବାକୁ ଆସି କିଣି ସାରି ସାଇକଲ ଧରି ଘରକୁ ଫେରୁଥିଲେ। ହେଲେ ରାତି ପ୍ରାୟ ୯ଟା ସମୟରେ ବିପରୀତ ଦିଗରୁ ଆସୁଥିବା ଏକ ବାଇକ୍ ବାଙ୍କିଆପଲ୍ଲୀ ଛକ ନିକଟରେ ତାଙ୍କୁ ସାଇକଲକୁ ଧକ୍କା ଦେଇଥିଲା। ଦୁର୍ଘଟଣାରେ କାର୍ତ୍ତିକ ଗୁରୁତର ଆହତ ହୋଇପଡ଼ିଥିବା ବେଳେ ସ୍ଥାନୀୟ ଲୋକେ ସଙ୍କଟାପନ୍ନ ଅବସ୍ଥାରେ ଉଦ୍ଧାର କରି ବାଲୁଗାଁ ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ସେଠାରେ ଚିକିତ୍ସାଧିନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଥିଲା। ଖବର ପାଇ ବାଲୁଗାଁ ପୁଲିସ ପହଞ୍ଚି ମୃତଦେହ ଏବଂ ଦୁର୍ଘଟଣାଗ୍ରସ୍ତ ବାଇକ୍‌କୁ ଜବତ କରିଥିବା ସହ ଏ ନେଇ ଏକ ମାମଲା ରୁଜୁ କରି ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲେ। ବ୍ୟବଚ୍ଛେଦ ପରେ ମୃତଦେହ ତାଙ୍କ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଥିବା ସୂଚନା ମିଳିଛି।

## ବାଇକ୍ ସହ ଦେଶୀ ମଦ ଜବତ; ବାପ-ପୁଅ ଗିରଫ

ବେଗୁନିଆ,୨୩।୧୦(ସମିସ): ଖୋର୍ଦ୍ଧା ଜିଲ୍ଲା ଅବକାରୀ ବିଭାଗ ଅଧୀକ୍ଷିକା ସୁମତି ତ୍ରିପାଠୀଙ୍କ ନିର୍ଦ୍ଦେଶ ଓ ସଦର ରେଞ୍ଜ ନିରୀକ୍ଷକ ରାଧାକାନ୍ତ ଭୋଇଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନ ଏବଂ ବେଗୁନିଆ ଅବକାରୀ ଥାନା ଭାରପ୍ରାପ୍ତ ଅଧିକାରୀ ମିତ୍ରବିନ୍ଦା ପରିଡ଼ାଙ୍କ ନେତୃତ୍ୱରେ ୨୧୦ ଲିଟର ଦେଶୀ ମଦ, ୧ ହଜାର ଲିଟର ପୋଚ ଓ ବ୍ୟବହୃତ ଗୋଟିଏ ବାଇକ୍ ସହ ସମ୍ପୃକ୍ତ ବାପ-ପୁଅଙ୍କୁ ଗିରଫ କରି କୋର୍ଟଚାଲାଣ କରାଯାଇଛି। ବେଗୁନିଆ ଅବକାରୀ ଥାନା ସହକାରୀ ନିରୀକ୍ଷକ ସଞ୍ଜୟ ସୁବୁଦ୍ଧିଙ୍କ ସୂଚନା ଅନୁଯାୟୀ, ଗୁରୁବାର ଅପରାହ୍ଣ ପୂର୍ବାହ୍ଣରେ ବେଗୁନିଆ ଥାନା ଅନ୍ତର୍ଗତ ଗେଡ଼ିଆପଲ୍ଲୀ ଗ୍ରାମର ବଜାରରେ ପ୍ରଭାକର ରାଉତରାୟ ଓ ପୁଅ ପ୍ରଳୟ ରାଉତରାୟ ବାଇକ୍ ଯୋଗେ ହାତରନ୍ଧା ଦେଶୀ ମଦ ବିକ୍ରି କରିବାକୁ ଯାଉଥିବା ସମୟରେ ପୁଲିସ କୌଣସି ସୂତ୍ରରୁ ଖବର ପାଇ ଅତର୍କିତ ଭାବେ ଚଢ଼ଉ କରି ଦୁଇ ଜଣଙ୍କୁ ଗିରଫ କରିଥିଲେ। ଏମାନଙ୍କ ଘର ହେଉଛି କଟକ ଜିଲ୍ଲା ବୈଦେଶ୍ୱର ଥାନା ଅନ୍ତର୍ଗତ ପୁଇଁଚା ଗ୍ରାମରେ। ସେହିପରି ବେଗୁନିଆ ଥାନା ଅନ୍ତର୍ଗତ ଏକଡାଲିଆ କାଜୁ ଜଙ୍ଗଲରୁ ୧ ହଜାର ପୋଚ ଜବତ କରି ନଷ୍ଟ କରିଥିବାବେଳେ ଅଭିଯୁକ୍ତମାନେ କୌଣସି ସୂତ୍ରରୁ ଖବର ପାଇ ଫେରାର୍ ହୋଇଯାଇଥିଲେ।

## ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ



ବାଲୁଗାଁ: ଖୋର୍ଦ୍ଧା ଜିଲ୍ଲା ନାଚୁଣୀ ପୁଲିସ ସଂଯୋଜନାରେ ସାଇବର ସୁରକ୍ଷା ସଚେତନତା ଅଭିଯାନ ଗୋଦାବରୀଶ ସରକାରୀ ଉଚ୍ଚ ବିଦ୍ୟାଳୟ, ନାଚୁଣୀ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଖୋର୍ଦ୍ଧା ଜିଲ୍ଲା ଅତିରିକ୍ତ ଏସ୍‌ପି ଅନାଦି ଚରଣ ସେଠୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଅତିଥି ଭାବେ ସାଇବର କ୍ରାଇମ୍‌ବ୍ରାଞ୍ଚର ଅଫିସର ସୁଚିତ୍ରା ଜେନା ଓ ନାଚୁଣୀ ସରପଞ୍ଚ ସ୍ୱପ୍ନାଞ୍ଜଳି ପଲାଇ, ଭାରପ୍ରାପ୍ତ ପ୍ରଧାନଶିକ୍ଷକ ବସନ୍ତ ଶବର, ଶିକ୍ଷୟିତ୍ରୀ ମୋନିକା ମହାରଣା, ସୋନାଲି ନାୟକ ପ୍ରମୁଖ ଯୋଗଦେଇ ସାଇବର ସୁରକ୍ଷା ସମ୍ପର୍କରେ ସଚେତନତା ବାର୍ତ୍ତା ବାଣ୍ଟିଥିଲେ। ଏହି ଅବସରରେ ନାଚୁଣୀ ଥାନା ଅଧିକାରୀ ଚନ୍ଦ୍ରଶେଖର ଜେନାଙ୍କ ତତ୍ତ୍ୱାବଧାନରେ ଆୟୋଜିତ ପଦଯାତ୍ରାରେ ଅତିଥିମାନଙ୍କ ସହ ବିଦ୍ୟାଳୟର ସମସ୍ତ ଶିକ୍ଷକଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ରୀ ସାମିଲ ହୋଇ ନାଚୁଣୀ ବଜାର ପରିକ୍ରମା କରି ଜନସାଧାରଣଙ୍କୁ ସଚେତନ କରାଇଥିଲେ।

ଖୋର୍ଦ୍ଧା,୨୩।୧୦(ସମିସ): ଗୁରୁବାର ଖୋର୍ଦ୍ଧାର ଅଗ୍ରଣୀ ଶିକ୍ଷାନୁଷ୍ଠାନ ଟ୍ରିପଲ 'ଏ' ଓ ଖୋର୍ଦ୍ଧା ଆଦର୍ଶ ଥାନାର ମିଳିତ ଆନୁକୂଲ୍ୟରେ ସାଇବର ନୀରାପତ୍ତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ଆଡିସ୍‌ନାଲ ଏସ୍‌ପି ଅନାଦି ଚରଣ ସେଠୀ ଯୋଗଦେଇ ସାଇବର ଠକେଇ ଓ ଏଥିରୁ ନିଜକୁ ସୁରକ୍ଷିତ ରଖିବା ପାଇଁ ବିଭିନ୍ନ ସୋପାନ ଉପରେ ଆଲୋଚନା କରିଥିଲେ। ବିଭିନ୍ନ ଭିଡିଓ ମାଧ୍ୟମରେ ବିଦ୍ୟାଳୟର କର୍ମକର୍ତ୍ତା ଓ ଛାତ୍ରଛାତ୍ରୀଙ୍କୁ ଲୋକମାନେ କିପରି ସାଇବର ଠକେଇର ଶିକାର ହେଉଛନ୍ତି ତା'ର ସୂଚନା ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ସାଇବର ସେଲ ଇନ୍ସପେକ୍ଟର ସୁଚିତ୍ରା ଜେନା ମଧ୍ୟ ସାଇବର ଠକେଇର ବିଭିନ୍ନ ଦିଗ ଉପରେ ଆଲୋଚନା କରିବା ସହିତ ଏଥିରୁ ନିବୃତ୍ତ ରହିବା ପାଇଁ ବିଭିନ୍ନ ପଦକ୍ଷେପ ଉପରେ ଆଲୋକପାତ କରିଥିଲେ। ଏହି କାର୍ଯ୍ୟକ୍ରମରେ ଭାରପ୍ରାପ୍ତ ଆଦର୍ଶ ଥାନା ଅଧିକାରୀ ସଞ୍ଜୟ ନାୟକ, ଏସ୍‌ଆଇ ସ୍ୱାଗତିକା ଦାସ, ପିଏସ୍‌ଆଇ ବିକାଶ ଦେହୁରୀ, ଆଶା ମାରିଆ ଡୁଙ୍ଗ୍‌ଡୁଙ୍ଗ୍, କନଷ୍ଟେବଳ ବିକାଶ ଚନ୍ଦ୍ର ସାହୁ, ମାସ୍କଟ୍ ଭାବେ ଥିବା କନଷ୍ଟେବଳ ଦିପୁ ଜାଲିଙ୍କ ସହିତ ଅନେକ ପୁଲିସ କର୍ମଚାରୀ ମଧ୍ୟ ଉପସ୍ଥିତ ଥିଲେ। ସାଇରା ନାମ୍ନୀ ସାଇବର ମାସ୍କଟ୍ ସମସ୍ତଙ୍କର ଦୃଷ୍ଟି ଆକର୍ଷଣ କରିଥିଲା। ଶେଷରେ ଇଂରାଜୀ ବିଭାଗର ମୁଖ୍ୟ ସତ୍ୟଜିତ୍ ଲେଙ୍କା ଧନ୍ୟବାଦ ଅର୍ପଣ କରିଥିଲେ। ବିଦ୍ୟାଳୟର ଅଧ୍ୟକ୍ଷା ଡ. ଦୀପ୍ତିମୟୀ ମହାନ୍ତିଙ୍କ ପ୍ରତ୍ୟକ୍ଷ ଓ ପରୋକ୍ଷ ତତ୍ତ୍ୱାବଧାନରେ ଏଭଳି ଏକ କାର୍ଯ୍ୟକ୍ରମ ସଫଳ ହୋଇଥିଲା। ବିଦ୍ୟାଳୟର ପ୍ରାଣ ପ୍ରତିଷ୍ଠାତା ଡ. ନନ୍ଦକିଶୋର ପଟ୍ଟନାୟକ ଏଭଳି ଏକ ଅଭିନବ ପ୍ରୟାସ ପାଇଁ ବିଦ୍ୟାଳୟ ଓ ପୁଲିସ ବିଭାଗକୁ ସାଧୁବାଦ ଜଣାଇଛନ୍ତି।



# ରାଜସୁନାଖଳା ବଜାରରେ ବଢୁଛି ଟ୍ରାଫିକ୍ ସମସ୍ୟା

ବୋଲଗଡ଼,୨୩।୧୦(ସମିସ)

ଖୋର୍ଦ୍ଧା ଜିଲ୍ଲା ବୋଲଗଡ଼ ବ୍ଲକ୍ ଏବଂ ନୟାଗଡ଼ ଜିଲ୍ଲାର ରଣପୁର ବ୍ଲକ୍ ଅଞ୍ଚଳର ଏକ ସଂଯୁକ୍ତ ସ୍ଥଳର ଉଭୟ ଜିଲ୍ଲା ଅଞ୍ଚଳରେ ରହିଛି ରାଜସୁନାଖଳା ବଜାର। ଏହି ବଜାର ଅଞ୍ଚଳ ରାସ୍ତାରେ ଟ୍ରାଫିକ୍ ସମସ୍ୟା ଦିନକୁ ଦିନ ବୃଦ୍ଧି ପାଉଛି। ଏଥିପାଇଁ ଲୋକେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି।



ରାଜସୁନାଖଳା ଗଣେଶ ବଜାର ଅଞ୍ଚଳ ମଧ୍ୟଦେଇ ବଲାଙ୍ଗିର-ଖୋର୍ଦ୍ଧା ୫୭ନଂ ଜାତୀୟ ରାଜପଥଟି ଅତିକ୍ରମ କରିଛି। ତେବେ ଏହି ରାଜପଥର ସ୍ଥାନୀୟ ବ୍ଲକ୍ ଅଞ୍ଚଳର ବଡ଼କୁମାରୀ ପଞ୍ଚାୟତର ଖଉରୁଣୀ ଛକ ହଡ଼ାନଦୀ ବ୍ରିଜ୍‌ଠାରୁ ବଜାର ଅଞ୍ଚଳ ଆରମ୍ଭ ହୋଇ କୁମାରୀ ଛକ, ପୁରୁଣା ବସ୍‌ଷ୍ଟାଣ୍ଡ, ନୂଆ ବସ୍‌ଷ୍ଟାଣ୍ଡ ଏବଂ ରଣପୁର ବ୍ଲକ୍ ବିନୋଦପଡ଼ା ଗ୍ରାମ ଉପକଣ୍ଠରେ ଥିବା ରାଜସୁନାଖଳା ମହାବିଦ୍ୟାଳୟ ପର୍ଯ୍ୟନ୍ତ ଜାତୀୟ ରାଜପଥର ପ୍ରାୟ ୨ କି.ମି. ଅଞ୍ଚଳ ପର୍ଯ୍ୟନ୍ତ ବଜାର ଅଞ୍ଚଳ ରହିଛି। ସେହିପରି ଜାତୀୟ ରାଜପଥର ପାନନଗର ଗ୍ରାମ ଛକଠାରୁ ଚାନ୍ଦପୁର ଯାଇଥିବା ଅନ୍ୟ ଏକ ପ୍ରମୁଖ ଜିଲ୍ଲା ସଡ଼କର ଉଭୟ ପାର୍ଶ୍ୱରେ ଗଣେଶ ବଜାର, ଦୁର୍ଗାବଜାର ଓ ମେଡିକାଲ ଛକ ଦେଇ ରେଲ୍‌ୱେ ଓଭରବ୍ରିଜ୍ ପର୍ଯ୍ୟନ୍ତ ପ୍ରାୟ ୧ କି.ମି. ଅଞ୍ଚଳରେ ରହିଛି ବଜାର ଅଞ୍ଚଳ। ଏହି ବଜାର ଅଞ୍ଚଳଗୁଡ଼ିକ ଉଭୟ ଜିଲ୍ଲାର ବୋଲଗଡ଼ ଏବଂ ରଣପୁର ବ୍ଲକ୍ ସଂଲଗ୍ନ ଭାବେ ଏକ ପ୍ରମୁଖ ବ୍ୟାବସାୟିକ ସ୍ଥଳ ଭାବେ ଗୁରୁତ୍ୱ ବହନ କରୁଛି। ତେଣୁ ପ୍ରତ୍ୟହ ଏଠାରେ ଲୋକଙ୍କଠାରୁ ଆରମ୍ଭ କରି ଯାନବାହନ ଯାତାୟାତ ଭିଡ଼ କାରଣରୁ ଟ୍ରାଫିକ୍ ସମସ୍ୟା ସୃଷ୍ଟି ହେଉଛି। ବଜାର ଅଞ୍ଚଳ ଦେଇ ଯାଇଥିବା ଜାତୀୟ ରାଜପଥରେ ପ୍ରତ୍ୟହ ଯାତ୍ରୀବାହୀ ଯାନବାହନ ଆରମ୍ଭ କରି ମାଲ୍‌ବାହୀ ଯାନ ସମେତ ଜରୁରୀକାଳୀନ ସେବା ଯାନଗୁଡ଼ିକ ଯାତାୟାତ କରିଥା'ନ୍ତି। ଏଥି ସହ ସ୍ଥାନୀୟ ଅଞ୍ଚଳରୁ ବଜାର ଅଞ୍ଚଳକୁ ଲୋକେ ଆସିଥା'ନ୍ତି। ଏନେଇ ଅନେକ ସମୟରେ ବଜାର ଅଞ୍ଚଳରେ ଟ୍ରାଫିକ୍ ସମସ୍ୟା ବଢୁଛି। କିନ୍ତୁ ଏହାକୁ ନିୟନ୍ତ୍ରଣ ପାଇଁ କୌଣସି ଟ୍ରାଫିକ୍ ବ୍ୟବସ୍ଥା ନାହିଁ। ବଜାର ଅଞ୍ଚଳରେ ପାର୍କିଂ ୟାର୍ଡ ନ ଥିବାରୁ ଭିଡ଼ ସମୟରେ ଯାନବାହନଗୁଡ଼ିକ ସମେତ ଜନସାଧାରଣ ଦୀର୍ଘ ସମୟ ପର୍ଯ୍ୟନ୍ତ ଫସିରହିଥାନ୍ତି। ଏପରିକି ଜରୁରୀକାଳୀନ ସେବା ଯୋଗାଉଥିବା ଆମ୍ବୁଲାନ୍ସ ବି ଏଥିରୁ ବାଦ୍ ପଡୁନାହିଁ। ବିଶେଷ ଭାବରେ ୫୭ନଂ ଜାତୀୟ ରାଜପଥର ତ୍ରିନାଥ ଛକ, ପାନନଗର ଛକ ଏବଂ ଦୁର୍ଗା ବଜାର ଅଞ୍ଚଳ ଆଦି ସ୍ଥାନରେ ଭିଡ଼ ସମୟରେ ଟ୍ରାଫିକ୍ ନିୟନ୍ତ୍ରଣ ପ୍ରତି ଦୃଷ୍ଟି ଦେବାକୁ ସାଧାରଣରେ ମତ ପ୍ରକାଶ ପାଉଛି। ଏପରି ଖୋର୍ଦ୍ଧା ଓ ନୟାଗଡ଼ ଉଭୟ ଜିଲ୍ଲାର କେତେକ ପ୍ରମୁଖ ରାସ୍ତା ରାଜସୁନାଖଳା ବଜାର ଅଞ୍ଚଳରେ ୫୭ନଂ ଜାତୀୟ ରାଜପଥକୁ ସଂଯୋଗ ହୋଇଛି।

ବ୍ୟବସାୟ, ଗମନାଗମନ, ପରିବହନ ଏବଂ ଜରୁରୀ ସେବା ଆଦି ଦୃଷ୍ଟିରୁ ଏହି ବଜାର ଅଞ୍ଚଳ ରାସ୍ତାଟି ଚଳଚଞ୍ଚଳ ରହୁଛି। ଟ୍ରାଫିକ୍ ଜାମ୍ ସମୟରେ ରୋଗୀ, ଛାତ୍ରଛାତ୍ରୀ, ବୃଦ୍ଧବୃଦ୍ଧାମାନେ ରାସ୍ତା ଅତିକ୍ରମ ପାଇଁ ଅସୁବିଧାରେ ପଡ଼ିଥାନ୍ତି। ରାଜସୁନାଖଳା ବଜାର ଅଞ୍ଚଳରେ ଟ୍ରାଫିକ୍ ନିୟନ୍ତ୍ରଣ ପାଇଁ ଛକ ସ୍ଥାନଗୁଡ଼ିକରେ ଟ୍ରାଫିକ୍ ପୋଷ୍ଟର ଆବଶ୍ୟକତା ରହିଛି। ପ୍ରଶାସନ ପକ୍ଷରୁ ଟ୍ରାଫିକ୍ ପୋଷ୍ଟ ଦ୍ୱାରା ଯାନବାହନ ଚଳାଚଳ ନିୟନ୍ତ୍ରଣ କରାଇବାକୁ ଦୃଷ୍ଟି ଦେବାକୁ ବୁଦ୍ଧିଜୀବୀ ଓ ସଚେତନ ନାଗରିକମାନେ ମତପ୍ରକାଶ କରୁଛନ୍ତି।

## ବୋଇତ ବନ୍ଦାଣ ଉତ୍ସବ ପ୍ରସ୍ତୁତି ବୈଠକ



ଭୂଷଣ୍ଡପୁର,୨୩।୧୦(ସମିସ): ବାଲିପାଟପୁର ଗ୍ରାମପଞ୍ଚାୟତର ଚିଲିକା ସନ୍ନିକଟ ମା' ମଙ୍ଗଳାଙ୍କ ମନ୍ଦିର ପ୍ରାଙ୍ଗଣରେ ମା' ମଙ୍ଗଳା ଯୁବକ ସଂଘ ତରଫରୁ ବୋଇତ ବନ୍ଦାଣ ଉତ୍ସବ ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ସଂଘର ସଭାପତି ଦୟାନିଧି ବେହେରା ବୈଠକରେ ସଭାପତିତ୍ୱ କରିଥିଲେ। ୬ଦିନ ପର୍ଯ୍ୟନ୍ତ ଏହି ଉତ୍ସବ ଚାଲିବାକୁ ଥିବାବେଳେ ଏଥିରେ ବିଭିନ୍ନ ଦିବସରେ ପାଲା, ରାମ ନାଟକ, ଆଦିବାସୀ କଳା ସଂସ୍କୃତି ଓ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇ କାର୍ତ୍ତିକ ମାସ ଚତୁର୍ଦ୍ଦଶୀ ରାତ୍ରରେ ବୋଇତ ବନ୍ଦାଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ବୋଲି ନିଷ୍ପତ୍ତି ହୋଇଛି। ବୈଠକରେ ମୁଖ୍ୟ ଉପଦେଷ୍ଟା ଚନ୍ଦ୍ରଶେଖର ବେହେରା, ସମ୍ପାଦକ ପ୍ରାଣନାଥ ବେହେରାଙ୍କ ସମେତ ସମସ୍ତ ସଭ୍ୟ ଉପସ୍ଥିତ ଥିଲେ।

## ଭୂଷଣ୍ଡପୁରରେ ଗିରିଗୋବର୍ଦ୍ଧନ ପୂଜା

ଟାଙ୍ଗୀ,୨୩।୧୦(ସମିସ): ଟାଙ୍ଗୀ ବ୍ଲକ୍ ଭୂଷଣ୍ଡପୁର ପଞ୍ଚାୟତ ଅଧୀନସ୍ଥ ଉଦ୍ଧବ ଦାସ ପାହାଡ଼ ଉପରେ ଅବସ୍ଥିତ ମନ୍ଦିର ନିକଟରେ ବୁଧବାର "ଗିରିଗୋବର୍ଦ୍ଧନ" ପୂଜା ଅନୁଷ୍ଠିତ ହୋଇଯାଇଛି। ଏହି ଉପଲକ୍ଷେ ପ୍ରତ୍ୟୁଷରୁ ମନ୍ଦିରରେ ହୋମଯଜ୍ଞ ଏବଂ ସଙ୍କୀର୍ତ୍ତନ ଆଦି କରାଯାଇ ୫ଶହରୁ ଉର୍ଦ୍ଧ୍ୱ, ଗରିବ ବୃଦ୍ଧବୃଦ୍ଧା ଓ ଦିବ୍ୟାଙ୍ଗଙ୍କୁ କମ୍ବଳ ବଣ୍ଟନ କରାଯାଇଥିଲା। ଉକ୍ତ ସମାରୋହରେ ସମସ୍ତ କର୍ମକର୍ତ୍ତା ଉପସ୍ଥିତ ଥିଲେ।

## ଚେତାବନୀ ଦେଲା ପୂର୍ବତଟ ରେଳପଥ

# ଟ୍ରାକ୍ କିମ୍ବା ଟ୍ରେନ୍‌ରେ ରିଲ୍ସ କଲେ କଡ଼ା କାର୍ଯ୍ୟାନୁଷ୍ଠାନ

ଭୁବନେଶ୍ୱର,୨୩।୧୦(ସମିସ): ରାତାରାତି ଭାଇରାଲ ହେବା ନିଶାରେ ଯୁବପିଢ଼ି ନିଜ ଜୀବନକୁ ବିପଦରେ ପକାଉଛନ୍ତି। କିଏ ଚଳନ୍ତା ଟ୍ରେନ୍ ଭିତରେ ରିଲ୍ସ କଲାଣି ତ, ଆଉ କିଏ ରେଲୱେ ଟ୍ରାକ୍ ଉପରେ ଭିଡିଓ କରୁଛି। ଅନେକ ଯୁବକ ମଧ୍ୟ ଟ୍ରେନ୍ ଉପରେ ଚଢ଼ି ଭିଡିଓ କରୁଛନ୍ତି। କିନ୍ତୁ ଏବେ ତାହା ଆଉ ହେବ ନାହିଁ। ଯେଉଁମାନେ ଏଭଳି ରେଲୱେ ଟ୍ରାକ୍, ଟ୍ରେନ୍ ଭିତର ଏବଂ ଟ୍ରେନ ଉପରେ ଭିଡିଓ କରିବେ, ସେମାନଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପୂର୍ବତଟ ରେଳପଥ କର୍ତ୍ତୃପକ୍ଷ କଡ଼ା ଚେତାବନୀ ଦେଇଛନ୍ତି।

ପୂର୍ବତଟ ରେଳପଥ ସ୍ପଷ୍ଟ କରିଛି ଯେ, ଏପରି ବେପରୁଆ କାର୍ଯ୍ୟ କେବଳ ଜୀବନ ପାଇଁ ବିପଦପୂର୍ଣ୍ଣ ନୁହେଁ; ବରଂ ରେଳବାଇ ଆଇନ, ୧୯୮୯ ଅନୁଯାୟୀ ଦଣ୍ଡନୀୟ ଅପରାଧ। ଏହି ପଦକ୍ଷେପ ଏକ ଚିନ୍ତାଜନକ ବିଷୟ। ସୋସିଆଲ ମିଡିଆରେ ଖ୍ୟାତି ପାଇବା ପାଇଁ ଯୁବପିଢ଼ି ଭିଡିଓ କରି ରେଳ ପରିଚାଳନାର ସୁରକ୍ଷାକୁ ବିପଦରେ ପକାଉଛନ୍ତି। ଏଥିପାଇଁ ରେଳ ସୁରକ୍ଷା ବଳ ଏବଂ ସରକାରୀ ରେଳ ପୁଲିସକୁ ଉଲ୍ଲଂଘନକାରୀଙ୍କ ବିରୁଦ୍ଧରେ "ଶୂନ୍ୟ ସହନଶୀଳତା' ନୀତି ଅନୁସରଣ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଆଇନଗତ କାର୍ଯ୍ୟାନୁଷ୍ଠାନ ଶୀଘ୍ର ଏବଂ କଠୋର ହେବ। ଚଳନ୍ତା ଟ୍ରେନ୍ ନିକଟରେ ଫଟୋ କିମ୍ବା ଭିଡିଓ ଧାରଣ କରିବା, କିମ୍ବା ରେଳପଥ ଉପରେ ଅନଧିକୃତ ପ୍ରବେଶ କରୁଥିବା ଯେକୌଣସି ବ୍ୟକ୍ତିଙ୍କ ବିରୁଦ୍ଧରେ କଠୋର ଆଇନଗତ ପଦକ୍ଷେପ ନେବାକୁ କୁହାଯାଇଛି। ଏହିପରି ଉଲ୍ଲଂଘନକାରୀଙ୍କ ବିରୁଦ୍ଧରେ ରେଳ ଆଇନ ୧୯୮୯ର ଧାରା ୧୪୭ ଏବଂ ୧୫୩ ଅନୁଯାୟୀ ମାମଲା ରୁଜୁ ହେବ। ଯେଉଁଥିରେ ଜେଲ୍ ଦଣ୍ଡ ସହିତ ଆର୍ଥିକ ଦଣ୍ଡ ମଧ୍ୟ ଲାଗୁ ହେବ। ପୂର୍ବତଟ ରେଳପଥ ସମସ୍ତ ନାଗରିକଙ୍କୁ ବିଶେଷକରି ଛାତ୍ର ଏବଂ କିଶୋରମାନଙ୍କୁ ସୁରକ୍ଷା ନିର୍ଦ୍ଦେଶାବଳୀ ବୁଝିବା ଏବଂ ପାଳନ କରିବାକୁ ଅନୁରୋଧ କରାଯାଇଛି।

ଏଥିସହିତ ଫଟୋଗ୍ରାଫି ସମେତ କୌଣସି କାରଣ ପାଇଁ ରେଳ ଟ୍ରାକ୍ ଉପରକୁ ନ ଯିବା ପାଇଁ କୁହାଯାଇଛି। ଚଳନ୍ତା ଟ୍ରେନରୁ ଝୁଙ୍କି ପଡ଼ିବା, ଫୁଟ୍‌ବୋର୍ଡରେ ଯାତ୍ରା କରିବା କିମ୍ବା ଭିଡିଓ କରିବା ପାଇଁ ଛାତ କିମ୍ବା ଇଞ୍ଜିନରେ ଚଢ଼ିବା ଭଳି ବିପଦପୂର୍ଣ୍ଣ ଷ୍ଟଣ୍ଟ ପ୍ରଦର୍ଶନରୁ ଦୂରେଇ ରହିବା ମଧ୍ୟ କୁହାଯାଇଛି। କାରଣ ଏପରି କାର୍ଯ୍ୟ ଉଚ୍ଚ-ଶକ୍ତିସମ୍ପନ୍ନ ଓଭରହେଡ୍ ଇଲେକ୍ଟ୍ରିକ୍ ଲାଇନ ସହିତ ଘାତକ ସଂସ୍ପର୍ଶରେ ଆସିପାରନ୍ତି। ତେଣୁ ଯାତ୍ରୀମାନେ ପ୍ଲାଟଫର୍ମ ଧାରରୁ ନିରାପଦ ଦୂରତା ବଜାୟ ରଖିବାକୁ କୁହାଯାଇଛି। ଚାଲୁଥିବା ଟ୍ରେନରୁ ଚଢ଼ିବା କିମ୍ବା ଓହ୍ଲାଇବା ମଧ୍ୟ ଏକ ଦଣ୍ଡନୀୟ ଅପରାଧ। ବିପଦପୂର୍ଣ୍ଣ ରେଳ ଷ୍ଟଣ୍ଟ ମାଧ୍ୟମରେ ସାମାଜିକ ଗଣମାଧ୍ୟମର ଦୃଷ୍ଟି ଆକର୍ଷଣ କରିବାର ବାସ୍ତବ ବିପଦ ଏବଂ କଠୋର ଆଇନଗତ ପରିଣାମ ବିଷୟରେ ଯୁବପିଢ଼ିଙ୍କୁ ପରାମର୍ଶ ଦେବାକୁ ଅଭିଭାବକ ଏବଂ ଶିକ୍ଷକମାନଙ୍କୁ ଅନୁରୋଧ କରାଯାଇଛି। ପିଲାମାନଙ୍କୁ ଏ ବିଷୟରେ ସଚେତନ କରିବା ପାଇଁ ଅଭିଭାବକ ଓ ଶିକ୍ଷକମାନଙ୍କୁ ମଧ୍ୟ ରେଳବାଇ ଅନୁରୋଧ କରିଛି।

## ମାନହାନୀ ଓ କୁତ୍ସାରଟନା
# ସିଇଓଙ୍କ ନିକଟରେ ଫେରାଦ ହେଲା କଂଗ୍ରେସ

ଭୁବନେଶ୍ୱର,୨୩।୧୦(ସମିସ): ପିସିସି ସଭାପତି ଭକ୍ତ ଚରଣ ଦାସ, ତାଙ୍କ ପୁତ୍ର ତଥା ଭବାନୀପାଟଣା ବିଧାୟକ ସାଗର ଚରଣ ଦାସ ଓ କଂଗ୍ରେସ ଦଳକୁ ବଦ୍‌ନାମ କରିବା ପାଇଁ ମନଗଢ଼ା କାହାଣୀ ପ୍ରଚାର କରାଯାଉଛି। ଏ ସବୁ ଶାସକ ଦଳକୁ ସୁହାଉଥିବାରୁ ସ୍ୱଚ୍ଛ ନିର୍ବାଚନର ଦ୍ୱାହି ଦେଉଥିବା ନିର୍ବାଚନ ଅଧିକାରୀ ଓ ସାଇବର-ଅପରାଧ ସଂସ୍ଥାମାନ ସବୁ ଜାଣି ନ ଜାଣିଲା ପରି ରହୁଥିବା କଂଗ୍ରେସ ଅଭିଯୋଗ କରିଛି। ଏହାକୁ ଆଧାର କରି

### ରାଜ୍ୟବ୍ୟାପୀ ଜିଲ୍ଲା କଂଗ୍ରେସ ପକ୍ଷରୁ ବିକ୍ଷୋଭ ପ୍ରଦର୍ଶନ

ଗୁରୁବାର ପିସିସିର ବରିଷ୍ଠ ଆଇନଜୀବୀମାନଙ୍କର ଏକ ପ୍ରତିନିଧି ଦଳ ଭୁବନେଶ୍ୱରସ୍ଥିତ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟକୁ ଯାଇ ଏହି ମର୍ମରେ ଏକ ସ୍ମାରକପତ୍ର ଦାଖଲ କରିଛନ୍ତି। ଅନ୍ୟପକ୍ଷରେ ରାଜ୍ୟର ସମସ୍ତ ୩୫ ସାଙ୍ଗଠନିକ ଜିଲ୍ଲାର କଂଗ୍ରେସ ସଭାପତିମାନଙ୍କ ନେତୃତ୍ୱରେ ବିକ୍ଷୋଭ ପ୍ରଦର୍ଶନ ସହ ଶତାଧିକ କର୍ମୀଙ୍କ ଗହଣରେ ନିଜନିଜ ସଦର ମହକୁମା ସାଇବର ଥାନା ଅଧିକାରୀମାନଙ୍କୁ ଉକ୍ତ ଚାନେଲଗୁଡ଼ିକ ତୁରନ୍ତ ବନ୍ଦ କରିବା ସହ ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଦାବି କରାଯାଇଛି।

ପ୍ରତିନିଧି ଦଳ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ଅନୁପସ୍ଥିତିରେ ଦାବି ଗ୍ରହଣ କରିଥିବା ଅଧିକାରୀଙ୍କୁ ସବିଶେଷ ତଥ୍ୟ ଓ ପ୍ରମାଣ ଉପସ୍ଥାପନ କରିଥିଲେ। ବିରୋଧରେ କରୁଥିବା ଅପପ୍ରଚାର ଉପରେ ରୋକ ଲଗାଇବା ପାଇଁ ଅନୁରୋଧ କରାଯାଇଥିଲା। ଉକ୍ତ ପ୍ରତିନିଧି ଦଳରେ ବରିଷ୍ଠ ଆଇନଜୀବୀ ତଥା ରାଜ୍ୟ ସଂଖ୍ୟାଲଘୁ ବିଭାଗର ଅଧ୍ୟକ୍ଷ ଜିଆ-ଉଲ-ହକ୍ ଆଇନଜୀବୀ ତଥା ବରିଷ୍ଠ ମୁଖପାତ୍ର ଲଲାଟେନ୍ଦୁ ଦାସ, ନିଶିକାନ୍ତ ମିଶ୍ର, ଡ.ମନିଷା ଦାସପଟ୍ଟନାୟକ,



ଦାବିପତ୍ରରେ ପ୍ରଦେଶ କଂଗ୍ରେସ ସଭାପତିଙ୍କ ବିରୋଧରେ ବିନା ପ୍ରମାଣ, ବିନା ତଥ୍ୟ ଆଧାରରେ ସମ୍ମାନହାନି କରିଥିବା ଗଣମାଧ୍ୟମ ଉପରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଦାବି କରାଯାଇଥିଲା। ଏଥିସହିତ କିଛି ଅସାମାଜିକ ବ୍ୟକ୍ତିତ୍ୱ କଂଗ୍ରେସ ବରିଷ୍ଠ ମୁଖପାତ୍ର ତଥା ପ୍ରଦେଶ କଂଗ୍ରେସ ତଥ୍ୟ, ଗବେଷଣା ଓ ଅନୁସଂଧାନର ମୁଖ୍ୟ ଜଗଦାନନ୍ଦ ପ୍ରଧାନ, ଆଇନଜୀବୀ ତଥା କଂଗ୍ରେସ ନେତା ମନୋଜ ନାୟକ, ପିସିସି ଗଣମାଧ୍ୟମ ସଂଯୋଜକ ଦୀପକ କୁମାର ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

# ରାଜ୍ୟରେ ବିଜେପି ଆକ୍ରୋଶମୂଳକ ରାଜନୀତି ଆରମ୍ଭ କରିଛି: ବିଜେଡି

ଭୁବନେଶ୍ୱର,୨୩।୧୦(ସମିସ): ଗଞ୍ଜାମର ପୀତବାସ ପଣ୍ଡା ହତ୍ୟାକାଣ୍ଡ ଘଟଣାରେ ପୂର୍ବତନ ବିଧାୟକ ତଥା ଗଞ୍ଜାମ ଜିଲ୍ଲା ବିଜେଡି ସଭାପତି ବିକ୍ରମ ପଣ୍ଡାଙ୍କ ଗିରଫକୁ କଡ଼ା ଆଭିମୁଖ୍ୟ ପ୍ରକାଶ କରିଛି ବିଜେଡି। ଗତ ୧୬ ମାସର ରାଜ୍ୟରେ ଶାସନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଭୁଶୁଡି ପଡ଼ିଥିବା ବେଳେ ବିଜେପି ହତାଶ ହୋଇ ବିଜେଡି ନେତାମାନଙ୍କୁ ଟାର୍ଗେଟ କରିବା ଆରମ୍ଭ କରିଛି ବୋଲି ଦଳ ପକ୍ଷରୁ କୁହାଯାଇଛି। ଦେଶର ଅପରାଧ ତାଲିକାରେ, ୮ମ ସ୍ଥାନରେ ରହିଛି। ରାଜ୍ୟରେ ହତ୍ୟା, ଦୁଷ୍କର୍ମ, ଗଣଦୁଷ୍କର୍ମ, ରାହାଜାନି ଇତ୍ୟାଦି ଘଟଣାମାନ ଅହେତୁକ ବୃଦ୍ଧି ପାଇଛି। ରାଜ୍ୟର ଆଇନ ଶୃଙ୍ଖଳା ସ୍ଥିତି ଉପରେ ସରକାରଙ୍କ ନିୟନ୍ତ୍ରଣ ନାହିଁ ବୋଲି ଜନସାଧାରଣଙ୍କ ହୃଦବୋଧ ହୋଇଛି। ରାଜ୍ୟର ସରକାରୀ କାର୍ଯ୍ୟାଳୟ ବ୍ଲକ ଓ ପଞ୍ଚାୟତ ଅଫିସ ଆଦିରେ ବିଜେପି କର୍ମୀ ମାନଙ୍କ ଦୌରାତ୍ମ୍ୟ ବୃଦ୍ଧି ପାଇଛି। ରାଜ୍ୟର ଥାନାଗୁଡିକ ବିଜେପି ନେତା ଓ କର୍ମୀମାନଙ୍କ ଆଡ୍ଡାସ୍ଥଳୀ ପାଲଟିଛି। ବିଜେପି କର୍ମୀମାନଙ୍କ ସହାଭାଗିତାରେ ଚୋରା ବାଲି, ଚୋରା ଚିପ୍ସ ଓ ଚୋରା ମଦ କାରବାର ମଧ୍ୟ ଅହେତୁକ ବୃଦ୍ଧି ପାଇଛି । ବିଜେପି ନେତା, କର୍ମୀ

- ମିଥ୍ୟା କେସରେ ରାଜନେତାଙ୍କୁ ଗିରଫ କରିବା ବିଜେପିର ପୁରୁଣା ଅଭ୍ୟାସ
- ବିଜେପି ନେତାଙ୍କ ସମ୍ପୃକ୍ତିରେ ରାଜ୍ୟରେ ଚୋରା କାରବାର ଅହେତୁକ ବୃଦ୍ଧି

ଦେଶରେ ପ୍ରତିପକ୍ଷ ଦଳର ନେତା ମାନଙ୍କୁ ମିଥ୍ୟା ମାମଲାରେ ଗିରଫ କରିବା ବିଜେପିର ପୁରୁଣା ଅଭ୍ୟାସ ରହିଛି। ଓଡ଼ିଶାରେ ବିଜେପି ଶାସନକୁ ଆସିବା ପରେ ଏହି ପ୍ରକ୍ରିୟା ଏଠାରେ ମଧ୍ୟ ଆରମ୍ଭ ହୋଇଛି। ବିଜୁ ଜନତା ଦଳ ଏହି ଅନ୍ୟାୟ ବିରୋଧରେ ଲଢେଇ ଜାରି ରଖିବ। ଆଇନଗତ ଲଢେଇ ସହିତ ରାଜରାସ୍ତାରେ ମଧ୍ୟ ବିଜେଡି ଏହି ଲଢେଇ ଜାରି ରଖିବ ବୋଲି ଦଳର ମୁଖପାତ୍ର ତଥା ମିଡିଆ ସଂଯୋଜକ ଡ.ଲେନିନ ମହାନ୍ତି ପ୍ରକାଶ କରିଛନ୍ତି।

ସେ କହିଛନ୍ତି ଯେ ରାଜ୍ୟରେ ଆଇନଶୃଙ୍ଖଳା ପରିସ୍ଥିତି ବିପର୍ଯ୍ୟସ୍ତ ହୋଇଛି ଓ ମହିଳା ନିର୍ଯାତନା ବୃଦ୍ଧି ପାଇଛି। ଓଡ଼ିଶା ଓ ଅପରାଧୀଙ୍କ ସହିତ ଏକ ଅସାଧୁ ମେଣ୍ଟ ମାଧ୍ୟମରେ ଏହି ସବୁ ଚୋରା କାରବାର ବୃଦ୍ଧି ପାଇଛି । ଏହାଛଡ଼ା ସରକାରୀ ଚାକିରୀକୁ ବିକ୍ରୟ କରିବା ପାଇଁ ଏକ ପ୍ରକାରର ନିଲାମ ଡକାଯାଉଛି। ଏହି ସବୁ ବିଫଳତାକୁ ଲୁଚାଇବା ପାଇଁ ବିଜେପି ସରକାର ଏବେ ରକ୍ତମୁଖା ହୋଇ ବିରୋଧୀ ଦଳକୁ ଟାର୍ଗେଟ କରିବା ଆରମ୍ଭ କରିଛି । ସେହି ନ୍ୟାୟରେ ପୂର୍ବତନ ବିଧାୟକ ତଥା ଗଞ୍ଜାମ ଜିଲ୍ଲା ବିଜେଡି ସଭାପତି ବିକ୍ରମ ପଣ୍ଡାଙ୍କୁ ପୀତବାସ ପଣ୍ଡାଙ୍କ ହତ୍ୟା ଘଟଣାରେ ଗିରଫ କରାଯାଇଛି। ଏହି ଘଟଣାରେ ବିକ୍ରମଙ୍କ ସମ୍ପୃକ୍ତି ନେଇ କୌଣସି ପ୍ରମାଣ ନଥିଲେ ମଧ୍ୟ ତାଙ୍କୁ ଗିରଫ କରାଯାଇଛି ।

# ଓଏଚ୍‌ଆର୍‌ସିରେ ଏଣିକି ଭିଡିଓ କନ୍‌ଫରେନ୍ସିଂରେ ଶୁଣାଣି

ଭୁବନେଶ୍ୱର, ୨୩।୧୦(ସମିସ): ଦୂରଦୂରାନ୍ତରୁ ରାଜ୍ୟ ମାନବାଧିକାର କମିସନ (ଓଏଚ୍‌ଆର୍‌ସି)ଙ୍କ କାର୍ଯ୍ୟାଳୟକୁ ଅଭିଯୋଗ ନେଇ ଆସୁଥିବା ଲୋକଙ୍କ ପାଇଁ ଖୁସି ଖବର। ଶୁଣାଣି ବେଳେ ଓଏଚ୍‌ଆର୍‌ସି କାର୍ଯ୍ୟାଳୟରେ ପ୍ରତ୍ୟକ୍ଷ ହାଜର ନ ହୋଇ ଭିଡିଓ କନଫରେନ୍ସିଂ ମାଧ୍ୟମରେ ମଧ୍ୟ ହାଜର ହୋଇପାରିବେ। ଓଡ଼ିଶା ମାନବାଧିକାର କମିସନ, ଭୁବନେଶ୍ୱରଙ୍କ ଦ୍ୱାରା ସମସ୍ତ ବେଞ୍ଚମାନଙ୍କ ଦ୍ୱାରା ଭିଡିଓ କନଫରେନ୍ସିଂ ମାଧ୍ୟମରେ ଶୁଣାଣି କରିବାକୁ ପ୍ରକ୍ରିୟା ଆରମ୍ଭ ହୋଇଛି। ଏହି ପ୍ରକ୍ରିୟାକୁ ଏକୀକୃତ ଏବଂ ସୁବ୍ୟବସ୍ଥିତ କରିବା ପାଇଁ କମିସନ ନିୟମ ଓ ନିର୍ଦ୍ଦେଶାବଳୀ ଜାରି କରିଛନ୍ତି। ଆସନ୍ତା ୨୭ ତାରିଖ (ସୋମବାର) ଠାରୁ ଭିଡିଓ କନଫରେନ୍ସିଂ ମାଧ୍ୟମରେ ଶୁଣାଣି କାର୍ଯ୍ୟକାରୀ କରାଯିବ।

କମିସନଙ୍କ ସମସ୍ତ ବେଞ୍ଚ "ଗୁଗୁଲ ମିଟ୍" ପ୍ଲାଟଫର୍ମ ମାଧ୍ୟମରେ ଭିଡିଓ କନଫରେନ୍ସିଂ ଏବଂ ପ୍ରତ୍ୟକ୍ଷ୍ୟ, ଉଭୟ ଭାବେ କାର୍ଯ୍ୟ ସଂପାଦନ କରିବେ। ଯେଉଁ ପକ୍ଷ ବା ପରାମର୍ଶଦାତାମାନେ ଦୂରଦୂରାନ୍ତରୁ ଆଭାସୀ ମାଧ୍ୟମରେ ଉପସ୍ଥିତ ହେବାକୁ ଇଚ୍ଛୁକ ଥିବେ, ସେମାନେ ଅଭିଯୋଗକାରୀଙ୍କ ନାମ, ମାମଲା, ନମ୍ବର, ବେଞ୍ଚ ନାମ ଏବଂ ଭିସି ମାଧ୍ୟମରେ ହାଜର ହେବାକୁ ଇଚ୍ଛୁକ ବ୍ୟକ୍ତିଙ୍କ ବିବରଣୀ ଫର୍ମ ପୂରଣ କରି ଶୁଣାଣି ପୂର୍ବ ତାରିଖ ଅପରାହ୍ଣ ୪ଟା ସୁଦ୍ଧା କମିସନଙ୍କ ଇ-ମେଲ୍‌ରେ ପଠାଇବାକୁ ପଡ଼ିବ। ଶୁଣାଣି ଦିନ ପଠାଯାଇଥିବା କୌଣସି ଇ-ମେଲ ଅନୁରୋଧକୁ ଗ୍ରହଣ କରାଯିବ ନାହିଁ ବୋଲି କମିସନ ସ୍ପଷ୍ଟ କରିଛନ୍ତି।

ସମସ୍ତ ମାମଲା ସୂଚୀବଦ୍ଧ ଥିବା କ୍ରମିକ ସଂଖ୍ୟା ଅନୁଯାୟୀ ବିଚାର କରାଯିବ। ପକ୍ଷ ଓ ଓକିଲମାନେ ଶୁଣାଣି ଦିନ ସକାଳ ୧୧ଟାରୁ କମିସନଙ୍କ ୱେବସାଇଟ୍‌ରେ ଭିଡିଓ ଲିଙ୍କ୍ ଏବଂ ସମୟ ଦେଖିପାରିବେ। ନିର୍ଦ୍ଦିଷ୍ଟ ସମୟର ୫ମିନିଟ୍ ପୂର୍ବରୁ ଭିଡିଓ କନଫରେନ୍ସିଂରେ ଯୋଗ ଦେବାକୁ ପଡ଼ିବ। ସମସ୍ତ ପକ୍ଷ ଓ ଅଂଶଗ୍ରହଣକାରୀମାନେ ଭିଡିଓ କନଫରେନ୍ସିଂ ସମୟରେ ଯଥୋଚିତ ସୌଜନ୍ୟ ଓ ମର୍ଯ୍ୟାଦା ଅନୁସରଣ କରିବେ।

## ଏସିଏଫ୍ ସୌମ୍ୟରଂଜନ ମୃତ୍ୟୁ ମାମଲା
# ତତ୍କାଳୀନ ଡିଏଫ୍‌ଓ ଓ ରୋଷେୟାଙ୍କ ଆଗୁଆ ଜାମିନ ଆବେଦନ ଖାରଜ

କଟକ, ୨୩।୧୦ (ସମିସ): ବହୁଚର୍ଚ୍ଚିତ ପାରଳା ଆସିଷ୍ଟାଣ୍ଟ କନଜରଭେଟର୍ ଅଫ୍ ଫରେଷ୍ଟ (ଏସିଏଫ) ସୌମ୍ୟରଞ୍ଜନ ମହାପାତ୍ରଙ୍କ ମୃତ୍ୟୁ ଘଟଣାରେ ଅଭିଯୁକ୍ତ ପାରଳାଖେମୁଣ୍ଡିର ତତ୍କାଳୀନ ଡିଏଫ୍‌ଓ ସଂଗ୍ରାମ କେଶରୀ ବେହେରା ଓ ରୋଷେୟା ମନ୍ମଥ କୁମ୍ଭଙ୍କ ଆଗୁଆ ଜାମିନ ଆବେଦନକୁ ହାଇକୋର୍ଟ ଆଜି ଖାରଜ କରିବା ସହ ପୂର୍ବରୁ ଜାରି ଅନ୍ତରୀଣ ସୁରକ୍ଷାକୁ ହଟାଇ ଦେଇଛନ୍ତି। ଜଷ୍ଟିସ ଭି.ନରସିଂହ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଏଥିସହ ଆବେଦନକାରୀ ଚାହିଁଲେ ନିମ୍ନ ଅଦାଲତରେ ଆତ୍ମସମର୍ପଣ କରି ନିୟମିତ ଜାମିନ ଆବେଦନ କରିପାରିବେ ଓ ଯୋଗ୍ୟତା ଆଧାରରେ ଏହି ଆବେଦନର ବିଚାର ସମ୍ପୃକ୍ତ ଅଦାଲତ କରିବେ ବୋଲି କହିଛନ୍ତି ହାଇକୋର୍ଟ।

ଉଭୟଙ୍କ ବିରୋଧରେ ନିମ୍ନ ଅଦାଲତ ଜାମିନ ବିହୀନ ଗିରଫ ପରୱାନା (ଏନବିଡବ୍ଲୁ) ଗତ ଅଗଷ୍ଟ ୧୪ରେ ଜାରି କରିଥିଲେ। ଗିରଫଦାରୀ ଏଡ଼ାଇବାକୁ ସେମାନେ ହାଇକୋର୍ଟରେ ଆଗୁଆ ଜାମିନ ଆବେଦନ କରିଥିଲେ। ହାଇକୋର୍ଟ ଗତ ଅକ୍ଟୋବର ୧୬ ତାରିଖରେ ଏନ୍‌ବିଡବ୍ଲୁ ଆଧାରରେ କାର୍ଯ୍ୟାନୁଷ୍ଠାନ ଉପରେ ଅନ୍ତରୀଣ ରୋକ୍ ଲଗାଇଥିଲେ। ଯାହା ହଟିବା ପରେ ସେମାନଙ୍କ ଅଡୁଆ ବଢ଼ିଛି। ଗତ ୨୦୨୧, ଜୁଲାଇ ୧୨ ତାରିଖ ରାତିରେ ଫରେଷ୍ଟ କଲୋନିସ୍ଥିତ ନିଜ ସରକାରୀ କ୍ୱାର୍ଟର୍ସରେ ବନବିଭାଗରେ କାର୍ଯ୍ୟରତ ଏସିଏଫ୍ ସୌମ୍ୟରଞ୍ଜନ ମହାପାତ୍ର ସନ୍ଦେହଜନକ ଅବସ୍ଥାରେ ପୋଡ଼ି ହୋଇ ପ୍ରାଣ ହରାଇଥିଲେ। ପୁଲିସ ଓ କ୍ରାଇମବ୍ରାଞ୍ଚର ତଦନ୍ତରେ ୨୦୨୨ ମସିହାରେ ସମ୍ପୃକ୍ତ ଅଭିଯୁକ୍ତମାନଙ୍କୁ ହତ୍ୟା ମାମଲାରୁ କ୍ଲିନ୍‌ଚିଟ୍ ମିଳିଥିଲା। ଆବେଦନକାରୀଙ୍କ ବିରୋଧରେ ଆଇପିସିର ଧାରା ୨୮୫ ଓ ୩୦୪-ଏ ଅନୁସାରେ ପୁଲିସ ଚୂଡ଼ାନ୍ତ ଚାର୍ଜସିଟ୍ ଦାଖଲ କରିସାରିଥିବା ବେଳେ ପ୍ରତିପକ୍ଷ ମୃତ ଏସିଏଫ ସୌମ୍ୟରଂଜନଙ୍କ ବାପା ଅଭିରାମ ମହାପାତ୍ରଙ୍କ ପ୍ରୋଟେଷ୍ଟ ପିଟିସନ୍ ଆଧାରରେ ପାରଳା ଏସଡିଜେଏମ ଅଦାଲତ ଆଇପିସିର ଦଫା ୩୦୨ (ହତ୍ୟା) ଓ ୧୨୦ (ବି) ଅନୁସାରେ ସାନି ମାମଲା ଗ୍ରହଣ କରିଥିଲେ।

# ଚଳିତ ବର୍ଷ ୫୦ ହଜାର ଏକରରେ ଆଳୁଚାଷ ଯୋଜନା

ଭୁବନେଶ୍ୱର, ୨୩।୧୦(ସମିସ): ଆଳୁ ଉତ୍ପାଦନରେ ଓଡ଼ିଶାକୁ ଆତ୍ମନିର୍ଭରଶୀଳ ହେବ। ଏଥିପାଇଁ ସରକାର ରୋଡ୍ ମ୍ୟାପ୍ ପ୍ରସ୍ତୁତ କରିଛନ୍ତି। ଚାଷୀଙ୍କୁ ଆଗୁଆ ବିହନ ଯୋଗାଇ ଦିଆଯିବ। ରାଜ୍ୟର ପ୍ରାୟ ୫୦ ହଜାରରୁ ଅଧିକ ଏକର ଜମିରେ ଆଳୁଚାଷ କରାଯିବ। ଏଥିପାଇଁ ପ୍ରାୟ ୩ ଲକ୍ଷ କୁଇଣ୍ଟାଲ୍ ବିହନ ଚାଷୀଙ୍କୁ ଯୋଗାଇ ଦିଆଯିବ।

### ୩ଲକ୍ଷ କୁଇଣ୍ଟାଲ ବିହନ ଯୋଗାଇବାକୁ ଉପମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ

ଉପମୁଖ୍ୟମନ୍ତ୍ରୀ ତଥା କୃଷି ମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଗୁରୁବାର ଅନୁଷ୍ଠିତ ଏକ ଉଚ୍ଚସ୍ତରୀୟ ବୈଠକରେ ଏନେଇ ନିଷ୍ପତ୍ତି ହୋଇଛି। ସେହିପରି ଆବଶ୍ୟକ ଅନୁଯାୟୀ ରାଜ୍ୟର ସମସ୍ତ ଜିଲ୍ଲାକୁ ବିହନ ଯୋଗାଇ ଦିଆଯିବ। ନଭେମ୍ବର ପ୍ରଥମ ସପ୍ତାହରୁ ବିହନ ଯୋଗାଣ ଆରମ୍ଭ ହେବ। ଏହା ସହିତ ପ୍ରାୟ ୬ହଜାର ହେକ୍ଟର ଜମିରେ ପିଆଜ ଚାଷ, ହଜାରେ ହେକ୍ଟରରେ ଲଙ୍କା, ୩ଶହ ହେକ୍ଟରରେ ରସୁଣ ଚାଶ ପାଇଁ ବିହନ ପ୍ରଦାନ କରାଯିବ ବୋଲି ଯୋଜନା ରହିଛି। ବୈଠକରେ ବିଭାଗୀୟ ସଚିବ ଡ. ଅରବିନ୍ଦ କୁମାର ପାଢ଼ୀଙ୍କ ସମେତ ନିର୍ଦ୍ଦେଶକ ଶୁଭମ ସକ୍ସେନା, ଉଦ୍ୟାନ କୃଷି ନିର୍ଦ୍ଦେଶକ କାଲୁଙ୍ଗେ ଗୋରଖ ୱାମନ ଓ କୃଷି ବିଭାଗ, ଉଦ୍ୟାନ କୃଷି ଅଧିକାରୀ ତଥା ଓଡ଼ିଶା ବିହନ ନିଗମର ଅଧିକାରୀମାନେ ଉପସ୍ଥିତ ଥିଲେ।

# ଡାଲି ଜାତୀୟ ଫସଲର 'ବିହନ ହବ୍' ହେବ ଓଡ଼ିଶା

ଭୁବନେଶ୍ୱର, ୨୩।୧୦(ସମିସ): ଡାଲି ଜାତୀୟ ଶସ୍ୟ ଉତ୍ପାଦନରେ ଆତ୍ମନିର୍ଭରଶୀଳ ହେବ ଓଡ଼ିଶା। ଓଡ଼ିଶା କ୍ଲଷ୍ଟର ପଦ୍ଧତିରେ ହରଡ଼, କଳା ଚଣା ଏବଂ ଅନ୍ୟାନ୍ୟ ଡାଲି ଜାତୀୟ ଫସଲ ଚାଷକୁ ପ୍ରୋତ୍ସାହିତ କରିବେ ରାଜ୍ୟ ସରକାର। ଉପମୁଖ୍ୟମନ୍ତ୍ରୀ ତଥା କୃଷି ମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଗୁରୁବାର ଅନୁଷ୍ଠିତ ସଘନ କୃଷି କାର୍ଯ୍ୟକ୍ରମ ବୈଠକରେ ଏନେଇ ଆଲୋଚନା ହୋଇଛି। ସବୁ ଋତୁରେ ଚାଷ କରାଯାଇପାରୁଥିବା ଆଇସିପିଭି-୨୫୪୪୪ ପ୍ରଜାତିର ହରଡ଼ ବିହନକୁ ବିକଶିତ କରାଯାଇଛି। ଏହାକୁ ୪୫ ଡିଗ୍ରୀ ସେଲସିୟସ୍ ପର୍ଯ୍ୟନ୍ତ ଉତ୍ତାପ ଏବଂ ୧୨୦ ଦିନ ମଧ୍ୟରେ ଉତ୍ପାଦନ କରାଯାଇପାରିବ। ସେହିପରି ଓଡ଼ିଶା ରାଜ୍ୟ ବିହନ ନିଗମ ଲିମିଟେଡ୍ ଦ୍ୱାରା ବିଲୁପ୍ତ ପ୍ରାୟ କିସମ ବର୍ଗରେ ଆସୁଥିବା ଡଙ୍ଗରରାଣୀ ଏବଂ କାନ୍ଦୁଲ ଭଳି ପାରମ୍ପରିକ ହରଡ଼ କିସମ ମଧ୍ୟ ଚାଷ କରିବା ପାଇଁ ଉପମୁଖ୍ୟମନ୍ତ୍ରୀ ପରାମର୍ଶ ଦେବା ସହ ଡାଲିରେ ଆତ୍ମନିର୍ଭର ହେବାକୁ ପ୍ରଥମେ "ବିହନ କେନ୍ଦ୍ର'ରେ ରାଜ୍ୟକୁ ପରିଣତ କରିବାକୁ ଗୁରୁତ୍ୱାରୋପ କରିଛନ୍ତି।

# ଲାଞ୍ଚ ମାମଲାରେ କିରାଣିଙ୍କୁ ୪ ବର୍ଷ ଜେଲ୍ ଦଣ୍ଡ

ଭୁବନେଶ୍ୱର,୨୩।୧୦(ସମିସ): ଏକ ଲାଞ୍ଚ ମାମଲାର ବିଚାର କରି ଭୁବନେଶ୍ୱର ଭିଜିଲାନ୍ସ କୋର୍ଟର ସ୍ୱତନ୍ତ୍ର ବିଚାରପତି ଜଣେ ପୂର୍ବତନ କନିଷ୍ଠ କିରାଣିଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହିତ ୪ ବର୍ଷ ଜେଲ୍ ଦଣ୍ଡାଦେଶ ଦେଇଛନ୍ତି। ଅଭିଯୁକ୍ତ ଜଣକ ହେଉଛନ୍ତି ଶରତ କୁମାର ରାଉତ। ସେ ଯାଜପୁର ରୋଡ ଔଷଧ ନିରୀକ୍ଷକ କାର୍ଯ୍ୟାଳୟରେ କନିଷ୍ଠ କିରାଣି ଭାବେ କାର୍ଯ୍ୟ କରୁଥିଲେ। ସେ ଜଣେ ବ୍ୟକ୍ତିଙ୍କୁ ଔଷଧ ଲାଇସେନ୍ସ କରାଇଦେବା ଲାଗି ୬ ହଜାର ଟଙ୍କା ଲାଞ୍ଚ ମାଗିଥିଲେ। ଲାଞ୍ଚ ନେବା ସମୟରେ ଭିଜିଲାନ୍ସ ଅଧିକାରୀମାନେ ତାଙ୍କୁ ଗିରଫ କରିଥିଲେ।

# ଆସନ୍ତା ଡିସେମ୍ବରରେ ଓଡ଼ିଶାରେ ଦୁଇଦିନିଆ ଗ୍ଲୋବାଲ ଏନର୍ଜି ଲିଡର୍ସ ସମ୍ମିଳନୀ

ଭୁବନେଶ୍ୱର,୨୩।୧୦(ସମିସ): ଟୋନି ବ୍ଲେୟାର ଇନଷ୍ଟିଚ୍ୟୁଟ ଏବଂ ଓଡ଼ିଶା ସରକାରଙ୍କ ମିଳିତ ଆନୁକୂଲ୍ୟରେ ଆସନ୍ତା ଡିସେମ୍ବର ମାସ ୬-୭ ରେ ଓଡ଼ିଶାରେ ଆୟୋଜିତ ଗ୍ଲୋବାଲ ଏନର୍ଜି ଲିଡର୍ସ ସମ୍ମିଳନୀ ଆୟୋଜିତ ହେବାକୁ ଯାଉଛି। ଏଥିରେ ଦେଶବିଦେଶରୁ ବହୁ ବିଶିଷ୍ଟ ବ୍ୟକ୍ତି ଯୋଗଦେବେ। ଏମାନଙ୍କ ମଧ୍ୟରେ ୟୁକେର ପୂର୍ବତନ ପ୍ରଧାନମନ୍ତ୍ରୀ ଟୋନି ବ୍ଲେୟାର, ଫିନ୍‌ଲ୍ୟାଣ୍ଡର ପୂର୍ବତନ ପ୍ରଧାନମନ୍ତ୍ରୀ ତଥା ଟିବିଆଇର ଷ୍ଟ୍ରାଟେଜିକ୍ କାଉନସେଲର୍ ସନା ମରିନ, ୟୁଏଇ, ସିଙ୍ଗାପୁର, ଭୁଟାନର ଶକ୍ତି ମନ୍ତ୍ରୀ ପ୍ରମୁଖ ଯୋଗଦେବା ଯୋଜନା ରହିଛି। ଏହି ସମ୍ମିଳନୀରେ ଭାରତର ସମସ୍ତ ରାଜ୍ୟର ଶକ୍ତିମନ୍ତ୍ରୀମାନେ ଯୋଗଦେବେ ଏବଂ ଅଧିବେଶନକୁ ସମ୍ବୋଧିତ ମଧ୍ୟ କରିବେ।

- କେନ୍ଦ୍ର ଶକ୍ତିମନ୍ତ୍ରୀଙ୍କ ସମେତ ସବୁ ରାଜ୍ୟର ଶକ୍ତିମନ୍ତ୍ରୀଙ୍କ ଯୋଗଦାନ
- ଭାରତର ଶକ୍ତି କ୍ଷେତ୍ରକୁ ମିଳିବ ଅଧିକ ନିବେଶ ଓ ପ୍ରୋତ୍ସାହନ

ଏହି ପରିପ୍ରେକ୍ଷୀରେ ଉପମୁଖ୍ୟମନ୍ତ୍ରୀ ତଥା ଶକ୍ତିମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ସମ୍ମିଳନୀ ଭାରତର ଶକ୍ତି କ୍ଷେତ୍ରରେ ନିବେଶ ତଥା ପ୍ରୋତ୍ସାହନ ପାଇଁ ଏକ ସୁନ୍ଦର ପ୍ଲାଟଫର୍ମ ଯୋଗାଇଦେବ ଏବଂ ପରିବେଶ ସହିତ ଅର୍ଥନୀତିର ସାମଞ୍ଜସ୍ୟ ରଖି ଉତ୍କୃଷ୍ଟ ଓଡ଼ିଶା ଗଠନ ଦିଗରେ ସହାୟକ ହେବ ବୋଲି ଉପମୁଖ୍ୟମନ୍ତ୍ରୀ ଶ୍ରୀ ସିଂହଦେଓ କହିଛନ୍ତି। ଏହି ଦୁଇଦିନିଆ ସମ୍ମିଳନୀରେ ବିଭିନ୍ନ ଅଧିବେଶନ ରହିଛି। ଏଥିରେ ଓଡ଼ିଶାର କଳା, ସଂସ୍କୃତି ଓ ଐତିହ୍ୟର ପ୍ରଦର୍ଶନ ମଧ୍ୟ ହେବ। ବୈଠକରେ ଶକ୍ତି ବିଭାଗ ପ୍ରମୁଖ ଶାସନ ସଚିବ ବିଶାଳ କୁମାର ଦେବ, ସିଏମଡି, ଓପିଟିସିଏଲ ଭାସ୍କର ଜ୍ୟୋତି ଶର୍ମା, ଗ୍ରୀଡ୍‌କୋର ପରିଚାଳନା ନିର୍ଦ୍ଦେଶକ ସତ୍ୟପ୍ରିୟ ରଥ, ଟିବିଆଇ ପକ୍ଷରୁ ବିବେକ ଅଗ୍ରୱାଲ, ନିନାଦ ସାଗର ଓ ପିଏରେ ୱାଲସ (ଆଭାସୀ) ପ୍ରମୁଖ ଉପସ୍ଥିତ ଥିଲେ।

# ଦୁଇ ଦିନିଆ ଓଡ଼ିଶା ସହରାଞ୍ଚଳ ସମ୍ମିଳନୀ ୨୦୨୫ ଆରମ୍ଭ

ଭୁବନେଶ୍ୱର, ୨୩।୧୦ (ସମିସ): ଓଡ଼ିଶା ସରକାରଙ୍କ ଗୃହନିର୍ମାଣ ଓ ନଗର ଉନ୍ନୟନ ବିଭାଗ ଦ୍ୱାରା ଆୟୋଜିତ ଦୁଇଦିନିଆ "ଓଡ଼ିଶା ସହରାଞ୍ଚଳ ସମ୍ମିଳନୀ ୨୦୨୫" ଭୁବନେଶ୍ୱରରେ ଉଦଘାଟିତ ହୋଇଛି। ଏଥିରେ ଓଡ଼ିଶାର ସହରଗୁଡ଼ିକୁ ସ୍ମାର୍ଟ, ସମାବେଶୀ ଏବଂ ସ୍ଥାୟୀ ସହରାଞ୍ଚଳ ଭବିଷ୍ୟତ ଦିଗରେ ଆଗେଇ ନେବାର ଲକ୍ଷ୍ୟ ରହିଛି। ଏହି ସମ୍ମିଳନୀ ହେଉଛି ଏକ ରଣନୈତିକ ପଦକ୍ଷେପ ଯାହା ୨୦୩୬ ସୁଦ୍ଧା ଏକ ବିକଶିତ ଓଡ଼ିଶା ଏବଂ ୨୦୪୭ ସୁଦ୍ଧା ଏକ ବିକଶିତ ଭାରତର ଦୀର୍ଘକାଳୀନ ବିକାଶ ଲକ୍ଷ୍ୟ ସହିତ ମେଳ ଖାଉଛି। ଏହି ସମ୍ମିଳନୀରେ ସହରାଞ୍ଚଳ ସ୍ଥାନୀୟ ସଂସ୍ଥା, ସରକାରୀ ବିଭାଗ, ନୀତିଗତ ଅନୁଷ୍ଠାନ, ସହରାଞ୍ଚଳ ଯୋଜନାକାରୀ, ପ୍ରଯୁକ୍ତି ପ୍ରଦାନକାରୀ, ଆର୍ଥିକ ଅନୁଷ୍ଠାନ ଏବଂ ଏକାଡେମିକ୍ ବିଶେଷଜ୍ଞଙ୍କ ପ୍ରମୁଖ ଅଂଶୀଦାରମାନଙ୍କୁ ଏକାଠି କରାଯାଇଛି। ଗୃହନିର୍ମାଣ ଓ ନଗର ଉନ୍ନୟନ ବିଭାଗର ପ୍ରମୁଖ ସଚିବ ଉଷା ପାଢୀ ପ୍ରାରମ୍ଭିକ ଅଭିଭାଷଣ ପ୍ରଦାନ କରି ସମ୍ମିଳନୀ ଆୟୋଜନ ଲକ୍ଷ୍ୟ ଉପରେ ଆଲୋକପାତ କରି ରାଜ୍ୟର ସହରାଞ୍ଚଳ ବିକାଶ ରୋଡମ୍ୟାପ ଏବଂ ଭବିଷ୍ୟତ ପ୍ରସ୍ତୁତ ସହର ହାସଲ ପାଇଁ ସହଯୋଗୀ ଶାସନ, ନାଗରିକ-କୈନ୍ଦ୍ରିକ ଯୋଜନା ଏବଂ ବୈଷୟିକ ଜ୍ଞାନକୌଶଳ ଉପରେ ଗୁରୁତ୍ୱ ଆରୋପ କରିଥିଲେ। ଗୃହନିର୍ମାଣ ଓ ନଗରଉନ୍ନୟନ ମନ୍ତ୍ରୀ ଡା କୃଷ୍ଣ ଚନ୍ଦ୍ର ମହାପାତ୍ର ଏହି ସମ୍ମିଳନୀକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ତାଙ୍କ ବକ୍ତବ୍ୟରେ ଡା ମହାପାତ୍ର ସ୍ଥାୟୀ ସହରାଞ୍ଚଳ ଭିତ୍ତିଭୂମି, ଦକ୍ଷ ସେବା ପ୍ରଦାନ ଏବଂ ଜୀବନ୍ତ ସହରାଞ୍ଚଳ କେନ୍ଦ୍ର ନିର୍ମାଣରେ ସ୍ଥାନୀୟ ଶାସନକୁ ସଶକ୍ତ କରିବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଉପରେ ଗୁରୁତ୍ୱାରୋପ କରିଥିଲେ। ୟୁଏଲ୍‌ବି ଗୁଡ଼ିକରେ ଆର୍ଥିକ ପରିଚାଳନା ପୌରପାଳିକାଗୁଡ଼ିକର ଆର୍ଥିକ ଉନ୍ନତି ଆଣିବା, ରାଜସ୍ୱ ସୃଷ୍ଟି, ବଜେଟ୍ ସ୍ୱଚ୍ଛତା ଏବଂ ସହରଗୁଡ଼ିକର ଋଣ ଯୋଗ୍ୟତା। ପିଏମ ସ୍ୱନିଧି ଏବଂ ସହରାଞ୍ଚଳ ଜୀବିକା ପିଏମ ଷ୍ଟ୍ରିଟ୍ ଭେଣ୍ଡର୍ ଆତ୍ମନିର୍ଭର ନିଧି (ପିଏମ୍‌ସ୍ୱନିଧି) ଯୋଜନାର କାର୍ଯ୍ୟକାରିତା ବୃଦ୍ଧି ଏବଂ ସହରାଞ୍ଚଳର ଅନୌପଚାରିକ ଶ୍ରମିକମାନଙ୍କୁ ସଶକ୍ତ କରିବା ପାଇଁ ଲାଭପ୍ରଦ ପଦକ୍ଷେପ। ପ୍ରାରମ୍ଭରେ ପୌର ପ୍ରଶାସନ ନିର୍ଦ୍ଦେଶକ ଅରିନ୍ଦମ ଡାକୁଆ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଅଂଶଗ୍ରହଣକାରୀମାନେ ଓଡ଼ିଶାର ସହରାଞ୍ଚଳ ମିଶନକୁ ଜାତୀୟ ଏବଂ ବିଶ୍ୱସ୍ତରୀୟ ସ୍ଥିରତା ଲକ୍ଷ୍ୟ ସହିତ ଯୋଡ଼ିବାର ଆବଶ୍ୟକତାକୁ ଦୋହରାଇଥିଲେ।

# ନଭେମ୍ବର ୭ରୁ ଭୁବନେଶ୍ୱରରେ ଭାରତୀୟ ରୋଡ୍‌ସ କଂଗ୍ରେସର ୮୪ତମ ବାର୍ଷିକ ସମ୍ମେଳନ

ଭୁବନେଶ୍ୱର,୨୩।୧୦(ସମିସ): ଇଣ୍ଡିଆନ ରୋଡ୍‌ସ କଂଗ୍ରେସ (ଆଇଆର୍‌ସି)ର ୮୪ତମ ବାର୍ଷିକ ସମ୍ମେଳନ ଆସନ୍ତା ନଭେମ୍ବର ୭ରୁ ଭୁବନେଶ୍ୱରରେ ଆୟୋଜିତ ହେବ। ଜନତା ମୈଦାନଠାରେ ଆୟୋଜନ ହେବାକୁ ଥିବା ଆଇଆର୍‌ସିର ଏହି ୪ ଦିନିଆ ବାର୍ଷିକ

### ଯୋଗଦେବେ କେନ୍ଦ୍ରମନ୍ତ୍ରୀ ନିତିନ ଗଡ଼କରୀ

କାର୍ଯ୍ୟକ୍ରମରେ କେନ୍ଦ୍ର ସଡ଼କ ପରିବହନ ଓ ରାଜମାର୍ଗ ମନ୍ତ୍ରୀ ନିତିନ ଗଡ଼କରୀ ଯୋଗଦେବାର କାର୍ଯ୍ୟକ୍ରମ ରହିଛି। ସମ୍ମେଳନରେ ଦେଶର ବିଭିନ୍ନ ସ୍ଥାନରୁ ୨,୦୦୦ରୁ ଅଧିକ ପ୍ରତିନିଧି ସାମିଲ ହେବେ। ଯେଉଁଥିରେ ସଡକ ଇଞ୍ଜିନିୟର୍ସ, ପ୍ରଯୁକ୍ତି ବିଶେଷଜ୍ଞ, ନୀତି ନିର୍ଦ୍ଦେଶକ, ଶିଳ୍ପ ଜଗତର ପେଶାଦାର ଓ ଆଇଆଇଟି, ଏନଆଇଟି ଓ ବିଭିନ୍ନ ଇଞ୍ଜିନିୟରିଂ କଲେଜର ଛାତ୍ର ଓ ଗବେଷକମାନେ ଯୋଗଦେବେ ବୋଲି ଗୁରୁବାର ରାଜ୍ୟ ପୂର୍ତ୍ତ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ସୂଚନା ଦେଇଛନ୍ତି। ଓଡ଼ିଶା ଷଷ୍ଠ ଥର ପାଇଁ ଏହି ମହତ୍ତ୍ୱପୂର୍ଣ୍ଣ ଜାତୀୟ ସଭାର ଆୟୋଜନ କରୁଛି। ପୂର୍ବରୁ ୨୦୧୫ ମସିହାରେ ୭୫ତମ ଅଧିବେଶନର ଆୟୋଜନ ଏଠାରେ ହୋଇଥିଲା।

## 'ସମୟ'ର ୨୯ତମ ପ୍ରତିଷ୍ଠା ଦିବସ ସମାରୋହ
# ସାମ୍ବାଦିକତା ବୃତ୍ତି ନୁହେଁ; ଏକ ବ୍ରତ

ଭୁବନେଶ୍ୱର,୨୩।୧୦(ସମିସ): ସାମ୍ବାଦିକତା ବୃତ୍ତି ନୁହେଁ; ଏକ ବ୍ରତ, ଧନ୍ଦା ନୁହେଁ; ଏକ ଧର୍ମ। ସାହିତ୍ୟ ଓ ସାମ୍ବାଦିକତା ପରସ୍ପର ପରିପୂରକ। ବର୍ତ୍ତମାନ ଦେଶରେ ସାମ୍ବାଦିକତା ଉପରେ ବିପଦ ରହିଛି। ଏହାସତ୍ତ୍ୱେ ବି ସାମ୍ବାଦିକତା ବଞ୍ଚିଛି ଓ ବଞ୍ଚିଥିବ ବୋଲି ଦୈନିକ ଓଡ଼ିଆ ଖବରକାଗଜ 'ସମୟ'ର ୨୯ତମ ପ୍ରତିଷ୍ଠା ଦିବସ ସମାରୋହରେ ବିଶିଷ୍ଟ ବକ୍ତାମାନେ ମତବ୍ୟକ୍ତ କରିଛନ୍ତି।




ଏହି ଅବସରରେ ଗୁରୁବାର ଭୁବନେଶ୍ୱର ଜୟଦେବ ଭବନରେ ଆୟୋଜିତ କାର୍ଯ୍ୟକ୍ରମରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମୁଖ୍ୟଅତିଥି ଭାବେ ଯୋଗଦେଇ କହିଥିଲେ, 'ସମୟ'କୁ ଇତିମଧ୍ୟରେ ୨୯ ବର୍ଷ ବିତିଛି। 'ସମୟ'ର ପ୍ରତିଷ୍ଠାତା ତଥା ପୂର୍ବତନ ଉପମୁଖ୍ୟମନ୍ତ୍ରୀ ବସନ୍ତ କୁମାର ବିଶ୍ୱାଳଙ୍କର ଦୂରଦୃଷ୍ଟି ଥିଲା ଓ ସେ ଉତ୍ସର୍ଗୀକୃତ ମନୋଭାବରେ କାର୍ଯ୍ୟ କରୁଥିଲେ। ତାଙ୍କୁ ଆଧୁନିକ ଓଡ଼ିଶାର ବାଇମୁଣ୍ଡି ବୋଲି କୁହାଯାଉଥିଲା। ସଂଯୋଗକ୍ରମେ ୧୯୩୬ ମସିହାରେ ଓଡ଼ିଶା ପ୍ରଦେଶର ଶତବାର୍ଷିକୀ ସହ ସ୍ୱର୍ଗତ ବିଶ୍ୱାଳଙ୍କର ମଧ୍ୟ ଜନ୍ମଶତବାର୍ଷିକୀ ପଡୁଥିବାରୁ ଏବେଠାରୁ ପ୍ରସ୍ତୁତି ଆରମ୍ଭ କରିବାକୁ ମନ୍ତ୍ରୀ ଅନୁଷ୍ଠାନର କର୍ମକର୍ତ୍ତାଙ୍କୁ ପରାମର୍ଶ ଦେଇଥିଲେ।

ଉତ୍ସବରେ ମୁଖ୍ୟବକ୍ତା ଭାବେ ଯୋଗଦେଇ ଫକୀରମୋହନ ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ପ୍ରଫେସର କୁମରବର ଦାସ ନିର୍ଭୀକ, ନିରପେକ୍ଷ ଓ ମାନବଧର୍ମୀ ସାମ୍ବାଦିକତା ଉପରେ ମତ ରଖିଥିଲେ। 'ସମୟ'ର ପରିଚାଳନା ସମ୍ପାଦକ, ତଥା ପୂର୍ବତନ ସାଂସଦ ରଞ୍ଜୀବ ବିଶ୍ୱାଳ କହିଥିଲେ ଯେ ଅନେକ ଘାତପ୍ରତିଘାତ ଭିତରେ ଗତିକରି 'ସମୟ' ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଛି। ଏହି ସଂସ୍ଥା କାହାକୁ କେବେ ବ୍ୟକ୍ତିଗତ ଆକ୍ଷେପ କରିନାହିଁ। ଆଗକୁ ମଧ୍ୟ ଏହି ପ୍ରୟାସ ଜାରି ରହିବ ବୋଲି ଶ୍ରୀ ବିଶ୍ୱାଳ ଦୃଢ଼ୋକ୍ତି ପ୍ରକାଶ କରିଥିଲେ।

ଅନ୍ୟମାନଙ୍କ ମଧ୍ୟରେ 'ସ୍ୱାଭିମାନ'ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଡଃ ଶ୍ରୁତି ମହାପାତ୍ର ଓ ବରିଷ୍ଠ ସାମ୍ବାଦିକ ମନୋରଞ୍ଜନ ଯୋଶୀ ଯୋଗ ଦେଇଥିଲେ। 'ସମୟ'ର ମୁଖ୍ୟ ସମ୍ପାଦକ ଗୁରୁକଲ୍ୟାଣ ମହାପାତ୍ର ସ୍ୱାଗତ ଭାଷଣ ଦେଇଥିଲେ।

## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେବ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ିଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ। ନିବେଶ ଲାଗି ଉପଯୁକ୍ତ ସମୟ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ଭୁଲ୍ କାମରୁ ଦୂରେଇ ରହିବେ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିବେ। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। କାର୍ଯ୍ୟ କ୍ଷେତ୍ରରେ ବରିଷ୍ଠ ଅଧିକାରୀଙ୍କ ମାର୍ଗଦର୍ଶନରେ ପରିଚାଳିତ ହେବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ସେଲ୍‌ସ ମାର୍କେଟିଂ କ୍ଷେତ୍ରରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। ଦୁର୍ଗା ଚାଳିଶା ପାଠ କରିବା ଭଲ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ବଚନରେ ମଧୁରତା ରକ୍ଷା କରିବେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ପରିଶ୍ରମ ଅନୁସାରେ ସଫଳତା ମିଳିବ। ମହାଦେବଙ୍କ ପୂଜାର୍ଚ୍ଚନାରେ ସମୟ ବିତିବ।

**ମକର:** ବିବାହ ପ୍ରସ୍ତାବ ଆସିବ। ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଭାଇ,ଭଉଣୀଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସନ୍ତାନଙ୍କ କ୍ୟାରିୟରକୁ ନେଇ ଉପଯୁକ୍ତ ନିର୍ଣ୍ଣୟ ନେବେ।

**ମୀନ:** ଅଫିସ୍‌ରେ ପ୍ରତିଷ୍ଠା ବଢ଼ିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସମସ୍ତ କାମ ସହଜରେ ପୂରା କରିବେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

## ଆଜିର ଇତିହାସ

- ୧୭୭୫- ଭାରତର ଶେଷ ମୋଗଲ ଶାସକ ବାହାଦୁର ଶାହ ଜାଫରଙ୍କ ଜନ୍ମ।
- ୧୯୧୪- ସ୍ୱାଧୀନତା ସଂଗ୍ରାମୀ ଲକ୍ଷ୍ମୀ ସେହଗଲଙ୍କ ଜନ୍ମ।
- ୧୯୪୫- ମିଳିତ ଜାତିସଂଘର ସ୍ଥାପନା।
- ୧୯୮୪- ଭାରତରେ ପ୍ରଥମେ ମେଟ୍ରୋ ରେଳ ସେବା ଆରମ୍ଭ ହେଲା।
- ୨୦୧୭- ପ୍ରସିଦ୍ଧ ଠୁମ୍‌ରୀ ଗାୟିକା ଗିରିଜା ଦେବୀଙ୍କ ପରଲୋକ।

## ବିଶ୍ୱ ପୋଲିଓ ଦିବସ



ଆଜି ବିଶ୍ୱ ପୋଲିଓ ଦିବସ। ପ୍ରତିବର୍ଷ ଅକ୍ଟୋବର ମାସ ୨୪ ତାରିଖକୁ ବିଶ୍ୱ ପୋଲିଓ ଦିବସ ଭାବେ ପାଳନ କରାଯାଇଥାଏ। ଏହି ଦିନ ପୋଲିଓ ଟିକାର ଗୁରୁତ୍ୱ ବିଷୟରେ ଲୋକଙ୍କୁ ସଚେତନ କରାଯାଏ। ପୋଲିଓ ବିରୁଦ୍ଧରେ ପ୍ରଥମ ଟିକା ପ୍ରସ୍ତୁତ କରିଥିବା ଜୋନାସ୍ ସାଲ୍‌କଙ୍କ ସ୍ମୃତିରେ ତାଙ୍କ ଜନ୍ମଦିନ ୨୪ ଅକ୍ଟୋବରକୁ ରୋଟାରୀ ଇଣ୍ଟରନ୍ୟାସନାଲ୍ ଦ୍ୱାରା ବିଶ୍ୱ ପୋଲିଓ ଦିବସ ଭାବେ ପାଳନ କରାଯାଇ ଆସୁଛି। ଏକଦା ପୋଲିଓ ଏକ ମହାମାରୀ ଭାବେ ବ୍ୟାପି ଥିଲା। ପୋଲିଓରେ ଜଣେ ସଂକ୍ରମିତ ହେଲେ ପକ୍ଷାଘାତ ଭଳି ସମସ୍ୟା ହୋଇପାରେ, ଫଳରେ ଜଣେ ବ୍ୟକ୍ତି ଚିରକାଳ ଭିନ୍ନକ୍ଷମ ହୋଇଯାଏ। ଏହା ପ୍ରାୟତଃ ୫ ବର୍ଷରୁ କମ୍ ପିଲାମାନଙ୍କ କ୍ଷେତ୍ରରେ ଦେଖାଯାଏ। ଏହା ଏକ ଭୂତାଣୁଜନିତ ରୋଗ, ଯାହା ଦୂଷିତ ଖାଦ୍ୟ ଏବଂ ଜଳ ଦ୍ୱାରା ବ୍ୟାପିଥାଏ। ଏହାକୁ ନିୟନ୍ତ୍ରଣ କରିବାକୁ ଟିକା ଅଭିଯାନ ଆରମ୍ଭ ହୋଇଥିଲା। ୧୯୫୫ରେ ପ୍ରଥମ ଥର ପାଇଁ ପୋଲିଓ ଟିକା ବାହାର କରାଯାଇଥିଲା। ଟିକା ଯୋଗୁଁ ଏହାକୁ ନିୟନ୍ତ୍ରଣ କରାଯାଇ ପାରିଥିଲା। ୧୯୮୦ରେ ପ୍ରଥମ ଥର ପାଇଁ ପୋଲିଓର ସର୍ବାଧିକ ମାମଲା ଦେଖାଯାଇଥିଲା। ଏହି ସମୟରେ ସାରା ବିଶ୍ୱର ଏକ ଲକ୍ଷରୁ ଊର୍ଦ୍ଧ୍ୱ ଶିଶୁ ପୋଲିଓରେ ଆକ୍ରାନ୍ତ ହୋଇଥିଲେ। ଏହାପରେ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ପକ୍ଷରୁ ପୋଲିଓ ଟିକାକରଣ ଆରମ୍ଭ ହୋଇଥିଲା। ଏଥିରେ ପାଞ୍ଚବର୍ଷରୁ କମ୍ ବୟସର ଶିଶୁଙ୍କୁ ପୋଲିଓ ଟିକା ଦିଆଗଲା। ପୋଲିଓ କବଳରୁ ଶିଶୁଙ୍କୁ ରକ୍ଷା କରିବା ପାଇଁ ପୋଲିଓ ଟିକା ଦିଆଯାଏ। ଦୁଇ ପ୍ରକାର ପୋଲିଓ ଟିକା ରହିଛି। ଓପିଭି ଓ ଆଇପିଭି। ଓପିଭି ପିଲାଙ୍କ ପାଟିରେ ଦିଆଯାଏ। ପିଲାଟି ଜନ୍ମ ହେବାର ୬, ୧୦ ଓ ୧୩୪ ସପ୍ତାହରେ ଏହାର ତିନୋଟି ଡୋଜ ଦିଆଯାଏ। ୧୬-୨୪ ମାସରେ ଗୋଟିଏ ବୁଷ୍ଟର୍ ଡୋଜ୍ ଦିଆଯାଏ। ଆଇପିଭି ଇଞ୍ଜେକ୍ସନ ମାଧ୍ୟମରେ ଦିଆଯାଏ। ୬ରୁ ୧୪ ସପ୍ତାହ ବୟସରେ ପିଲାଙ୍କୁ ଦିଆଯାଇଥାଏ। ଡାହାଣ ହାତ ବାହୁ ଇଣ୍ଟ୍ରାଡର୍ମାଲ ରୁଟରେ ଏହି ଟିକା ଦିଆଯାଏ। ଆଶା, ଅଙ୍ଗନବାଡି କର୍ମୀ ଓ ସ୍ୱାସ୍ଥ୍ୟକର୍ମୀ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥାନ୍ତି। ଏବେ ବି ପିଲାମାନଙ୍କୁ ପୋଲିଓର ଦୁଇ ବୁନ୍ଦା ଦିଆଯାଉଛି। ସାରା ବିଶ୍ୱକୁ ପୋଲିଓ ମୁକ୍ତ ପାଇଁ ୧୯୮୮ରେ ଗ୍ଲୋବାଲ ପୋଲିଓ ଏରାଡିକେସନ ଇନିସିଏଟିଭ ଗଠନ ହୋଇଥିଲା। ଏଥିରେ ରୋଟାରୀ, ଡବ୍ଲୁଏଚ୍‌ଓ, ୟୁନିସେଫ୍ ଏବଂ ବିଭିନ୍ନ ଦେଶର ସରକାର ସାମିଲ ହୋଇ ବିଶ୍ୱକୁ ପୋଲିଓ ମୁକ୍ତ କରିବା ପାଇଁ ଅଭିଯାନ ଆରମ୍ଭ କରିଥିଲେ। ଭାରତରେ ପୋଲିଓ ପ୍ରତିକାର ପାଇଁ ବିଭିନ୍ନ ସଚେତନତା କାର୍ଯ୍ୟକମ କରାଯାଉଛି। ସବୁ ପିଲାଙ୍କୁ ପୋଲିଓ ବୁନ୍ଦା ଓ ଟିକା ଦେବାପାଇଁ ଦୃଢ଼ ପଦକ୍ଷେପ ଗ୍ରହଣ କରାଯାଉଛି। ୨୦୧୪ରୁ ଭାରତ ପୋଲିଓ ମୁକ୍ତ ରାଷ୍ଟ୍ର ଭାବେ ପରିଗଣିତ ହୋଇଛି। ଭାରତ ପୋଲିଓ ମୁକ୍ତ ହୋଇଥିଲେ ବି ବିଶ୍ୱରୁ ଏହି ଜୀବାଣୁର ମୂଳୋତ୍ପାଟନ ହୋଇନାହିଁ। ତେଣୁ ବିପଦ ମୁକ୍ତ ପାଇଁ ଜନ୍ମରୁ ପାଞ୍ଚ ବର୍ଷ ପର୍ଯ୍ୟନ୍ତ ପିଲାମାନଙ୍କୁ ପୋଲିଓ ଟିକା ଦେବା ଉପରେ ଗୁରୁତ୍ୱ ଦିଆଯାଏ। ଯେପରି କୌଣସି ପିଲା ଏହି ଭୟଙ୍କର ରୋଗର ଶିକାର ନ ହୁଏ ସେଥିପାଇଁ ବିଶ୍ୱ ପୋଲିଓ ଦିବସ ପାଳନ ଗୁରୁତ୍ୱ ବହନ କରେ।

## 'ଧୂମ୍-୪' ଛାଡ଼ିଲେ ଅୟାନ୍



ହୃତିକ୍ ରୋଶନ ଓ ଜୁନିୟର୍ ଏନ୍‌ଟିଆର୍‌ଙ୍କ ଫିଲ୍ମ 'ୱାର୍ ୨'ର ନିର୍ଦ୍ଦେଶନା ଦାୟିତ୍ୱରେ ଅୟାନ୍ ମୁଖାର୍ଜୀ ଥିଲେ। ବିଗ୍ ବଜେଟ୍‌ର ଏହି ଆକ୍ସନ୍ ଫିଲ୍ମଟି କିନ୍ତୁ ବକ୍ସ ଅଫିସ୍‌ରେ ଫ୍ଲପ୍ ସାବ୍ୟସ୍ତ ହୋଇଥିଲା। 'ୱାର୍ ୨'ର ବିଫଳତାକୁ ଦେଖି ଅୟାନ୍ ଯଶରାଜ୍ ବ୍ୟାନରର ଆଉ ଏକ ଆକ୍ସନ୍ ଭିତ୍ତିକ ଫିଲ୍ମ 'ଧୂମ୍ ୪'ରୁ ଓହରି ଯାଇଛନ୍ତି। ଏବେ ଯଶରାଜ୍ ବ୍ୟାନର୍ ଏହି ଫିଲ୍ମ ପାଇଁ ଜଣେ ନୂଆ ନିର୍ଦ୍ଦେଶକ ସନ୍ଧାନରେ ଅଛି। ରଣବୀର କପୁର 'ଧୂମ୍ ୪'ରେ ଲିଡ୍ ରୋଲରେ ନଜର ଆସିବେ। ଏନେଇ ଅୟାନ୍‌ଙ୍କ କହିବା କଥା, 'ୱାର୍ ୨', 'ଧୂମ୍ ୪' ଭଳି ଫିଲ୍ମ ତାଙ୍କ ପାଇଁ ନୁହେଁ। ରୋମାନ୍ସ, ଡ୍ରାମା, ଆକ୍ସନ୍ ଛାଡ଼ି ସେ କିଛି ବଡ଼ ଧରଣର କରିବାକୁ ଚାହୁଁଛନ୍ତି। ଅୟାନ୍ ଏବେ 'ବ୍ରହ୍ମାସ୍ତ୍ର ୨' ଉପରେ କାମ କରୁଛନ୍ତି। ଏହାର ସୁଟିଂ ୨୦୨୬ରୁ ଆରମ୍ଭ ହେବ। ଏଥିରେ ଲିଡ୍ ରୋଲରେ ରଣବୀର କପୁର ଓ ଆଲିଆ ଭଟ୍ଟ ନଜର ଆସିବେ।

## ମିଳିତ ଜାତିସଂଘ ଦିବସ




ପ୍ରତିବର୍ଷ ଅକ୍ଟୋବର ୨୪ ତାରିଖକୁ 'ମିଳିତ ଜାତିସଂଘ ଦିବସ' ଭାବେ ପାଳନ କରାଯାଉଛି। ବିଶ୍ୱରେ ଶାନ୍ତି, ସୁରକ୍ଷା, ସୌହାର୍ଦ୍ଦ୍ୟ,ମାନବିକ ସହାୟତା ବୃଦ୍ଧି ଦିଗରେ ଜାତିସଂଘର କାର୍ଯ୍ୟକୁ ସମ୍ମାନ ଜଣାଇ ପ୍ରତିବର୍ଷ ଏହି ଦିବସ ପାଳନ କରାଯାଏ। ମିଳିତ ଜାତିସଂଘ ପ୍ରତିଷ୍ଠାର ମୁଖ୍ୟ ଉଦ୍ଦେଶ୍ୟ ଓ ଏହାର ଗୁରୁତ୍ୱ ଦିଗରେ ଲୋକଙ୍କୁ ସଚେତନ କରିବା ହେଉଛି ଉକ୍ତ ଦିବସର ଉଦ୍ଦେଶ୍ୟ। ମିଳିତ ଜାତିସଂଘ ଦେଶଗୁଡ଼ିକ ମଧ୍ୟରେ ମୈତ୍ରୀପୂର୍ଣ୍ଣ ସମ୍ବନ୍ଧ ବିକଶିତ କରିବା, ଅନ୍ତର୍ଜାତୀୟ ସହଯୋଗ ପ୍ରାପ୍ତ କରିବା, ରାଷ୍ଟ୍ର ଲାଗି ସମନ୍ୱୟ କେନ୍ଦ୍ର ହେବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥାଏ। ଏହାବାଦ୍ ଏହାର ଅନ୍ୟତମ ମୂଳ ଲକ୍ଷ୍ୟ ହେଲା ମାନବିକ ଅଧିକାରର ଅଗ୍ରାଧିକାର, ସାମାଜିକ ଓ ଅର୍ଥନୈତିକ ସନ୍ତୁଳନ ରଖିବା, ପରିବେଶ ସୁରକ୍ଷା ଓ ପ୍ରାକୃତିକ ବିପର୍ଯ୍ୟୟ ସମୟରେ ମାନବିକ ସହଯୋଗ ପ୍ରଦାନ କରିବା ତଥା ସାମରିକ ଦ୍ୱନ୍ଦ୍ୱର ସମାଧାନ କରିବା। ପୃଥିବୀରେ ଶାନ୍ତିପୂର୍ଣ୍ଣ ସହାବସ୍ଥାନ ପାଇଁ ମିଳିତ ଜାତିସଂଘର ସ୍ଥାପନା ଦ୍ୱିତୀୟ ବିଶ୍ୱଯୁଦ୍ଧ ପରେ ହୋଇଥିଲା। ୨୪ ଅକ୍ଟୋବର ୧୯୪୫ରେ ମିଳିତ ଜାତିସଂଘ ପ୍ରତିଷ୍ଠା ହୋଇଥିଲା। ୧୯୪୭ରେ ଜାତିସଂଘ ସାଧାରଣ ସଭା ଏହି ଦିବସକୁ ପ୍ରତିଷ୍ଠା ଦିବସ ଭାବେ ଘୋଷଣା କରିଥିଲା। ମିଳିତ ଜାତିସଂଘ ପ୍ରତିଷ୍ଠା ସମୟରେ ଏହାର ସଦସ୍ୟ ସଂଖ୍ୟା ୫୧ ଥିଲା, କିନ୍ତୁ ଏବେ ଏଥିରେ ୧୯୩ ଦେଶର ସଦସ୍ୟ ଅଛନ୍ତି। ସେହିପରି ୧୯୭୧ ମସିହାରେ ମିଳିତ ଜାତିସଂଘ ମହାସଭାରେ ଗୃହୀତ ଅନ୍ୟ ଏକ ପ୍ରସ୍ତାବ ଅନୁସାରେ, ଏହି ଦିବସକୁ ମିଳିତ ଜାତିସଂଘର ସମସ୍ତ ସଦସ୍ୟ ଦେଶଗୁଡ଼ିକ ପାଳନ କରିବେ ଏବଂ ଏହା ସାଧାରଣ ଛୁଟି ଦିବସ ହେବ ବୋଲି ପ୍ରସ୍ତାବ ରଖାଯାଇଥିଲା। ଅନ୍ୟପଟେ ଏହି ସଂଘ ପ୍ରତିଷ୍ଠା ପରଠୁ ଏହାର ଯେତେ ସବୁ ଉପଲବ୍ଧି ଅଛି,ସେସବୁ ବିଷୟରେ ଜନ ସଚେତନତା ସୃଷ୍ଟି କରିବା ଏହି ଦିବସର ଅନ୍ୟତମ ଉଦ୍ଦେଶ୍ୟ। ସେହିପରି ସବୁ ବିକଶିତ ଓ ବିକାଶଶୀଳ ଦେଶ ପାଇଁ ଏହା ହେଉଛି ଏକ ମଞ୍ଚ ଏବଂ ଏଠାରେ ବିଶ୍ୱର ବିଭିନ୍ନ ସମସ୍ୟା ବାବଦରେ ଆଲୋଚନା କରାଯାଇ ତାହାର ସମାଧାନ କରାଯାଏ। ଭାରତରେ ଏହି ଦିବସ ପାଳନ ଅବସରରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ସହ ସଭା, ସମିତି ତଥା ପ୍ରଦର୍ଶନୀର ଆୟୋଜନ ହୋଇଥାଏ।

## ସଞ୍ଜୀବନୀ





## କର୍କଟ ଚିକିତ୍ସାରେ ପ୍ରଭାବୀ ହେବ ଟିକା




କର୍କଟ ଏକ ମାରାତ୍ମକ ରୋଗ। ଅନିୟନ୍ତ୍ରିତ ଜୀବନଶୈଳୀ, ବଂଶାନୁଗତ, ଚିନ୍ତା ଆଦି କର୍କଟ ସୃଷ୍ଟିର ମୂଳ କାରଣ। ପ୍ରାରମ୍ଭିକ ଅବସ୍ଥାରୁ କର୍କଟ ଚିହ୍ନଟ କରି ଚିକିତ୍ସା ଯୋଗାଇଲେ ରୋଗର ତୀବ୍ରତା ହ୍ରାସ ପାଇପାରେ। କର୍କଟ ଚିକିତ୍ସା ପାଇଁ ସର୍ଜରୀ, ଥେରାପି, ଔଷଧ ଆଦି ବ୍ୟବସ୍ଥା ରହିଛି। ହେଲେ ଏବେ ମାସାଚୁସେଟ୍‌ସ ଏମହର୍ଷ୍ଟ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏକ 'ସୁପର ଟିକା' ବିକଶିତ କରିଛନ୍ତି। ଖୁସିର ବିଷୟ, ମୂଷା ଶରୀରରେ ଏହି ଟିକା ପ୍ରଥମେ ପ୍ରୟୋଗ କରାଯାଇଥିବାବେଳେ ସେଥିରୁ ସକାରାତ୍ମକ ଫଳାଫଳ ମିଳିଛି। ଏହି ଟିକାଟି ଏକ ସ୍ୱତନ୍ତ୍ର ଇମ୍ୟୁନ-ବୁଷ୍ଟିଂ ଫର୍ମୁଲା ଆଧାରିତ। ଏହା ପ୍ରାଣୀମାନଙ୍କର ରୋଗପ୍ରତିରୋଧକ ଶକ୍ତିକୁ କର୍କଟ କୋଷଗୁଡ଼ିକ ଟ୍ୟୁମରରେ ପରିଣତ ହେବା ପୂର୍ବରୁ ଚିହ୍ନଟ କରି ନଷ୍ଟ କରିବାରେ ସାହାଯ୍ୟ କରିଥିଲା। ଟିକାର ପ୍ରଭାବକୁ ବୁଝିବାକୁ ବୈଜ୍ଞାନିକମାନେ ଯେଉଁ ମୂଷାଙ୍କୁ ଟିକା ପ୍ରଦାନ କରିଥିଲେ ସେମାନେ ଏକ ମାସ ଧରି ସୁସ୍ଥ ଥିଲେ। ଯେଉଁ ମୂଷାମାନଙ୍କୁ ଏହି ଟିକା ଦିଆଯାଇ ନ ଥିଲା ସେମାନଙ୍କଠାରେ କର୍କଟ ବୃଦ୍ଧି ପାଇଯାଇଥିଲା। ତେଣୁ ଭବିଷ୍ୟତରେ ଏହି ଟିକା କେବଳ ନିର୍ଦ୍ଦିଷ୍ଟ କର୍କଟ ରୋଗ ଠିକ୍ କରିବ ତାହା ନୁହେଁ, ବରଂ ତ୍ୱଚା କର୍କଟ, ଅଗ୍ନାଶୟ କର୍କଟ, ସ୍ତନ କର୍କଟ ଚିକିତ୍ସା ପାଇଁ ପ୍ରଭାବୀ ହେବ। ଶରୀରର ଅନ୍ୟ ଅଙ୍ଗକୁ କର୍କଟ ବ୍ୟାପିବାକୁ ଏହା ଦେବ ନାହିଁ। ସାମାନ୍ୟ ଟିକା ଫର୍ମୁଲା ତୁଳନାରେ ପ୍ରତିରକ୍ଷା ପ୍ରତିକ୍ରିୟାକୁ ଏହା ଅଧିକ ମଜଭୁତ କରିଥାଏ। ମୂଷା ଉପରେ ଏହି ପରୀକ୍ଷଣ କରାଯାଇଥିବାବେଳେ ମନୁଷ୍ୟ ଶରୀରରେ ଏହି ଟିକା ପ୍ରଭାବୀ ହେଲେ ଆଗାମୀ ଦିନରେ ଚିକିତ୍ସା କ୍ଷେତ୍ରରେ ନୂତନ ପରିବର୍ତ୍ତନ ଆଣିବ।

## ସେଣ୍ଟ୍ରାଲ ଲାଇନ୍



**ଦୀର୍ଘ କାଳୀନ ଚିକିତ୍ସା ଲାଗି ଔଷଧ ବା ପୋଷଣ ଦେବାକୁ ସେଣ୍ଟ୍ରାଲ ଲାଇନ୍ ଏକ ସହଜ ଉପାୟ। ଯେତେବେଳେ ରୋଗୀର ବାହ୍ୟଶିରା ଦୃଶ୍ୟ ହୁଏ ନାହିଁ ସେହି ସ୍ଥିତିରେ ସେଣ୍ଟ୍ରାଲ ଲାଇନ୍ କରାଯାଏ। ଏହା ମୁଖ୍ୟତଃ ବେକ, ଜଙ୍ଘ ଓ ଛାତିର ଉପରପାର୍ଶ୍ୱରେ ଥିବା ମୁଖ୍ୟ ଶିରାରେ ଦିଆଯାଇ ରୋଗୀଙ୍କୁ ଆପାତକାଳୀନ ଚିକିତ୍ସା ଯୋଗାଯାଏ। ଏହି ପ୍ରକ୍ରିୟା କ'ଣ, କେଉଁ ମାନଙ୍କ ପାଇଁ ଏହାର ଆବଶ୍ୟକତା ରହିଛି ତାହାକୁ ନେଇ ସ୍ୱତନ୍ତ୍ର ଉପସ୍ଥାପନା।**

**ସେଣ୍ଟ୍ରାଲ ଲାଇନ୍‌ର ଆବଶ୍ୟକତା:** ବିପଜ୍ଜନକ ଭାବେ ରକ୍ତଚାପ କମ୍ ବେଶୀ ହେଉଥିବା ସମୟରେ ଯେତେବେଳେ ରକ୍ତଚାପ ଗୁରୁତର ଭାବେ ହ୍ରାସ ପାଇଥାଏ ସେତେବେଳେ ସାଧାରଣ ଶିରାମାନ ସଙ୍କୁଚିତ ହୋଇ ତାହା ମଧ୍ୟରେ କ୍ୟାଥେଟର ଦେବା ସମ୍ଭବ ହୁଏ ନାହିଁ। ସେହିପରି ନର୍ମାଲ ଲାଇନ୍ ପାଖେ ସଂକ୍ରମଣ ହେଲେ ଡାକ୍ତର ରୋଗର ତୀବ୍ରତା, ରୋଗୀର ଶାରୀରିକ ସ୍ଥିତି ଅନୁସାରେ ସେଣ୍ଟ୍ରାଲ ଲାଇନ୍ କରିଥାନ୍ତି। ଆଇସିୟୁରେ ସକ୍‌ରେ ଥିବା ବ୍ୟକ୍ତି, ବହୁ ରୋଗରେ ପୀଡ଼ିତ ବ୍ୟକ୍ତି, ବୃକ୍କଜନିତ ରୋଗୀଙ୍କ ଡାଏଲିସିସ୍, ଦୁର୍ଘଟଣାରେ ଗୁରୁତର ଆହତ, ଶରୀରର ଅଧିକାଂଶ ଭାଗ ପୋଡି ଯାଇଥିଲେ, ଦୀର୍ଘକାଳୀନ ଚିକିତ୍ସାରେ ଔଷଧ ଓ ପୋଷଣ ଦେବାକୁ ଏହା ପ୍ରଭାବୀ। କର୍କଟ ପୀଡ଼ିତଙ୍କୁ ଦୀର୍ଘ ସମୟ ଧରି କେମୋଥେରାପି କିମ୍ବା ଆଣ୍ଟିବାୟୋଟିକ୍ସ ଔଷଧ ଦେବାକୁ ସେଣ୍ଟ୍ରାଲ ଲାଇନ୍ କରାଯାଏ। ହୃଦ୍‌ସ୍ପନ୍ଦନ କିମ୍ବା ରକ୍ତବାହୀ ନଳୀ ସଂଙ୍କୁଚିତ ପାଇଁ ବ୍ୟବହୃତ ଔଷଧ ପାଇଁ ଏହା ଉପଯୋଗୀ ବୋଲି ଶ୍ରୀରାମଚନ୍ଦ୍ର ମେଡିକାଲ କଲେଜ ଏଣ୍ଡ ହସ୍‌ପିଟାଲ, ହୃଦ୍‌ରୋଗ ବିଭାଗର ଡା. ଦୀପକ ରଞ୍ଜନ ଦାସ କୁହନ୍ତି।

**କେଉଁଠି ଦିଆଯାଏ:** ଏହି ପ୍ରକ୍ରିୟାରେ ବେକ (ଜୁଗୁଲାର), ଜଙ୍ଘ ଉପର ପାଶ୍ୱରେ (ଫେମୋରାଲ), ଛାତିର ଉପରପାର୍ଶ୍ୱ (ସବ୍‌କ୍ଲାଭିଆନ୍) କିମ୍ବା ବାହୁର ବଡ଼ ଶିରାରେ ଏକ ଲମ୍ବା ନମନୀୟ ଟ୍ୟୁବ୍‌କୁ ପ୍ରବେଶ କରାଇ ହୃତ୍‌ପିଣ୍ଡ ପାଖକୁ ପହଞ୍ଚାଯାଏ। ତାହା ଜରିଆରେ ରୋଗୀଙ୍କୁ ତରଳ ପଦାର୍ଥ, ପୋଷଣ ତଥା ଔଷଧ ଆଦି ଦିଆଯାଏ।

**ବାରମ୍ବାର ଛୁଞ୍ଚି ଫୋଡିବାକୁ ପଡ଼େନି:** ସାଧାରଣ ଭାବେ ସାଲାଇନ ବା ଯେଉଁ ଲାଇନ୍ ଦିଆଯାଏ ତାହା ୩ରୁ ୪ ଦିନ ରହିପାରିବ। କାରଣ ଏଥିରୁ ଅଧିକ ଦିନ ହେଲେ ଚାରିପାର୍ଶ୍ୱରେ ପ୍ରଦାହ ବା ସଂକ୍ରମଣ ହୁଏ। ହେଲେ ସେଣ୍ଟ୍ରାଲ ଲାଇନ୍ ଦେଲେ ତାହା ୧୦ରୁ ୧୪ ଦିନ ରଖିହେବ। ଏଥିରେ ପୀଡ଼ିତଙ୍କୁ ବାରମ୍ବାର ଛୁଞ୍ଚି ଫୋଡ଼ିବାକୁ ପଡ଼େନାହିଁ। ଔଷଧ ତଥା ତରଳ ପଦାର୍ଥ ଖୁବ୍ ସହଜରେ ରୋଗୀର ଶରୀରରେ ପହଞ୍ଚାଯାଇପାରେ। ପୀଡ଼ିତଙ୍କୁ କମ୍ ଯନ୍ତ୍ରଣା ଅନୁଭୂତ ହୁଏ।

**ସତର୍କତା ଅବଲମ୍ବନ ଜରୁରି:** ଯେକୌଣସି ଶିରାଭ୍ୟନ୍ତରୀଣ କ୍ୟାଥେଟର ପରି ଜୀବାଣୁ କିମ୍ବା ରୋଗାଣୁ ରକ୍ତପ୍ରବାହରେ ପ୍ରବେଶ କରିପାରେ। ଏହାଦ୍ୱାରା ସଂକ୍ରମଣ ବୃଦ୍ଧି ପାଏ। ସେଣ୍ଟ୍ରାଲ ଲାଇନ୍ ପ୍ରକ୍ରିୟା ଯୋଗୁ ବେଳେ ବେଳେ ରକ୍ତସ୍ରାବ କିମ୍ବା ଆଘାତ ଲାଗିବାର ଆଶଙ୍କା ଅଧିକ ଥାଏ। ତେଣୁ ତାହା ଯେମିତି ସଂକ୍ରମଣ ନହୁଏ ସେନେଇ ଧ୍ୟାନ ଦେବା ଦରକାର। ଡାକ୍ତରଙ୍କ ପରାମର୍ଶରେ ସତର୍କତା ଅବଲମ୍ବନ କରିବା ଜରୁରି।

'ପ୍ରକୃତି ଓ ସ୍ୱାସ୍ଥ୍ୟ'

## ଜୀବନଶୈଳୀଜନିତ ବିକାରରୁ ଆଲଜାଇମର୍



**ଆଲଜାଇମର୍ ଏକ ବୟସାଧିକ୍ୟ ରୋଗ। ଏହା ୬୦ରୁ ୬୫ ବର୍ଷ ପରେ ଆରମ୍ଭ ହୋଇଥାଏ। ପ୍ରଥମେ ସ୍ମରଣଶକ୍ତି କମିଯାଏ। ଧୀରେ ଧୀରେ ଜଣେ ନିତିଦିନିଆ କାମ କରିବାରେ ଅସୁବିଧା ଭୋଗନ୍ତି। ଏହା ମସ୍ତିଷ୍କର ଏକ ଜଟିଳ ପ୍ରକ୍ରିୟାଯୋଗୁଁ ସ୍ନାୟୁ ନଷ୍ଟ ହେଲେ ହୋଇଥାଏ। ତାଛଡ଼ା ମସ୍ତିଷ୍କରେ ଆଘାତ ହୋଇଥିଲେ ମାନସିକ ଅବସାଦ ଓ ଉଚ୍ଚ ରକ୍ତଚାପ ରୋଗର ସମ୍ଭାବନାକୁ ବଢ଼ାଇଦିଏ। ଏବେ କିନ୍ତୁ ୩୦ରୁ ୪୦ ବର୍ଷର ବ୍ୟକ୍ତି ଆଲଜାଇମର୍‌ରେ ପୀଡ଼ିତ ହେଉଛନ୍ତି।**

ଯେଉଁମାନଙ୍କ ପରିବାରରେ କେହି ଆଲଜାଇମର୍‌ରେ ପୀଡ଼ିତ ଥାଆନ୍ତି, ସେମାନଙ୍କୁ ଏହି ରୋଗ ହେବାର ଆଶଙ୍କା ଅଧିକ ଥାଏ। କାରଣ ଜେନେଟିକ୍ ମ୍ୟୁଟେସନ୍ ଏହି ରୋଗକୁ କମ୍ ବୟସରୁ ଆରମ୍ଭ କରିପାରେ। ଜୀବନଶୈଳୀଜନିତ ବିକାର ଯଥା- ଚିନ୍ତା, ନିଦ୍ରାହୀନତା, ଭିଟାମିନ୍ ବି- ୧୨ ଅଭାବ, ଶାରୀରିକ ନିଷ୍କ୍ରିୟତା ଆଦି ଯୋଗୁ ବେଳେ ବେଳେ ଜଣେ କିଛି କଥାକୁ ଭୁଲି ଯାଆନ୍ତି। ଉଚ୍ଚରକ୍ତଚାପ, ମଧୁମେହ, ଧୂମପାନ ଆଦି ଏହି ରୋଗ ଆଶଙ୍କାକୁ ବଢ଼ାଇ ଦିଏ। ଯାହାଫଳରେ ଆଜିକାଲିର ଯୁବପିଢ଼ି ବହୁତ ଛୋଟ ଛୋଟ କଥା ଭୁଲିଯାଆନ୍ତି। ସହଜରେ କାହାକୁ ଚିହ୍ନି ପାରନ୍ତିନି। ଗୋଟିଏ ପ୍ରଶ୍ନକୁ ବାରମ୍ବାର ପଚାରନ୍ତି।

ଉପରୋକ୍ତ ଲକ୍ଷଣ ଅନୁସାରେ ଡାକ୍ତରଙ୍କ ପରାମର୍ଶରେ ଚିକିତ୍ସା ଜରୁରି। ପୀଡ଼ିତଙ୍କୁ ଅଳ୍ପ ଅଳ୍ପ ଖାଇବାକୁ ଦେବା, ପରିବାର ଲୋକଙ୍କ ସହଯୋଗ ଆବଶ୍ୟକ ହୋଇଥାଏ। ଦୈନିକ ବ୍ୟାୟାମ କରିବା ହିତକର। କ୍ରସୱାର୍ଡ ପଜଲ, ସୁଡ଼ୋକୁ ସମାଧାନ କରିପାରିବେ। ଧୂମପାନଠାରୁ ଦୂରେଇ ରୁହନ୍ତୁ। ଦୈନିକ ଖାଦ୍ୟରେ ଫଳ, ପରିବା ସାମିଲ କରି ପର୍ଯ୍ୟାପ୍ତ ପାଣି ପିଇବା ଆବଶ୍ୟକ।

## ଓଜନ ନିୟନ୍ତ୍ରଣକାରୀ ଧନିଆ

**ଧନିଆ ମସଲା ଭାବେ ବ୍ୟବହାର ହୁଏ। ତରକାରି ହେଉ କି ସାଲାଡରେ ଧନିଆ ପତ୍ର ବ୍ୟବହାର କରାଯାଏ। ଧନିଆପତ୍ର ଓ ଏବଂ ମଞ୍ଜିରେ ଆଣ୍ଟିଅକ୍ସିଡାଣ୍ଟ, ଭିଟାମିନ୍ ସି ଆଦି ଔଷଧୀୟ ଗୁଣ ରହିଛି। ଏହା ନାନା ରୋଗ ଦୂର କରେ। ଓଜନ ନିୟନ୍ତ୍ରଣ ପାଇଁ ଧନିଆ ଏକ ପ୍ରଭାବୀ ବିକଳ୍ପ।**

ଧନିଆରେ ଆଣ୍ଟିଅକ୍ସିଡାଣ୍ଟ ଥିବାରୁ ନିୟମିତ ଏହାକୁ ଖାଇଲେ ଶରୀରରୁ ବିଷାକ୍ତ ତତ୍ତ୍ୱ ବାହାରିଯାଏ। ଏଥିରେ ଥିବା ଫାଇବର ଯୋଗୁଁ କମ୍ ଭୋକ ଲାଗେ। ଚର୍ବି କମାଇବାରେ ମୁଖ୍ୟ ଭୂମିକା ନିଭାଇଥାଏ। ରୋଗପ୍ରତିରୋଧକ ଶକ୍ତି ବୃଦ୍ଧି କରିବା ସହିତ ପାଚନତନ୍ତ୍ରକୁ ସକ୍ରିୟ ରଖେ ଧନିଆ। ତେଣୁ ଏକ ଗ୍ଲାସ ପାଣିରେ ଧନିଆ ପତ୍ର କିମ୍ବା ମଞ୍ଜିକୁ ଧୋଇ ରାତିସାରା ଭିଜାଇ ସକାଳୁ ଖାଲି ପେଟରେ ତାହାକୁ ଛାଣି ପିଇ ପାରିବେ। ଆଣ୍ଠୁଗଣ୍ଠିଜନିତ ସମସ୍ୟା ଥିଲେ ଧନିଆ ବହୁତ ଉପକାରୀ। ହୃଦୟକୁ ସୁସ୍ଥ ରଖିବାରେ ଏହା ସାହାଯ୍ୟ କରେ। ଧନିଆ ସେବନ ଦ୍ୱାରା କୋଲେଷ୍ଟ୍ରଲ ଓ ରକ୍ତ ଶର୍କରା ନିୟନ୍ତ୍ରଣରେ ରୁହେ। ଦୃଷ୍ଟିଶକ୍ତି ପାଇଁ ଏହା ବହୁତ ଭଲ। ତେଣୁ ଧନିଆ ଚଟଣୀ, ସାଲାଡ଼ରେ ଧନିଆ ପତ୍ର ଆଦି ଖାଇବା ହିତକର।



■ ବର୍ଷାରେ ଧୋଇଲା ୩ୟ ଟି-୨୦

## ସିରିଜ ଜିତିଲା ଇଂଲଣ୍ଡ

ଅକ୍‌ଲାଣ୍ଡ, ୨୩।୧୦ (ଏଜେନ୍ସି): ଘରୋଇ ନ୍ୟୁଜିଲାଣ୍ଡ ଓ ଇଂଲଣ୍ଡ ମଧ୍ୟରେ ଗୁରୁବାର ଏଠାରେ ଖେଳାଯିବାକୁ ଥିବା ଅନ୍ତିମ ତଥା ୩ୟ ଟି-୨୦ ବର୍ଷା ଯୋଗୁ ବାତିଲ ହୋଇଛି। ପ୍ରଥମେ ବ୍ୟାଟିଂ କରିଥିବା ନ୍ୟୁଜିଲାଣ୍ଡ ୩.୪ ଓଭରରେ ଗୋଟିଏ ୱିକେଟ୍ ହରାଇ ୩୮ ରନ କରିଥିବାବେଳେ ବର୍ଷା ହୋଇଥିଲା। ବର୍ଷା ଲାଗି ରହିବାରୁ ଶେଷରେ ଏହାକୁ ବାତିଲ କରାଯାଇଥିଲା। ପୂର୍ବରୁ ସିରିଜର ପ୍ରଥମ ମ୍ୟାଚ୍ ମଧ୍ୟ ବର୍ଷାରେ ଧୋଇଯାଇଥିଲା। ତେବେ ଦ୍ୱିତୀୟ ଟି-୨୦କୁ ୬୫ ରନରେ ଜିତିଥିବା ଭ୍ରମଣକାରୀ ଇଂଲଣ୍ଡ ଶେଷରେ ୧-୦ରେ ସିରିଜ ବିଜୟୀ ହୋଇଛି। ଦୁଇ ଦଳ ମଧ୍ୟରେ ତିନି ମ୍ୟାଚ୍‌ବିଶିଷ୍ଟ ଦିନିକିଆ ସିରିଜ ଅକ୍ଟୋବର ୨୬ରୁ ଆରମ୍ଭ ହେବ।

## ବାଂଲାଦେଶଠାରୁ ଦିନିକିଆ ସିରିଜ୍ ହାରିଲା ୱେଷ୍ଟଇଣ୍ଡିଜ୍

ଢାକା,୨୩।୧୦(ଏଜେନ୍ସି): ସୌମ୍ୟ ସରକାର ଓ ସୈଫ ହାସନଙ୍କ ଅର୍ଦ୍ଧଶତକ ପରେ ସ୍ପିନରଙ୍କ ସଫଳତା ଯୋଗୁଁ ଏଠାରେ ଗୁରୁବାର ଖେଳାଯାଇଥିବା ତୃତୀୟ ତଥା ଶେଷ ଦିନିକିଆରେ ବାଂଲାଦେଶ ୧୭୯ ରନ୍‌ର ବିରାଟ ବ୍ୟବଧାନରେ ୱେଷ୍ଟଇଣ୍ଡିଜ୍‌କୁ ପରାସ୍ତ କରିଛି। ନିକଟରେ ଭାରତଠାରୁ ହାରିଥିବା ୱେଷ୍ଟଇଣ୍ଡିଜ୍ ଆଉ ଏକ ପରାଜୟର ସମ୍ମୁଖୀନ ହୋଇଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରିଥିବା ବାଂଲାଦେଶ ସୌମ୍ୟଙ୍କ ୯୧ ଓ ହାସନଙ୍କ ୮୦ ରନ୍ ବଳରେ ପ୍ରଥମେ ବ୍ୟାଟିଂ କରି ୮ ୱିକେଟରେ ୨୯୬ ରନ୍ କରିଥିଲା। ଆକିଲ ହୋସେନ ସର୍ବାଧିକ ୪ଟି ୱିକେଟ ପାଇଥିଲେ। ଜବାବରେ ୱେଷ୍ଟଇଣ୍ଡିଜ୍ ବାଂଲା ସ୍ପିନରଙ୍କୁ ଉଚିତ ମୁକାବିଲା କରି ନ ପାରି ୩୦.୧ ଓଭରରେ ମାତ୍ର ୧୧୭ ରନ୍ କରି ଅଲ୍‌ଆଉଟ ହୋଇଯାଇଥିଲେ। ବାଂଲାର ସ୍ପିନରମାନେ ସମସ୍ତ ଓଭର ବୋଲିଂ କରିବା ସହ ୧୦ଟି ଯାକ ୱିକେଟ ନେଇଥିଲେ। ସୌମ ସରକାରଙ୍କୁ ମ୍ୟାଚ୍‌ର ଓ ରିଶାଦ ହୋସେନଙ୍କୁ ସିରିଜ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ୨୭ରୁ ଦୁଇ ଦେଶ ମଧ୍ୟରେ ଟି-୨୦ ସିରିଜ୍ ଆରମ୍ଭ ହେବ।

## ୧୮ ବର୍ଷ ପରେ ପାକିସ୍ତାନରେ ଟେଷ୍ଟ ଜିତିଲା ଦ.ଆଫ୍ରିକା

ରାୱଲପିଣ୍ଡି, ୨୩।୧୦ (ଏଜେନ୍ସି): ଏଠାରେ ଘରୋଇ ପାକିସ୍ତାନ ବିପକ୍ଷରେ ଅନୁଷ୍ଠିତ ଅନ୍ତିମ ତଥା ୨ୟ ଟେଷ୍ଟ ମ୍ୟାଚକୁ ବିଶ୍ୱ ଚାମ୍ପିଅନ ଦକ୍ଷିଣ ଆଫ୍ରିକା ୮ ୱିକେଟରେ ବିଜୟୀ ହୋଇଛି। ଏହି ମ୍ୟାଚରେ ପାକିସ୍ତାନ ପକ୍ଷରୁ ଧାର୍ଯ୍ୟ ୬୮ ରନର ଛୋଟିଆ ଲକ୍ଷ୍ୟକୁ ଦକ୍ଷିଣ ଆଫ୍ରିକା ଚତୁର୍ଥ ଦିବସରେ ଗୁରୁବାର ଦ୍ୱିତୀୟ ଇନିଂସରେ ୨ ୱିକେଟ୍ ହରାଇ ହାସଲ କରିନେଇଥିଲା। ଅଧିନାୟକ ଆଇଡେନ ମାର୍କରମ ସର୍ବାଧିକ ୪୨ ରନ କରିଥିଲେ। ଏଥିସହ ଦକ୍ଷିଣ ଆଫ୍ରିକା ଦୀର୍ଘ ୧୮ ବର୍ଷର ବ୍ୟବଧାନ ପରେ ପାକିସ୍ତାନ ମାଟିରେ ଏକ ଟେଷ୍ଟ ମ୍ୟାଚ୍ ଜିତିଛି। ଶେଷଥର ଲାଗି ଦକ୍ଷିଣ ଆଫ୍ରିକା ୨୦୦୭ରେ କରାଚିରେ ୧୬୦ ରନରେ ପାକିସ୍ତାନକୁ ହରାଇଥିଲା। ଏହାପରେ ଦକ୍ଷିଣ ଆଫ୍ରିକା ୨୦୨୧ରେ ଦୁଇ ମ୍ୟାଚ୍‌ବିଶିଷ୍ଟ ଟେଷ୍ଟ ସିରିଜ ଖେଳିବାକୁ ପାକିସ୍ତାନ ଗସ୍ତରେ ଯାଇଥିଲା। ଏହି ସିରିଜକୁ କିନ୍ତୁ ପାକିସ୍ତାନ ୨-୦ରେ କ୍ଲିନସୁଇପ କରିଥିଲା। ରାୱଲପିଣ୍ଡିରେ ବିଜୟ ସହ ଦକ୍ଷିଣ ଆଫ୍ରିକା ଦୁଇ ମ୍ୟାଚ୍‌ବିଶିଷ୍ଟ ଟେଷ୍ଟ ସିରିଜକୁ ୧-୧ରେ ଡ୍ର ରଖିଛି। ପୂର୍ବରୁ ପ୍ରଥମ ଟେଷ୍ଟକୁ ପାକିସ୍ତାନ ୯୩ ରନରେ ବିଜୟୀ ହୋଇଥିଲା।

## ୧୭ ବର୍ଷ ପରେ ସାଉଥ୍ ଏସିଆନ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍ ଆଜିଠୁ

ରାଞ୍ଚି, ୨୩।୧୦ (ଏଜେନ୍ସି): ଦୀର୍ଘ ୧୭ ବର୍ଷର ବ୍ୟବଧାନ ପରେ ପୁଣିଥରେ ଆୟୋଜିତ ହେବାକୁ ଯାଉଛି ସାଉଥ୍ ଏସିଆନ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍। ଏହି ସମ୍ମାନଜନକ ପ୍ରତିଯୋଗିତାର ୪ର୍ଥ ସଂସ୍କରଣ ଶୁକ୍ରବାରଠାରୁ ରାଞ୍ଚିର ବିର୍ସା ମୁଣ୍ଡା ଆଥ୍‌ଲେଟିକ୍ସ ଷ୍ଟାଡିୟମରେ ଆରମ୍ଭ ହେବ। ଚଳିତ ୪ର୍ଥ ସଂସ୍କରଣରେ ଦକ୍ଷିଣ ଏସିଆର ୬ଟି ଦେଶ (ଭାରତ, ବାଂଲାଦେଶ, ଶ୍ରୀଲଙ୍କା, ନେପାଳ, ଭୁଟାନ ଓ ମାଳଦୀପ)ର ପାଖାପାଖି ୩୦୦ ଆଥ୍‌ଲେଟ୍ ଅଂଶଗ୍ରହଣ କରିବେ। ଯେଉଁଥିରେ ଆୟୋଜକ ଭାରତର ୮୦ଜଣ ପୁରୁଷ ଓ ମହିଳା ଆଥ୍‌ଲେଟ୍ ରହିଛନ୍ତି। ସେହିଭଳି ଓଡ଼ିଶାର ଧାବକ ପ୍ରତୀକ ମହାରଣା ଓ ସରୁନ ପାୟାସିଂ ମଧ୍ୟ ଏଥିରେ ସେମାନଙ୍କ ଶ୍ରେଷ୍ଠତ୍ୱ ପ୍ରତିପାଦନ କରିବା ଲକ୍ଷ୍ୟରେ ରହିଛନ୍ତି। ପ୍ରତୀକ ପୁରୁଷ ୨୦୦ ମିଟର ଓ ୪ ଗୁଣା ୧୦୦ ମିଟର ରିଲେ ରେସରେ ଭାଗନେବେ। ସେହିଭଳି ସରୁନ ଲଙ୍ଗଜମ୍ପ ଇଭେଣ୍ଟରେ ଅଂଶଗ୍ରହଣ କରିବେ।

**ପ୍ରତୀକ, ସରୁନଙ୍କ ଉପରେ ନଜର**

ଆଇସିସି ମହିଳା ଦିନିକିଆ ବିଶ୍ୱକପ୍: ମନ୍ଧାନା-ପ୍ରତୀକାଙ୍କ ରେକର୍ଡ ଶତକ

# ନ୍ୟୁଜିଲାଣ୍ଡକୁ ହରାଇ ସେମିରେ ଭାରତ

ନଭି ମୁମ୍ବଇ, ୨୩।୧୦ (ଏଜେନ୍ସି):







ଆୟୋଜକ ଭାରତ ଅନ୍ତିମ ତଥା ୪ର୍ଥ ଦଳ ଭାବେ ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ସେମିଫାଇନାଲରେ ପ୍ରବେଶ କରିଛି। ଗୁରୁବାର ଏଠାରେ ଅନୁଷ୍ଠିତ ଏକ ହାଇସ୍କୋରିଂ ବର୍ଷା ବାଧାପ୍ରାପ୍ତ ମ୍ୟାଚରେ ଭାରତୀୟମହିଳା ଦଳ ଡିଏଲ୍ ପଦ୍ଧତିରେ ୫୩ ରନରେ ନ୍ୟୁଜିଲାଣ୍ଡକୁ ପରାସ୍ତ କରିଥିଲା। ଦୁଇ ଓପନର୍ ସ୍ମୃତି ମନ୍ଧାନା ଓ ପ୍ରତୀକା ରାୱଲ ଦମ୍‌ଦାର ଶତକୀୟ ପାଳି ଖେଳି ଭାରତକୁ ସେମିଫାଇନାଲରେ ପ୍ରବେଶ କରାଇବାରେ ମୁଖ୍ୟ ଭୂମିକା ଗ୍ରହଣ କରିଥିଲେ। ଏଥିସହ ହରମନ୍‌ପ୍ରୀତ୍ କୌରଙ୍କ ନେତୃତ୍ୱାଧୀନ ଭାରତ ୬ଷ୍ଠ ମ୍ୟାଚରୁ ୩ୟ ବିଜୟ ହାସଲ କରି ୬ ପଏଣ୍ଟ ସହ ସେମିଫାଇନାଲ ଟିକଟ୍ ହାସଲ କରିଛି। ଅପରପକ୍ଷରେ ନ୍ୟୁଜିଲାଣ୍ଡ ସମାନ ସଂଖ୍ୟକ ମ୍ୟାଚରୁ ୩ୟ ପରାଜୟ ସହ ସେମିଫାଇନାଲ ଦୌଡ଼ରୁ ବାଦ୍ ପଡ଼ିଛି। ପୂର୍ବରୁ ଅଷ୍ଟ୍ରେଲିଆ (୧୧ ପଏଣ୍ଟ), ଦକ୍ଷିଣ ଆଫ୍ରିକା (୧୦ ପଏଣ୍ଟ) ଓ ଇଂଲଣ୍ଡ (୯) ଯଥାକ୍ରମେ ପଏଣ୍ଟ ଟେବଲର ପ୍ରଥମ ୩ଟି ସ୍ଥାନରେ ରହି ସେମିଫାଇନାଲରେ ପହଞ୍ଚି ସାରିଛନ୍ତି। ଭାରତ ଏହାର ଶେଷ ଲିଗ୍ ମ୍ୟାଚରେ ୨୮ରେ ବାଂଲାଦେଶକୁ ଭେଟିବ।

ବର୍ଷା ବାଧାପ୍ରାପ୍ତ ୪୯ ଓଭରବିଶିଷ୍ଟ ଏହି ମ୍ୟାଚରେ ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଭାରତ ଦୁଇ ଓପନର୍ ମନ୍ଧାନା ଓ ପ୍ରତୀକାଙ୍କ ଶତକ ବଳରେ ୩ ୱିକେଟ୍ ହରାଇ ୩୪୦ ରନର ବିଶାଳ ସ୍କୋର କରିଥିଲା। ପ୍ରତୀକା ୧୩୪ ବଲରେ ୧୨୨ (୧୩ ଚୌକା ଓ ୨ ଛକା) ଓ ମନ୍ଧାନା ୯୫ ବଲରେ ୧୦୯ (୧୦ ଚୌକା ଓ ୪ ଛକା) ରନ କରିଥିଲେ। ଓପନିଂ ୱିକେଟ୍‌ରେ ଏହି ଯୋଡ଼ି ୨୦୦ ବଲରୁ ୨୧୨ ରନ ସଂଗ୍ରହ କରି ଦୃଢ଼ ମୂଳଦୁଆ ପକାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଜେମିମା ରୋଡ୍ରିଗ୍ରେଜ ଅପରାଜିତ ୭୬ ରନ କରିଥିଲେ। ବର୍ଷା ଯୋଗୁ ମ୍ୟାଚ୍ ବାଧାପ୍ରାପ୍ତ ହୋଇଥିବାରୁ ଡିଏଲ୍ ପଦ୍ଧତିରେ ନ୍ୟୁଜିଲାଣ୍ଡ ସାମ୍ନାରେ ୪୪ ଓଭରରେ ୩୨୫ ରନର ପୁନଃଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲା। ଏହାକୁ ପିଛା କରିଥିବା ନ୍ୟୁଜିଲାଣ୍ଡ ପାଇଁ ମଧ୍ୟକ୍ରମରେ ବ୍ରୁକ୍ ହଲିଡେ (୮୧ ରନ), ଇଜାବେଲ୍ ଗାଜେ (ଅପରାଜିତ ୬୫), ଆମେଲିଆ କେର୍ (୪୫) ଉପଯୋଗୀ ପାଳି ଖେଳିଥିଲେ ମଧ୍ୟ ଦଳ ୮ ୱିକେଟ୍‌ରେ ୨୭୧ ରନ କରି ପାରିଥିଲା। ବିଜୟୀ ଭାରତ ପକ୍ଷରୁ ରେଣୁକା ସିଂହ ଠାକୁର ଓ କ୍ରାନ୍ତି ଗୌଡ଼ଙ୍କୁ ୨ଟି ଲେଖାଏ ୱିକେଟ୍ ମିଳିଥିଲା। ୧୩ତମ ଦିନିକିଆ ଶତକ ହାସଲ କରିଥିବା ମନ୍ଧାନା ମ୍ୟାଚର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।

**ମ୍ୟାଚ୍ ରେକର୍ଡ**

**୧୫୫୭ ରନ:** ଚଳିତ ବର୍ଷ ମନ୍ଧାନା ଓ ପ୍ରତୀକା ଯୋଡ଼ି ଦିନିକିଆରେ ମୋଟ୍ ୧୫୫୭ ରନ ପାର୍ଟନରସିପ୍ କରିଛନ୍ତି। ପୁରୁଷ ଓ ମହିଳା ଦିନିକିଆ କ୍ରିକେଟରେ ଗୋଟିଏ କ୍ୟାଲେଣ୍ଡରରେ ପାର୍ଟନରସିପରୁ ସର୍ବାଧିକ ରନ ସଂଗ୍ରହ ସଚିନ ଓ ଗାଙ୍ଗୁଲି (୧୬୩୫ ରନ, ୧୯୯୮ ମସିହା) ଯୋଡ଼ିଙ୍କ ନାମରେ ରହିଛି।

**୨୧୨ ରନ:** ମନ୍ଧାନା ଓ ପ୍ରତୀକା ଓପନିଂ ୱିକେଟ୍‌ରେ ୨୧୨ ରନ ସଂଗ୍ରହ କରିଥିଲେ। ଯାହାକି ମହିଳା ଦିନିକିଆ ବିଶ୍ୱକପରେ ଭାରତର ଯେକୌଣସି ୱିକେଟ୍‌ରେ ରେକର୍ଡ ପାର୍ଟନରସିପ୍। ପୂର୍ବରୁ ୨୦୨୨ ବିଶ୍ୱକପରେ ମନ୍ଧାନା ଓ ହରମନପ୍ରୀତ୍ ଯୋଡ଼ି ୱେଷ୍ଟଇଣ୍ଡିଜ ବିପକ୍ଷରେ ୧୮୪ ରନ ସଂଗ୍ରହ କରିଥିଲେ।

**୭ମ:** ମନ୍ଧାନା ଓ ପ୍ରତୀକା ୨୩ଟି ଇନିଂସରେ ଏକାଠି ଓପନିଂ କରି ୭ମଥର ଲାଗି ଶତକୀୟ ଭାଗୀଦାରି କରିଛନ୍ତି। ଯାହାକି ମହିଳା ଦିନିକିଆରେ ଓପନିଂ ଯୋଡ଼ିରେ ଦ୍ୱିତୀୟ ଯୁଗ୍ମ ସର୍ବାଧିକ ଶତକୀୟ ଭାଗୀଦାରି। ୧୦ଟି ଶତକୀୟ ଭାଗୀଦାରି ସହ ବେଲିଣ୍ଡା କ୍ଲାର୍କ-ଲିସା କେଟଲୀ ଯୋଡ଼ି ଏହି ତାଲିକାର ଶୀର୍ଷରେ ରହିଛି।

**୩ୟ:** ମହିଳା ଦିନିକିଆ ବିଶ୍ୱକପ ଇତିହାସରେ କୌଣସି ଦଳର ଉଭୟ ଓପନର୍ ଗୋଟିଏ ମ୍ୟାଚରେ ଶତକ ହାସଲ କରିବାରେ ଏହା ୩ୟ ଘଟଣା। ୧୯୭୩ରେ ଇଂଲଣ୍ଡ ଓପନର୍ ଲିନୀ ଥୋମାସ ଓ ଏନିଡ୍ ବାକୱେଲ ଓ ୧୯୮୮ ବିଶ୍ୱକପ୍‌ରେ ଅଷ୍ଟ୍ରେଲିଆର ଲିଣ୍ଡସେ ରିଲର୍ ଓ ରଥ୍ ବକଷ୍ଟେଇନ ଏହି ସଫଳତା ପାଇଥିଲେ।

**୧୦୦୦ ରନ:** ୨୩ଟି ଇନିଂସରେ ପ୍ରତୀକା ଦିନିକିଆରେ ୧୦୦୦ ରନ ପୂରଣ କରିଛନ୍ତି। ଏଥିସହ ଏକ ହଜାର ରନ ପୂରଣ କରିବାରେ ଅଷ୍ଟ୍ରେଲିଆର ଲିଣ୍ଡସେ ରିଲରଙ୍କ ସହ ଯୁଗ୍ମ ଭାବେ ସେ ବିଶ୍ୱର ଦ୍ରୁତତମ ମହିଳା କ୍ରିକେଟର୍ ହୋଇଛନ୍ତି। ଲିଣ୍ଡସେ ମଧ୍ୟ ୨୩ଟି ଇନିଂସରେ ଏହି ମାଇଲଖୁଣ୍ଟ ଛୁଇଁଥିଲେ।

**୧୪ତମ:** ଦିନିକିଆରେ ମନ୍ଧାନାଙ୍କ ଏହା ୧୪ତମ ଶତକ ଥିଲା। ମହିଳା ଦିନିକିଆ କ୍ରିକେଟ୍‌ରେ ସର୍ବାଧିକ ଶତକ ହାସଲ କରିବାରେ ସେ ମେଗ୍ ଲାନ୍ନିଂ (୧୫ଟି) ପଛକୁ ଦ୍ୱିତୀୟ ସ୍ଥାନରେ ରହିଛନ୍ତି।

**୧୭ତମ:** ଅନ୍ତର୍ଜାତୀୟ ମହିଳା କ୍ରିକେଟ୍‌ରେ ମନ୍ଧାନାଙ୍କ ଏହା ୧୭ତମ ଶତକୀୟ ପାଳି ଥିଲା। ମହିଳା କ୍ରିକେଟ୍‌ରେ ସର୍ବାଧିକ ଶତକ ହାସଲ କରିବାରେ ମନ୍ଧାନା ଏବେ ଲାନ୍ନିଂ (୧୭ଟି) ସହ ସମକକ୍ଷ ହୋଇଛନ୍ତି। ସୁଜି ବେଟ୍ସ ଓ ବିଉମଣ୍ଟ ୧୪ଟି ଶତକ ସହ ତାଲିକାର ଦ୍ୱିତୀୟ ସ୍ଥାନରେ ରହିଛନ୍ତି।

## ଜାତୀୟ ସବ୍‌ଜୁନିୟର ବାଳକ ଫୁଟବଲ୍‌ରେ ଭାଗନେବ ଓଡ଼ିଶା

କଟକ, ୨୩।୧୦ (ସମିସ): ଚଳିତମାସ ୨୭ ତାରିଖରୁ ସବଜୁନିୟର ବାଳକ ଜାତୀୟ ଫୁଟବଲ ଚାମ୍ପିଅନସିପ୍ ଆରମ୍ଭ ହେବ। ଗ୍ରୁପ-ଏରେ ସ୍ଥାନ ପାଇଥିବା ଓଡ଼ିଶା ଦଳ ପଞ୍ଜାବର ଅମ୍ରିତସରରେ ସମସ୍ତ ଲିଗ୍ ମ୍ୟାଚ୍ ଖେଳିବ। ଫୁଟବଲ ଆସୋସିଏସନ ଅଫ ଓଡ଼ିଶା(ଫାଓ) ପକ୍ଷରୁ ଘୋଷିତ ୨୦ ଜଣିଆ ରାଜ୍ୟ ଦଳ ଆଜି ପଞ୍ଜାବ ଯାତ୍ରା କରିଛି। ଗୋଲକିପର ଭାବେ ଅନୁଗ୍ରହ ଚକ୍ରବର୍ତ୍ତୀ ଓ ଗୁମନ ଭୂମିଜ ଦଳରେ ରହିଛନ୍ତି। ଡିଫେଣ୍ଡର ଓମପ୍ରକାଶ ସାହୁ, ଶୁଭମ ଦେହୁରୀ, ସାଇ ରୁଦ୍ର ନାରାୟଣ ସ୍ୱାଇଁ, ନବୀନ ଏକ୍କା, ଆଦିତ୍ୟ ବରାଳ, ନକୁଳ ଭୂମିଜ, ହାର୍ଦ୍ଦିକ ବରାଳ, ମିଡଫିଲ୍ଡର ସଂଗ୍ରାମ ବେହେରା, ଅମନଜିତ ମାରାଣ୍ଡି, ତ୍ରୟମ୍ବକମ ବେହେରା, ଅଜିତ ମାଝୀ, ସତ୍ୟଜିତ ସିଂହ, ଅଙ୍ଗଦ କଲସେର, ଫରୱାର୍ଡ ସେଖ ତମିମ, ଆୟନ ଖାନ, ଆଶୁତୋଷ ରାଉତ, ତ୍ରିବନ ପୂର୍ତ୍ତି, ଆର୍ଯ୍ୟନ ଓରାମ ଦଳରେ ସ୍ଥାନ ପାଇଛନ୍ତି। ମୁଖ୍ୟ କୋଚ୍ ହୃଷିକେଶ ବେହେରା, ସହକାରୀ କୋଚ୍ ସାଇ ପ୍ରସାଦ, ମ୍ୟାନେଜର ସେହନୱାଜ ଆଲାମ ଓ ଫିଜିଓ ସେହବାଜ ଅହମ୍ମଦ ଦଳ ସହ ଯାତ୍ରା କରିଛନ୍ତି। ଓଡ଼ିଶା ପ୍ରଥମ ମୁକାବିଲାରେ ମିଜୋରାମକୁ ଭେଟିବ।

## ବହୁତୁଲେ ପଞ୍ଜାବ କିଙ୍ଗ୍‌ସ ବୋଲିଂ କୋଚ୍

ନୂଆଦିଲ୍ଲୀ,୨୩।୧୦(ଏଜେନ୍ସି): ଭାରତୀୟ କ୍ରିକେଟ ଦଳର ପୂର୍ବତନ ସ୍ପିନର ସାଇରାଜ ବହୁତୁଲେ ଇଣ୍ଡିଆନ ପ୍ରିମିୟର ଲିଗ୍‌ର ଆସନ୍ତା ସିଜନ ଲାଗି ପଞ୍ଜାବ କିଙ୍ଗ୍‌ର ବୋଲିଂ କୋଚ୍ ନିଯୁକ୍ତ ହୋଇଛନ୍ତି। ଏହା ପୂର୍ବରୁ ସେ ରାଜସ୍ଥାନ ରୟାଲ୍ସର ବୋଲିଂ କୋଚ୍ ରହିଥିଲେ। ଏବେ ସୁନିଲ ଯୋଶିଙ୍କ ସ୍ଥାନରେ ବହୁତୁଲେ ଦାୟିତ୍ୱରେ ରହିବେ। ଯୋଶି ୨୦୨୩ରୁ ୨୫ ଯାଏ ପଞ୍ଜାବ କିଙ୍ଗ୍‌ସର ବୋଲିଂ କୋଚ୍ ରହିଥିଲେ। ରିକି ପଣ୍ଟିଂ ଏବେ ପଞ୍ଜାବର ହେଡ୍ କୋଚ୍ ରହିଥିଲାବେଳେ ବ୍ରାଡ ହାଡିନ୍ ଓ ଜେମ୍ସ ହୋପ୍ସ ସହକାରୀ କୋଚ୍ ଦାୟିତ୍ୱ ତୁଲାଉଛନ୍ତି।



୧୯ ବର୍ଷରୁ କମ୍ ମହିଳା ଟି-୨୦ ଟ୍ରଫି

## ରାଜ୍ୟ ଦଳର ଛତିଶଗଡ଼ ଯାତ୍ରା

କଟକ,୨୩।୧୦(ସମିସ): ୧୯ ବର୍ଷରୁ କମ୍ ମହିଳା ଟି-୨୦ ଟ୍ରଫି ଆସନ୍ତା ୨୬ ତାରିଖରୁ ଆରମ୍ଭ ହେବ। ରାୟପୁରର ଆରଡିସିଏ ଗ୍ରାଉଣ୍ଡରେ ସୌରାଷ୍ଟ୍ର ବିପକ୍ଷରେ ଓଡ଼ିଶା ପ୍ରଥମ ମ୍ୟାଚ୍ ଖେଳିବ। ଏହି ପରିପ୍ରେକ୍ଷୀରେ ଓସିଏ ଦ୍ୱାରା ଘୋଷିତ ୧୬ଜଣିଆ ରାଜ୍ୟ ଦଳ ଗୁରୁବାର ଛତିଶଗଡ଼ ଅଭିମୁଖେ ଯାତ୍ରା କରିଛି। ପ୍ରିୟଙ୍କାରୀ ମୁଦୁଲିଙ୍କୁ ଦଳର ନେତୃତ୍ୱ ମିଳିଛି। ଅନନ୍ୟା ପ୍ରିୟଦର୍ଶିନୀ ରାଉତ, ଆଞ୍ଚେଲ ରାଜ(ୱିକେଟ କିପର), ଅନୁଷ୍କା ମହାନ୍ତି(ୱିକେଟ କିପର), ଅନ୍ୱେଷା ବିଶ୍ୱାଳ, ଅର୍ଚ୍ଚନା ରାଉତ, ବିଜୟଲକ୍ଷ୍ମୀ ବେହେରା, ଇପସିତା ପରିଡା, ଯଶମୁନି ମୁର୍ମୁ, ମେଘା ପ୍ରଧାନ, ଶୁଭଶ୍ରୀ ପ୍ରିୟଦର୍ଶିନୀ ପରମାଣିକ, ଶୀତଲ ରାଉତ, ଶ୍ରେୟା ପ୍ରିୟଦର୍ଶିନୀ, ଶୁଭଲକ୍ଷ୍ମୀ ସିଂହ, ସ୍ୱାତିକା ବେହେରା, ଯୁବଲିପି ପରିଡା ଦଳରେ ସ୍ଥାନ ପାଇଛନ୍ତି। କୋଚ୍ କାଦମ୍ବିନୀ ମହାକୁଡ, ମ୍ୟାନେଜର ତିଳୋତ୍ତମା ସାହୁ, ଫିଜିଓ ସ୍ୱାତୀ ସୁମନ ବେହେରା ଓ ଷ୍ଟ୍ରେନ୍ଥ ଆଣ୍ଡ କଣ୍ଡିସନିଂ କୋଚ୍ ସସ୍ମିତା ବେହେରା ଦଳ ସହ ଯାତ୍ରା କରିଛନ୍ତି।



ଭାରତ ୧୭ ବର୍ଷ ପରେ ଆଡିଲେଡ୍‌ରେ ହାରିଲା

# ଅଷ୍ଟ୍ରେଲିଆର ଆଗୁଆ ସିରିଜ୍ କବ୍‌ଜା

ଆଡିଲେଡ ଓଭାଲ,୨୩।୧୦(ଏଜେନ୍ସି):



ଏଠାରେ ଗୁରୁବାର ଅନୁଷ୍ଠିତ ଦ୍ୱିତୀୟ ଦିନିକିଆ ମ୍ୟାଚ୍‌ରେ ଅଲରାଉଣ୍ଡ ଖେଳ ପ୍ରଦର୍ଶନ କରି ଅଷ୍ଟ୍ରେଲିଆ ୨ ୱିକେଟରେ ଭାରତକୁ ପରାସ୍ତ କରିଛି। ଏହା ଫଳରେ ଦୀର୍ଘ ୧୭ ବର୍ଷ ପରେ ସମସ୍ତ ପ୍ରକାର କ୍ରିକେଟ ଫର୍ମାଟରେ ଭାରତ ଏଠାରେ ପ୍ରଥମଥର ପରାଜିତ ହୋଇଛି। ଏହି ବିଜୟ ପରେ ଦୁଇ ଦେଶ ମଧ୍ୟରେ ଚାଲିଥିବା ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜରେ ଘରୋଇ ଦଳ ୨-୦ରେ ଅପରାଜେୟ ଅଗ୍ରଣୀ ରହିବା ସହ ଗୋଟିଏ ମ୍ୟାଚ୍ ବାକିଥାଇ ଆଗୁଆ ସିରିଜ୍ କବ୍‌ଜା କରିଛି। ପର୍ଥରେ ଖେଳାଯାଇଥିବା ପ୍ରଥମ ଦିନିକିଆକୁ ଅଷ୍ଟ୍ରେଲିଆ ୭ ୱିକେଟରେ ଜିତିଥିଲା। ସେହିପରି ସିରିଜ୍‌ର ତୃତୀୟ ତଥା ଶେଷ ଦିନିକିଆ ମ୍ୟାଚ୍ ସିଡ୍‌ନୀରେ ଗୋଟିଏ ଦିନ ପରେ ଅର୍ଥାତ୍ ଶନିବାର ଖେଳାଯିବ। ଏହି ମ୍ୟାଚ୍‌ରେ ୧୦ ଓଭର ବୋଲିଂ କରି ୬୦ ରନ୍ ବିନିମୟରେ ଭାରତର ମିଡିଲ ଅର୍ଡର ବ୍ୟାଟିଂ ବିପର୍ଯ୍ୟୟ ଘଟାଇଥିବା ଅଷ୍ଟ୍ରେଲିଆ ଲେଗ୍ ସ୍ପିନର ଆଦାମ ଜାମ୍ପାଙ୍କୁ ଦ୍ୱିତୀୟ ଦିନିକିଆର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ୨୦୦୮ରୁ ଏଠାରେ ଭାରତ ୬ଟି ଦିନିକିଆ ମ୍ୟାଚ୍ ଖେଳିବା ପରେ ପ୍ରଥମଥର ପରାଜିତ ହୋଇଛି।

ଅଷ୍ଟ୍ରେଲିଆ ଅଧିନାୟକ ମିଚେଲ ମାର୍ଶ କ୍ରମାଗତ ଦ୍ୱିତୀୟ ଟସ୍ ଜିତିବା ପରେ ଭାରତକୁ ପ୍ରଥମେ ବ୍ୟାଟିଂ କରିବାକୁ ଆମନ୍ତ୍ରଣ କରିଥିଲେ। କ୍ରମାଗତ ଦ୍ୱିତୀୟ ମ୍ୟାଚ୍‌ରେ ମଧ୍ୟ ଅଷ୍ଟ୍ରେଲୀୟ ଫାଷ୍ଟ ବୋଲରଙ୍କ ଆଗରେ ଭାରତୀୟ ବ୍ୟାଟର ରନ୍ ସଂଗ୍ରହ କରିବାକୁ ସଂଘର୍ଷ କରିଥିଲେ। ଫଳରେ ପାୱାରପ୍ଲେ ବା ପ୍ରଥମ ୧୦ ଓଭରରେ ଦଳ ୨୯ ରନ୍ କରି ଦୁଇ ତାରକା ଖେଳାଳି ଯଥା ଅଧିନାୟକ ଶୁବମନ ଗିଲ୍ (୮) ଓ ବିରାଟ କୋହଲି (୦)ଙ୍କ ୱିକେଟ ହରାଇଥିଲା। କୋହଲି କ୍ରମାଗତ ଦ୍ୱିତୀୟ ମ୍ୟାଚ୍‌ରେ ଖାତା ଖୋଲିବାକୁ ଅସମର୍ଥ ହୋଇଥିଲେ। ୧୭ ରନ୍‌ରେ ଦଳ ୨ ୱିକେଟ ହରାଇବା ପରେ ସଂଘର୍ଷ କରୁଥିବା ରୋହିତ ଶର୍ମା ଓ ଶ୍ରେୟସ ଆୟର ଦମ୍‌ର ସହ ବ୍ୟାଟିଂ କରି ତୃତୀୟ ୱିକେଟରୁ ୧୧୮ ରନ୍ ଉଠାଇଥିଲେ। ରୋହିତ ୯୭ ବଲ୍‌ରୁ ୭ ଚୌକା ଓ ୨ ଛକା ସହ ୭୪ ଏବଂ କିଛି ସମୟ ପରେ ଆୟର ୭୭ ବଲ୍‌ରୁ ୭ ଚୌକା ସହ ୬୧ ରନ୍‌ରେ ଆଉଟ ହୋଇଥିଲେ। ଏମାନଙ୍କ ବ୍ୟତୀତ ଅକ୍ଷର ପଟେଲ ୪୧ ବଲ୍‌ରେ ୪୪, ଶେଷ ଭାଗରେ ହର୍ଷିତ ରାଣା ୧୮ ବଲ୍‌ରେ ୨୪ ଓ ଅର୍ଶଦୀପ ସିଂହ ୧୪ ବଲ୍‌ରେ ୧୩ ରନ୍ କରିବା ଫଳରେ ଭାରତ ନିର୍ଦ୍ଧାରିତ ୫୦ ଓଭରରେ ୯ ୱିକେଟ ହରାଇ ୨୬୪ ରନ୍ କରିଥିଲା। ଅଷ୍ଟ୍ରେଲିଆ ପକ୍ଷରୁ ଲେଗ୍ ସ୍ପିନର ଜାମ୍ପାଙ୍କ ୪ ୱିକେଟକୁ ବାଦ୍ ଦେଲେ ଜାଭିୟର ବାର୍ଟଲେଟ ୩୯ ରନ୍‌ରେ ୩ଟି ଓ ମିଚେଲ ଷ୍ଟାର୍କ ୬୨ ରନ୍‌ରେ ୨ଟି ୱିକେଟ ପାଇଥିଲେ। ଫାଷ୍ଟ ବୋଲର ଜୋଶ ହାଜ୍‌ଲେଉଡ୍ ୱିକେଟ ପାଇ ନ ଥିଲେ ମଧ୍ୟ ଅତ୍ୟନ୍ତ କଞ୍ଜୁସ ବୋଲିଂ କରି ୧୦ ଓଭରରେ ୨ଟି ମେଡେନ ସହ ମାତ୍ର ୨୯ ରନ୍ ବ୍ୟୟ କରିଥିଲେ।

ଜବାବରେ ୨୬୫ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଅଷ୍ଟ୍ରେଲିଆ ଆରମ୍ଭରୁ ଶେଷଯାଏ ଖେଳକୁ ନିୟନ୍ତ୍ରଣରେ ରଖି ୪୬.୨ ଓଭରରେ ୮ ୱିକେଟ ହରାଇ ମ୍ୟାଚ୍ ଜିତିନେଇଥିଲା। ନଂ-୩ ମାଥ୍ୟୁ ସର୍ଟ ସର୍ବାଧିକ ୭୪, କୁପର କନୋଲି ଅପରାଜିତ ୬୧, ମିଚେଲ ଓଏନ ୨୩ ବଲ୍‌ରେ ୩୬, ମ୍ୟାଟ ରେନ୍‌ସା ୩୦ ରନ୍ କରିଥିଲେ। ଭାରତ ପକ୍ଷରୁ ଅର୍ଶଦୀପ ସିଂହ, ହର୍ଷିତ ରାଣା ଓ ୱାଶିଂଟନ ସୁନ୍ଦର ୨ଟି ଲେଖାଏଁ ୱିକେଟ ପାଇଥିଲେ। କିନ୍ତୁ ଅଷ୍ଟ୍ରେଲିଆ ଇନିଂସରେ କେହି ପ୍ରଭାବଶାଳୀ ସାବ୍ୟସ୍ତ ହୋଇପାରି ନ ଥିଲେ। ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀ ୧୦ ବଲ୍‌ରେ ୮ ରନ୍ ଓ ବୋଲିଂରେ ୩ ଓଭରରେ ୨୪ ରନ୍ ବ୍ୟୟ କରିଥିଲେ। ଭାରତୀୟ ସ୍ପିନର ପ୍ରଭାବଶାଳୀ ହେଉ ନ ଥିଲାବେଳେ କୁଲଦୀପ ଯାଦବଙ୍କୁ ବାହାରେ ବସାଇବାକୁ ନେଇ ସମାଲୋଚନା ତୀବ୍ର ହୋଇଛି। ଏଭଳି ସ୍ଥଳେ ତୃତୀୟ ଦିନିକିଆରେ ଭାରତୀୟ ଦଳରେ କିଛି ପରିବର୍ତ୍ତନ ହେବାର ସମ୍ଭାବନା ସୃଷ୍ଟି ହୋଇଛି। ସେହିପରି ଅଷ୍ଟ୍ରେଲିଆର ଟପ୍ ସ୍କୋରର ମାଥ୍ୟୁ ସର୍ଟଙ୍କୁ ଦୁଇଥର ଡ୍ରପ୍ କରିବା ମଧ୍ୟ ଦଳ ଲାଗି ମହଙ୍ଗା ସାବ୍ୟସ୍ତ ହୋଇଛି।

## ଭାରତୀୟ ରଗ୍‌ବୀ ଦଳରେ ୪ ଓଡ଼ିଆ

ଭୁବନେଶ୍ୱର, ୨୩।୧୦ (ସମିସ): ଓମାନର ରାଜଧାନୀ ମସ୍କଟରେ ଚଳିତ ମାସ ୨୫ରୁ ଏସିଆ ରଗ୍‌ବୀ ଏମିରେଟ୍ସ ସେଭେନ୍ସ ଟ୍ରଫି ପ୍ରତିଯୋଗିତା ଖେଳାଯିବ। ଏଥିଲାଗି ଭାରତୀୟ ରଗ୍‌ବୀ ଫୁଟ୍‌ବଲ ୟୁନିୟନ (ଆଇଆର୍‌ଏଫ୍‌ୟୁ) ପକ୍ଷରୁ ୧୩ ଜଣିଆ ଭାରତୀୟ ସିନିଅର ପୁରୁଷ ରଗ୍‌ବୀ ଦଳ ଘୋଷଣା କରାଯାଇଛି। ଯେଉଁଥିରେ ଓଡ଼ିଶାର ୪ଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ଯୁଗଳ ମାଝି, ଗଣେଶ ମାଝି, ଆଶିଷ ଶବର ଓ ଶନୱାଜ ଅହମଦ। ଏମାନଙ୍କ ମଧ୍ୟରୁ ଯୁଗଳ, ଗଣେଶ ଓ ଆଶିଷ କଳିଙ୍ଗ ଇନଷ୍ଟିଚ୍ୟୁଟ୍ ଅଫ୍ ସୋସିଆଲ୍ ସାଇନ୍ସ (କିସ୍)ର ଛାତ୍ର। ନିକଟରେ କୋଲକାତାରେ ଭାରତୀୟ ରଗ୍‌ବୀ ଦଳର ଚୟନ ଶିବିର ଅନୁଷ୍ଠିତ ହୋଇଥିଲା। ଏଥିରେ ପ୍ରଭାବୀ ପ୍ରଦର୍ଶନ କରି ଏହି ୪ ଓଡ଼ିଆ ଖେଳାଳି ଜାତୀୟ ଦଳରେ ସ୍ଥାନ ପାଇବାରେ ସଫଳ ହୋଇଛନ୍ତି। ଏହି ଅବସରରେ କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତଙ୍କ ସମେତ ରାଜ୍ୟ ରଗ୍‌ବୀ ଫୁଟ୍‌ବଲ ସଂଘ ପକ୍ଷରୁ ସମସ୍ତ ଖେଳାଳିଙ୍କୁ ଶୁଭେଚ୍ଛା ଓ ଶୁଭକାମନା ଜଣାଯାଇଛି।

ଓସିଏ ୧୬ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ୍

## ମୃତ୍ୟୁଞ୍ଜୟ ଭୁବନେଶ୍ୱର-ବି'ର ଅଧିନାୟକ

ଭୁବନେଶ୍ୱର, ୨୩।୧୦ (ସମିସ): ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଆନୁକୂଲ୍ୟରେ ଚାଲିଥିବା ୧୬ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ୍ ଟୁର୍ଣ୍ଣାମେଣ୍ଟର ଦ୍ୱିତୀୟ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଶୁକ୍ରବାରଠାରୁ ଆରମ୍ଭ ହେବ। ଦ୍ୱିତୀୟ ପର୍ଯ୍ୟାୟରେ ୧୯ଟି ଦଳକୁ ୩ଟି ଗ୍ରୁପ୍‌ରେ ଭାଗ କରାଯାଇଛି। ଏଥିରେ ଭୁବନେଶ୍ୱର-ବି ଦଳ ଗ୍ରୁପ୍-ଇ'ରେ ସ୍ଥାନ ପାଇଛି। ସ୍ପିନ ବୋଲିଂ ଅଲ୍‌ରାଉଣ୍ଡର ମୃତ୍ୟୁଞ୍ଜୟ ରାୟଙ୍କୁ ଭୁବନେଶ୍ୱର-ବି' ଦଳର ଅଧିନାୟକ ନିଯୁକ୍ତ କରାଯାଇଛି। ଶୁକ୍ରବାର ବିଡ଼ାନାସୀ ଗ୍ରାଉଣ୍ଡରେ ଗଜପତି ସହ ଖେଳି ଭୁବନେଶ୍ୱର-ବି ଅଭିଯାନ ଆରମ୍ଭ କରିବ। ନିକଟରେ ଏହି ଟୁର୍ଣ୍ଣାମେଣ୍ଟର ପ୍ରଥମ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଅନୁଷ୍ଠିତ ହୋଇଯାଇଛି।



PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS